commonwealth sport
**ଅହମ୍ମଦାବାଦରେ ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା**

▶ପୃଷ୍ଠା ୧୬ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-110 ◆THURSDAY ◆16 OCTOBER 2025 ◆PAGE-16 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୧୦ ◆ଗୁରୁବାର ◆୧୬ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୬ ◆ଟ.୬.୦୦



॥ ମାନସ ମଙ୍ଗରାଜ ॥

# ସେ ବ୍ୟତିକ୍ରମ

**କର୍ଦ୍ଦମାକ୍ତ ରାଜନୀତି ତାଙ୍କ ବ୍ୟକ୍ତିତ୍ୱକୁ ଛୁଇଁ ପାରିନାହିଁ; ବ୍ୟକ୍ତିଗତ ବିଦ୍ୱେଷ, ପାରସ୍ପରିକ ଆକ୍ଷେପ, କୁତ୍ସାରଟନା ତାଙ୍କ ବ୍ୟକ୍ତିଗତ ଜୀବନକୁ ପ୍ରଭାବିତ କରିବାକୁ ସକ୍ଷମ ହୋଇନାହିଁ। ତାଙ୍କ ମତରେ ରାଜନୀତି ଓ ନୀତି ପରସ୍ପର ଅଙ୍ଗାଙ୍ଗୀ ଜଡ଼ିତ। ନୀତିହୀନ ରାଜନୀତି ସମାଜ ପାଇଁ କ୍ଷତିକାରକ ଓ ବିନା ନୀତିରେ ରାଜନୀତି ମୂଲ୍ୟହୀନ।**

ସେ ରାସ୍ତାକୁ ଓହ୍ଲାଇଲେ ଲୋକଙ୍କ ଥାଟପଟାଳି ଭାଙ୍ଗେ, ହାତ ହଲାଇଦେଲେ ଅୟୁତ ହୃଦୟରେ ଆନନ୍ଦର ପ୍ଲାବନ ଖେଳିଯାଏ। ଆଉ ହସିଦେଲେ ଚିର ସୁଗନ୍ଧିତ ଫୁଲର ବାସ୍ନାରେ ମହକି ଯାଏ କୋଟିକୋଟି ଲୋକଙ୍କ ମନ। ଓଡ଼ିଶା ହେଉଛି ତାଙ୍କର ଜୀବନ, ଓଡ଼ିଶାବାସୀ ହେଉଛନ୍ତି ତାଙ୍କର ପରିବାର, ପ୍ରତ୍ୟେକ ଜୀବନ ତାଙ୍କ ପାଇଁ ମୂଲ୍ୟବାନ। କୋଟିକୋଟି ଓଡ଼ିଆ ପରିବାରର ସେ ଅଘୋଷିତ ମୁରବୀ। କ୍ଷମତାରେ ଥାଆନ୍ତୁ ବା ନ ଥାଆନ୍ତୁ, ଓଡ଼ିଶା ପାଇଁ ତାଙ୍କ ଜୀବନ ଉତ୍ସର୍ଗୀକୃତ ଓ ପ୍ରତି ଓଡ଼ିଆର ବ୍ୟଥା ତାଙ୍କ ପାଇଁ ମର୍ମାନ୍ତିକ। ଦୀର୍ଘ ୨୪ ବର୍ଷ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବରେ ନବୀନ ପଟ୍ଟନାୟକ କେବଳ ଶାସନରେ ରେକର୍ଡ କରି ନାହାନ୍ତି; ଓଡ଼ିଶାକୁ ବିକାଶର ନଭଶ୍ଚୁମ୍ବୀ ଶିଖରରେ ପହଞ୍ଚାଇବାକୁ ସକ୍ଷମ ହୋଇଛନ୍ତି। ତାଙ୍କର ନୀତି ଦେଶରେ 'ନବୀନ ନୀତି' ରୂପେ ପରିଚିତି ପାଇଛି, ତାଙ୍କର ଆଦର୍ଶ ସାରା ଦେଶରେ ପ୍ରଶଂସିତ ହୋଇଛି, ତାଙ୍କର ପ୍ରତ୍ୟେକ କାର୍ଯ୍ୟକ୍ରମ ଅନ୍ୟ ରାଜ୍ୟ ପାଇଁ ଅନୁକରଣୀୟ ହୋଇଛି। ତାଙ୍କର ଯୋଜନା 'ନିତି' ବୈଠକରୁ ଆରମ୍ଭ କରି ଜାତିସଂଘ ପର୍ଯ୍ୟନ୍ତ ଗ୍ରହଣୀୟ ହୋଇଛି। କର୍ଦ୍ଦମାକ୍ତ ରାଜନୀତି ତାଙ୍କ ବ୍ୟକ୍ତିତ୍ୱକୁ ଛୁଇଁ ପାରିନାହିଁ; ବ୍ୟକ୍ତିଗତ ବିଦ୍ୱେଷ, ପାରସ୍ପରିକ ଆକ୍ଷେପ, କୁତ୍ସାରଟନା ତାଙ୍କ ବ୍ୟକ୍ତିଗତ ଜୀବନକୁ ପ୍ରଭାବିତ କରିବାକୁ ସକ୍ଷମ ହୋଇନାହିଁ। ତାଙ୍କ ମତରେ ରାଜନୀତି ଓ ନୀତି ପରସ୍ପର ଅଙ୍ଗାଙ୍ଗୀ ଜଡ଼ିତ। ନୀତିହୀନ ରାଜନୀତି ସମାଜ ପାଇଁ କ୍ଷତିକାରକ ଓ ବିନା ନୀତିରେ ରାଜନୀତି ମୂଲ୍ୟହୀନ। କ୍ଷମତା ହାସଲ ରାଜନୀତିର ଉଦ୍ଦେଶ୍ୟ ନୁହେଁ; ଉଚ୍ଚ ରାଜନୈତିକ ମୂଲ୍ୟବୋଧ ଦ୍ୱାରା ଲୋକଙ୍କ କଲ୍ୟାଣ କରିବା ଏହାର ପ୍ରମୁଖ ଲକ୍ଷ୍ୟ। ମହାତ୍ମା ଗାନ୍ଧୀଙ୍କ ଅହିଂସା, ଗୌତମବୁଦ୍ଧଙ୍କ ଅଷ୍ଟାଙ୍ଗ ମାର୍ଗ, ମହାବୀର ଜୈନଙ୍କ ନିଷ୍କାମ ସାଧନା ଓ ଭୀମଭୋଇଙ୍କ ଜୀବନ ଦର୍ଶନର ଏକ ମିଳିତ ସମ୍ମିଶ୍ରଣ ହେଉଛି ନବୀନଙ୍କ ଜୀବନ। ସେହି ଦୃଷ୍ଟିରୁ ନବୀନ ହେଉଛନ୍ତି ଜଣେ ବ୍ୟତିକ୍ରମ ମୁଖ୍ୟମନ୍ତ୍ରୀ, ଭିନ୍ନ ରାଜନେତା।

ନିରାସକ୍ତି ହେଉଛି ମଣିଷର ସର୍ବୋଚ୍ଚ ଗୁଣ ଓ ଏହା ମଣିଷକୁ ଏକ ମଣିରେ ପରିଣତ କରିପାରେ। ରାଜପଦ ତ୍ୟାଗ କରି ଲୁମ୍ବିନୀ ଓ ବର୍ଦ୍ଧମାନର ଯୁବରାଜ ଯେଉଁ ପଥକୁ ବାଛିଥିଲେ,



ତାହା ଥିଲା ସାଧାରଣ ମାନବିକ ପ୍ରକୃତିର ସମ୍ପୂର୍ଣ୍ଣ ବିପରୀତ। ଯୁବରାଜ ଗୌତମ ଉଭୟ ଆସକ୍ତି ତ୍ୟାଗ କରି ନିରାସକ୍ତ ହୋଇଥିଲେ। ଅନୁରୂପ ଭାବରେ ବୁଦ୍ଧ ଓ ମହାବୀରଙ୍କ ପଦାଙ୍କ ଅନୁସରଣ କରି ଏକ ସୁସ୍ଥ, ସ୍ୱଚ୍ଛନ୍ଦ, ସାବଲୀଳ ଜୀବନ ଛାଡ଼ି ଏକ ଆର୍ଥିକ ରୁଗ୍ଣ, ବାତ୍ୟା ବିଧ୍ୱସ୍ତ ରାଜ୍ୟର ଶାସନ ଭାର ନେବାକୁ ଆଗେଇ ଆସିଥିଲେ ନବୀନ ପଟ୍ଟନାୟକ। ସମ୍ଭ୍ରାନ୍ତ ବନ୍ଧୁଙ୍କ ସାନ୍ନିଧ ଛାଡ଼ି ଓଡ଼ିଶାର ଚାଷୀ, ମହିଳା, ଆଦିବାସୀଙ୍କ ସେବା କରିବା ଲାଗି ପଣ କରିଥିଲେ। ଏହାର ଫଳଶ୍ରୁତି ଥିଲା ଅତ୍ୟନ୍ତ ଚମକପ୍ରଦ। ବଦଳି ଯାଇଥିଲା ଦେଶର ସବୁଠୁ ଦୁର୍ବଳ, ଆର୍ଥିକ ରୁଗ୍ଣ, ମହାବାତ୍ୟା ଓ ମହାମାରୀ ପ୍ରବଣ ଓଡ଼ିଶାର କାୟାକଳ୍ପ। ତାଙ୍କ ହାତର କାଉଁରୀ ଛୁଆଁ ଓଡ଼ିଶାର ସଫଳତା ଓ ସୁନାମକୁ ଅନ୍ତର୍ଜାତୀୟସ୍ତରରେ ପହଞ୍ଚାଇବାକୁ ସକ୍ଷମ ହୋଇଥିଲା।


ଓଡ଼ିଆଙ୍କ ବିକାଶ, ସମୃଦ୍ଧ ଓଡ଼ିଶା ଗଠନ ନିମନ୍ତେ ସ୍ୱପ୍ନ ଦେଖୁଥିବା ପ୍ରବାଦପୁରୁଷ ବିଜୁବାବୁଙ୍କ ପଦାଙ୍କ ଅନୁସରଣ କରି ନବୀନ ଆଙ୍କିଥିଲେ ବିକାଶ ନକ୍ସା। ତାଙ୍କର ଦାରିଦ୍ର୍ୟ ଦୂରୀକରଣ, ସାମାଜିକ ସୁରକ୍ଷା, ମହିଳା ଓ କୃଷକଙ୍କ ସଶକ୍ତିକରଣ, ଶିଳ୍ପ ସ୍ଥାପନ, ସ୍ଥାନୀୟ ନିଯୁକ୍ତି କାର୍ଯ୍ୟକ୍ରମ ବଦଳାଇ ଦେଇଥିଲା ଓଡ଼ିଶାର ରୂପରେଖ। ସାଧାରଣ ଗରିବ ରୋଗୀର ଘରୋଇ ଡାକ୍ତରଖାନାରେ ଚିକିତ୍ସା ସ୍ୱପ୍ନକୁ ପୂରଣ କରିଥିଲା 'ବିଏସ୍‌କେୱାଇ'। ରାଜ୍ୟର ୮୦ଲକ୍ଷ ମହିଳାଙ୍କୁ ଆର୍ଥିକ ଓ ସାମାଜିକସ୍ତରରେ ସ୍ୱାବଲମ୍ବୀ କରିଥିବା 'ମିଶନ ଶକ୍ତି' ଦେଶର ଶ୍ରେଷ୍ଠ ମଡେଲ ଭାବରେ ବିବେଚିତ ହୋଇଥିଲା। ଚାଷୀଙ୍କ ଆର୍ଥିକ ମେରୁଦଣ୍ଡକୁ ସୁଦୃଢ଼ କରିଥିଲା 'କାଳିଆ' ଓ 'ବଳରାମ' ପରି ଯୋଜନା।

ପଞ୍ଚାୟତିରାଜ ବ୍ୟବସ୍ଥାରେ ମହିଳାଙ୍କୁ ପ୍ରାଧାନ୍ୟ ଓଡ଼ିଶାକୁ ସାରା ଦେଶରେ ଦେଇଥିଲା ନୂଆ ପରିଚୟ। ସରକାରୀ ସ୍କୁଲ ଛାତ୍ରଛାତ୍ରୀଙ୍କ ପାଇଁ ମେଡିକାଲ ଓ ଇଞ୍ଜିନିୟରିଂ ପାଠ୍ୟକ୍ରମରେ ୧୫% ସଂରକ୍ଷଣ, 'ନୂଆ-ଓ' ଯୋଜନାରେ କଲେଜ ଛାତ୍ରଛାତ୍ରୀଙ୍କୁ ବାର୍ଷିକ ୧୨ ହଜାର ଟଙ୍କା ପର୍ଯ୍ୟନ୍ତ ବୃତ୍ତି ଥିଲା ସମ୍ପୂର୍ଣ୍ଣ ନୂତନ ପଦକ୍ଷେପ। ରୂପାନ୍ତରଣ ଯୋଜନାରେ ରାଜ୍ୟର ଶିକ୍ଷାନୁଷ୍ଠାନ ନୂତନ ରୂପ। ପରିକ୍ରମା ପ୍ରକଳ୍ପ ଶ୍ରୀକ୍ଷେତ୍ର ପୁରୀର ଛବିକୁ ବଦଳାଇ ଦେଇଥିଲା। ରୂପାନ୍ତରଣ ଢାଞ୍ଚାରେ ବଦଳିଥିଲା ମହାପ୍ରଭୁ ଲିଙ୍ଗରାଜ, ତାରାତାରିଣୀ, ସମଲେଶ୍ୱରୀ ସହ ରାଜ୍ୟର ପ୍ରମୁଖ ଧାର୍ମିକ ପୀଠର କାୟାକଳ୍ପ। ସରକାରରେ ସ୍ୱଚ୍ଛତା ସହ ପ୍ରଶାସନକୁ ଦକ୍ଷ କରାଯିବା ନିମନ୍ତେ ଆରମ୍ଭ ହୋଇଥିଲା 'ମୋ ସରକାର'। ସରକାରୀ କାର୍ଯ୍ୟାନ୍ୱୟନ ପଦ୍ଧତିକୁ ସ୍ୱଚ୍ଛ ଓ ଶୃଙ୍ଖଳିତ କରିବା ନିମନ୍ତେ କାର୍ଯ୍ୟକାରୀ ହୋଇଥିଲା '୫-ଟି' ବ୍ୟବସ୍ଥା। ନବୀନଙ୍କ ପଦକ୍ଷେପର ଫଳଶ୍ରୁତି ସ୍ୱରୂପ ଖାଦ୍ୟ ସୁରକ୍ଷା ଯୋଜନାରେ ଓଡ଼ିଶାକୁ ମିଳିଥିଲା ଅନ୍ତର୍ଜାତୀୟ ସମ୍ମାନ। ବିପର୍ଯ୍ୟୟ ପରିଚାଳନାରେ ବିପୁଳ ସଫଳତା ପାଇଁ ମିଳିତ ଜାତିସଂଘ ଦେଇଥିଲା ସ୍ୱୀକୃତି। କ୍ରୀଡ଼ା କ୍ଷେତ୍ରର ରୂପାନ୍ତରଣ ଓ କ୍ରୀଡ଼ା ଆୟୋଜନରେ ସଫଳତା ପାଇଁ ଦେଶର କ୍ରୀଡ଼ା ହବ୍‌ରେ ପରିଣତ ହୋଇଥିଲା ଓଡ଼ିଶା। ଭୋକର ଭୂଗୋଳ ଓଡ଼ିଶା ଦେଶର ୪ର୍ଥ ଶ୍ରେଷ୍ଠ ଚାଉଳ ଯୋଗାଣକାରୀ ଓ ନିଅଣ୍ଟିଆରୁ ରାଜସ୍ୱ ବଳକା ରାଜ୍ୟରେ ପରିଣତ ହୋଇ ପାରିଥିଲା। ଜଳସେଚନ, ଜଳ ଯୋଗାଣ, ସ୍ୱାସ୍ଥ୍ୟସେବାଠାରୁ ଆରମ୍ଭ କରି ସାମାଜିକ କଲ୍ୟାଣ କ୍ଷେତ୍ରରେ ଓଡ଼ିଶା ବିକାଶର ଅଗ୍ରଦୂତ ସାଜିଥିଲା, ସରକାରୀ ସେବା ହୋଇଥିଲା ଲୋକାଭିମୁଖୀ।

ସମାନତା ହେଉଛି ଏକ ରାଜନୈତିକ ମୂଲ୍ୟବୋଧ, ଯାହା ସୁନିଶ୍ଚିତ କରିବା ଶାସନ ମୁଖ୍ୟଙ୍କ ଦାୟିତ୍ୱ। ଜ୍ୟାମିତିକ ସମାନତା ରାଜନୈତିକ ନ୍ୟାୟ ପ୍ରତିଷ୍ଠା କରିବାରେ ସକ୍ଷମ ହୋଇଥାଏ ଓ ସାଧାରଣ ଲୋକଙ୍କ କଲ୍ୟାଣକୁ ସୁନିଶ୍ଚିତ କରିଥାଏ। ଶାସ୍ତ୍ରରେ କୁହାଯାଇଛି, ଯେଉଁଠି ଆଇନ ନ୍ୟାୟସଙ୍ଗତ ନୁହେଁ, ତେବେ ତାହା ଅଦରକାରୀ ଓ ସାଧାରଣ ଲୋକଙ୍କ ପାଇଁ ଅହିତକର। ନବୀନ ଏହାକୁ ବୁଝିଥିଲେ ଓ କାର୍ଯ୍ୟରେ ବି ପରିଣତ କରିଥିଲେ। ସେଇଥିପାଇଁ ନବୀନ ଭିନ୍ନ, ଅନନ୍ୟ ଓ ସ୍ୱତନ୍ତ୍ର। ରାଜନୀତିର ସମୟ ଚକ୍ର ତାଙ୍କୁ ମୁଖ୍ୟମନ୍ତ୍ରୀ ପଦରୁ ପଦଚ୍ୟୁତ କରିଛି ସିନା; ଏବେ ବି ସେ ରାଜ୍ୟର କୋଟିକୋଟି ଲୋକଙ୍କ ହୃଦୟର ମୁଖ୍ୟମନ୍ତ୍ରୀ।


ଆଜି ତାଙ୍କ ଜନ୍ମ ଦିନ। ଏହି ଅବସରରେ ତାଙ୍କୁ ଅୟୁତ ଅୟୁତ ଶୁଭ କାମନା ଜଣାଉଛୁ ଓ ଦୀର୍ଘ ନିରାମୟ ଜୀବନ କାମନା କରୁଛୁ। ●

**ସାଂସଦ, ରାଜ୍ୟସଭା**

To locate your nearest store and know more on 8147349242. Buy online at tanishq.co.in or Download our App *Conditions apply.

Chandrasekharpur, Bhubaneswar, Mob-7205050700 | Master Canteen Square, Bhubaneswar, Mob-9238307043
Cantonment Road, Cuttack, Mob-9238307044 | Amalapada, Lane-2, Angul, Mob-9090066000, 8147485152



## ଫାଶୀ ବଦଳରେ ବିଷ ଇଞ୍ଜେକ୍ସନକୁ କେନ୍ଦ୍ରର ବିରୋଧ

ନୂଆଦିଲ୍ଲୀ, ୧୫।୧୦ (ଏଜେନ୍ସି): ମୃତ୍ୟୁଦଣ୍ଡର ଦେବାର ପନ୍ଥା ବଦଳାଇବାକୁ ନେଇ କେନ୍ଦ୍ର ଦେଇଥିବା ଉତ୍ତର ଉପରେ ସୁପ୍ରିମକୋର୍ଟ ଅସନ୍ତୋଷ ପ୍ରକାଶ କରିଛନ୍ତି । ସମୟ ସହିତ ବହୁତ କିଛି ବଦଳି ଯାଇଛି, କିନ୍ତୁ ସରକାର ଚିନ୍ତାଧାରା ବଦଳାଇବାକୁ ପ୍ରସ୍ତୁତ ନ ଥିବାରୁ ସମସ୍ୟା ହେଉଛି ବୋଲି ଜଷ୍ଟିସ ବିକ୍ରମ ନାଥ ଏବଂ ସନ୍ଦୀପ ମେହେଟାଙ୍କ ଖଣ୍ଡପୀଠ କହିଛନ୍ତି । ଏହା ପୂର୍ବରୁ ମୃତ୍ୟୁଦଣ୍ଡ ପାଇଥିବା ଦୋଷୀଙ୍କୁ ଫାଶୀ ବଦଳରେ ଘାତକ ବିଷ ଇଞ୍ଜେକ୍ସନ ଦେବାକୁ କେନ୍ଦ୍ର ମନା କରିଦେଇଥିଲା । ଏଭଳି ବିକଳ୍ପ ଦେବା ବ୍ୟବହାରିକ ଦୃଷ୍ଟିରୁ ସମ୍ଭବ ନୁହେଁ ବୋଲି ସତ୍ୟପାଠରେ କୁହାଯାଇଥିଲା । ଏକ ଜନସ୍ୱାର୍ଥ ଆବେଦନରେ ଓକିଲ ଋଷି ମଲ୍‌ହୋତ୍ରା ଏହି ବିକଳ୍ପ ଦାବି କରିଥିଲେ । ଦୋଷୀଙ୍କୁ ଫାଶୀ କିମ୍ବା ବିଷ ଇଞ୍ଜେକ୍ସନର ଚୟନ କରିବାର ସୁଯୋଗ ଦେବାକୁ କହିଥିଲେ । ଇଞ୍ଜେକ୍ସନକୁ ସେ ଦ୍ରୁତ, ମାନବୀୟ ଏବଂ ସମ୍ମାନଜନକ କହିଥିଲେ । ଏହା ଉପରେ ଖଣ୍ଡପୀଠ କହିଥିଲେ ଯେ ଫାଶୀ ବହୁତ ପୁରୁଣା ପ୍ରକ୍ରିୟା । ସମୟ ସହିତ ବହୁତ କିଛି ବଦଳି ଯାଇଛି । କିନ୍ତୁ ସରକାର ଏହା ଚାହୁଁନାହାନ୍ତି ।

## ମଙ୍ଗୋଲିଆ-ଭାରତ ମଧ୍ୟରେ ୧୦ ଚୁକ୍ତି

ନୂଆଦିଲ୍ଲୀ, ୧୫ ।୧୦(ଏଜେନ୍ସି): ମଙ୍ଗୋଲିଆର ରାଷ୍ଟ୍ରପତି ଖୁରେଲସୁଖ ଉଖନା ମଙ୍ଗଳବାର ନୂଆଦିଲ୍ଲୀରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଭେଟିଛନ୍ତି । ଦୁଇ ଦେଶ ମଧ୍ୟରେ ୟୁରାନିୟମ ଯୋଗାଣ ସମେତ ୧୫ ହଜାର କୋଟି ଟଙ୍କାର ଅଏଲ ରିଫାଇନାରୀ ଓ ପ୍ରତିରକ୍ଷା ସହଯୋଗ ବୃଦ୍ଧି ନେଇ ବୁଝାମଣା ସ୍ୱାକ୍ଷରିତ ହୋଇଛି । ଏଥିସହ ତମ୍ବା, ୟୁରାନିୟମ, କୁକିଂ କୋଇଲା ଭଳି ଧାତୁର ଯୋଗାଣ ଶୃଙ୍ଖଳକୁ ଆହୁରି ଦୃଢ଼ କରିବାକୁ ଦୁଇ ନେତାଙ୍କ ମଧ୍ୟରେ ଆଲୋଚନା ହୋଇଛି । ଦୁଇ ଦେଶ ମଧ୍ୟରେ ୧୦ଟି ଚୁକ୍ତି ସ୍ୱାକ୍ଷରିତ ହୋଇଛି । ଭାରତ ୨୦୨୬ରେ ଗୌତମ ବୁଦ୍ଧଙ୍କ ଦୁଇଜଣ ଶିଷ୍ୟ ଅରାହତ ସାରିପୁତ ଓ ଅରାହତ ମହା ମୋଗାଲାନାଙ୍କ ପବିତ୍ର ଅବଶେଷ ମଙ୍ଗୋଲିଆ ପଠାଇବ । ମଙ୍ଗୋଲିଆର ଗାନଦାନ ମଠକୁ ଭାରତ ଜଣେ ସଂସ୍କୃତ ଶିକ୍ଷକଙ୍କୁ ମଧ୍ୟ ପଠାଇବ । ମଙ୍ଗୋଲିଆର ବିକାଶରେ ଭାରତ ଜଣେ ଦୃଢ଼ ଓ ବିଶ୍ୱସନୀୟ ବନ୍ଧୁର ଦାୟିତ୍ୱ ବହନ କରିବ ବୋଲି ମୋଦୀ କହିଛନ୍ତି । ଆମର ପଡୋଶୀ ହୋଇ ନଥିଲେ ମଧ୍ୟ ମଙ୍ଗୋଲିଆକୁ ଆମେ ନିକଟତମ ବନ୍ଧୁ ବିବେଚନା କରୁ । ଦୁଇ ଦେଶ ସାଥି ହୋଇ ଗ୍ଲୋବାଲ୍ ସାଉଥ୍‌ର ସ୍ୱରକୁ ଆହୁରି ମଜବୁତ କରିବୁ ବୋଲି ସେ କହିଛନ୍ତି ।

## ଦିଲ୍ଲୀରେ ସବୁଜ ବାଣକୁ ଅନୁମତି

ନୂଆଦିଲ୍ଲୀ, ୧୫ ।୧୦(ଏଜେନ୍ସି): ସୁପ୍ରିମକୋର୍ଟ ବୁଧବାର ଦିଲ୍ଲୀ-ଏନସିଆରରେ ସବୁଜ ବାଣ ବିକ୍ରି ଓ ଫୁଟାଇବାକୁ ସର୍ତ୍ତମୂଳକ ଅନୁମତି ଦେଇଛନ୍ତି । ୧୮ ରୁ ୨୧ ତାରିଖ ପର୍ଯ୍ୟନ୍ତ ଏହା ଲାଗୁ ହେବ । ଲୋକେ ସକାଳ ୬ରୁ ୭ଟା ଏବଂ ସନ୍ଧ୍ୟା ୮ରୁ ୧୦ଟା ଭିତରେ ୩ ଘଣ୍ଟା ପାଇଁ ସବୁଜ ବାଣ ଫୁଟାଇପାରିବେ ବୋଲି ପ୍ରଧାନ ବିଚାରପତି (ସିଜେଆଇ) ବିଆର ଗଭାଇ ଓ ଜଷ୍ଟିସ ବିନୋଦ ଚନ୍ଦ୍ରନଙ୍କ ଖଣ୍ଡପୀଠ କେତୋଟି ସର୍ତ୍ତ ସହ ଏହି ନିର୍ଦ୍ଦେଶ ଦେଇଛନ୍ତି । ଏହି କ୍ରମରେ ସୁପ୍ରିମକୋର୍ଟ ୫ଟି ସର୍ତ୍ତ ରଖିଛନ୍ତି । ଆମକୁ ସନ୍ତୁଳନ ରକ୍ଷା କରିବାକୁ ହେବ, କିନ୍ତୁ ପର୍ଯ୍ୟାବରଣକୁ ନେଇ କୌଣସି ପ୍ରକାର ବୁଝାମଣା କରାଯିବ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି ।

## ପତ୍ନୀହନ୍ତା ଡାକ୍ତର ଗିରଫ

ବେଙ୍ଗାଲୁରୁ, ୧୫ ।୧୦(ଏଜେନ୍ସି): ଡାକ୍ତରାଣୀ ପତ୍ନୀଙ୍କୁ ହତ୍ୟା କରିବାର ୬ ମାସ ପରେ ଗିରଫ ହୋଇଛନ୍ତି ବେଙ୍ଗାଲୁରୁର ଜଣେ ଡାକ୍ତର । ଜେନେରାଲ ସର୍ଜନ ଭାବେ ଏକ ହସ୍ପିଟାଲରେ କାର୍ଯ୍ୟ କରୁଥିବା ମହେନ୍ଦ୍ର ରେଡ୍ଡୀ ପୂର୍ବ ବେଙ୍ଗାଲୁରୁସ୍ଥିତ ନିଜ ଘରେ ପତ୍ନୀ କୃତିକା ରେଡ୍ଡୀଙ୍କୁ ଆନେସ୍ଥେସିଆର ଓଭରଡୋଜ ଦେଇ ଏପ୍ରିଲ ୨୧ରେ ଏହି କାଣ୍ଡ ଘଟାଇ ଥିଲେ । କୃତିକା ଡର୍ମାଟୋଲିଜଷ୍ଟ ଭାବେ କାର୍ଯ୍ୟ କରିଛନ୍ତି । ଦୁହେଁ ଭିକ୍ଟୋରିଆ ହସ୍ପିଟାଲରେ ନିୟୋଜିତ ରହିଥିଲେ । ଓଭରଡୋଜ ନେବା ପରେ ସେ ଅସୁସ୍ଥ ଅନୁଭବ କରିଥିଲେ । ମହେନ୍ଦ୍ର ତାଙ୍କୁ ହସ୍ପିଟାଲ ନେଇଥିଲେ ମଧ୍ୟ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ଅସ୍ୱାଭାବିକ ମୃତ୍ୟୁ ମାମଲା ରୁଜୁ କରି ମରାଠହାଲି ପୁଲିସ ଯାଞ୍ଚ ଆରମ୍ଭ କରିଥିଲା । ଗତବର୍ଷ ମେ' ୨୬ରେ ଦୁହେଁ ବିବାହ କରିଥିଲେ ।

## ହିନ୍ଦୀ ନିଷିଦ୍ଧ କରିବାକୁ ବିଲ୍ ଆଣିବ ତାମିଲନାଡୁ

ଚେନ୍ନଇ, ୧୫ ।୧୦(ଏଜେନ୍ସି):ଦୀର୍ଘ ଦିନ ହେଲା ଭାଷାକୁ ନେଇ ତାମିଲନାଡୁ ଏବଂ କେନ୍ଦ୍ର ସରକାରଙ୍କ ମଧ୍ୟରେ ବିବାଦ ଚାଲିଛି । ଏହା ମଧ୍ୟରେ ଏମକେ ଷ୍ଟାଲିନଙ୍କ ନେତୃତ୍ୱାଧୀନ ଡିଏମ୍‌କେ ସରକାର ରାଜ୍ୟରେ ହିନ୍ଦୀଙ୍କୁ ନିଷିଦ୍ଧ କରିବା ପାଇଁ ବିଲ୍ ଆଣିବାକୁ ପ୍ରସ୍ତୁତ କରୁଛନ୍ତି । ଏଥିପାଇଁ ସରକାର ସ୍ୱତନ୍ତ୍ର ଅଧିବେଶନ ଡକାଇଛନ୍ତି । ମଙ୍ଗଳବାରଠାରୁ ଏହା ଆରମ୍ଭ ହୋଇଛି । ଏହା ପୂର୍ବରୁ ଗତ କାଲି ରାତିରେ ଏହି ବିଲ୍‌କୁ ନେଇ ଆଇନ ବିଶେଷଜ୍ଞଙ୍କ ସହ ଚର୍ଚ୍ଚା କରିଥିଲେ । ଏଥିରେ ହିନ୍ଦୀରେ ହୋର୍ଡିଂ, ବୋର୍ଡ, ଫିଲ୍ମ ଏବଂ ଗୀତ ଆଦି ଉପରେ ସରକାର କଟକଣା ଲଗାଇବାକୁ ଚାହୁଁଛନ୍ତି ।

## ଶିଶୁଙ୍କ ସିରପରେ ପୋକ; ଏଜିଥ୍ରୋମାଇସିନ ବଣ୍ଟନ ବନ୍ଦ

ଗ୍ୱାଲିୟର, ୧୦।୧୫ (ଏଜେନ୍ସି): ମଧ୍ୟପ୍ରଦେଶରୁ ଆଉ ଏକ ଗମ୍ଭୀର ମାମଲା ସାମ୍ନାକୁ ଆସିଛି । ବିଷାକ୍ତ କଫ ସିରପ ପରେ ଶିଶୁଙ୍କୁ ଦିଆଯାଉଥିବା ଆଣ୍ଟିବାୟୋଟିକ ଔଷଧ ଆଜିଥ୍ରୋମାଇସିନ ଓରାଲ ସସ୍‌ପେନସନ୍ ସିରପରେ ପୋକଥିବା ମାମଲା ସାମ୍ନାକୁ ଆସିଛି । ପ୍ରଥମେ ମୁରାର ଜିଲ୍ଲା ଡାକ୍ତରଖାନାର ଜଣେ ମହିଳା ଏ ନେଇ ଅଭିଯୋଗ କରିଥିଲେ । ଔଷଧରେ କଳା ରଙ୍ଗର ପୋକ ଥିବା କହିଥିଲେ ।ଏହା ପରେ ଡ୍ରଗ ବିଭାଗ ତୁରନ୍ତ ସିରପ ବଣ୍ଟନ ଉପରେ କଟକଣା ଲଗାଇ ଦେଇଥିଲା । ଏବେ ଯାଞ୍ଚ ପାଇଁ ନମୁନାକୁ ଭୋପାଳ ପରୀକ୍ଷାଗାରକୁ ପଠାଇ ଦିଆଯାଇଛି । ଏବେ ସରକାର ମାମଲାର ଯାଞ୍ଚ ଆରମ୍ଭ କରିଛନ୍ତି । ଏହି ଔଷଧକୁ ସାରା ରାଜ୍ୟକୁ ଯୋଗାଇ ଦିଆଯାଉଥିଲା । ଏହା ପୂର୍ବରୁ କୋଲ୍‌ଡ୍ରିଫ କଫ ସରିପ ପିଇ ରାଜ୍ୟରେ ୨୫ ଶିଶୁ ପ୍ରାଣ ହରାଇ ଥିଲେ ।

## ଗୁଇନ୍ଦାଗିରି ଅଭିଯୋଗରେ ୮ ଜଣଙ୍କୁ ହତ୍ୟାକଲା ହମାସ୍

ତେଲ ଅଭିଭ୍/ ଗାଜା, ୧୫ ।୧୦(ଏଜେନ୍ସି): ଗାଜାରେ ହମାସ ୮ ଲୋକଙ୍କୁ ସ୍ପଷ୍ଟ ଦିବାଲୋକରେ ରାସ୍ତା ଉପରେ ଗୁଳିମାରି ହତ୍ୟା କରିଛି । ହମାସ ଏମାନଙ୍କୁ ଇସ୍ରାଏଲର ଗୁପ୍ତଚର ବୋଲି ଅଭିହିତ କରିଥିଲା । ଏବେ ଏହାର ଭିଡିଓ ଭାଇରାଲ ହୋଇଛି । ଏଥିରେ ୮ ଜଣଙ୍କ ଆଖିରେ ପଟି ବାନ୍ଧି ସଡ଼କ ଉପରେ ବସାଇ ହମାସ ଆତଙ୍କବାଦୀ ଗୁଳି ମାରିଥିଲେ । ଏତିକି ବେଳେ କିଛି ଲୋକ 'ଆଲ୍ଲା ହୁ ଆକବର' ଉଚ୍ଚାରଣ କରୁଥିବାର ଦେଖାଯାଇଛି । ଅସ୍ତ୍ରବିରତି ପରେ ଇସ୍ରାଏଲ ସେନା ଗାଜାରୁ ପଛକୁ ହଟିଥିବାରୁ ହମାସ ତାର ଶକ୍ତିବୃଦ୍ଧି କରିବାକୁ ପ୍ରୟାସ ଜାରି ରଖିଛି । ଇସ୍ରାଏଲ ଅଧିକୃତ ଅଞ୍ଚଳରେ ଯେଉଁ ଲୋକ ଓ ଗୋଷ୍ଠୀ ଶକ୍ତିଶଳୀ ହୋଇ ଉଠିଥିଲେ, ସେମାନଙ୍କୁ ହମାସ ଟାର୍ଗେଟ କରି ଆକ୍ରମଣ କରୁଛି । ଏହି ଗୋଷ୍ଠୀର ଲୋକମାନେ ରିଲିଫ ସାମଗ୍ରୀ ଲୁଟ୍ କରିବା ସହ ବିକ୍ରି କରୁଥିଲେ ଓ ଏହା ଦ୍ୱାରା ଗାଜାରେ ଦୁର୍ଭିକ୍ଷ ତଥା ଖାଦ୍ୟାଭାବ କାରଣରୁ ବହୁ ଲୋକ ମୃତ୍ୟୁବରଣ କରିଥିଲେ । ତେବେ ଏହି ହତ୍ୟା ଘଟଣାକୁ ପାଲେଷ୍ଟାଇନ୍ ରାଷ୍ଟ୍ରପତି ମହମ୍ମଦ ଆବାସ ଭୁଲ୍ ବୋଲି କହିଛନ୍ତି । ପୂର୍ବରୁ ମଙ୍ଗଳବାର ହମାସ ୪ ଜଣ ଇସ୍ରାଏଲ ପଣବନ୍ଦୀଙ୍କ ମୃତଦେହ ଇସ୍ରାଏଲ ଡିଫେନ୍ସ ଫୋର୍ସ (ଆଇଡିଏଫ୍)କୁ ହସ୍ତାନ୍ତର କରିଥିଲା । ପ୍ରଥମେ ଏହି ମୃତଦେହଗୁଡିକୁ ହମାସ ରେଡକ୍ରସ୍‌କୁ ଦେଇଥିଲା । ଏହାପରେ ରେଡକ୍ରସ ଏଗୁଡିକୁ ଆଇଡିଏଫ୍‌କୁ ହସ୍ତାନ୍ତର କରିଥିଲା ।

## ତାଜମହଲ ବୁଲିଲେ ୩୨ ଦେଶର ସେନାମୁଖ୍ୟ

ଆଗ୍ରା, ୧୫ ।୧୦(ଏଜେନ୍ସି): ୩୨ଟି ଦେଶର ସେନାମୁଖ୍ୟ ବୁଧବାର ତାଜମହଲ ପରିଦର୍ଶନ କରିଛନ୍ତି । ସେନାମୁଖ୍ୟ ମାନେ ଏକ ବିମାନରେ ଆଗ୍ରାରେ ପହଞ୍ଚିବା ପରେ ତାଜମହଲ ଦେଖିବାକୁ ଯାଇଥିଲେ । ପାଖାପାଖି ଏକ ଘଣ୍ଟା ସେମାନେ ତାଜମହଲକୁ ମନଭରି ଦେଖିବାର ସୁଯୋଗ ପାଇଥିଲେ । ତାଜମହଲକୁ ସେମାନେ ପ୍ରଶଂସା କରିବା ସହ ସେଠାରେ ନିଜ ପରିବାର ସଦସ୍ୟଙ୍କ ସହ ଫଟୋ ଉଠାଇଥିଲେ । ସେନାମୁଖ୍ୟଙ୍କ ସହ ୨୫୦ ଜଣ ସଦସ୍ୟ ବିଶିଷ୍ଟ ଏକ ପ୍ରତିନିଧିମଣ୍ଡଳୀ ମଧ୍ୟ ଆସିଥିଲା । ନୂଆଦିଲ୍ଲୀରେ ଏକ ୩ ଦିନିଆ ଏସ୍‌ସିଓ ସମ୍ମିଳନୀ ଚାଲୁଛି । ଏଥିରେ ସମସ୍ତେ ସାମିଲ ହେବାକୁ ଭାରତ ଆସଛନ୍ତି । ଅକ୍ଟୋବର ୧୪ରୁ ୧୬ ତାରିଖ ପର୍ଯ୍ୟନ୍ତ ନୂଆଦିଲ୍ଲୀରେ ୟୁନାଇଟେଡ ନେସନ୍ସ ଟ୍ରୁପ୍ କଣ୍ଟ୍ରିବ୍ୟୁଟିଂ କଣ୍ଟ୍ରିଜ (ୟୁଏନଟିସିସି) ସମ୍ମିଳନୀ ଚାଲିଛି । ଏଥିରେ ୩୦ରୁ ଅଧିକ ଦେଶର ସେନାମୁଖ୍ୟ ଭାବେ ଯୋଗ ଦେଇଛନ୍ତି । ଏହି ସମ୍ମିଳନୀକୁ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଉଦ୍‌ଘାଟନ କରିଥିଲେ । ଏହି ସମ୍ମିଳନୀ ସ୍ୱଦେଶୀ ବୈଷୟିକ ଜ୍ଞାନକୌଶଳର ଉପଯୋଗ ନେଇ ଆୟୋଜିତ ହୋଇଛି ।

# ରକ୍ତାକ୍ତ ସଂଘର୍ଷ ପରେ ଅସ୍ତ୍ରବିରତି

- ପାକିସ୍ତାନ-ଆଫଗାନ ମଧ୍ୟରେ ଘମାଘୋଟ ସଂଘର୍ଷ
- କାବୁଲରେ ବୋମାମାଡ଼; ପେଶାୱରରେ ଡ୍ରୋନ ଆକ୍ରମଣ
- ୫୦ରୁ ଅଧିକ ମୃତ୍ୟୁ ହୋଇଥିବା ଦାବି
- ତାଲିବାନର ଚତୁର୍ଥ ବାଟାଲିୟନ, ଷଷ୍ଠ ବ୍ରିଗେଡ ଧ୍ୱଂସ: ପାକ୍
- ୪୮ ଘଣ୍ଟିଆ ଅସ୍ତ୍ରବିରତି ପାଇଁ ଦୁଇଦେଶ ରାଜି



କାବୁଲ/ଇସଲାମାବାଦ, ୧୫।୧୦ (ଏଜେନ୍ସି): ପୁରୁଣା ବନ୍ଧୁତା ଏବେ ଶତ୍ରୁତାରେ ପରିଣତ ହୋଇଯାଇଛି । ଆଫଗାନିସ୍ତାନର ତାଲିବାନ ସରକାର ଏବଂ ପାକିସ୍ତାନ ମଧ୍ୟରେ ଚରମ ଉତ୍ତେଜନା ସୃଷ୍ଟି ହୋଇଛି । ଦୁଇ ଦେଶ ଘମାଘୋଟ ସଂଘର୍ଷରେ ଲିପ୍ତ ରହିଛନ୍ତି । ସପ୍ତାହ ଭିତରେ ଏହି ଉଭୟ ପଡୋଶୀ ରାଷ୍ଟ୍ର ତିନି ଥର ମୁହାଁମୁହିଁ ହେଲେଣି । ବୁଧବାର ସନ୍ଧ୍ୟାରେ ଆଫଗାନିସ୍ତାନର ରାଜଧାନୀ କାବୁଲରେ ପାକିସ୍ତାନ ଆକାଶ ମାର୍ଗରୁ ଆକ୍ରମଣ କରିଛି । କାବୁଲ ଏବଂ ସ୍ପିନ ବୋଲ୍ଡକ ଅଞ୍ଚଳରେ ବୋମାମାଡ଼ କରାଯାଇଛି । ଏଥିରେ ତାଲିବାନ ସଦସ୍ୟଙ୍କ ସମେତ ୫୦ରୁ ଉର୍ଦ୍ଧ୍ୱ ଲୋକ ପ୍ରାଣ ହରାଇଥିବା ସୂଚନା ମିଳିଛି । ଅନେକ କୋଠା ଜଳୁଥିବା ଦେଖାଯାଉଛି । ପାକିସ୍ତାନ ଗଣମାଧ୍ୟମ ଅନୁଯାୟୀ, ତାଲିବାନ ଆକ୍ରମଣକୁ ଜବାବ ଦିଆଯାଇଛି । ଏହି ଆକ୍ରମଣରେ କାନ୍ଦାହାର ପ୍ରଦେଶରେ ଥିବା ତାଲିବାନର ମୁଖ୍ୟ ଠିକଣାକୁ ଧ୍ୱଂସ କରିଦିଆଯାଇଛି । ଏଥିରେ ଚତୁର୍ଥ ବାଟାଲିୟନ ଏବଂ ଷଷ୍ଠ ବ୍ରିଗେଡ଼ ମାଟିରେ ମିଶିଯାଇଛି । ଅନେକ ତାଲିବାନ ସଦସ୍ୟ ଏବଂ ବିଦେଶୀ ନାଗରିକ ମଧ୍ୟ ପ୍ରାଣ ହରାଇଛନ୍ତି । ତେବେ ଆଫଗାନିସ୍ତାନ ଏହି ଦାବିକୁ ଖାରଜ କରିଦେଇଛି । ତାଲିବାନ ମଧ୍ୟ ଚୁପ୍ ହୋଇ ବସି ନାହିଁ । ଏହାର ଜବାବରେ ପେଶାୱରରେ ଡ୍ରୋନ ଆକ୍ରମଣ କରିଛି । ଏଥିରେ ଏକ ପ୍ଲାଜାର ପ୍ରକୋଷ୍ଠକୁ ନିଶାଣ କରାଯାଇଛି । ଗୁଇନ୍ଦା କାର୍ଯ୍ୟକଳାପ ପାଇଁ ଏହାକୁ ଗୁପ୍ତ ଅଫିସ ଭାବେ ବ୍ୟବହାର କରାଯାଉଥିବା ଦାବି କରାଯାଇଛି । ଏହା ସହିତ ପାକିସ୍ତାନ ସୀମାକୁ ତାଲିବାନ ଟ୍ୟାଙ୍କ ପଠାଇଛି ।

ଏହି ଆକ୍ରମଣ ପରେ ଦୁଇ ଦେଶ ଶାନ୍ତି ପ୍ରୟାସ କରିଛନ୍ତି । ୪୮ ଘଣ୍ଟିଆ ଅସ୍ତ୍ରବିରତି ପାଇଁ ରାଜି ହୋଇଛନ୍ତି । ଏହା ସନ୍ଧ୍ୟା ୬ଟା୩୦ରୁ ଆରମ୍ଭ ହୋଇଛି । ଆଲୋଚନା ମାଧ୍ୟମରେ ଉଭୟ ଦେଶ ବିବାଦର ସମାଧାନ ପାଇଁ ପ୍ରୟାସ କରିବେ ବୋଲି ପାକିସ୍ତାନ ବୈଦେଶିକ ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି । ଏହା ପୂର୍ବରୁ ମଙ୍ଗଳବାର ରାତିରେ ପାକିସ୍ତାନ ସୁରକ୍ଷାବାହିନୀ ଏବଂ ଆଫଗାନ ତାଲିବାନ ମଧ୍ୟରେ ସଂଘର୍ଷ ହୋଇଥିଲା । ଆଫଗାନିସ୍ତାନ ପ୍ରବକ୍ତା ଜବିହୁଲ୍ଲାହ ମୁଜାହିଦ କହିଛନ୍ତି ଯେ ବୁଧବାର ସକାଳେ ପାକିସ୍ତାନ ସେନା କାନ୍ଦାହାରର ସ୍ପିନ ବୋଲ୍ଡକ ଅଞ୍ଚଳରେ ଆକ୍ରମଣ କରିଥିଲା । ଏଥିରେ ୧୨ ଜଣ ସାଧାରଣ ନାଗରିକ ପ୍ରାଣ ହରାଇଥିବାବେଳେ ୧୦୦ରୁ ଅଧିକ ଆହତ ହୋଇଥିଲେ । ଜବାବରେ ପାକିସ୍ତାନର ୭ ସୈନିକ ମଧ୍ୟ ନିହତ ହୋଇଥିଲେ । ଏହା ପରେ ପାକିସ୍ତାନ ସୀମାକୁ ଟ୍ୟାଙ୍କ ପଠା ଯାଇଥିଲା । ପାକିସ୍ତାନ ସେନାର ଗଣମାଧ୍ୟମ ଶାଖା (ଆଇଏସପିଆର) ପକ୍ଷରୁ କୁହାଯାଇଥିଲା ଯେ ବଲୁଚିସ୍ତାନ ସୀମାରେ ଆଫଗାନ ତାଲିବାନର ଆକ୍ରମଣକୁ ସୁରକ୍ଷାବାହିନୀ ବିଫଳ କରିଦେଇଛି । ଏଥିରେ ତାଲିବାନର ୧୫ରୁ ୨୦ ସଦସ୍ୟ ପ୍ରାଣ ହରାଇଛନ୍ତି ।

ଆଫଗାନିସ୍ତନ ଏବଂ ପାକିସ୍ତାନ ଉଭୟେ ପରସ୍ପରର ସେନା ପୋଷ୍ଟକୁ କବ୍‌ଜା କରିଥିବା ଦାବି କରିଛନ୍ତି । ଏହା ସହିତ ଟ୍ୟାଙ୍କକୁ ଧ୍ୱଂସ କରିଦିଆଯାଇଛି । ସୀମାରେ ତାଲିବାନ ପ୍ରଥମେ ଗୁଳିମାଡ଼ କରିଥିବା ପାକିସ୍ତାନ ଅଭିଯୋଗ କରିଛି । ସେହିପରି ଆଫଗାନ ପକ୍ଷରୁ କୁହାଯାଇଛି ଯେ ଦେଶ ପ୍ରତି ବିପଦ ସୃଷ୍ଟି ହେଉଥିବା ସ୍ଥାନକୁ ନିଶାଣ କରି ସେନା ଆକ୍ରମଣ କରିଥିଲା ।

## ଟପ୍-୧୦ରୁ ବାଦ୍ ପଡ଼ିଲା ଆମେରିକା ପାସପୋର୍ଟ

**୭୭ତମ ସ୍ଥାନକୁ ଉଠିଲା ଭାରତ**

ୱାଶିଂଟନ, ୧୫ ।୧୦(ଏଜେନ୍ସି): ହେନଲୀ ପାସପୋର୍ଟ ଇଣ୍ଡେକ୍ସ-୨୦୨୫ ପ୍ରକାଶିତ ହୋଇଛି । ବିଶ୍ୱର ବିଭିନ୍ନ ଦେଶର ଶକ୍ତିଶାଳୀ ପାସପୋର୍ଟକୁ ନେଇ ଏହି ସଂସ୍ଥା ତାଲିକା ପ୍ରକାଶିତ କରିଥାଏ । ଆମେରିକା ପାସ୍‌ପୋର୍ଟ ପ୍ରଥମଥର ପାଇଁ ଶ୍ରେଷ୍ଠ-୧୦ରୁ ବାଦ୍ ପଡ଼ିଛି । ଗତ ୨୦ ବର୍ଷ ଅର୍ଥାତ ଦୁଇ ଦଶନ୍ଧି ମଧ୍ୟରେ ପ୍ରଥମଥର ପାଇଁ ଆମେରିକାର ପାସ୍‌ପୋର୍ଟ ଶ୍ରେଷ୍ଠ-୧୦ ତାଲିକାରୁ ବାଦ୍ ପଡ଼ିଛି । ଆମେରିକା ଏଥିରେ ମାଲେସିଆ ସହିତ ଯୁଗ୍ମଭାବେ ଦ୍ୱାଦଶ ସ୍ଥାନରେ ରହିଛି । ୨୨୭ଟି ଦେଶ ମଧ୍ୟରୁ ମାଲେସିଆ ପାସପୋର୍ଟ ସହିତ ଜଣେ ବ୍ୟକ୍ତି ବିନା ଭିସାରେ ୧୮୦ଟି ଦେଶକୁ ଭ୍ରମଣ କରିପାରିବେ । ଅନ୍ୟପଟେ ସିଙ୍ଗାପୁର ପାସ୍‌ପୋର୍ଟ ସବୁଠାରୁ ଶକ୍ତିଶାଳୀ ସାବ୍ୟସ୍ତ ହୋଇଛି ଓ ଏହା ତାଲିକାର ଶୀର୍ଷରେ ରହିଛି । ସିଙ୍ଗାପୁର ପାସ୍‌ପୋର୍ଟ ସହ ଜଣେ ବ୍ୟକ୍ତି ୧୯୩ଟି ଦେଶକୁ ବିନା ଭିସାରେ ଯାଇପାରିବେ । ତାଲିକାର ଦ୍ୱିତୀୟ ସ୍ଥାନରେ ଦକ୍ଷିଣ କୋରିଆ ଓ ତୃତୀୟ ସ୍ଥାନରେ ଜାପାନ ରହିଛି । ଏହି ଦୁଇଟି ଦେଶର ପାସପୋର୍ଟଧାରୀ ବିନା ଭିସାରେ ଯଥାକ୍ରମେ ୧୯୦ ଓ ୧୮୯ଟି ଦେଶକୁ ଯାତ୍ରା କରିପାରିବେ । ସେହିପରି ତାଲିକାରେ ଚତୁର୍ଥ ସ୍ଥାନରେ ଜର୍ମାନୀ, ଇଟାଲୀ, ଲକ୍ସମବର୍ଗ, ସ୍ପେନ୍, ସ୍ୱିଜରଲାଣ୍ଡ ମିଳିତ ଭାବେ ସ୍ଥାନୀତ ହୋଇଛନ୍ତି ଓ ଏହି ଦେଶର ପାସ୍‌ପୋର୍ଟଧାରୀ ୧୮୮ଟି ଦେଶକୁ ଯାତ୍ରା କରିପାରିବେ । ସେହିପରି ଅଷ୍ଟ୍ରିଆ, ବେଲଜିୟମ, ଡେନ୍‌ମାର୍କ, ଫିନ୍‌ଲାଣ୍ଡ, ଫ୍ରାନ୍ସ, ଆୟର୍ଲାଣ୍ଡ ଓ ନେଦରଲାଣ୍ଡସ ମିଳିତ ଭାବେ ୫ମ ସ୍ଥାନରେ ରହିଥିବାବେଳେ ଏହି ଦେଶଗୁଡିକର ପାସପୋର୍ଟଧାରୀ ୧୮୭ଟି ଦେଶକୁ ବିନା ଭିସାରେ ଯାଇପାରିବ । ଏହି କ୍ରମରେ ଦେଖିବାକୁ ଗଲେ ଭାରତ ୭୭ତମ ସ୍ଥାନରେ ରହିଛି । ୨୦୨୫ରେ ପ୍ରଥମ କ୍ୱାର୍ଟର ତୁଳନାରେ ଭାରତ ତାଲିକାରେ ୮ଟି ସ୍ଥାନ ଉପରକୁ ଉଠିଛି । ଭାରତୀୟ ପାସପୋର୍ଟ ସହ ଜଣେ ବ୍ୟକ୍ତି ବିଶ୍ୱର ୫୯ଟି ଦେଶକୁ ବିନା ଭିସାରେ ବା 'ଭିସା ଅନ୍ ଆରାଇଭାଲ'ରେ ଯାତ୍ରା କରିପାରିବେ । ଅନ୍ୟପଟେ ବ୍ରିଟେନ ପାସ୍‌ପୋର୍ଟ ଦୁଇଟି ସ୍ଥାନ ତଳକୁ ଖସି ୮ମ ସ୍ଥାନରେ ରହିଛି । ୨୦୧୫ରେ ବ୍ରିଟେନ ପାସ୍‌ପୋର୍ଟ ଶୀର୍ଷ ସ୍ଥାନରେ ରହିଥିଲା । ସେହିପରି କ୍ରମାଗତ ୫ ବର୍ଷ ପାଇଁ ପାକିସ୍ତାନ ପାସପୋର୍ଟ ୧୦୩ତମ ସ୍ଥାନରେ ରହିଛି ।

## ଆମେରିକାରେ ଭାରତୀୟ ବଂଶୋଦ୍ଭବ ଅଧିକାରୀ ଗିରଫ

ୱାଶିଂଟନ, ୧୫ ।୧୦(ଏଜେନ୍ସି): ଆମେରିକାର ଜଣେ ଭାରତୀୟ ବଂଶୋଦ୍ଭବ ଅଧିକାରୀ ଆସ୍‌ଲେ ଟେଲିସ ଗିରଫ ହୋଇଛନ୍ତି । ଆମେରିକାର ବୈଦେଶିକ ବିଭାଗରେ ଜଣେ ବରିଷ୍ଠ ଉପଦେଷ୍ଟା ଭାବେ ସେ କାର୍ଯ୍ୟ କରୁଥିଲେ । ତାଙ୍କୁ ଗତ ୧୨ ତାରିଖରେ ଗିରଫ କରାଯାଇଛି । ତାଙ୍କ ବିରୋଧରେ ଆମେରିକାର ନିରାପତ୍ତା ସହିତ ଜଡ଼ିତ କେତେକ ଗୋପନୀୟ କାଗଜପତ୍ର ନିଜ ପାଖରେ ରଖିବା ଓ ଚୀନ୍‌ର ଅଧିକାରୀଙ୍କ ଗୁପ୍ତରେ ଭେଟିଥିବାର ଅଭିଯୋଗ ହୋଇଛି । ୬୪ ବର୍ଷୀୟ ଟେଲିସ ଭିର୍ଜିନିଆସ୍ଥିତ ତାଙ୍କ ବାସଭବନରେ ଆମେରିକୀୟ ଗୁଇନ୍ଦା ସଂସ୍ଥା ଏଫ୍‌ବିଆଇର ୧, ୦୦୦ରୁ ଅଧିକ ପୃଷ୍ଠାର ଗୋପନୀୟ କାଗଜପତ୍ର ଜବତ କରାଯାଇଛି । ଯଦି ତାଙ୍କ ବିରୋଧରେ ଏହି ଅଭିଯୋଗ ପ୍ରମାଣିତ ହୁଏ, ତେବେ ତାଙ୍କୁ ୧୦ ବର୍ଷ ଜେଲ ଦଣ୍ଡ ସହ ୨.୫ ଲକ୍ଷ ଡଲାର ଅର୍ଥାତ ୨ କୋଟି ଟଙ୍କାର ଜରିମାନ ଧାର୍ଯ୍ୟ କରାଯାଇପାରେ । ଭର୍ଜିନିଆ କୋର୍ଟରେ ଟେଲିସଙ୍କ ଶୁଣାଣି ହେବ । ମାମଲା ରାଷ୍ଟ୍ରୀୟ ସୁରକ୍ଷା ସହିତ ଜଡିତ ଥିବାରୁ ଏଥିରେ ତାଙ୍କୁ ଜାମିନ ମିଳିବାର ଆଶା କ୍ଷୀଣ ରହିଛି । ରାଷ୍ଟ୍ରପତି ଟ୍ରମ୍ପଙ୍କ ପ୍ରଥମ କାର୍ଯ୍ୟକାଳରେ ଟେଲିସଙ୍କୁ ଭାରତରେ ଆମେରିକାର ରାଷ୍ଟ୍ରଦୂତ ଭାବେ ଚୟନ କରାଯାଇଥିଲା । କିନ୍ତୁ ତାଙ୍କୁ ଏହି ଦାୟିତ୍ୱ ପ୍ରଦାନ କରାଯାଇ ନ ଥିଲା । ଟେଲିସ୍ ଗତ ସେପ୍ଟେମ୍ବର-ଅକ୍ଟୋବରରେ ବୈଦେଶିକ ବିଭାଗ ଓ ପ୍ରତିରକ୍ଷା ମନ୍ତ୍ରଣାଳୟର ଗୋପନୀୟ କାଗଜପତ୍ର ବାହାର କରିଥିବା ଅଭିଯୋଗ ଏଫ୍‌ବିଆଇ ଆଣିଛି ।

## ହରିୟାଣା ପୁଲିସରେ ବିବାଦ ବଢୁଛି

ଚଣ୍ଡିଗଡ଼, ୧୫।୧୦ (ଏଜେନ୍ସି): ବରିଷ୍ଠ ଆଇପିଏସ ତଥା ଆଇଜି ୱାଇ. ପୁରନ ଏବଂ ଏଏସଆଇ ସନ୍ଦୀପ ଲାଥରଙ୍କ ଆତ୍ମହତ୍ୟା ହରିୟାଣା ସରକାରଙ୍କ ମୁଣ୍ଡବିନ୍ଧା ସୃଷ୍ଟି କରିଛି । ଡିଜିପିଙ୍କ ସମେତ ୮ ଅଧିକାରୀଙ୍କୁ ଦାୟୀ କରି ପୁରନ ନିଜକୁ ଗୁଳି ମାରିଥିବାବେଳେ ଆଇଜିଙ୍କୁ ଦୁର୍ନୀତିଗ୍ରସ୍ତ କହି ଏବଂ ଦୋଷ ଦେଇ ଲାଥର ଆତ୍ମହତ୍ୟା କରିଥିଲେ । ଏହି ଦୁଇ ମାମଲା ଯୋଗୁଁ ହରିୟାଣା ପୁଲିସରେ ଚାଲିଥିବା ଜାତିଗତ ବିଭେଦ, ଦୁର୍ନୀତି ଏବଂ ଟଙ୍କା ଆଦାୟ ମାମଲା ସାମ୍ନାକୁ ଆସିଛି । ପୁଲିସ-ଗ୍ୟାଙ୍ଗଷ୍ଟର ଲିଙ୍କ ବିଷୟରେ ମଧ୍ୟ ଜଣାପଡ଼ିଛି । ଏହକୁ ନେଇ ହରିୟାଣା ପୁଲିସର ବିଶ୍ୱସନୀୟତା ଉପରେ ପ୍ରଶ୍ନ ଉଠିଛି । ଏବେ ସନ୍ଦୀପଙ୍କ ଆତ୍ମହତ୍ୟା ମାମଲାରେ ଅମନୀତ, ତାଙ୍କ ବିଧାୟକ (ଆପ୍) ଭାଇ ଅମିତ ମାନ୍ ଏବଂ ପୁରନଙ୍କ ଗନ୍‌ମ୍ୟାନ ସୁଶୀଲଙ୍କ ବିରୋଧରେ ଏତଲା ରୁଜୁ କରାଯାଇଛି । ଏହା ପରେ ଯାଇ ଲାଥରଙ୍କ ପରିବାର ବ୍ୟବଚ୍ଛେଦ ପାଇଁ ରାଜି ହୋଇଥିଲେ ।ଏହା ପୂର୍ବରୁ ସରକାରଙ୍କ ସହ ଆଲୋଚନା ପରେ ପୁରନଙ୍କ ମୃତଦେହର ବ୍ୟବଚ୍ଛେଦ ହୋଇ ସେକ୍ଟର-୨୫ ସ୍ଥିତ ଶ୍ମଶାନ ଘାଟରେ ଅନ୍ତିମ ସଂସ୍କାର କରାଯାଇଛି । ଏଠାରେ ପତ୍ନୀ ଅମନୀତଙ୍କ ଉପସ୍ଥିତିରେ ତାଙ୍କୁ ପୁଲିସ ବାହିନୀ ସଲାମୀ ଦେଇଥିଲା । ପରେ ଆଇପିଏସଙ୍କ ଦୁଇ ଝିଅ ତାଙ୍କୁ ମୁଖାଗ୍ନି ଦେଇଥିଲେ । ସୂଚନା ଅନୁଯାୟୀ ଗତ ୨୯ ତାରିଖରେ ରୋହତକ ରେଞ୍ଜର ଆଇଜି ପୁରନଙ୍କୁ ସୂଚନା ନ ଦେଇ ସୁନାରିଆ ପୁଲିସ ଟ୍ରେନିଂ କଲେଜକୁ ବଦଳି କରିଦିଆଯାଇଥିଲା । ଏହାକୁ ନେଇ ସେ କ୍ଷୁବ୍ଧ ହୋଇ ସପ୍ତାହେ ପାଇଁ ଛୁଟିରେ ଚାଲି ଯାଇଥିଲେ । ଗତ ୧ ତାରିଖରେ ପୁରନଙ୍କ କାର୍‌କୁ ଅଟକାଇ ତାଙ୍କ ପିଏସଓ ସୁଶୀଲ କୁମାରଙ୍କୁ ଉଠାଇ ନିଆଯାଇଥିଲା । ଏହି କାର୍ଯ୍ୟାନୁଷ୍ଠାନ ନେଇଥିବା ଟିମ୍‌ରେ ଲାଥର ସାମିଲ ଥିଲେ । ବିନା ଏତଲା ଏବଂ ୱାରେଣ୍ଟରେ ଅଟକ ରଖିବାକୁ ବିରୋଧ କରିବାରୁ ପୁରନଙ୍କୁ ଧମକ ଦିଆଯାଇଥିଲା । ପରେ ତୁମ ପାଳି ପଡିବ ବୋଲି କୁହାଯାଇଥିଲା । ତେବେ ପୁରନଙ୍କ ଗାଡ଼ିରେ ସୁଶୀଲ ନିଜ ବନ୍ଧୁକ ଛାଡ଼ି ଚାଲି ଯାଇଥିଲେ । ଏହି ବନ୍ଧୁକରୁ ଗୁଳି ମାରି ଗତ ୭ ତାରିଖରେ ପୁରନ ଆତ୍ମହତ୍ୟା କରିଥିଲେ ।

## ପ୍ରାର୍ଥୀ ତାଲିକା ଜାରିକଲେ ଜେଡିୟୁ, ବିଜେପି

**ବିହାର ନିର୍ବାଚନ**

ପାଟନା, ୧୫।୧୦ (ଏଜେନ୍ସି): ବିହାର ବିଧାନସଭା ପାଇଁ ରାଜନୀତି ସରଗରମ ହୋଇ ଉଠିଛି । ବିରୋଧୀ ଇଣ୍ଡିଆ ମେଣ୍ଟରେ ଆସନ ଚୂଡ଼ାନ୍ତ ହୋଇପାରି ନ ଥିବାବେଳେ କ୍ଷମତାସୀନ ଏନ୍‌ଡିଏ ମେଣ୍ଟରେ ବୁଝାମଣାକୁ ନେଇ କେଁ ସୃଷ୍ଟି ହୋଇଛି । ଏହା ସତ୍ତ୍ୱେ ବୁଧବାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ଜେଡିୟୁ ନିଜର ପ୍ରଥମ ଏବଂ ବିଜେପି ଦ୍ୱିତୀୟ ପ୍ରାର୍ଥୀ ତାଲିକା ଜାରି କରିଛି । ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀଙ୍କ ପାଇଁ ନୀତୀଶ ନିଜ ତାରାପୁର ଆସନ ଛାଡ଼ି ଦେଇଛନ୍ତି । ୫୭ ଜଣିଆ ପ୍ରଥମ ତାଲିକାରେ ୪ ମହିଳା, ୧୦ ଅନୁସୂଚିତ ଜାତି, ୩ ବାହୁବଳୀ, ୬ ମନ୍ତ୍ରୀ ଏବଂ ୧୮ ବିଧାୟକଙ୍କୁ ପୁନର୍ବାର ଟିକେଟ ଦେଇଛନ୍ତି । ତେବେ ଚିରାଗ ପାଶ୍ୱାନ ଚାହୁଁଥିବା ୫ ସିଟ୍ ସୋନବରସା, ଅଲୌଲି, ରାଜଗୀର, ଏକମା, ମୋରବାରେ ପ୍ରାର୍ଥୀ ଦେଇ ବିବାଦ ସେ ସୃଷ୍ଟି କରିଛନ୍ତି । ସେହିପରି ୧୨ ଜଣିଆ ଦ୍ୱିତୀୟ ତାଲିକାରେ ଦିନକ ତଳେ ସାମିଲ ହୋଇଥିବା ଗାୟିକା ମୈଥିଲି ଠାକୁରଙ୍କୁ ବିଜେପି ଅଲିନଗରରୁ ପ୍ରାର୍ଥୀ କରିଛି । ଅନ୍ୟପଟେ ଏଲଜେପିକୁ ମହୁଆ ଆସନ ଦେବାକୁ ନେଇ କ୍ଷୁବ୍ଧ ଥିବା ଆରଏଲଏମ ମୁଖ୍ୟ ଉପେନ୍ଦ୍ର କୁଶ୍ୱାହ ଦିଲ୍ଲୀରେ ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହାଙ୍କୁ ଭେଟିବା ପରେ ଶାନ୍ତ ହୋଇଛନ୍ତି । ପୂର୍ବରୁ କୁଶ୍ୱାହ ମେଣ୍ଟରେ କିଛି ଭଲ ନ ଥିବା କହିଥିଲେ । ମାତ୍ର ୪୫ ମିନିଟର ବୈଠକ ପରେ ତାଙ୍କ ସ୍ୱର ବଦଳି ଯାଇଥିଲା । କୁଶ୍ୱାହଙ୍କୁ ରାଜ୍ୟସଭା ପଠାଇବାକୁ ଏବଂ ଗୋଟିଏ ଏମଏଲସି ଆସନ ଦେବାକୁ ପ୍ରତିଶ୍ରୁତି ଦିଆଯାଇଥିବା ସୂଚନା ମିଳିଛି । ଏହା ମଧ୍ୟରେ ଶୁକ୍ରବାର ସନ୍ଧ୍ୟାରେ ପ୍ରଦେଶ କଂଗ୍ରେସ ଅଧ୍ୟକ୍ଷ ରାଜେଶ ରାମ, ପ୍ରଭାରୀ କୃଷ୍ଣ ଅଲ୍ଲାବରୁ ଏବଂ ନେତା ସକିଲ ଅହମ୍ମଦଙ୍କ ଉପସ୍ଥିତିରେ କଂଗ୍ରେସ କର୍ମୀ ପପୁ ଯାଦବଙ୍କ ସମର୍ଥକଙ୍କୁ ମାଡ଼ ମାରିଛନ୍ତି । ଟିକଟ ବଣ୍ଟନକୁ କେନ୍ଦ୍ର କରି ଏହି ହଙ୍ଗାମା ହୋଇଛି । ଅନ୍ୟପଟେ ଆସନ ବଣ୍ଟନ ହୋଇ ନ ଥିଲେ ବି କଂଗ୍ରେସ ୧୨ ଜଣଙ୍କୁ ଟିକଟ ଦେଇଛି ।

**ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟର ତିନି ପ୍ରାଧ୍ୟାପକଙ୍କ ଗବେଷଣା**

## କୁଣ୍ଡଳୀ ମେଳକ ନ ହେବାରୁ ୩୭% ବିବାହ ବିଚ୍ଛେଦ


ବନାରସ, ୧୫।୧୦ (ଏଜେନ୍ସି): ଆଧୁନିକ ଯୁଗରେ ଅଧିକାଂଶ ଲୋକ କୁଣ୍ଡଳୀ ମେଳକ ନ କରି ବିବାହ କରୁଛନ୍ତି । କିଏ ପ୍ରେମ ବିବାହ କରୁଛି ତ ଆଉ କିଏ ପରିବାରର ଇଚ୍ଛାରେ ଜୀବନ ସଙ୍ଗିନୀ ବାଛୁଛନ୍ତି । ମାତ୍ର ପରବର୍ତ୍ତୀ ସମୟରେ ବିବାଦ ହେଉ ଅବା ଅନ୍ୟ କୌଣସି କାରଣ ସେହି ପ୍ରେମ ନ ରହି ବିବାହ ବିଚ୍ଛେଦ ଘଟୁଛି । ପ୍ରେମ ବ୍ୟାପାର, ଲିଭ୍-ଇନ ଏବଂ ଘରୋଇ ହିଂସା ଆଦି ଯୋଗୁଁ ହେଉଥିବା ବିବାହ ବିଚ୍ଛେଦ ଉପରେ ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟ (ବିଏଚ୍‌ୟୁ)ର ତିନି ପ୍ରାଧ୍ୟାପକ ଏକ ଗବେଷଣା କରିଛନ୍ତି । ଏଥିରୁ ଚାଞ୍ଚଲ୍ୟକର ତଥ୍ୟ ସାମ୍ନାକୁ ଆସିଛି । ବିବାହ ପୂର୍ବରୁ ବର-କନ୍ୟାଙ୍କ କୁଣ୍ଡଳୀ ମେଳକ କରାଯାଇ ନ ଥିବାରୁ ୩୭ ପ୍ରତିଶତ ଛାଡ଼ପତ୍ର ହୋଇଥିଲା ବୋଲି ଜଣାପଡ଼ିଛି । ଗ୍ରହଦୋଷ ଥିବା ସତ୍ତ୍ୱେ ବିବାହ କରାଯାଉଛି । ଏଭଳି ବରକନ୍ୟା ବିବାହ ପରେ ପ୍ରେମରେ ପଡ଼ି ପରସ୍ପରର ହତ୍ୟା କିମ୍ବା ସମ୍ପର୍କରେ ଫାଟ ଆସିବା ପରେ ନୂଆ ଜୀବନସାଥି ଖୋଜୁଛନ୍ତି ।

ବିଏଚ୍‌ୟୁର ୩ ପ୍ରାଧ୍ୟାପକ ଏବଂ ୨ ଜଣ ଗବେଷକ ୬ ମାସରେ ଏହି ଗବେଷଣା ଶେଷ କରିଥିଲେ । ବିଶ୍ୱବିଦ୍ୟାଳୟରେ ସୋମବାର ଆୟୋଜିତ ସେମିନାରରେ ଏହାର ସୂଚନା ଦିଆଯାଇଥିଲା । ଏଥିରେ ଇନ୍ଦୋରର 'ମାଆ ଶାରଦା ଜ୍ୟୋତିଷଧାମ ଅନୁସନ୍ଧାନ ପ୍ରତିଷ୍ଠାନ' ନେତୃତ୍ୱ ନେଇଥିଲା । ଭାରତର ୧୫ ରାଜ୍ୟ ସମେତ ନେପାଳ, ସିଙ୍ଗାପୁର, ଦୁବାଇର ଗବେଷକ ମଧ୍ୟ ଏହି ଗବେଷଣାରେ ସାମିଲ ଥିଲେ । ଗବେଷଣାର ସୂଚନା ଦେଇ ପ୍ରାଧ୍ୟାପକ ବିନୟ ପାଣ୍ଡେୟ କହିଥିଲେ ଯେ ଯୁବକ ଏବଂ ଯୁବତୀଙ୍କ କୁଣ୍ଡଳୀରେ ୩୬ରୁ ୩୨ ଗୁଣ ମିଶିବା ପରେ ବି ଗ୍ରହ ମେଳକ ଜରୁରୀ ହୋଇଥାଏ । କିନ୍ତୁ ଲୋକେ ଏବେ ନିଜକୁ ଆଧୁନିକ ଦେଖାଇବା ପାଇଁ ସନାତନ ଧର୍ମର ପରମ୍ପରା ପାଳନ କରୁନାହାନ୍ତି । ଅଧିକାଂଶ ବିବାହ ଫଟୋସୁଟ୍‌ରେ ବ୍ୟସ୍ତ ଥାଆନ୍ତି । ମନ୍ତ୍ରୋଚାରଣର ଆବଶ୍ୟକତା ବୁଝୁ ନାହାନ୍ତି । ଫଳରେ ବିବାହ ଭାଙ୍ଗି ଯାଉଛି ଏବଂ ବରକନ୍ୟା ପରସ୍ପରକୁ ହତ୍ୟା କରୁଛନ୍ତି । ଯାହାର କୁଣ୍ଡଳୀ ଏବଂ ଗ୍ରହ ମେଳକ କରାଯାଇଥାଏ, ତାଙ୍କ ବିବାହ ଶତ ପ୍ରତିଶତ ଠିକ୍ ଚାଲିଥାଏ । ଏହା ବୈଜ୍ଞାନିକ ତଥ୍ୟ । ଜ୍ୟୋତିଷଶାସ୍ତ୍ର ଏକ ପ୍ରକାରର ଗଣିତ ହିଁ ।

ପ୍ରାଧ୍ୟାପକଙ୍କ ଅନୁଯାୟୀ, ଏହି ଗବେଷଣାରେ ବିଏଚୟୁ ଓପିଡିକୁ ଆସୁଥିବା ସାରା ଦେଶର ତଥ୍ୟ ଏବଂ ୩ ବର୍ଷ ଭିତରେ ଉତ୍ତର ପ୍ରଦେଶର ୧୨ ଜିଲ୍ଲାରେ ବିବାହ ବିଚ୍ଛେଦ ହୋଇଥିବା ଦମ୍ପତିଙ୍କ ତଥ୍ୟ ସଂଗ୍ରହ କରାଯାଇଥିଲା । ଦେଶର ଏଭଳି ୨୫୦ ମାମଲାରେ ଦମ୍ପତିଙ୍କ ପରିବାର ବର୍ଗଙ୍କୁ ତିନୋଟି ପ୍ରଶ୍ନ ପଚରା ଯାଇଥିଲା । ଏହି ତଥ୍ୟରୁ ଜଣାପଡ଼ିଥିଲା ଯେ ଯେଉଁ ବର-ବଧୁଙ୍କ କୁଣ୍ଡଳୀ ଠିକ୍ ସେ ମେଳକ କରାଯାଇ ନ ଥିଲା ସେମାନଙ୍କ ବିବାହ ବର୍ଷେରୁ ଦୁଇ ବର୍ଷ ଭିତରେ ଭାଙ୍ଗି ଯାଇଥିଲା । ଅନ୍ୟ ୬୩ ପ୍ରତିଶତ ମାମଲାରେ ସନାତନ ରୀତିନୀତି ଅନୁଯାୟୀ ବିବାହ କରାଯାଇ ନ ଥିଲା । ହୋଟେଲ ବୁକିଂକୁ ଦେଖି ବିବାହ ସମୟ ଧାର୍ଯ୍ୟ କରାଯାଇଥିଲା । ବିବାହ ସମୟରେ ମନ୍ତ୍ରୋଚାରଣ ମଧ୍ୟ ଠିକ୍‌ରେ କରାଯାଇ ନ ଥିଲା । ଦେଶରେ ଛାଡ଼ପତ୍ର ମାମଲା ବଢୁଥିବା ଦେଖି ଏହାର କାରଣ ଜାଣିବା ପାଇଁ ଏପରି ଗବେଷଣା କରାଯାଇଥିଲା ।

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI
♦VOLUME- 43 ♦ISSUE-110 ♦THURSDAY ♦16 OCTOBER 2025 ♦PAGE-16 ♦₹ 6.00
♦ବର୍ଷ-୪୩ ♦ସଂଖ୍ୟା-୧୧୦ ♦ଗୁରୁବାର ♦୧୬ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୬ ♦ଟ.୬.୦୦

# ମହାଭାରତର 'କର୍ଣ୍ଣ' ପଙ୍କଜ ଧୀର୍‌ଙ୍କ ପରଲୋକ



■ **ନୂଆଦିଲ୍ଲୀ, ୧୫ ।୧୦ (ଏଜେନ୍ସି):** ବର୍ଷୀଆନ ଅଭିନେତା ପଙ୍କଜ ଧୀର ୬୮ ବର୍ଷ ବୟସରେ ପରଲୋକଗମନ କରିଛନ୍ତି । ୧୯୮୮ରେ ଦୂରଦର୍ଶନରେ ପ୍ରସାରିତ ବିଆର୍ ଚୋପ୍ରାଙ୍କ ଲୋକପ୍ରିୟ ମେଗା ସିରିଏଲ 'ମହାଭାରତ'ରେ ସେ କର୍ଣ୍ଣ ଭୂମିକାରେ ଅବତୀର୍ଣ୍ଣ ହୋଇ ଲୋକପ୍ରିୟତା ହାସଲ କରିଥିଲେ ଓ ଘରେଘରେ ପରିଚିତ ହୋଇଥିଲେ । ସେ କର୍କଟ ରୋଗରେ ପୀଡିତ ଥିଲେ ଓ ଦୀର୍ଘଦିନ ଧରି ଚିକିତ୍ସିତ ହୋଇଆସୁଥିଲେ । ତାଙ୍କର ଏକ ବଡ଼ ଅସ୍ତ୍ରୋପଚାର ମଧ୍ୟ କରାଯାଇଥିଲା । ତାଙ୍କ ଦେହାନ୍ତରେ ଭାରତୀୟ ଟେଲିଭିଜନ ଜଗତରେ ଶୋକର ଛାୟା ଖେଳିଯାଇଛି । ମୃତ୍ୟୁବେଳେ ତାଙ୍କ ନିକଟରେ ପୁଅ ନିତିନ ଓ ପତ୍ନୀ ଅନୀତା ଉପସ୍ଥିତ ଥିଲେ । ସେ ସୋଲଜର, ଆନ୍ଦାଜ, ବାଦଶାହା ଓ ତୁମ୍ କୋ ନା ଭୁଲ ପାଏଙ୍ଗେ ଭଳି ହିନ୍ଦୀ ଚଳଚ୍ଚିତ୍ରରେ ଅଭିନୟ କରି ସଫଳତା ହାସଲ କରିଥିଲେ । ଚନ୍ଦ୍ରକାନ୍ତା, ବଡ଼େ ବହୁ, ଜି ହରର ଶୋ, କାନୁନ୍ 'ସସୁରାଲ ସିମୋର କା' ଭଳି ସିରିୟଲରେ ମଧ୍ୟ ଅଭିନୟ କରିଥିଲେ ।

## ପୁଲିସ୍ ଚାକିରି ବେପାର

# ଟ୍ରେନ୍‌ରେ ଯାଇଥିଲେ ଆଉ ୧୮୬

## ଦଲାଲ୍‌ଙ୍କଠାରୁ ସୂଚନା ମିଳିବା ପରେ ଘାଣ୍ଟୁଛି କ୍ରାଇମ୍‌ବ୍ରାଞ୍ଚ

■ **ଭୁବନେଶ୍ୱର, ୧୫ ।୧୦ (ସମିସ):** ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ରାକେଟ୍ ଧରାପଡ଼ିବା ପରେ ନୂଆନୂଆ ତଥ୍ୟ ସାମ୍ନାକୁ ଆସୁଛି । ପୂର୍ବରୁ ୧୧୪ଜଣ ପରୀକ୍ଷାର୍ଥୀ ଓ ୩ଜଣ ଦଲାଲ୍‌ଙ୍କ ସମେତ ମୋଟ୍ ୧୧୭ଜଣ ଧରାପଡ଼ିଥିବା ବେଳେ ଆଉ ୧୮୬ ପରୀକ୍ଷାର୍ଥୀ ଟ୍ରେନ୍ ଯୋଗେ ଆନ୍ଧ୍ରପ୍ରଦେଶ ଯାଇଥିବା ତଥ୍ୟ କ୍ରାଇମ୍‌ବ୍ରାଞ୍ଚ ହାତରେ ଲାଗିଛି । ଟ୍ରେନ୍‌ରେ ଯାଇଥିବା ପରୀକ୍ଷାର୍ଥୀଙ୍କ ତାଲିକା କରିବା ସହ ସେମାନଙ୍କୁ ଧରିବା ପାଇଁ କସରତ ଆରମ୍ଭ ହୋଇଛି । ସେହିପରି ଅନେକ ପୁଲିସ୍ କନେଷ୍ଟବଳ ମଧ୍ୟ ଏସ୍‌ଆଇ ଚାକିରି ଆଶାରେ ଟଙ୍କା ଦେଇଥିବାର ପ୍ରମାଣ କ୍ରାଇମ୍‌ବ୍ରାଞ୍ଚ ପାଖରେ ପହଞ୍ଚିଛି । ଘଟଣାକୁ ୧୬ଦିନ ବିତିଥିଲେ ମଧ୍ୟ ମାଷ୍ଟରମାଇଣ୍ଡ କୁହାଯାଉଥିବା ଶଙ୍କର ପୃଷ୍ଟି ଓ ମୁନା ମହାନ୍ତିକୁ ଗିରଫ କରିବାରେ କ୍ରାଇମ୍‌ବ୍ରାଞ୍ଚ ବିଫଳ ହୋଇଥିବା ବେଳେ ଏକାବେଳେ ୩ଶହ ପଦ ବିକ୍ରି ପାଇଁ ବଡ଼ ଡିଲ୍ ସରିଥିବା ତଥ୍ୟ ମେଧାବୀଙ୍କ ମଧ୍ୟରେ ଆଲୋଡ଼ନ ସୃଷ୍ଟି କରିଛି ।

କ୍ରାଇମ୍‌ବ୍ରାଞ୍ଚ ସୂତ୍ରରୁ ମିଳିଥିବା ତଥ୍ୟ ଅନୁଯାୟୀ ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍‌ରୁ ୩ଟି ବସ୍ ଧରାପଡ଼ିବା ପୂର୍ବରୁ ଦୁଇଟି ପର୍ଯ୍ୟାୟରେ ପ୍ରାୟ ୧୮୬ ଜଣ ପରୀକ୍ଷାର୍ଥୀ ଆନ୍ଧ୍ରପ୍ରଦେଶ ଯାଇଥିଲେ । ସେଠାରେ ସେମାନଙ୍କୁ ଦୁଇଟି ଗ୍ରୁପ୍ କରି ଭିନ୍ନ ଭିନ୍ନ ସ୍ଥାନକୁ ନିଆଯିବାର ଯୋଜନା ହୋଇଥିଲା । ହେଲେ

### କ୍ରାଇମ୍‌ବ୍ରାଞ୍ଚ ସ୍କାନର୍‌ରେ କନେଷ୍ଟବଲ; ବସ୍ ନ ପାଇ ବର୍ତ୍ତିଗଲେ ୧୩

୩ଟି ବସ୍‌ରୁ ୧୧୭ ଜଣ ଗିରଫ ହେବା ଖବର ପାଇବା ପରେ ସମସ୍ତେ ଫେରାର୍ ହୋଇଯାଇଛନ୍ତି । କିଛି ପରୀକ୍ଷାର୍ଥୀ ତତ୍କାଳ ଓଡ଼ିଶା ଫେରିବା ପରିବର୍ତ୍ତେ ବିଭିନ୍ନ ପର୍ଯ୍ୟଟନସ୍ଥଳୀ ବୁଲିବାକୁ ପଳାଇଥିଲେ । ଆଉ କିଛି ପୃଥକ୍ ଭାବେ ଟ୍ରେନ୍‌ରେ ହିଁ ଓଡ଼ିଶା ଫେରିଛନ୍ତି । ହେଲେ ସେମାନଙ୍କ ଅରିଜିନାଲ୍ ସାର୍ଟିଫିକେଟ୍ ଦଲାଲ୍‌ଙ୍କ ପାଖରେ ରହିଯାଇଛି । ପଚରାଉଚୁରା ବେଳେ ଦଲାଲ୍‌ମାନେ ଏହାକୁ ସ୍ୱୀକାର କରିଛନ୍ତି । ସେମାନଙ୍କ ନିକଟରୁ ସେମାନଙ୍କ ତାଲିକା ପାଇବା ସହ ଟଙ୍କା ନେଣଦେଣ ସମ୍ପର୍କରେ ମଧ୍ୟ କ୍ରାଇମ୍‌ବ୍ରାଞ୍ଚ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ହାସଲ କରିଛି । ସେମାନଙ୍କୁ କ୍ରାଇମ୍‌ବ୍ରାଞ୍ଚ ଖୋଜୁଥିବା ବେଳେ ଗିରଫଦାରୀ ଭୟ ଥିବାରୁ ଅନେକ ପରୀକ୍ଷାର୍ଥୀ ସେମାନଙ୍କ ଫୋନ୍ ସୁଇଚ୍‌ଅଫ୍ କରି ଫେରାର୍ ହୋଇଯାଇଛନ୍ତି ।

ଅପରପକ୍ଷରେ ଏସ୍‌ଆଇ ଚାକିରି କରିବା ପାଇଁ ଅନେକ କନେଷ୍ଟବଳ ଟଙ୍କା ଦେଇଥିବା ମଧ୍ୟ ଜଣାପଡ଼ିଛି । ସପ୍ତମ ବାଟାଲିଅନ୍‌ରେ କାର୍ଯ୍ୟରତ ଯବାନ ଜିତେନ୍ଦ୍ର ନାଥ ଏବଂ ଯାଜପୁର ଟାଉନ୍ ଥାନାରେ କାର୍ଯ୍ୟରତ ବଳରାମ ବାରିକ ବସ୍‌ରେ ଯାଉଥିବାବେଳେ ଧରାପଡ଼ିଛନ୍ତି । ଢେଙ୍କାନାଳସ୍ଥିତ ଓଏସ୍‌ଓପି ପ୍ରଥମ ବାଟାଲିଅନ୍, ବୌଦ୍ଧସ୍ଥିତ ପଞ୍ଚମ ଆଇଆର୍‌ବିଏନ୍ ଏବଂ ବାଲେଶ୍ୱର ପୁଲିସ୍ ଜିଲ୍ଲାର ପ୍ରାୟ ୧୩ ଜଣ ଯବାନ୍ ବସ୍ ଫେଲ୍ ▶ପୃଷ୍ଠା-୧୧

## ଆଗୁଆ ଜାମିନ ଆବେଦନ କଲେ ୫ ଅଭିଯୁକ୍ତ

■ **ଭୁବନେଶ୍ୱର/କଟକ, ୧୫ ।୧୦ (ସମିସ):** ପୁଲିସ୍ ସବ୍ ଇନ୍ସପେକ୍ଟର ଚାକିରି ବିକ୍ରି ମାମଲାରେ ମୋଟ୍ ୧୧୯ ଜଣ ଗିରଫ ହୋଇଥିବା ବେଳେ ମୁଖ୍ୟ କାର୍ପଟଦାରଙ୍କୁ ଧରିବାରେ କ୍ରାଇମବ୍ରାଞ୍ଚ ବିଫଳ ହୋଇଛି । ଘଟଣାକୁ ୧୬ଦିନ ବିତିଥିଲେ ମଧ୍ୟ ଅଭିଯୁକ୍ତଙ୍କ ଟେର୍ ପାଇପାରୁ ନାହିଁ । ଘଟଣାର ମାଷ୍ଟରମାଇଣ୍ଡ କୁହାଯାଉଥିବା ପଞ୍ଚସପ୍ଟ କମ୍ପାନୀର ନିର୍ଦ୍ଦେଶକ ଶଙ୍କର ପୃଷ୍ଟି ସମେତ ୫ ଅଭିଯୁକ୍ତ ହାଇକୋର୍ଟରେ ଆଗୁଆ ଜାମିନ ଆବେଦନ କରିଛନ୍ତି । ଶଙ୍କରଙ୍କ ସହିତ ପଞ୍ଚସପ୍ଟ କମ୍ପାନୀର ଆଉ ଜଣେ ନିର୍ଦ୍ଦେଶକ ତଥା ଶଙ୍କରର ପତ୍ନୀ ଦୀପ୍ତିମୟୀ ସାହୁ, ଦଲାଲ୍ ମୁନା ମହାନ୍ତି, ଶ୍ରୀକାନ୍ତ ମହାରଣା ଓ ସୁକାନ୍ତ ମହାରଣା ଆଗୁଆ ଜାମିନ୍ ପାଇଁ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି ।

ଅପରପକ୍ଷରେ ମାଷ୍ଟରମାଇଣ୍ଡ ଶଙ୍କର ଦେଶ ଛାଡ଼ି ପଳାଇ ଯିବାରେ ସକ୍ଷମ ହୋଇଥିବା ପୁଲିସ୍ ସୂତ୍ରରୁ ଜଣାପଡ଼ିଛି । ସେ ପ୍ରଥମେ ଉତ୍ତରପ୍ରଦେଶ ଦେଇ ନେପାଳରେ ▶ପୃଷ୍ଠା-୧୧

## ନୂଆପଡ଼ା ଉପନିର୍ବାଚନ

# ସ୍ନେହାଙ୍ଗିନୀ ପ୍ରାର୍ଥୀ, ନବୀନ ସାରଥୀ



■ **ଭୁବନେଶ୍ୱର, ୧୫।୧୦ (ସମିସ):** ନୂଆପଡ଼ା ଉପନିର୍ବାଚନ ପାଇଁ ପୂର୍ବତନ ମନ୍ତ୍ରୀ, ବିଜୁ ମହିଳା ଜନତା ଦଳ ସଭାନେତ୍ରୀ ତଥା ପଶ୍ଚିମ ଓଡ଼ିଶାର ଟାଣୁଆ ନେତ୍ରୀ ସ୍ନେହାଙ୍ଗିନୀ ଛୁରିଆଙ୍କୁ ପ୍ରାର୍ଥୀ ଘୋଷଣା କରି ସମସ୍ତଙ୍କୁ ଚକିତ କରିଛନ୍ତି ବିଜେଡି ସଭାପତି ନବୀନ ପଟ୍ଟନାୟକ । ଆଜି ନବୀନ ନିବାସରେ ସେ ସ୍ନେହାଙ୍ଗିନୀଙ୍କ ପ୍ରାର୍ଥିତ୍ୱ ସମ୍ପର୍କରେ ଗଣମାଧ୍ୟମକୁ ସୂଚନା ଦେବା ସହ ତାଙ୍କ ପାଇଁ ନିଜେ ପ୍ରଚାର ମଇଦାନକୁ ଓହ୍ଲାଇବେ ବୋଲି ଘୋଷଣା କରିଛନ୍ତି ।

ବୁଧବାର ଦଳୀୟ କାର୍ଯ୍ୟାଳୟରେ ବିଜେଡି ସୁପ୍ରିମୋ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଦଳର ବରିଷ୍ଠ ନେତାମାନଙ୍କ ଉପସ୍ଥିତିରେ ସ୍ନେହାଙ୍ଗିନୀଙ୍କ ନାମ ଘୋଷଣା କରିଛନ୍ତି । ଏହି ଅବସରରେ ନବୀନ ▶ପୃଷ୍ଠା-୧୧

## କିନ୍ନର ଓ ଯୁବକଙ୍କ ଝୁଲନ୍ତା ଶବ ଉଦ୍ଧାର

■ **ଜୟପୁର, ୧୫ ।୧୦ (ସମିସ):** ଜୟପୁର ଗୋପବନ୍ଧୁ ନଗରରେ ଝୁଲନ୍ତା ଅବସ୍ଥାରେ ୨ ଜଣଙ୍କ ଶବ ଉଦ୍ଧାର ହୋଇଛି । ମୃତକ ୨ ଜଣ ହେଲେ ମନ୍ଦିରର ପୂଜକ କିନ୍ନର ରାଜୁ ମାଛ ଏବଂ ତାଙ୍କ ବନ୍ଧୁ ପାଇକସାହିର ସମରା ଜାନୀ । ସୂଚନା ଅନୁଯାୟୀ, ଗୋପବନ୍ଧୁ ନଗରରେ ଥିବା କନକ ଦୁର୍ଗା ମନ୍ଦିରର ପୂଜକ ଭାବେ ରାଜୁ ମାଛ ଦୀର୍ଘ ଦିନ ହେବ କାର୍ଯ୍ୟ କରୁଥିଲେ । ଜୟନଗରର ସମରା ଜାନୀ ମିସ୍ତ୍ରୀ ଭାବେ କାର୍ଯ୍ୟ କରୁଥିବା ବେଳେ ଉଭୟଙ୍କ ମଧ୍ୟରେ ବନ୍ଧୁତା ଗଢି ଉଠିଥିଲା । ମନ୍ଦିର ପରିସରରେ ଏକ ଲାଲ ରଙ୍ଗର ଶାଢି ବେକରେ ବନ୍ଧାଥିବା ଅବସ୍ଥାରେ ୨ ଜଣଙ୍କ ଶବ ଝୁଲୁଥିବା ଆଜି ଦେଖିବାକୁ ମିଳିଥିଲା । ଟାଉନ ପୁଲିସ ପହଞ୍ଚି ଶବକୁ ଜବତ କରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଶବ ବ୍ୟବଚ୍ଛେଦ କରିଛି । ଏନେଇ ଜୟପୁର ଟାଉନ ପୁଲିସ ୨ଟି ଅପମୃତ୍ୟୁ ମାମଲା ରୁଜୁ କରି ▶ପୃଷ୍ଠା-୧୧

## ଜୟ ଢୋଲକିଆ ବିଜେପି ପ୍ରାର୍ଥୀ, ଆଜି କରିବେ ନାମାଙ୍କନ

■ **ଭୁବନେଶ୍ୱର, ୧୫।୧୦ (ସମିସ):** ବିଜେପି ସଂସଦୀୟ ବୋର୍ଡ ପକ୍ଷରୁ ବୁଧବାର ନୂଆପଡା ବିଧାନସଭା ନିର୍ବାଚନ ପାଇଁ ପ୍ରାର୍ଥୀ ଭାବେ ଜୟ ଢୋଲକିଆଙ୍କ ନାମ ଘୋଷଣା କରାଯାଇଛି । ଦଳୀୟ ପ୍ରାର୍ଥୀ ଘୋଷଣା ହେବା ପରେ ଶ୍ରୀ ଢୋଲକିଆ ଗୁରବାର ନାମାଙ୍କନ ପତ୍ର ଦାଖଲ କରିବେ ।

ସୂଚନା ଅନୁଯାୟୀ ଆସନ୍ତାକାଲି ସକାଳ ୧୦.୩୦ ଘଟିକାରେ ନୂଆପଡାସ୍ଥିତ 'ଗୋତମା' ଏୟାରଷ୍ଟ୍ରିପଠାରେ ଏକ ମିଶ୍ରଣ ପର୍ବ ଅନୁଷ୍ଠିତ ହେବ ଏବଂ ଏଥିରେ ଅନ୍ୟ ଦଳର ଶତାଧିକ ସରପଞ୍ଚ, ସମିତି ସଭ୍ୟ, ୱାର୍ଡମେମ୍ବରଙ୍କ ସମେତ ପୂର୍ବତନ ଜନପ୍ରତିନିଧି ଓ ସମର୍ଥକମାନେ ସାମିଲ ହେବେ । ଏହା ପରେ ଏକ ବିଶାଳ ଶୋଭାଯାତ୍ରାରେ ଶ୍ରୀ ଢୋଲକିଆ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ଯାଇ ନାମାଙ୍କନ ପତ୍ର ଦାଖଲ କରିବେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ, ଉପମୁଖ୍ୟମନ୍ତ୍ରୀ, ମନ୍ତ୍ରିମଣ୍ଡଳର ସଦସ୍ୟ, ସାଂସଦ ଓ ବିଧାୟକ ଏବଂ ଦଳୀୟ ପଦାଧିକାରୀ ଓ ନେତୃବୃନ୍ଦ ଉପସ୍ଥିତ ରହିବେ ବୋଲି ଦଳ ପକ୍ଷରୁ ସୂଚନା ମିଳିଛି ।

## କାହା ଚାପରେ ଗୃହ ବିଭାଗ

# ୭ ଦିନରେ ବଦଳିଗଲା ଏଏସ୍‌ପିଙ୍କ ବଦଳି ନିର୍ଦ୍ଦେଶ

■ **ଭୁବନେଶ୍ୱର, ୧୫ ।୧୦ (ସମିସ):** ରାଜ୍ୟ ଗୃହ ବିଭାଗରେ ଏବେ ଘଡ଼ିକେ ଘୋଡ଼ା ଛୁଟୁଛି । ନୂଆ ପଦୋନ୍ନତି ପାଇଥିବା ଡିଏସ୍‌ପିମାନଙ୍କୁ ନିଯୁକ୍ତି ମିଳୁନଥିବାରୁ ପୁଲିସ ମହଲରେ ଅସନ୍ତୋଷ ଲାଗି ରହିଥିବା ବେଳେ ଏବେ ପୁଣି ଏକ ବିଚିତ୍ର ଘଟଣା ଦେଖିବାକୁ ମିଳିଛି । ମାତ୍ର ୭ ଦିନ ମଧ୍ୟରେ ଜଣେ ଅତିରିକ୍ତ ଏସପିଙ୍କ ବଦଳିକୁ ପରିବର୍ତ୍ତନ କରିଥିବା ବେଳେ ଦୁଇ ଜଣ ଅତିରିକ୍ତ ଏସପିଙ୍କ ବଦଳିକୁ ବାତିଲ କରିଦିଆଯାଇଛି । ସପ୍ତାହ ମଧ୍ୟରେ ବଦଳି ନିର୍ଦ୍ଦେଶନାମାରେ ଏଭଳି ଅସ୍ଥିରତା ବିଭାଗ ମୁଖିଆଙ୍କ ନିଷ୍ପତ୍ତି ନେବାର କ୍ଷମତାକୁ ପଦାରେ ପକାଇଛି । ରାଜ୍ୟ ଗୃହ ବିଭାଗରେ ଚାଲିଛି କ'ଣ? କାହା ଇଙ୍ଗିତରେ ପରିଚାଳିତ ହେଉଛି ରାଜ୍ୟର ଏହି ଗୁରୁତ୍ୱପୂର୍ଣ୍ଣ ବିଭାଗ? ଏଭଳି ଅନେକ ପ୍ରଶ୍ନ ଏବେ ସମସ୍ତଙ୍କ ମନରେ ଉଙ୍କି ମାରୁଛି । ନିଷ୍ପତ୍ତି ନେବାରେ ଅପରିପକ୍ୱତା ନାଁ ରାଜନୈତିକ ଚାପରେ ଏଭଳି କରାଯାଉଛି, ତାହା ମଧ୍ୟ ଏବେ ବଡ଼ ପ୍ରଶ୍ନ ।

ସୂଚନା ଅନୁସାରେ, ଗତ ୮ ତାରିଖ ଦିନ ରାଜ୍ୟ ଗୃହ ବିଭାଗ ୧୯ ଜଣ ଅତିରିକ୍ତ ଏସପିଙ୍କୁ ବିଭିନ୍ନ ଜିଲ୍ଲା ଓ ୱିଙ୍ଗକୁ ବଦଳି କରିଥିଲା । ବ୍ରହ୍ମପୁରର ଅତିରିକ୍ତ ଏସପି ସୀମା ସ୍ୱାଇଁଙ୍କୁ ଉତ୍ତର କେନ୍ଦ୍ରାଞ୍ଚଳ ରେଞ୍ଜ ଆଇଜିଙ୍କ କାର୍ଯ୍ୟାଳୟକୁ ବଦଳି ହୋଇଥିଲା । ସେହିଭଳି କ୍ରାଇମବ୍ରାଞ୍ଚର ଅତିରିକ୍ତ ଏସପି ସତ୍ୟବିକାଶ ଭୂୟାଁଙ୍କୁ ଡିଆଇଜି ଭଦ୍ରକ ଓ ଭଦ୍ରକ ଡିଆଇଜିର ଅତିରିକ୍ତ ଏସପି ଅଂଶୁମାନ ଦ୍ୱିବେଦୀଙ୍କୁ ରାୟଗଡ଼ା ଜିଲ୍ଲାକୁ ବଦଳି ହୋଇଥିଲା । ହେଲେ ୭ ଦିନ ମଧ୍ୟରେ ସବୁ ଓଲଟପାଲଟ ହୋଇ ଯାଇଥିଲା । ଗତକାଲି ଅର୍ଥାତ୍ ୧୪ ତାରିଖ ଦିନ ଗୃହ ବିଭାଗ ପକ୍ଷରୁ ଆଉ

### ହୋଇପାରୁନି ଡିଏସପି ନିଯୁକ୍ତି

ଏକ ନିର୍ଦ୍ଦେଶନାମା ପ୍ରକାଶ ପାଇଥିଲା । ବ୍ରହ୍ମପୁରର ଅତିରିକ୍ତ ଏସପି ସୀମା ସ୍ୱାଇଁଙ୍କୁ ଉତ୍ତର କେନ୍ଦ୍ରାଞ୍ଚଳ ରେଞ୍ଜ ଆଇଜିଙ୍କ କାର୍ଯ୍ୟାଳୟ ପରିବର୍ତ୍ତେ ଅତିରିକ୍ତ ଏସପି ଗଞ୍ଜାମ ଭାବେ ବଦଳି କରାଯାଇଛି । ଗଞ୍ଜାମର ଅତିରିକ୍ତ ଏସପି ରଞ୍ଜିତ କୁମାର ପୃଷ୍ଟିଙ୍କୁ କମିସନରେଟ ପୁଲିସକୁ ବଦଳି ହୋଇଛି । ସେହିଭଳି ଡିଆଇଜି ଭଦ୍ରକର ଅତିରିକ୍ତ ଏସପି ଅଂଶୁମାନ ଦ୍ୱିବେଦୀଙ୍କର ରାୟଗଡ଼ା ଜିଲ୍ଲାକୁ ହୋଇଥିବା ବଦଳିକୁ ବାତିଲ କରାଯାଇଛି । ତାଙ୍କ ସ୍ଥାନରେ ଭଦ୍ରକକୁ ▶ପୃଷ୍ଠା-୧୧

# ଏଫ୍‌ସିଆଇ ଉଠାଉନି ବଳକା ଚାଉଳ

## ହିତାଧିକାରୀଙ୍କୁ ଅଧିକ ୫ କେଜି ଚାଉଳ ଦେବେ ସରକାର

■ **ଭୁବନେଶ୍ୱର, ୧୫।୧୦ (ସମିସ):** ରାଜ୍ୟରେ ରାସନକାର୍ଡ ହିତାଧିକାରୀଙ୍କୁ ଅତିରିକ୍ତ ୫ କେଜି ଅର୍ଥାତ୍ ମାସିକ ୧୦ କେଜି ଚାଉଳ ଯୋଗାଇ ଦେବାକୁ ସରକାର ଯୋଜନା କରୁଛନ୍ତି । ବୁଧବାର ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ନିଜେ ଗଣମାଧ୍ୟମକୁ ଏହି ସୂଚନା ଦେଇଛନ୍ତି । ମାତ୍ର ରାଜ୍ୟ ସରକାରଙ୍କ ଏହି ଯୋଜନା ପଛରେ କୌଣସି ମହତ୍ ଉଦ୍ଦେଶ୍ୟ ନୁହେଁ, ବରଂ ବାଧ୍ୟବାଧକତା ଥିବା ନେଇ ସାଧାରଣରେ ସନ୍ଦେହ ପ୍ରକାଶ ପାଇଛି । ଏକାଧିକବାର ଅନୁରୋଧ ସତ୍ତ୍ୱେ ଏଫସିଆଇ(ଭାରତୀୟ ଖାଦ୍ୟ ନିଗମ) ଓଡ଼ିଶାର ବଳକା ଚାଉଳ ଉଠାଉ ନାହିଁ । ମୁଖ୍ୟମନ୍ତ୍ରୀଙ୍କଠାରୁ ଆରମ୍ଭ କରି ବିଭାଗୀୟ ମନ୍ତ୍ରୀ, କୃଷିମନ୍ତ୍ରୀ ଦିଲ୍ଲୀକୁ ବାରମ୍ବାର ଦୌଡ଼ି ଏନେଇ ଦାବି କରି ନୟାନ୍ତ ହେଲେଣି । ମାତ୍ର କେନ୍ଦ୍ର ସରକାର ଓଡ଼ିଶାର ଏହି ଦାବି ପ୍ରତି ତିଳେହେଲେ ଆଗ୍ରହ ଦେଖାଉ ନାହାନ୍ତି । ଫଳରେ ରାଜ୍ୟରେ ମହଜୁଦ୍ ଥିବା ଲକ୍ଷ ଲକ୍ଷ କୁଇଣ୍ଟାଲ ଚାଉଳ ନଷ୍ଟ ହୋଇଯିବାକୁ ବସିଛି । ତେଣୁ ରାଜ୍ୟ ସରକାର ବାଧ୍ୟ ହୋଇ ଏହି ଚାଉଳକୁ ପିଡିଏସ ମାଧ୍ୟମରେ

### ନଷ୍ଟ ହେବା ପୂର୍ବରୁ ଚାଉଳ ବାଣ୍ଟି ଦେବାକୁ ଚାହୁଁଛନ୍ତି ସରକାର

### ବାରମ୍ବାର ଦିଲ୍ଲୀରେ ଗୁହାରି କରି ନୟାନ୍ତ ହେଲାଣି ଓଡ଼ିଶା



ହିତାଧିକାରୀଙ୍କୁ ବାଣ୍ଟିବା ନେଇ ଯୋଜନା କରିଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି ।

ଗତ ମୌସୁମୀ ଅଧିବେଶନରେ ନିଜେ ଖାଦ୍ୟ ଯୋଗାଣ ମନ୍ତ୍ରୀ ଏଫସିଆର ଗୁମର ବିଧାନସଭାରେ ଖୋଲିଥିଲେ । ଶ୍ରୀ ପାତ୍ର କହିଥିଲେ ଯେ ୨୦୨୪-୨୫ ବର୍ଷରେ ୬୩ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ଉତ୍ପାଦନ ହୋଇଛି । ଏଫସିଆଇ ଏବଂ ପିଡିଏସ ବ୍ୟବସ୍ଥା ମାଧ୍ୟମରେ ୫୦ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ଖର୍ଚ୍ଚ ହୋଇଛି । ଆଉ ୧୩ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ବଳକା ରହିଛି । ଏହାକୁ ଉଠାଇବା ନେଇ ଆମେ କେନ୍ଦ୍ରକୁ ଅନୁରୋଧ କରିଛୁ । ରାଜ୍ୟ ସରକାରଙ୍କ ଆବେଦନ କେନ୍ଦ୍ର ନିକଟରେ ବିଚାରାଧୀନ ରହିଛି । ଯଦି ଏଥିରେ ବିଳମ୍ବ ହୁଏ, ତାହେଲେ ଆମେ ରାଜ୍ୟର ଚାଉଳ ନଷ୍ଟ ହେବାକୁ ଦେବୁ ନାହିଁ । ବଳକା ଚାଉଳକୁ ଆମେ ଟେଣ୍ଡର ମାଧ୍ୟମରେ ବିକ୍ରି କରିବୁ ବୋଲି ମନ୍ତ୍ରୀ ସୂଚନା ▶ପୃଷ୍ଠା-୧୧


# ପୀତବାସଙ୍କ ହତ୍ୟା ଅଭିଯୁକ୍ତ ଚିହ୍ନଟ !

## ପୁଲିସ ପଞ୍ଝାରେ ସାର୍ପସୁଟର, ମାଷ୍ଟରମାଇଣ୍ଡର ନିକଟତର ପୁଲିସ

**ପଡ଼ୋଶୀ ପଶ୍ଚିମବଙ୍ଗ ସମେତ ବିହାର ଓ ଦିଲ୍ଲୀରେ ଖୋଳତାଡ଼**

**୫ମ ଥର ପାଇଁ ବାଲାଜୀ ଓ ଜଣେ ମଦ ବ୍ୟବସାୟୀଙ୍କୁ ମାରାଥନ୍ ଜେରା**

■ **ବ୍ରହ୍ମପୁର,୧୫ ।୧୦(ସମିସ):** ବିଜେପି ନେତା ପୀତବାସ ପଣ୍ଡାଙ୍କ ହତ୍ୟାକାଣ୍ଡକୁ ବିତିଯାଇଛି ୧୦ଦିନ । ପରିବାର ପକ୍ଷରୁ ସମ୍ପନ୍ନ ହୋଇଛି ଦଶାହ କାର୍ଯ୍ୟ । ହତ୍ୟାକାରୀଙ୍କୁ ଧରିବାରେ ଓ ରହସ୍ୟ ଉନ୍ମୋଚନରେ ବିଳମ୍ବ ଘଟୁଥିବାରୁ ଓକିଲଙ୍କ ମହଲରେ ଅସନ୍ତୋଷ କୁହୁଳିବାରେ ଲାଗିଛି । ଅଭିଯୁକ୍ତଙ୍କ ଗିରଫଦାରୀ ସମ୍ପର୍କରେ ପୁଲିସ କୌଣସି ସୂଚନା ଦେଉନଥିବା ବେଳେ ଗୁଳିକାଣ୍ଡ ଘଟଣାରେ ବ୍ରହ୍ମପୁର ପୁଲିସକୁ ବଡ଼ ସଫଳତା ମିଳିଥିବା ସୂଚନା ମିଳିଛି । ହତ୍ୟାକାଣ୍ଡରେ ନିୟୋଜିତ ଅଭିଯୁକ୍ତଙ୍କୁ ଚିହ୍ନଟ କରାଯାଇଥିବା ବେଳେ ପୁଲିସ ପଞ୍ଝାରେ ସୁପାରିକିଲର ଥିବା ସୂଚନା ମିଳିଛି । ଫଳରେ ପୁଲିସ ମାଷ୍ଟର ମାଇଣ୍ଡର ନିକଟତର ହୋଇଥିବା ନିର୍ଭରଯୋଗ୍ୟ ସୂତ୍ରରୁ ଜଣାପଡିଛି । ଗଠିତ ଟିମ୍ ପଡ଼ୋଶୀ ପଶ୍ଚିମବଙ୍ଗ ସମେତ ବିହାର ଓ ଦିଲ୍ଲୀରେ ଖୋଳତାଡ଼ କରୁଛି । ପୀତବାସଙ୍କ ହତ୍ୟାରେ ବିହାରୀ ସାର୍ପସୁଟରଙ୍କୁ ନିୟୋଜିତ କରାଯାଇଥିବା ବେଳେ ସ୍ଥାନୀୟ ଅପରାଧୀଙ୍କ ସହାୟତା ▶ପୃଷ୍ଠା-୧୧



# ତୁଟୁନି ଦୀପାବଳି ତାରିଖ ଦ୍ୱନ୍ଦ୍ୱ

■ **ପୁରୀ, ୧୫।୧୦ (ସମିସ):** ପାଞ୍ଜିକୁ ନେଇ ଅନେକ ସମୟରେ ଦ୍ୱନ୍ଦ୍ୱ ଦେଖାଦେଉଛି । ବିଭିନ୍ନ ପାଞ୍ଜିରେ ବିଭିନ୍ନ ମତ, ତିଥିରେ ପାର୍ଥକ୍ୟ ରହୁଛି । ଚଳିତବର୍ଷ ଏକାଧିକ ପର୍ବପର୍ବାଣୀରେ ଦ୍ୱନ୍ଦ୍ୱ ଉପୁଜିଲାଣି । ଏବେ ଦୀପାବଳିର ପାଳି । କେଉଁ ତାରିଖରେ ଦୀପାବଳି ଓ ପୟା ଶ୍ରାଦ୍ଧ କରାଯିବ ତାକୁ ନେଇ ଲୋକଙ୍କ ମନରେ ଦ୍ୱନ୍ଦ୍ୱ ସୃଷ୍ଟି ହୋଇଛି । ଚଳିତ ବର୍ଷ ଦୀପଦାନ, ପୟାଶ୍ରାଦ୍ଧ ଓ କାଉଁରିଆ ଜାଳିବା ବିଧି ଆସନ୍ତା ୨୦ ତାରିଖରେ କରିବା ପାଇଁ ମୁକ୍ତି ମଣ୍ଡପ ପଣ୍ଡିତମାନେ ମତ ରଖିଛନ୍ତି । ଧର୍ମଶାସ୍ତ୍ର ଅନୁସାରେ ଗଣନା କରାଯାଇଥିବା ବେଳେ ୨୧ ତାରିଖ ଦିନ ପୟା ଶ୍ରାଦ୍ଧ କରିବା ଠିକ୍ ନୁହେଁ ବୋଲି ମୁକ୍ତିମଣ୍ଡପ ପଣ୍ଡିତଙ୍କ ମତକୁ ପାଞ୍ଜି ସମୀକ୍ଷକ ଖଣ୍ଡନ କରିଥିବା ବେଳେ ବିବାଦ ଦେଖାଦେଇଛି । ୨୧ ତାରିଖରେ ପୟାଶ୍ରାଦ୍ଧ ଓ କାଉଁରିଆ ଜାଳିବାରେ କୌଣସି ଅସୁବିଧା ନ ଥିବା ନେଇ ଯୁକ୍ତି ଆସିଥିବାବେଳେ

### ୨୦ରେ ଦୀପଦାନ ଶ୍ରାଦ୍ଧ ଶାସ୍ତ୍ରସମ୍ମତ: ମୁକ୍ତିମଣ୍ଡପ ପଣ୍ଡିତ ସଭା

### ୨୧ରେ ପାଳନ କରିବା ପାଇଁ ଯୁକ୍ତି ବାଢ଼ିଲେ ପାଞ୍ଜି ସମୀକ୍ଷକ

ଶ୍ରୀମନ୍ଦିରରେ ୨୧ ତାରିଖରେ ଅମାବାସ୍ୟା ନୀତି ସହ ମହାପ୍ରଭୁଙ୍କର ସାଗର ବିଜେ ନୀତି କରାଯିବ ବୋଲି ଜଣାପଡ଼ିଛି ।

ଏହି ବିବାଦକୁ ନେଇ ବୁଧବାର ଭକ୍ତ ସାଲବେଗ ପୀଠରେ ମୁକ୍ତିମଣ୍ଡପ ପଣ୍ଡିତ ସଭା ପକ୍ଷରୁ ସାମ୍ବାଦିକ ସମ୍ମିଳନୀ ଆୟୋଜନ କରାଯାଇଥିଲା । ଏଥିରେ ଉପସ୍ଥିତ ମୁକ୍ତିମଣ୍ଡପ ପଣ୍ଡିତ କହିଥିଲେ, ଆସନ୍ତା ୨୦ ତାରିଖରେ ଦୀପଦାନ ଶ୍ରାଦ୍ଧ କରାଯିବା ଶାସ୍ତ୍ରସମ୍ମତ । କାରଣ ୨୧ ତାରିଖ ପ୍ରଦୋଷକୁ ଏକ ଦଣ୍ଡ ଦଣ୍ଡ (୨୪ ମିନିଟ୍) ଅମାବାସ୍ୟା ତିଥି ନାହିଁ । ତେଣୁ ୨୧ ତାରିଖ ଦିନ ଦୀପଦାନ ଶ୍ରାଦ୍ଧ କରାଯାଇ ପାରିବ ନାହିଁ । ଗତବର୍ଷ ଭଳି ଏଥର ମଧ୍ୟ ବିଭିନ୍ନ ପଞ୍ଜିକାରେ ଦୁଇଦିନ ଦୀପାବଳି, ଦୀପଦାନ ପୟାଶ୍ରାଦ୍ଧ ରହିଛି । ଶ୍ରୀମନ୍ଦିର ସ୍ୱୀକୃତିପ୍ରାପ୍ତ ୫ଟି ପଞ୍ଜିକାରେ ୨୦ ତାରିଖରେ ଶ୍ୟାମାପୂଜା, ଦୀପଦାନ ଓ ପୟାଶ୍ରାଦ୍ଧ ଲେଖାଯାଇଛି ଅର୍ଥ ସେହିଦିନଠାରୁ ରାତି ପର୍ଯ୍ୟନ୍ତ ତା' ପରଦିନ ସନ୍ଧ୍ୟା ପର୍ଯ୍ୟନ୍ତ ଅମାବାସ୍ୟା ତିଥି ରହୁଥିବାରୁ ଦୀପଦାନ ଓ ପୟାଶ୍ରାଦ୍ଧ କରିବା ନେଇ ମୁକ୍ତିମଣ୍ଡପ ପଣ୍ଡିତ କହିଛନ୍ତି । ତେଣୁ ସରକାର ୨୧ ତାରିଖର ଛୁଟିକୁ ପରିବର୍ତ୍ତନ କରି ୨୦ ତାରିଖ କରିବାକୁ ଦାବି କରିଥିଲେ । ଯେଉଁମାନେ ସ୍ୱୀକୃତିପ୍ରାପ୍ତ ପଞ୍ଜିକାକୁ ବିରୋଧ କରୁଛନ୍ତି ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରିଥିଲେ ମୁକ୍ତିମଣ୍ଡପ ପଣ୍ଡିତ ସଭାର କାର୍ଯ୍ୟକାରୀ ସଭାପତି ଆଦିତ୍ୟ ହୃଦୟ ମିଶ୍ର, ସମ୍ପାଦକ ପ୍ରଫୁଲ୍ଲ କୁମାର ମିଶ୍ର, ▶ପୃଷ୍ଠା-୧୧

# ସରିଲା ଲକ୍ଷ୍ମୀ ପୂଜା; ମା'ଙ୍କୁ ବିଦାୟ ଦେଲେ ସହରବାସୀ







ଅନୁଗୋଳ,୧୫ ।୧୦(ସମିସ)

କୁମାର ପୂର୍ଣ୍ଣିମାଠାରୁ ୧୦ ଦିନ ହେଲା ଅନୁଗୋଳ ସହରର ୨୯ ପୂଜା ମଣ୍ଡପରେ ମା' ଲକ୍ଷ୍ମୀଙ୍କ ମୃଣ୍ମୟୀ ପ୍ରତିମା ଷୋଡ଼ଶ ଉପଚାରରେ ପୂଜା ପାଇ ଆସୁଥିଲେ। ଉତ୍ସବମୁଖର ହୋଇଉଠିଥିଲା ସହର। ବିଭିନ୍ନ ପୂଜା କମିଟି ପକ୍ଷରୁ ମେଢ଼ ସାଜସଜ୍ଜା, ସୁଉଚ୍ଚ ତୋରଣ, ରଙ୍ଗୀନ ଆଲୋକମାଳା, ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ ସାଙ୍ଗକୁ ଶ୍ରଦ୍ଧାଳୁଙ୍କୁ ଅନ୍ନ ପ୍ରସାଦ ବିତରଣ କରାଯାଇଥିଲା। ବୁଧବାର ମା'ଙ୍କ ଭସାଣି ପର୍ବ ଆଡ଼ମ୍ବର ସହକାରେ ଅନୁଷ୍ଠିତ ହୋଇଛି। ପ୍ରଶାସନ ଓ ପୂଜା କମିଟି କର୍ମକର୍ତ୍ତାଙ୍କୁ ନେଇ ଗଠିତ କେନ୍ଦ୍ରୀୟ ପୂଜା କମିଟି ନିଷ୍ପତ୍ତି ଅନୁସାରେ ସୁଚାରୁରୂପେ ଭସାଣ ଉତ୍ସବ ଅନୁଷ୍ଠିତ ହୋଇଛି।

କେନ୍ଦ୍ରୀୟ ପୂଜା କମିଟି ପକ୍ଷରୁ ଥାନା ଛକରେ ନିର୍ମିତ ମଞ୍ଚରେ ସଭା ଅନୁଷ୍ଠିତ ହୋଇଥିଲା। ଏଥିରେ ବିଧାୟକ ପ୍ରତାପ ଚନ୍ଦ୍ର ପ୍ରଧାନଙ୍କ ସମେତ ଉତ୍ତର-କେନ୍ଦ୍ରାଞ୍ଚଳ ଆଇଜି ସତ୍ୟବ୍ରତ ଭୋଇ, ଅନୁଗୋଳ ଏସପି ରାହୁଲ ଜୈନ, କେନ୍ଦ୍ରୀୟ ପୂଜା କମିଟି ସଭାପତି ସୁନୀଲ କୁମାର ସାହୁ, କୋଷାଧ୍ୟକ୍ଷ ତଥା ଅନୁଗୋଳ ଜିଲ୍ଲା ଟ୍ରକ ମାଲିକ ସଂଘ ସଭାପତି ଅମରେଶ ସ୍ୱାଇଁ ପ୍ରମୁଖ ଅତିଥି ଭାବେ ଯୋଗଦେଇ ମେଳଣ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ସହରର ୧୪ ପୂଜା ମଣ୍ଡପର ମେଢ଼ ମିଳିତ ଭସାଣି ଉତ୍ସବରେ ସାମିଲ ହୋଇଥିଲେ। ପୂର୍ବରୁ ଲଟେରୀ ମାଧ୍ୟମରେ ମେଢ଼ଗୁଡ଼ିକ କ୍ରମାନ୍ୱୟରେ ପଛକୁ ପଛ ଧାଡ଼ିରେ ଆସି ଥାନା ଛକରୁ ବସଷ୍ଟାଣ୍ଡ ରାଜାଛକ ଦେଇ ସଞ୍ଜୀବନୀ ମାର୍କେଟ ଦେଇ ବଜାର ଛକ ଅତିକ୍ରମ କରି ସହର ପରିକ୍ରମା କରିଥିଲେ। ଡିଆଇସି ଛକ, ହନୁମାନ ବଜାର, ଭଣ୍ଡୁବର, ଆନନ୍ଦ ବଜାର, କାଞ୍ଚନ ବଜାର, ବଜାର ଛକ, ଡେଲି ମାର୍କେଟ, କଲେଜ ଛକ, ବସଷ୍ଟାଣ୍ଡ, ଆଶ୍ରମ ଛକ, ହୁଲୁରିସିଂଘା, ଅମଲାପଡ଼ା ଲକ୍ଷ୍ମୀ ବଜାର ମେଢ଼ ସବୁ ପଟୁଆରରେ ମେଳଣ ସ୍ଥଳକୁ ଆସିଥିଲେ।

ପୂଜା କମିଟି କର୍ମକର୍ତ୍ତାମାନେ ବେକରେ ଗଜରା ହାର ପକାଇ ମେଢ଼ ଆଗେ ଆଗେ ଚାଲୁଥିବା ବେଳେ ଯୁବ ସଦସ୍ୟଠାରୁ ବୁଢ଼ା ଯାଏଁ ସମସ୍ତେ ୟୁନିଫର୍ମରେ ସାମିଲ ହୋଇଥିଲେ। ଅତ୍ୟାଧୁନିକ ଲାଇଟ ଓ ସାଉଣ୍ଡ ସହ ବିଭିନ୍ନ ଆଧୁନିକ ବାଜା, ପାରମ୍ପରିକ ଢୋଲବାଜା, ଘଣ୍ଟ ଘଣ୍ଟୁଆଳ, ଲଉଡ଼ି ଖେଳ, ସମ୍ବଲପୁରୀ ନୃତ୍ୟ ସାଙ୍ଗକୁ ଆଧୁନିକ ନୃତ୍ୟ ଶୋଭାଯାତ୍ରାକୁ ଆକର୍ଷଣୀୟ କରିଥିଲା। ଦର୍ଶକଙ୍କ ପ୍ରବଳ ଭିଡ଼ ଯୋଗୁଁ ପୁଲିସ ଟ୍ରାଫିକ ନିୟନ୍ତ୍ରଣ କରିବାରେ ବେହାଲ ହୋଇପଡ଼ିଥିଲା। ସହର ପରିକ୍ରମା କରି ମେଢ଼ଗୁଡ଼ିକୁ ପାଖ ଜଳାଶୟଗୁଡ଼ିକରେ ନିଜ ନିଜ ସୁବିଧା ମୁତାବକ ବିସର୍ଜନ କରାଯାଇଥିଲା।

## ବାଜା, ରୋଷଣୀରେ ଦୁଲୁକିଲା ସହର






## ଶଳା ଆକ୍ରମଣରେ ଭିଣୋଇ ମୃତ; ଦୁଇ ଗିରଫ

ଛେଣ୍ଡିପଦା,୧୫ ।୧୦(ସମିସ): ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ଥାନା ବାଲିପଟା ଗାଁ ଶିବ ମନ୍ଦିର ନିକଟରେ ଶଳାର ଆକ୍ରମଣରେ ଭିଣେଇର ମୃତ୍ୟୁ ହୋଇଛି। ମୃତକ ହେଲେ ଜରପଡ଼ା ଥାନା ନାଉପଦା ଗାଁର ଅଜୟ ନାଏକ। ଏହି ଘଟଣାରେ ପୁଲିସ ଅଜୟଙ୍କ ସମ୍ପର୍କୀୟ ଶଳା ସମେତ ଦୁଇଜଣଙ୍କୁ ଗିରଫ କରିଛି। ସେମାନେ ହେଲେ ବାଲିପଟା ଗାଁର ବନି ନାଏକ ଓ ଦାଶରଥି ନାଏକ। ସୋମବାର ବନି ଓ ଦାଶରଥି ଅଜୟଙ୍କୁ ଯାତ୍ରା ଦେଖିଯିବା କହି ଘରୁ ବାଇକ୍ ଯୋଗେ ଡାକିନେଇଥିଲେ। ଅଜୟ ମଙ୍ଗଳବାର ପର୍ଯ୍ୟନ୍ତ ଘରକୁ ନ ଫେରିବାରୁ ପରିବାର ଲୋକେ ଖୋଜାଖୋଜି କରି ଘରଠାରୁ ଦୁଇ କିଲୋମିଟର ଦୂର ଶିବ ମନ୍ଦିର ନିକଟ କେନାଲରେ ସେ କ୍ଷତବିକ୍ଷତ ଅବସ୍ଥାରେ ପଡ଼ିଥିବା ଦେଖିଥିଲେ। ଅଜୟଙ୍କୁ ଉଦ୍ଧାର କରି ଛେଣ୍ଡିପଦା ମେଡିକାଲରେ ଭର୍ତ୍ତି କରାଯାଇଥିଲା। ଅବସ୍ଥା ସଙ୍କଟାପନ୍ନ ଥିବାରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଅଜୟଙ୍କ ମୃତ୍ୟୁ ହୋଇଥିଲା। ଏ ନେଇ ପରିବାର ଲୋକେ ଛେଣ୍ଡିପଦା ଥାନାରେ ଅଭିଯୋଗ କରିଥିଲେ। ଅଜୟଙ୍କ ଶଳା ବନି ତାଙ୍କୁ ମାରିଦେଇଥିବା ଅଭିଯୋଗରେ ଦର୍ଶାଇଥିଲେ। ପୁଲିସ ଘଟଣାସ୍ଥଳରେ ସରଜମିନ ତଦନ୍ତ କରିଥିଲ। ସାଇଣ୍ଟିଫିକ ଟିମ ସହାୟତାରେ ଘଟଣାସ୍ଥଳରୁ ବିଭିନ ନମୁନା ସଂଗ୍ରହ କରିବା ସହ ମୁଖ୍ୟ ଅଭିଯୁକ୍ତ ବନି ଓ ତାଙ୍କ ସହଯୋଗୀ ଦଶରଥୀଙ୍କୁ ଗିରଫ କରିଛି।

## ମହାବଳର ନକଲି ଫଟୋ ଭାଇରାଲ୍‌କୁ ନେଇ ଅସନ୍ତୋଷ

ବଇଣ୍ଡା,୧୫ ।୧୦(ସମିସ): କିଛିଦିନ ହେବ ଅନୁଗୋଳ ଓ ଢେଙ୍କାନାଳ ଜିଲ୍ଲାରେ ଏକ ମହାବଳ ବାଘ ବୁଲୁଥିବା ଖବର ପ୍ରଚାର ହେବା ପରେ ବଇଣ୍ଡା ଅଞ୍ଚଳରେ ଉକ୍ତ ମହାବଳ ବାଘ ବୁଲୁଥିବା ନେଇ ସାମାଜିକ ଗଣମାଧ୍ୟମରେ ଏକ ଫଟୋ ଭାଇରାଲ ହେଉଛି। ତେବେ କିଛି ଅସମାଜିକ ଯୁବକ ଏକ ବାଘର ଫଟୋକୁ କମ୍ପ୍ୟୁଟର ଜରିଆରେ ଏଡିଟ୍ କରି ବଇଣ୍ଡା ଅଞ୍ଚଳରେ ଉକ୍ତ ବାଘ ବୁଲୁଥିବା ସାମାଜିକ ଗଣମଧ୍ୟମରେ ଭାଇରାଲ କରିଛନ୍ତି। ଏନେଇ ଅଞ୍ଚଳବାସୀ ଭୟଭୀତ ହୋଇ ପଡ଼ିଛନ୍ତି। ତେବେ ହଣ୍ଡପା ରେଞ୍ଜର ନରେନ୍ଦ୍ର ଗମାଙ୍ଗ କହିଛନ୍ତି ଆମ ଅଞ୍ଚଳରେ କୌଣସି ବାଘ ବୁଲୁନାହିଁ। ସାମାଜିକ ଗଣମାଧ୍ୟମରେ ଭାଇରାଲ ହେଉଥିବା ଫଟୋ କମ୍ପ୍ୟୁଟରରେ ଏଡିଟିଂ କରି ତିଆରି କରାଯାଇଛି। ଅଞ୍ଚଳବାସୀ ଭୟଭୀତ ନ ହେବାକୁ ସେ ପରାମର୍ଶ ଦେଇଛନ୍ତି।

### ଜାତୀୟ ରାଜପଥ ପ୍ରାଧିକରଣ ସଂସ୍ଥାର ମନମୁଖି କାର୍ଯ୍ୟ

## ୨୨ରୁ ଖମାର ଟୋଲ୍‌ଗେଟ୍‌ରେ ଧାରଣା ଦେବ ବିଜେଡି



ପାଲଲହଡ଼ା,୧୫ ।୧୦(ସମିସ): ଜାତୀୟ ରାଜପଥ ପ୍ରାଧିକରଣ କର୍ତ୍ତୃପକ୍ଷଙ୍କ ମନମୁଖି କାର୍ଯ୍ୟରେ ପାଲଲହଡ଼ା ଜନସାଧାରଣଙ୍କ ଜୀବନ ବିପନ୍ନ ହୋଇପଡ଼ିଛି। ସ୍ଥାନୀୟ ବିଜେଡି ପକ୍ଷରୁ ଏହାକୁ ତୀବ୍ର ବିରୋଧ କରାଯାଇଛି। ଏ ନେଇ ଉପଜିଲ୍ଲାପାଳଙ୍କୁ ୫ ଦଫା ଦାବିପତ୍ର ପ୍ରଦାନ କରାଯାଇଛି। ୭ ଦିନ ମଧ୍ୟରେ ଦାବି ପୂରଣ ନ ହେଲେ ଆସନ୍ତା ୨୨ ତାରିଖରୁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଖମାରସ୍ଥିତ ଟୋଲ ପ୍ଲାଜାଠାରେ ଧାରଣା ଦିଆଯିବ ବୋଲି ଚେତାବନୀ ଦିଆଯାଇଛି। ୧୪୯ ନମ୍ବର ଜାତୀୟ ରାଜପଥ ପାଲଲହଡ଼ାରୁ ପିଟିରି ରାସ୍ତା ପର୍ଯ୍ୟନ୍ତ ଯୁଦ୍ଧକାଳୀନ ଭିତ୍ତିରେ ସମ୍ପୂର୍ଣ୍ଣ ମରାମତି କରିବା, ରାସ୍ତାର ଉଭୟ ପାର୍ଶ୍ୱରେ ଦୁଇ ମିଟର ମୋରାମ ବେସ ନିର୍ମାଣ, ଏନଏଚଏଆଇର ସବଡିଭିଜିନାଲ ଅଫିସ ପାଲଲହଡ଼ାରେ କାର୍ଯ୍ୟକ୍ଷମ କରିବା, ଖମାର ଟୋଲ ଗେଟ ଉଚ୍ଛେଦ ଅଥବା ପାଲଲହଡ଼ା ଓ କଣିହାଁ ବ୍ଲକର ସମସ୍ତ ଚାରିଚକିଆ ଯାନକୁ ଦେୟମୁକ୍ତ କରିବା, ରାଜପଥର ମରାମତି ନିମନ୍ତେ ହୋଇଥିବା ୧୦ କୋଟି ଟଙ୍କା ବ୍ୟୟର ଭିଜିଲାନ୍ସ ତଦନ୍ତ କରିବା ଆଦି ଦାବି କରାଯାଇଛି। ପୂର୍ବତନ ପାଲଲହଡ଼ା ବିଧାୟକ ମୁକେଶ ପାଲଙ୍କ ନିର୍ଦ୍ଦେଶରେ ପୂର୍ବତନ ସମିତି ଅଧ୍ୟକ୍ଷ ନବକିଶୋର ନାଏକ, ବିଜେଡି ଜିଲ୍ଲା ଉପସଭାପତି ନରେନ୍ଦ୍ର ଭୁକ୍ତା, ଗିରିଧାରୀ ବେହେରା, ସଂଗ୍ରାମ ମିଶ୍ର, ଚିନ୍ମୟ ସାହୁ ପ୍ରମୁଖ ଉପଜିଲ୍ଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି।

## ଶିକ୍ଷକଙ୍କ ପରଲୋକ

ବଇଣ୍ଡା,୧୫ ।୧୦(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବ୍ଲକ ଠାକୁରଗଡ଼ ଥାନା ଘୋଡ଼ାବାନ୍ଧୁଣି ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷକ ବଳରାମ ବେହେରା (୪୬)ଙ୍କର ବୁଧବାର ଭୁବନେଶ୍ୱରସ୍ଥିତ ଏକ ହସ୍ପିଟାଲରେ ପରଲୋକ ହୋଇଛି। କିଛିମାସ ହେବ ସେ କ୍ୟାନ୍ସର ରୋଗରେ ପୀଡ଼ିତ ଥିଲେ। ତାଙ୍କ ଘର ଛେଣ୍ଡିପଦା ବ୍ଲକ କିସିଣ୍ଡା ଗ୍ରାମରେ ହୋଇଥିବା ବେଳେ ଘୋଡ଼ାବାନ୍ଧୁଣି ବିଦ୍ୟାଳୟରେ ଶିକ୍ଷକ ଭାବେ କାର୍ଯ୍ୟ କରୁଥିଲେ। ତାଙ୍କ ଦେହାନ୍ତରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

## ପିଟିଏସ୍ କର୍ମଚାରୀଙ୍କ ବୈଠକ

କଣିହାଁ,୧୫ ।୧୦(ସମିସ): ବିଭିନ୍ନ ଦାବି ସମ୍ପର୍କରେ ସରକାରଙ୍କୁ ଜଣାଇବାକୁ ଆୟୁର୍ବେଦିକ ଓ ହୋମିଓପ୍ୟାଥି ଚିକିତ୍ସାଳୟଗୁଡ଼ିକରେ ପାର୍ଟଟାଇମ ସୁଇପର (ପିଟିଏସ) ଭାବେ କାର୍ଯ୍ୟରତ କର୍ମଚାରୀମାନେ ନିଷ୍ପତ୍ତି ନେଇଛନ୍ତି। ଏ ନେଇ ଢେଙ୍କାନାଳ ଓ ଅନୁଗୋଳ ଜିଲ୍ଲାର ପିଟିଏସମାନଙ୍କୁ ନେଇ ସୋମବାର ଏକ ବୈଠକ ବସିଥିଲା। ଏଥିରେ ଚାକିରି କ୍ଷେତ୍ରରେ ସେମାନଙ୍କ ପ୍ରତି ହୋଇଥିବା ଅବିଚାର ଉପରେ ଆଲୋଚନା କରାଯାଇଥିଲା। ବୈଠକରେ ନୂତନ କର୍ମକର୍ତ୍ତା ଚୟନ ସହିତ ଆର୍ଥିକ ନିର୍ଯାତନାର ପ୍ରତିବାଦ ପାଇଁ ସର୍ବସମ୍ମତି କ୍ରମେ ପ୍ରସ୍ତାବ ଗୃହୀତ ହୋଇଛି। ଏହି କର୍ମଚାରୀମାନେ ଦିନରେ ୮ ଘଣ୍ଟା ଚିକିତ୍ସାଳୟରେ ସଫାସୁତୁରା କାର୍ଯ୍ୟ ସହିତ ଚିକିତ୍ସକଙ୍କୁ ରୋଗୀ ସେବାରେ ସହଯୋଗ କରୁଛନ୍ତି। ରାତିରେ ରାତ୍ର ଜଗୁଆଳ ଭାବେ କାର୍ଯ୍ୟ କରି ଦୈନିକ ଅଣକୁଶଳୀ ଶ୍ରମିକର ମଜୁରି ପାଉଛନ୍ତି। ଯାହାକି ୩୦ ବର୍ଷ ନିରବଚ୍ଛିନ୍ନ କାର୍ଯ୍ୟକରି ମାସିକ ପାରିଶ୍ରମିକ ୧୫୦୦୦ ଟଙ୍କା ପର୍ଯ୍ୟନ୍ତ ପହଞ୍ଚି ପାରିନାହିଁ। ଜୀବନର ଅର୍ଦ୍ଧାଧିକ ସମୟ ସରକାରୀ କାର୍ଯ୍ୟକରି ସ୍ୱଳ୍ପ ଦରମାରେ ପରିବାର ପରିଚାଳନା କରିବାରେ ସମ୍ପୂର୍ଣ୍ଣ ଅସମର୍ଥ ହେଉଛନ୍ତି। ଟିଏ, ଡିଏ, ଏଚଆର, ପିଏଫ ଇତ୍ୟାଦି ପାଉ ନ ଥିଲେ ବି ସରକାରୀ ଚାକିରିଆ ଦର୍ଶାଇ ସୁଭଦ୍ରା, ପିଏମ କିଷାନ, ସିଏମ କିଷାନ, ଆବାସ ଯୋଜନା, ରାସନ କାର୍ଡ ଭଳି ସରକାରୀ ଯୋଜନାରୁ ବଞ୍ଚିତ ରହିଛନ୍ତି। ଅପରପକ୍ଷରେ ଏମାନେ ଦୀର୍ଘଦିନରୁ ଚିକିତ୍ସାଳୟରେ ଝାଡୁଦାରଠାରୁ ଆରମ୍ଭ କରି ପିଅନ ଓ ରାତ୍ର ଜଗୁଆଳି କାର୍ଯ୍ୟ କରି ଆସୁଥିବାବେଳେ ସେମାନଙ୍କୁ ସରକାରୀ କର୍ମଚାରୀ ମାନ୍ୟତା ମଧ୍ୟ ପ୍ରଦାନ କରାଯାଇନାହିଁ। ଏବେ ନୂତନ ଭାବେ ଚିକିତ୍ସାଳୟରେ ଯେଉଁଠି ପିଟିଏସ ଅବସର ଗ୍ରହଣ କରିଛନ୍ତି ସେଠାରେ ସାନିଟାରୀ ୱାର୍କର ସହ ୱାଚମ୍ୟାନ ମଧ୍ୟ ନିଯୁକ୍ତି କରାଯାଉଛି। ତେବେ ଦୀର୍ଘଦିନରୁ ସବୁ ପ୍ରକାର ସେବା ଦେଇଆସୁଥିବା ପିଟିଏସ କର୍ମଚାରୀ କେଉଁ କାର୍ଯ୍ୟ ଓ କେତେ ସମୟ କରିବେ ସେ ନେଇ ମଧ୍ୟ ସ୍ପଷ୍ଟତା ନାହିଁ। ଏ ସମ୍ପର୍କରେ ବିଚାର କରି ଉପଯୁକ୍ତ ପଦକ୍ଷେପ ନେବାକୁ ସଂଗଠନର ସଭାପତି ମନୋଜ ସାହୁ, ସମ୍ପାଦକ ପଦନ ବାରିକଙ୍କ ସମେତ କର୍ମଚାରୀମାନେ ନିବେଦନ କରିଛନ୍ତି।

## ମହାବୀର ଲକ୍ଷ୍ମୀପୂଜା କମିଟିର ଆଙ୍କାଲଡୁ ନିଲାମ



ତାଳଚେର,୧୫ ।୧୦(ସମିସ): ତାଳଚେର ବ୍ଲକ ଧରମପୁର ଗ୍ରାମ ମହାବୀର ଲକ୍ଷ୍ମୀପୂଜା କମିଟିର ଆଙ୍କାମାଳ ଓ ଲଡୁ ନିଲାମ ହୋଇଛି। ୯୧ ହଜାର ୩ ଶହ ୩ ଟଙ୍କାରେ ନିଲାମଧାରୀ ସୁଦୁଲ ବେହେରା, ଜନ୍ମି ବେହେରା ଏବଂ ମିଷ୍ଟି ଭୂତିଆ ନିଲାମ ନେଇଛନ୍ତି। ୧୭ବର୍ଷ ଧରି ଆଡ଼ମ୍ବର ସହକାରେ ଧରମପୁର ଗ୍ରାମରେ ମହାଲକ୍ଷ୍ମୀ ପୂଜା ହୋଇଆସୁଛି। ପ୍ରତ୍ୟେକ ଦିନ ବିଭିନ୍ନ ମେଢ଼ ପକ୍ଷରୁ ସନ୍ଧ୍ୟାରେ ନାମସଂକୀର୍ତ୍ତନ ସହ ପ୍ରସାଦ ସେବନ ବ୍ୟବସ୍ଥା କରାଯାଇଥିଲା।

## ମା' ଲକ୍ଷ୍ମୀଙ୍କ ଭସାଣି ଉତ୍ସବ



ବଇଣ୍ଡା,୧୫ ।୧୦(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବ୍ଲକ ଠାକୁରଗଡ଼ ଗ୍ରାମରେ ଅନୁଷ୍ଠିତ ଗଜଲକ୍ଷ୍ମୀ ପୂଜାର ଭସାଣି ଉତ୍ସବ ବୁଧବାର ଅନୁଷ୍ଠିତ ହୋଇଛି। ମା'ଙ୍କୁ ଶୋଭାଯାତ୍ରାରେ ନଗର ପରିକ୍ରମା କରାଯାଇ ନିକଟସ୍ଥ ନାଳରେ ବିସର୍ଜନ କରାଯାଇଥିଲା। ପାରମ୍ପରିକ ଘଣ୍ଟବାଦ୍ୟ ସହ ଡିଜେ ଶବ୍ଦରେ ପୂରା ଗାଁ କମ୍ପି ଉଠିଥିଲା। କମିଟିର ସମସ୍ତ ସଭ୍ୟ ସହଯୋଗ କରିଥିଲେ। ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ଠାକୁରଗଡ଼ ଥାନା ପକ୍ଷରୁ ପୁଲିସ ମୁତୟନ ହୋଇଥିଲେ।

## ନାଲ୍‌କୋ ଡିପିଏସ୍ ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କ ଧାରଣା

ନାଲକୋ ନଗର,୧୫ ।୧୦(ସମିସ): ନାଲକୋ ନଗର ଥାନା ଅନ୍ତର୍ଗତ ନାଲକୋ ଦିଲ୍ଲୀ ପବ୍ଲିକ ସ୍କୁଲ (ଡିପିଏସ୍)ର ୧୮ ଜଣ ଚତୁର୍ଥଶ୍ରେଣୀ କର୍ମଚାରୀ ନାଲକୋ ଡିପିଏସ୍ ସିନିୟର ସ୍କୁଲର ମୁଖ୍ୟ ଫାଟକ ସମୁଖରେ ଧାରଣା ଦେଇଥିଲେ। ଗତ ଏକ ବର୍ଷ ହେବ ଏହି କର୍ମଚାରୀମାନେ ଏକ ଠିକାସଂସ୍ଥା ଅଧୀନରେ କାମ କରିଆସୁଛନ୍ତି। ତେବେ ଠିକା ସଂସ୍ଥା କର୍ମଚାରୀଙ୍କୁ ଗତ ୧ ମାସ ହେଲା ଦରମା ପ୍ରଦାନ କରିନାହିଁ। ଏ ସମ୍ପର୍କରେ ସ୍କୁଲ ଅଧ୍ୟକ୍ଷଙ୍କୁ ଜଣାଇଥିଲେ ମଧ୍ୟ କୌଣସି ସୁଫଳ ମିଳିନାହିଁ। ପ୍ରତ୍ୟେକ ମାସରେ ଦରମା ପ୍ରଦାନରେ ଅନିୟମିତତା ହେଉଥିବା ଚତୁର୍ଥ ଶ୍ରେଣୀ କର୍ମଚାରୀ ସାବିତ୍ରୀ ଗୋଚ୍ଛାୟତ, ପଦ୍ମା ବେହେରା, ପାର୍ବତୀ ମୁର୍ମୁ, ମେଲ ରାଣୀ, ଖେଲାରାମ ବସ୍କେ, ଗୋପାଳ ଗୋଛାୟତ, ବିଜନ ବେହେରା, ପ୍ରତାପ ଗୋଛାୟତ, ଦୁଃଖିଆ ବେହେରାଙ୍କ ସମେତ ସମସ୍ତ କର୍ମଚାରୀ ଅଭିଯୋଗ କରିଛନ୍ତି। ଏହାର ପ୍ରତିବାଦରେ ସେମାନେ କାର୍ଯ୍ୟ ବନ୍ଦ କରି ଧାରଣା ଦେଇଥିବା ସୂଚନା ମିଳିଛି।



### ଖଣ୍ଡହତା-ପିପଳବାହାଳ ଗଜଲକ୍ଷ୍ମୀ ପୂଜା: କଂସ ଦରବାରର ଅନ୍ତିମ ସନ୍ଧ୍ୟା

## କୃଷ୍ଣଙ୍କୁ ସ୍ୱଚକ୍ଷୁରେ ଦର୍ଶନ କରି ପାପରୁ ମୁକ୍ତି ପାଇଲେ କଂସ

କିଶୋରନଗର,୧୫ ।୧୦(ସମିସ)

ପବିତ୍ର ଗଜଲକ୍ଷ୍ମୀ ପୂଜା ଅବସରରେ କିଶୋରନଗର ବ୍ଲକ୍ ଖଣ୍ଡହତା-ପିପଳବାହାଳ ଲକ୍ଷ୍ମୀପୂଜା କମିଟି ତରଫରୁ ଆୟୋଜିତ ଧନୁଯାତ୍ରା ମହୋତ୍ସବ ମଙ୍ଗଳବାର ଉଦଯାପିତ ହୋଇଛି। ମଥୁରାରେ ଆୟୋଜିତ ଧନୁଯାତ୍ରା ଉତ୍ସବ ପାଇଁ ମହାରାଜା କଂସଙ୍କ ନିର୍ଦ୍ଦେଶରେ ଅକ୍ରୁର କୃଷ୍ଣ ବଳରାମଙ୍କୁ ସାଥୀରେ ନେଇ ମଥୁରାଗଡ଼କୁ ଆସିଛନ୍ତି। କୃଷ୍ଣଙ୍କୁ ସ୍ୱଚକ୍ଷୁରେ ଦର୍ଶନ କରି ପାପମୁକ୍ତ ହୋଇଛନ୍ତି କଂସ ମହାରାଜ। କୃଷ୍ଣଙ୍କ ହାତରେ ତାଙ୍କ ଜୀବନ ଯାଇଛି। ଅନ୍ତିମ ଦିବସରେ କଂସ ଦରବାରରେ ରାଜଅତିଥି ଭାବେ ପାଲଲହଡ଼ା ବିଧାୟକ ଅଶୋକ କୁମାର ମହାନ୍ତି, ବିଜେପି ଜିଲ୍ଲା ସଭାପତି ଯଯାତି କେଶରୀ ପଟ୍ଟନାୟକ, ଯୁବନେତା ମହିମା ଜେନା, କେନ୍ଦ୍ର ଶିକ୍ଷାମନ୍ତ୍ରୀଙ୍କ ବ୍ଲକ୍ ପ୍ରତିନିଧି ସରୋଜ କୁମାର ସାହୁ, ବିଜେପି ଜିଲ୍ଲା କୋଷାଧ୍ୟକ୍ଷ ବିଶ୍ୱଜିତ ମିଶ୍ର ଓ ଯୁବନେତା କାଳିନ୍ଦୀ ଚରଣ ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ। ଶିଶୁ କଳାକାର ଶ୍ରୁତିସ୍ୱରୂପା ସାହୁ ଚିତ୍ତାକର୍ଷକ ନୃତ୍ୟ ପରିବେଷଣ କରିଥିଲେ।



ବିଜେତା ରାମକୃଷ୍ଣ ଶିକ୍ଷାନୁଷ୍ଠାନର ଦ୍ୱିତୀୟ ଶ୍ରେଣୀ ଛାତ୍ର ରିଦ୍ଧିଶ ପ୍ରଧାନଙ୍କୁ କଂସ ମହାରାଜ ମା' ଲକ୍ଷ୍ମୀଙ୍କ ଆଙ୍କାଲଡୁ ପ୍ରଦାନ କରିଥିଲେ। ଶିଶୁ ସାହିତ୍ୟିକ ସଂଗ୍ରାମ କେଶରୀ ପୃଷ୍ଟି ବିଦୂଷକ ଭୂମିକାରେ ଅବତୀର୍ଣ୍ଣ ହୋଇ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

ଏହି ଅବସରରେ ସାମ୍ବାଦିକ ପରୀକ୍ଷିତ ସାହୁ ଓ ସଞ୍ଜୀୟ କୁମାର ଦାଶଙ୍କୁ ବିଧାୟକ ସମ୍ବର୍ଦ୍ଧିତ କରିଥିଲେ। ଗଜଲକ୍ଷ୍ମୀ ପୂଜାର ସଫଳତା ପାଇଁ କମିଟି ସଭାପତି ପ୍ରଦୀପ ପ୍ରଧାନ, ସମ୍ପାଦକ ରାକେଶ ପ୍ରଧାନ ଓ କୋଷାଧ୍ୟକ୍ଷ ଅଖିଳ କୁମାର ପ୍ରଧାନଙ୍କୁ କଂସ ମହାରାଜ ସମ୍ମାନିତ କରିଥିଲେ। ସେହିପରି ସରପଞ୍ଚ ସଞ୍ଜିତ କୁମାର ସାହୁ, ଖଣ୍ଡହତା ଗ୍ରାମ ସଭାପତି କିଶୋର ଚନ୍ଦ୍ର ପ୍ରଧାନ, ପିପଳବାହାଳ ଗ୍ରାମ ସଭାପତି ସଞ୍ଜିତ ସାହୁ, ପୂର୍ବତନ ସମ୍ପାଦକ ବିନୟ ରାଉଳ ଓ ରାଜେଶ ପ୍ରଧାନଙ୍କୁ ଅତିଥିମାନେ ସମ୍ମାନିତ କରିଥିଲେ। ଗୋପପୁରରେ କୃଷ୍ଣଲୀଳାର ସଫଳ ପରିଚାଳନା ପାଇଁ ଘୋଷର ଗ୍ରାମର ବିପିନ ବିହାରୀ ପ୍ରଧାନ, ରଞ୍ଜିତ କୁମାର ସାହୁ, ଗୋପାଳ ବଲ୍ଲଭ ସାହୁ, ନିରଞ୍ଜନ ସାହୁ, ଅରୁଣ ସାହୁ, ହର୍ଯ୍ୟାକ୍ଷ ବାଘ, ହୃଦାନନ୍ଦ ପ୍ରଧାନ, ସଦାନନ୍ଦ ପ୍ରଧାନ, ଈଶ୍ୱର ଚନ୍ଦ୍ର ପ୍ରଧାନ ଓ ଯୁମର ପ୍ରଧାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାରପ୍ରାପ୍ତ ଢେଙ୍କାନାଳ ଶିକ୍ଷକ ତାଲିମ ପ୍ରତିଷ୍ଠାନର ଅଧ୍ୟକ୍ଷ ଲକ୍ଷ୍ମଣ କୁମାର ସାହୁ ଓ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାରପ୍ରାପ୍ତ ଶିକ୍ଷକ ତଥା ଶିଶୁ ସାହିତ୍ୟିକ ସଂଗ୍ରାମ କେଶରୀ ପୃଷ୍ଟିଙ୍କୁ ସ୍ୱତନ୍ତ୍ର ଭାବେ ସମ୍ମାନିତ କରାଯାଇଥିଲା।

## ମେଲାଣି ନେଲେ ମା' ଧନଦାତ୍ରୀ



ଡେରାବିଶ, ୧୫।୧୦(ସମିସ): କେନ୍ଦ୍ରାପଡ଼ା ଜିଲ୍ଲାର ପ୍ରସିଦ୍ଧ ଚାନ୍ଦୋଳ ବଜାରରେ ହୋଇଥିବା ମା' ଗଜଲକ୍ଷ୍ମୀଙ୍କ ପୂଜାର ଆଜି ଅନ୍ତିମ ଦିବସରେ ମା'ଙ୍କୁ ମେଲାଣି ଦିଆଯାଇଛି । ଚାନ୍ଦୋଳ ବଜାରରେ ଗତ ୬ ତାରିଖ ସୋମବାରଠାରୁ ନଅଦିନ ବ୍ୟାପୀ ୧୮ ଟି ମଣ୍ଡପରେ ପୂଜାପାଇ ଆସୁଥିବା ମା' ଧନଦାତ୍ରୀଙ୍କ ମେଢ଼ ଏହି ଭସାଣି ଶୋଭାଯାତ୍ରାରେ ଭାଗ ନେଇଥିଲେ । ଅପରାହ୍ନ ୨ଟା ସୁଦ୍ଧା ପୂଜା ମଣ୍ଡପରୁ ମା'ଙ୍କ ମୃଣ୍ମୟ ମୂର୍ତ୍ତିକୁ ପାରମ୍ପରିକ ବାଜା ଓ ଘଣ୍ଟ ସଂକୀର୍ତ୍ତନ ମଧ୍ୟରେ ଚାନ୍ଦୋଳ ଫାଣ୍ଡିଛକସ୍ଥିତ ଥାନପତି ପୂଜା କମିଟିଙ୍କ ମଣ୍ଡପ ନିକଟକୁ ନିଆଯାଇଥିଲା । ସେଠାରେ ଥାନପତି ପୂଜା କମିଟି ପକ୍ଷରୁ ପ୍ରତ୍ୟେକ ମେଢ଼ ନିକଟରେ ଭୋଗଲାଗି କରାଯିବା ପରେ ଆସନ୍ତା ବର୍ଷ ମେଲଣକୁ ଆସିବା ପାଇଁ କମିଟି ପକ୍ଷରୁ ସମସ୍ତ ମେଢ଼ଙ୍କୁ ନିମନ୍ତ୍ରଣ କରାଯାଇଥିଲା । ପରେ ପୁଣି ମେଢ଼ ଗୁଡ଼ିକ କ୍ରମାନ୍ୱୟରେ ପୁନଃ ପାରମ୍ପରିକ ବାଜା ଓ ରୋଷଣୀରେ ମେଲଣ ପଡ଼ିଆକୁ ଯାଇ ନିଜ ନିଜ ନିର୍ଦ୍ଧାରିତ ସ୍ଥାନରେ ବିସର୍ଜିତ ହୋଇଥିଲେ । ଏହି ମେଲଣ କାର୍ଯ୍ୟକ୍ରମ ଆଜି ଅପରାହ୍ନ ୨ ଟା ଠାରୁ ବିଳମ୍ବିତ ରାତିଯାଏ ଚାଲିଥିଲା । ଭିଡ଼ ନିୟନ୍ତ୍ରଣ ଓ ଶାନ୍ତିଶୃଙ୍ଖଳା ରକ୍ଷା କରିବା ପାଇଁ ଚାନ୍ଦୋଳ ଫାଣ୍ଡି ଅଧିକାରୀଙ୍କ ପ୍ରତାପ ରଥଙ୍କ ନେତୃତ୍ୱରେ ୨ ପ୍ଲାଟୁନ୍ ଫୋର୍ସ ମୁତୟନ ହୋଇଥିଲେ ।

## ବର୍ଦ୍ଧିତ ଭତ୍ତା ପାଇଲେ ୯୪ ବର୍ଷୀୟ ନୃସିଂହ

**'ସକାଳ' ପ୍ରଭାବ**

ଡେରାବିଶ, ୧୫।୧୦(ସମିସ): ଡେରାବିଶ ବ୍ଲକ ଲକ୍ଷ୍ମୀନାରାୟଣପୁର ପଞ୍ଚାୟତ ଲକ୍ଷ୍ମୀନାରାୟଣପୁର ଗ୍ରାମର ୯୪ ବର୍ଷୀୟ ବୃଦ୍ଧ ନୃସିଂହ ଚରଣ ମଲ୍ଲ ସରକାରଙ୍କ ବର୍ଦ୍ଧିତ ଭତ୍ତା ୩୫୦୦ ଟଙ୍କା ପାଇବାରୁ ବଞ୍ଚିତ ରହିଥିଲେ । ଏ ସମ୍ପର୍କରେ 'ସକାଳ'ରେ ଖବର ପ୍ରକାଶ ପାଇବା ପରେ ପ୍ରଶାସନ ତତ୍ପର ହୋଇ ଆଜି ବୃଦ୍ଧଙ୍କୁ ପଞ୍ଚାୟତକୁ ଡକାଇ ତାଙ୍କର ବର୍ଦ୍ଧିତ ଭତ୍ତା ରାଶି ପ୍ରଦାନ କରିଥିବା ଜଣାଯାଇଛି ।

## ପେଣ୍ଠ ବେଳାଭୂମିରୁ ବଉଳା କୁମ୍ଭୀର ଉଦ୍ଧାର

ରାଜନଗର,୧୫।୧୦ (ସମିସ): ରାଜନଗର ଅଞ୍ଚଳରେ କୁମ୍ଭୀର ଉପଦ୍ରବ ଆତଙ୍କ ସୃଷ୍ଟି କରିଛି । ପୂର୍ବରୁ ପୋଖରୀ ଓ କେନାଲରୁ କୁମ୍ଭୀର ଉଦ୍ଧାର ହେଉଥିବା ବେଳେ ଆଜି ପେଣ୍ଠ ବେଳାଭୂମିରୁ ବଉଳା କୁମ୍ଭୀର ଉଦ୍ଧାର କରାଯାଇଛି । ପେଣ୍ଠ ବେଳାଭୂମିକୁ ବୁଲିବାକୁ ଯାଇଥିବା ପର୍ଯ୍ୟଟକ କୁମ୍ଭୀରକୁ ଦେଖି ବନବିଭାଗକୁ ଖବର ଦେଇଥିଲେ । ରାଜନଗର ବନବିଭାଗର କର୍ମଚାରୀମାନେ ଆଜି ସନ୍ଧ୍ୟାରେ ପେଣ୍ଠ ବେଳାଭୂମିରେ ପହଞ୍ଚି କୁମ୍ଭୀରକୁ ଉଦ୍ଧାର କରିଛନ୍ତି । ପେଣ୍ଠ ସମୁଦ୍ରକୂଳରେ ଥିବା ଜିଓ ସିନ୍ଥେଟିକ ୱାଲ ନିକଟରେ ସମୁଦ୍ର ଜୁଆର ପାଣି ଜମାହୋଇ ଥିବା ନାଳରେ କୁମ୍ଭୀର ଧରିବାକୁ ଜାଲ ବିଛାଇଥିଲେ । ଜାଲ ମାଧ୍ୟମରେ ବନ କର୍ମଚାରୀମାନେ



୮ ଫୁଟ ୨ ଇଞ୍ଚର ବଉଳା ଅଣ୍ଡିରା କୁମ୍ଭୀର ଉଦ୍ଧାର କରିଥିଲେ । କୁମ୍ଭୀରକୁ ଉଦ୍ଧାର ପରେ ପିକଅପ ଭ୍ୟାନରେ ନିଆଯାଇ ଭିତରକନିକା ଜାତୀୟ ଉଦ୍ୟାନ ମଧ୍ୟରେ ଥିବା ଗୁପ୍ତି ନିକଟସ୍ଥ ହବାଳି କ୍ରିକରେ ଛାଡି ଦିଆଯାଇଛି । ଗତ ୫ ମାସ ମଧ୍ୟରେ ପେଣ୍ଠ ଓ ଏହି ପଞ୍ଚାୟତର ଏଣ୍ଡୁଲାପୁର ଗାଁରୁ ୮ଟି କୁମ୍ଭୀର ଉଦ୍ଧାର ହେବା ଅଞ୍ଚଳବାସୀଙ୍କ ମଧ୍ୟରେ ଆତଙ୍କର କାରଣ ହୋଇଛି । ଉଦ୍ଧାର କାର୍ଯ୍ୟରେ ଫରେଷ୍ଟର ବିଜୟ କୁମାର ପାତ୍ରଙ୍କ ନେତୃତ୍ୱରେ ବନ କର୍ମଚାରୀ ସାମିଲ ହୋଇଥିଲେ ।

## ୧୧୫ ଗ୍ରାମ୍ ବ୍ରାଉନସୁଗର ଜବତ, ୨ ଗିରଫ

ପଟ୍ଟାମୁଣ୍ଡାଇ, ୧୫।୧୦ (ସମିସ): ପଟ୍ଟାମୁଣ୍ଡାଇ-ଅବକାରୀ ଥାନା ପୁଲିସ ଆଜି ପଟ୍ଟାମୁଣ୍ଡାଇ ପୌରାଞ୍ଚଳ ୧୧ନମ୍ବର ୱାର୍ଡର ସେକ ମୁଜାଫର ଅଲ୍ଲୀ ଓ ସେକ ଗରିବୁଲ୍ଲାଙ୍କୁ ବ୍ରାଉନ ସୁଗର ବିକ୍ରି ଅଭିଯୋଗରେ ଗିରଫ କରିଛି । ସେମାନଙ୍କ ପାଖରୁ ୧୧୫ ଗ୍ରାମ ବ୍ରାଉନ ସୁଗର ଜବତ ହୋଇଛି । ଜବତ ବ୍ରାଉନସୁଗରର ଆନୁମାନିକ ମୂଲ୍ୟ ପ୍ରାୟ ୧୧ ଲକ୍ଷ ୫୦ ହଜାର ଟଙ୍କା ହେବ । କେନ୍ଦ୍ରାପଡ଼ା ଜିଲ୍ଲା ଭ୍ରାମ୍ୟମାଣ ଅବକାରୀ ଟିମ ଓ ପଟ୍ଟାମୁଣ୍ଡାଇ ଅବକାରୀ ବିଭାଗ ମିଳିତ ଭାବେ ଚଢ଼ଉ କରି ପଟ୍ଟାମୁଣ୍ଡାଇ ମୁସଲମାନ ବସ୍ତି ୧୧ନମ୍ବର ୱାର୍ଡର ଦୁଇ ଜଣ ବ୍ରାଉନସୁଗର ବେପାରୀଙ୍କୁ ଗିରଫ କରିବାରେ ସଫଳ ହୋଇଥିଲା । କୋର୍ଟରେ ଜାମିନ ନାମଞ୍ଜୁର ହେବାରୁ ଉଭୟଙ୍କୁ ଜେଲ ହାଜତକୁ ପଠାଇ ଦିଆଯାଇଛି ।

## କାର୍ ଧକ୍କାରେ ଯୁବକ ଗୁରୁତର

ଆଳି,୧୫।୧୦(ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ଆଳି ନୂଆ ବସ୍‌ଷ୍ଟାଣ୍ଡ ସମ୍ମୁଖରେ ଜଣେ ଯୁବକଙ୍କୁ ଏକ କାର ଧକ୍କା ଦେବା ଫଳରେ ସେ ଗୁରୁତର ହୋଇ ଆଳି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି ହୋଇଛନ୍ତି । ସେ ହେଲେ ଯାଜପୁର ବଡ଼ଚଣା ବନ୍ତଲ ଅଞ୍ଚଳର ଚନ୍ଦନ ନାଥ । ସେ ପତ୍ନୀଙ୍କ ସହ ତାଙ୍କ ଭଉଣୀ ଘର ରାଜକନିକା ଓଳାଭରକୁ ଆସିଥିଲେ । ଭଉଣୀ ଘରୁ ଫେରିବା ସମୟରେ ଆଜି ସନ୍ଧ୍ୟା ରେ ଆଳି ନୂଆ ବସଷ୍ଟାଣ୍ଡ ସମ୍ମୁଖରେ ରାସ୍ତା କଡ଼ ରେ ଠିଆ ହୋଇଥିବା ସମୟରେ ହଠାତ ଏକ କାର ଚନ୍ଦନଙ୍କୁ ଧକ୍କା ଦେଇଥିଲା । କାର ସାଙ୍ଗରେ ନେଇ ଆସିଥିବା ଯାତ୍ରୀଙ୍କୁ ଘଟଣା ସ୍ଥଳ ରେ ଛାଡ଼ି ଗାଡ଼ି ସହ ଡ୍ରାଇଭର ଚମ୍ପଟ ମାରିଥିବା ଜଣାପଡିଛି । ଅପରପକ୍ଷେ ଚନ୍ଦନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କେନ୍ଦ୍ରାପଡ଼ାକୁ ସ୍ଥାନାନ୍ତର କରାଯାଇଛି ।

### ବଳଦେବଜୀଉ ମନ୍ଦିର ବୁଲି ଦେଖିଲା ରାଜ୍ୟ ପ୍ରତ୍ନତତ୍ତ୍ୱ ବିଭାଗ

# ଆର୍କିଟେକ୍ ସଂସ୍ଥାକୁ ଡିପିଆର ପ୍ରସ୍ତୁତି ପାଇଁ ନିର୍ଦ୍ଦେଶ

 କେନ୍ଦ୍ରାପଡ଼ା,୧୫।୧୦(ସମିସ): ରାଜ୍ୟ ପ୍ରତ୍ନତତ୍ତ୍ୱ ବିଭାଗର ଏକ ଉଚ୍ଚସ୍ତରୀୟ ଟିମ୍ ଆଜି କେନ୍ଦ୍ରାପଡ଼ାର ଶ୍ରୀ ବଳଦେବଜୀଉଙ୍କ ମନ୍ଦିର ପରିଦର୍ଶନ କରି ରକ୍ଷଣାବେକ୍ଷଣ ସ୍ଥିତି ଅନୁଧ୍ୟାନ କରିଛନ୍ତି । ବିଗତ ଦିନରେ ମନ୍ଦିରର ବିଭିନ୍ନ ସ୍ଥାନରେ ଫାଟ ସୃଷ୍ଟି ହେବା ନେଇ ଅଭିଯୋଗ ପରେ ଆଜି ରାଜ୍ୟ ପ୍ରତ୍ନତତ୍ତ୍ୱ ବିଭାଗ ସୁପରିଣ୍ଟେଣ୍ଡେଣ୍ଟ ଦେବଯାନୀ ଭୂୟାଁଙ୍କ ନେତୃତ୍ୱରେ ଏକ ୪ ଜଣିଆ ଟିମ୍ ମନ୍ଦିରରେ ପହଞ୍ଚି ସ୍ଥିତି ପରଖିଥିଲେ । ଶ୍ରୀ ବଳଦେବଜୀଉ ମନ୍ଦିରର ଜଗମୋହନର ୨ଟି ଖମ୍ବ ଆଂଶିକ ଭାଙ୍ଗି ଯାଇଥିବା ବେଳେ ନୀଳଚକ୍ର ସାମାନ୍ୟ ଦୋହଲୁଥିବା ଦେଖିବାକୁ ପାଇଥିଲା ଟିମ୍ । ମନ୍ଦିର ବେଢାରେ ଥିବା ସିନ୍ଦୁକ ଘର, ଭଣ୍ଡାର ଘର, ଝୁଲଣ ଘର ସମେତ ପାଶ୍ୱର୍ ଦେବଦେବୀଙ୍କ ମନ୍ଦିର, ନିକଟସ୍ଥ ପୋଖରି, ପାର୍କ, ଅତିଥି ଭବନ, ଆନନ୍ଦ ବଜାର, ବିବାହ ମଣ୍ଡପ ପ୍ରଭୃତି ବୁଲି ଦେଖିଥିଲେ । ପରେ ପରେ ବିଶେଷଜ୍ଞ ଟିମ୍ ମାଉସୀମା ମନ୍ଦିର ମଧ୍ୟ ପରିଦର୍ଶନ କରିଥିଲେ । ଖୁବ୍‌ଶୀଘ୍ର ମନ୍ଦିର ମରାମତି ସହ ଆବଶ୍ୟକୀୟ ନବୀକରଣ କାର୍ଯ୍ୟ କରାଯିବ ବୋଲି ଜିଲ୍ଲାପାଳ ସୂଚନା ଦେଇଛନ୍ତି । ସେହିପରି ମନ୍ଦିର ନୀଳଚକ୍ର ଦୋହଲୁଥିବା ହେତୁ ଏକ ନୂତନ ନୀଳଚକ୍ର ଲଗାଇବା ପାଇଁ ଯୋଜନା ଥିବା ଜିଲ୍ଲାପାଳ ରଘୁରାମ ଆର ଆୟର ସୂଚନା ଦେଇଛନ୍ତି । ମନ୍ଦିର ମରାମତି



ସହିତ ପାର୍କିଂ, ଶୌଚାଳୟ, ପାନୀୟଜଳ, ଆଲୋକୀକରଣ, ସୌନ୍ଦର୍ଯ୍ୟକରଣ ଓ ରଥଦାଣ୍ଡର ବିକାଶ କରାଯିବ ବୋଲି ସୂଚନା ମିଳିଛି । ଏହି ଦଳ ପ୍ରଥମେ ଶ୍ରୀଜୀଉଙ୍କ ମୁଖ୍ୟ ଦେଉଳର ଜଗମୋହନରେ ଥିବା ଖୁମ୍ବର ଫାଟକୁ ତଦାରଖ କରିଥିଲେ । ପୂର୍ବରୁ ପ୍ଲେଟ୍ ପଡିବା ଯୋଗୁଁ ସମସ୍ୟା ସୃଷ୍ଟି ହୋଇଛି । ତେଣୁ ଏବେ ଯେଉଁ ଡିପିଆର ପ୍ରସ୍ତୁତ ହେବ ସେଥିରେ ପ୍ଲେଟ୍ ଲାଗିବାର ବ୍ୟବସ୍ଥା ରହିବ ନାହିଁ । ଏକ ସ୍ୱତନ୍ତ୍ର ପଥର ଦ୍ୱାରା ଜଗମୋହନର ଖୁମ୍ବକୁ ସୌନ୍ଦର୍ଯ୍ୟକରଣ କରାଯିବ । ମନ୍ଦିରର ନୀଳଚକ୍ର ହୁଗୁଳି ଯାଇଥିବାରୁ ତାହାର ମରାମତି କରାଯିବ । ଝୁଲଣ ଘରର କେତେକ ସ୍ଥାନରେ ଫାଟ ସୃଷ୍ଟି ହୋଇଥିବାରୁ ଫାଟର ମରାମତି କରାଯିବ । ପୁରୁଣା ଆନନ୍ଦବଜାରର ସୌନ୍ଦର୍ଯ୍ୟକରଣ କରାଯିବ । ବିବାହ ମଣ୍ଡପ ପଛପଟେ ଥିବା ପୁରୁଣା ଆଜବେଷ୍ଟସ ଘର ଭଙ୍ଗାଯାଇ ଯାତ୍ରୀ ବିଶ୍ରାମଗାର ନିର୍ମାଣ କରାଯିବ । ମନ୍ଦିର ପରିସରରେ ଥିବା ବିବାହ ମଣ୍ଡପକୁ ସ୍ଥାନାନ୍ତର କରାଯାଇ ପାର୍କ ନିକଟରେ ନୂତନ ବିବାହ ମଣ୍ଡପ ନିର୍ମାଣ କରାଯିବ । ପୁରୁଣା ଚନ୍ଦନ ପୋଖରୀର ପୁନରୁଦ୍ଧାର ଓ ସୌନ୍ଦର୍ଯ୍ୟକରଣ କରାଯିବ । ଭଣ୍ଡାର ଘରର ଅବସ୍ଥା ଭଲ ନଥିବାରୁ ଏହି ଦଳ ତାହାର ତଦାରଖ କରି ସୌନ୍ଦର୍ଯ୍ୟକରଣ କରାଯିବ ବୋଲି କହିଥିଲେ । ମନ୍ଦିର ମଧ୍ୟରେ ଥିବା ପାଶ୍ୱର୍ ଦେବଦେବୀ ମନ୍ଦିର ଯଥା କନକ ଦୁର୍ଗା ମନ୍ଦିର, ରାମଜୀ ମନ୍ଦିର, ସରସ୍ୱତୀ ମନ୍ଦିର ପ୍ରଭୃତିର ସୌନ୍ଦର୍ଯ୍ୟକରଣ କରାଯିବ । ବଳଦେବଜୀଉ ପାର୍କର ଓ ଯାତ୍ରୀ ନିବାସର ଉନ୍ନତିକରଣ କରାଯିବ । ନୂଆ ଚନ୍ଦନ ପୋଖରୀର ସୌନ୍ଦର୍ଯ୍ୟକରଣ କରାଯିବ । ଗୁଣ୍ଡିଚା ମନ୍ଦିରର ମଧ୍ୟ ଉନ୍ନତିକରଣ କରାଯିବ । ଏ ନେଇ ଏକ ଘରୋଇ ଆର୍କିଟେକ୍ ସଂସ୍ଥାକୁ ଡିପିଆର ପ୍ରସ୍ତୁତ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ବୋଲି ସେମାନେ କହିଛନ୍ତି । ସେହି ସଂସ୍ଥା ଡିପିଆର ପ୍ରସ୍ତୁତ କରି ସରକାରଙ୍କୁ ପ୍ରଦାନ କରିବା ପରେ ଏଷ୍ଟିମେଟ୍ ଅନୁଯାୟୀ ସରକାର ଅର୍ଥ ମଞ୍ଜୁର କରିବେ ବୋଲି ପ୍ରତ୍ନତତ୍ତ୍ୱ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି । ପ୍ରତ୍ନତତ୍ତ୍ୱ ବିଭାଗ ଟିମ୍ ପରିଦର୍ଶନ ସମୟରେ ସହକାରୀ ଯନ୍ତ୍ରୀ ପ୍ରସନ୍ନ କୁମାର ସାହୁ, ସହ ସଂଗ୍ରାହକ ରୁଦ୍ର ପ୍ରସାଦ ବେହେରା, ପଣ୍ଡିତ ହୃଷିକେଶ ରଥ, ପୂର୍ବତନ ନଗରପାଳ ଧୀରେନ୍ ସାହୁ, ନୃସିଂହ ପତ୍ରୀ, ସଂଗ୍ରହାଧ୍ୟକ୍ଷ ରୁଦ୍ରପ୍ରସାଦ ବେହେରା, ଆର୍କିଟେକ୍ଟ ରୋସନ ମହନ୍ତ ପ୍ରମୁଖ ଉପସ୍ଥିତ ଥିଲେ । ଅତିରିକ୍ତ ଜିଲ୍ଲାପାଳ ନବକୃଷ୍ଣ ଜେନା, ମନ୍ଦିର ପ୍ରଶାସନ ପକ୍ଷରୁ ଟ୍ରଷ୍ଟ ବୋର୍ଡ ସଭ୍ୟ ହୃଷିକେଶ ରଥ, ସେବକ ଟ୍ରଷ୍ଟି ନୃସିଂହ ପ୍ରସାଦ ପତ୍ରୀ, ସଭ୍ୟ ଧୀରେନ୍ ସାହୁ ପ୍ରମୁଖ ଆଲୋଚନା କରିଥିଲେ । ଆର୍କିଟେକଚର ସଂସ୍ଥା ପ୍ରାଥମିକ ପର୍ଯ୍ୟାୟରେ ପ୍ରସ୍ତୁତ କରିଥିବା ଏକ ମଡେଲ ନକ୍ସା ଜିଲ୍ଲାପାଳଙ୍କୁ ଦେଖାଇ ଆଲୋଚନା କରିଥିଲେ । ଜିଲ୍ଲାପାଳ ସୂଚନା ଦେଇଥିଲେ ମନ୍ଦିରର ବିକାଶ ପାଇଁ ମନ୍ଦିର ପ୍ରଶାସନ ପକ୍ଷରୁ ଜିଲ୍ଲା ପ୍ରଶାସନର ଦୃଷ୍ଟି ଆକର୍ଷଣ କରାଯାଇଥିଲା । ଫଳରେ ଜିଲ୍ଲା ପ୍ରଶାସନ ରାଜ୍ୟ ପ୍ରତ୍ୱତତ୍ତ୍ୱ ବିଭାଗକୁ ଚିଠି ଲେଖିଥିଲା । ଫଳରେ ଆଇନ୍ ମନ୍ତ୍ରୀଙ୍କ ନିର୍ଦ୍ଦେଶରେ ପ୍ରତ୍ନତତ୍ତ୍ୱ ବିଭାଗର ଏକ ଟିମ କେନ୍ଦ୍ରାପଡ଼ାରେ ପହଞ୍ଚି ଶ୍ରୀଜୀଉଙ୍କ ମନ୍ଦିର ଓ ପାଶ୍ୱବର୍ତ୍ତୀ ଅଞ୍ଚଳର ଅନୁଧ୍ୟାନ କରିଥିଲେ ।

### ■ ରାଜ୍ୟ ବିଦ୍ୟାଳୟ ସମୂହ ଭଲିବଲ ପ୍ରତିଯୋଗିତା

## ତିନୋଟି ବର୍ଗରେ କେନ୍ଦ୍ରାପଡ଼ା ଜିଲ୍ଲା ଚାମ୍ପିଅନ



**କେନ୍ଦ୍ରାପଡ଼ା,୧୫।୧୦(ସମିସ):** ୬୯ତମ ଓଡିଶା ରାଜ୍ୟ ବିଦ୍ୟାଳୟ ସମୂହ ଭଲିବଲ ପ୍ରତିଯୋଗିତା- ୨୦୨୫ରେ କେନ୍ଦ୍ରାପଡା ଜିଲ୍ଲା ତିନୋଟି ବର୍ଗରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିବା ସହ ୩ଟି ଟ୍ରଫି ହାସଲ କରିଛି । ଚଳିତମାସ ୧୧ତାରିଖରୁ ୧୪ତାରିଖ ପର୍ଯ୍ୟନ୍ତ ୪ଦିନ ଧରି ଭଦ୍ରକ ଜିଲ୍ଲାର ଚରମ୍ପାସ୍ଥିତ ଶ୍ରୀ ଶ୍ରୀ ହନୁମାନଜୀଉ ଉଚ୍ଚବିଦ୍ୟାଳୟରେ ରାଜ୍ୟ ସରକାରଙ୍କ ଦ୍ୱାରା ଆୟୋଜିତ ରାଜ୍ୟ ବିଦ୍ୟାଳୟ ସମୂହ ୬୯ତମ ଭଲିବଲ ପ୍ରତିଯୋଗିତାରେ ୧୪ବର୍ଷରୁ କମ୍ ବର୍ଗର ବାଳକ ବିଭାଗରେ କେନ୍ଦ୍ରାପଡା ଜିଲ୍ଲା ଚାମ୍ପିଅନ ହୋଇ ଟ୍ରଫି ହାସଲ କରିଛି । ସେହିଭଳି ୧୭ବର୍ଷରୁ କମ ବର୍ଗର ବାଳକ ଓ ବାଳିକା ବିଭାଗରେ ମଧ୍ୟ କେନ୍ଦ୍ରାପଡା ଜିଲ୍ଲା ଚମ୍ପିୟନ ହୋଇ ଟ୍ରଫି ହାସଲ କରିଛି । ରାଜ୍ୟସ୍ତରୀୟ ଭଲିବଲ ପ୍ରତିଯୋଗିତାରେ ପ୍ରଥମଥର ପାଇଁ କେନ୍ଦ୍ରାପଡା ଜିଲ୍ଲା ତିନୋଟି ବର୍ଗରେ ସମୁଦାୟ ୩ଟି ଟ୍ରଫି ହାସଲ କରି ଇତିହାସ ସୃଷ୍ଟି କରିଛି । ମଙ୍ଗଳବାର ଅନୁଷ୍ଠିତ ଉଦଯାପନୀ ଉତ୍ସବରେ ଉଚ୍ଚଶିକ୍ଷା, କ୍ରୀଡ଼ା ଓ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥି ଭାବେ ଯୋଗଦେଇ ଚମ୍ପିୟନ ଦଳ କେନ୍ଦ୍ରାପଡା ଜିଲ୍ଲାର ତିନି ଦଳକୁ ୩ଟି ଚାମ୍ପିୟନସ୍ ଟ୍ରଫି ପ୍ରଦାନ କରିଥିଲେ । ଜିଲ୍ଲାଶିକ୍ଷାଧିକାରୀ ପବିତ୍ର ମୋହନ ବାରିକଙ୍କ ପ୍ରୋତ୍ସାହନ ଓ ସହଯୋଗ ଯୋଗୁଁ ପ୍ରଥମଥର ପାଇଁ ଜିଲ୍ଲାକୁ ଏଭଳି ସଫଳତା ମିଳିଥିବା କ୍ରୀଡାବୀତମାନେ କହିଛନ୍ତି । କେନ୍ଦ୍ରାପଡାରୁ ମ୍ୟାନେଜର ଶଶାଙ୍କଶେଖର ସାହୁ ଓ ତୃପ୍ତିମୟୀ ତରାଇ ଏବଂ କୋଚ୍ ଉତ୍କଳ ମହାପାତ୍ର ଓ ସୁଶ୍ରୀସଂଗୀତା ଜେନାଙ୍କ ତତ୍ତ୍ୱାବଧାନରେ ୧୪ବର୍ଷରୁ କମ ବାଳକ ଓ ବାଳିକା, ୧୭ବର୍ଷରୁ କମ ବାଳକ ଓ ବାଳିକା ଏଭଳି ୪ଟି ବର୍ଗରେ ୧୨ଜଣ କରି ମୋଟ ୪୮ ଜଣ ଛାତ୍ରଛାତ୍ରୀ ରାଜ୍ୟ ସ୍ତରୀୟ ଭଲିବଲ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ । ଏଥିସହିତ କେନ୍ଦ୍ରାପଡା ଜିଲ୍ଲା ଶାରିରୀକ ଶିକ୍ଷା ଅଧିକାରୀ ସ୍ମିତାପ୍ରତିଭା ସାହୁ ଓ ମନୋଜ କୁମାର ସାହୁ ଷ୍ଟେଟ ଅଫିସିଆଲ ଭାବେ ଏହି ପ୍ରତିଯୋଗିତାରେ ଯୋଗଦେଇଥିଲେ । ବୁଧବାର ୩ଟି ଚମ୍ପିୟନସ୍ ଟ୍ରଫି ସହିତ ବିଜୟୀ ଛାତ୍ରଛାତ୍ରୀ ଜିଲ୍ଲାଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟରେ ପହଞ୍ଚିବା ପରେ ଜିଲ୍ଲାଶିକ୍ଷାଧିକାରୀ ଶ୍ରୀ ବାରିକ ସଫଳତା ହାସଲ କରି ଫେରିଥିବା ସମସ୍ତ ଛାତ୍ରଛାତ୍ରୀଙ୍କୁ ପୁଷ୍ପମାଲ୍ୟ ପ୍ରଦାନ ସହ ମିଠାଖୁଆଇ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଥିଲେ ।

## ପୂର୍ବତନ ସରପଞ୍ଚ ନୃସିଂହ ବିଶ୍ୱାଳଙ୍କ ପରଲୋକ


ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି,୧୫।୧୦(ସମିସ): ପଟ୍ଟାମୁଣ୍ଡାଇ ବ୍ଲକ ତରଡ଼ିପାଳ ପଞ୍ଚାୟତର ପୂର୍ବତନ ସରପଞ୍ଚ ନୃସିଂହ ଚରଣ ବିଶ୍ୱାଳଙ୍କ ଭୁବନେଶ୍ୱର ଏକ ଘରୋଇ ହସ୍ପିଟାଲରେ ପରଲୋକ ହୋଇ ଯାଇଛି । ମୃତ୍ୟୁବେଳକୁ ତାଙ୍କୁ ୯୧ ବର୍ଷ ବୟସ ହୋଇଥିଲା । ତାଙ୍କ ମରଶରୀରକୁ ତରଡ଼ିପାଳ ଠାରେ ପହଂଚିବା ପରେ ସମଗ୍ର ପଞ୍ଚାୟତ ପରିକ୍ରମା କରାଯାଇଥିଲା ଓ ଏହି ଶୋଭାଯାତ୍ରାରେ ତରଡ଼ିପାଳ ସରପଞ୍ଚ ଦେବବ୍ରତ ନାୟକ, ସମିତି ସଭ୍ୟ ନିରଞ୍ଜନ ବାରିକ,୧୫ନଂ ଜୋନ ଜିଲ୍ଲା ପରିଷଦ ପ୍ରତିନିଧି ପୁରୁଷୋତ୍ତମ ତରାଇ, ପୂର୍ବତନ ସରପଞ୍ଚ ଅଜୟ ବିଶ୍ୱାଳ ଓ ସମିତି ସଭ୍ୟ ଦେବେନ୍ଦ୍ର ବିଶ୍ୱାଳ ବରିଷ୍ଠ ନେତା ହିମାଂଶୁ ବିଶ୍ୱାଳ ପ୍ରମୁଖ ସାମିଲ ହୋଇ ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ । ଗାଁ ତୁଳସୀଡିଆ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି ଓ ସାନ ପୁଅ ରଜତ ବିଶ୍ୱାଳ ମୁଖାଗ୍ନି ଦେଇଥିଲେ । ତାଙ୍କ ବିୟୋଗରେ କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା, ବସନ୍ତ କୁମାର ମଲ୍ଲିକ, ପ୍ରଫେସର ନିର୍ମଳ ଚନ୍ଦ୍ର ବିଶ୍ୱାଳ, ପେଣ୍ଠପାଳ ସମବାୟ ସମିତି ସଭାପତି ଧନେଶ୍ୱର ପ୍ରଧାନ, ପୂର୍ବତନ ସରପଞ୍ଚ କୈଳାଶ ସେଠୀ, ଅଣ୍ଣରା ଶ୍ରୀରାମ ମନ୍ଦିର ସଭାପତି ବସନ୍ତ ସ୍ୱାଇଁ ଗଭୀର ଶୋକ ପ୍ରକାଶ କରିଛନ୍ତି ।







## ମୃତକଙ୍କ ନାଁରେ ପାକ୍ସରେ ଋଣ ଉଠାଣ


ରାଜକନିକା, ୧୫।୧୦ (ସମିସ): ରାଜକନିକା ବ୍ଲକ ସମବାୟ ବିଭାଗରେ ଚାଲିଥିବା ମହାଘୋଟାଲାରେ ଆଜି ଆଉ ଏକ ପର୍ଦ୍ଦ ଯୋଡି ହୋଇଛି । ଜଣେ ବ୍ୟକ୍ତି ମୃତ୍ୟୁବରଣ କରିବାର ୩ ବର୍ଷ ପରେ ତାଙ୍କ ନାମରେ ଋଣ ଉଠାଣ ହେବା ଏବଂ ସେହି ଋଣ ପରିଶୋଧ ପାଇଁ ଉକ୍ତ ମୃତ ବ୍ୟକ୍ତିଙ୍କୁ ମରିବାର ୧୮ ବର୍ଷ ପରେ ଋଣ ପରିଶୋଧ ନୋଟିସ ମିଳିବା ଭଳି ଖବର ସମବାୟ ବିଭାଗର ମହାଦୁର୍ନୀତିର ପର୍ଦ୍ଦାଫାସ କରିଛି । ଏଭଳି ଏକ ଅଦ୍ଭୁତ ଘଟଣାରେ ମୃତ ବ୍ୟକ୍ତିଙ୍କ ପୁଅ ଆଜି ଏହି ଘଟଣାର ପ୍ରତିବାଦ କରି ରାଜକନିକା ଥାନାରେ ଏତଲା ଦେଇ ଏଭଳି ଘୋଟାଲାର ତଦନ୍ତ ଏବଂ ତାଙ୍କ ମୃତ ପିତାଙ୍କ ପ୍ରତି ହୋଇଥିବା ଅସମ୍ମାନ ଓ ଅପବାଦରୁ ମୁକ୍ତି ପାଇଁ ନ୍ୟାୟ ମାଗିଛନ୍ତି । କଟକ କେନ୍ଦ୍ର ସମବାୟ ବ୍ୟାଙ୍କ ଅଧୀନ ସିକୋ ପାକ୍ସ ଅଧୀନରେ ଥିବା ସିକୋ ଗ୍ରାମର ସ୍ୱର୍ଗତ ନାରାୟଣ ସ୍ୱାଇଁଙ୍କ ନାମରେ ଗତ ୨୩/୯/୨୫ ରିଖ ଦିନ ତାଙ୍କ ନାମରେ ମୋଟ ୬୬୫୫୭ ଟଙ୍କାର ବକେୟା ଋଣ ଅର୍ଥ ରାଶି ପୈଠ କରିବାକୁ ସିକୋ ପାକ୍ସ ପକ୍ଷରୁ ନୋଟିସ ଜାରି କରାଯାଇଛି । ଏହି ନୋଟିସ ମୁତାବକ ସ୍ୱର୍ଗବାସୀ ନାରାୟଣ ସ୍ୱାଇଁ ରବି ଚାଷ ପାଇଁ ୪୩, ୨୬୨ ଟଙ୍କା ଋଣ ନେଇଥିବା ବେଳେ ସୁଧ ବାବଦକୁ ୨୩, ୨୯୫ ହୋଇଥିବା ଦର୍ଶାଯାଇଛି । ପୁନଶ୍ଚ ଯଦି ସ୍ୱର୍ଗତ ନାରାୟଣ ସ୍ୱାଇଁ ଏହି ଋଣ ଅର୍ଥକୁ ୬/୧୦/୨୫ ସୁଦ୍ଧା ନ ସୁଝିବେ ତେବେ ତାଙ୍କ ବିରୁଦ୍ଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ନେବାକୁ ସମିତି ସୂଚାଇ ଦେଇଛି । ଏ ସମ୍ପର୍କରେ ନୋଟିସ ପାଇବା ପରେ ମୃତ ନାରାୟଣଙ୍କ ପୁଅ ନିରଞ୍ଜନ ସ୍ୱାଇଁ ଖୋଳତାଡ଼ କରିବାରୁ ଜାଣିଲେ ଯେ ତାଙ୍କ ବାପାଙ୍କର ୨୦/୭/୨୦୦୭ ରେ ମୃତ୍ୟୁ ହେବାର ୩ ବର୍ଷ ପରେ ସେ ସମିତିରୁ ଋଣ କରିଥିବା ନଜରକୁ ଆସିଥିଲା । ବାପାଙ୍କ ସ୍ୱର୍ଗବାସ ହେବାର ୩ ବର୍ଷ ପରେ ମୃତ ବାପା ଋଣ ନେବା ଏବଂ ମରିବାର ୧୭ ବର୍ଷ ପରେ ଏହି ଋଣ ନ ଶୁଝିଲେ ତାଙ୍କ ବିରୁଦ୍ଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ନେବାକୁ ଥିବା ନୋଟିସରେ ସେ ସ୍ୱର୍ଗବାସୀ ବାପାଙ୍କ ପ୍ରତି ଅପମାନ ବୋଧ କରି ତାଙ୍କୁ ଅପବାଦରୁ ମୁକ୍ତି ଦେବାକୁ ଆଜି ଥାନାରେ ଦ୍ୱାରସ୍ଥ ହୋଇ ନ୍ୟାୟ ମାଗିବା ଘଟଣା ଚର୍ଚ୍ଚା ପାଲଟିଛି ।












# ସମ୍ପାଦକୀୟ



ଗଣତନ୍ତ୍ରରେ ଏକ ଦୃଢ଼ ବିରୋଧୀ ଦଳ ଅପରିହାର୍ଯ୍ୟ।
-ନବୀନ ପଟ୍ଟନାୟକ


ସକାଳ
THE SAKALA

# ରାଜନୀତିରେ 'ନବୀନ-ସିଦ୍ଧାନ୍ତ'

ଆଗାମୀ ଦିନରେ ଯେତେବେଳେ ଏକବିଂଶତାବ୍ଦୀର ରାଜନୈତିକ ଇତିହାସ ଲେଖାଯିବ, ଐତିହାସିକ, ଗବେଷକ ଓ ପାଠକମାନେ ଜାଣି ଆଶ୍ଚର୍ଯ୍ୟ ହେବେ ଯେ ନିରାଡ଼ମ୍ବର ଜୀବନଯାପନ କରୁଥିବା ସଫେଦ୍ କୁର୍ତ୍ତାପାଇଜାମା ଓ ହାୱାଇ ଚପଲ୍ ପରିହିତ ଜଣେ ବ୍ୟକ୍ତିତ୍ୱ କିଭଳି ପ୍ରଥମ ଅଢ଼େଇ ଦଶନ୍ଧି ଧରି ଜାତୀୟ ରାଜନୀତିକୁ ଆଚ୍ଛନ୍ନ କରି ରଖିଥିଲେ। ତେବେ କ'ଣ ଥିଲା ସେ ଶାସନର ଆଧାର ଓ ପ୍ରକାର? ଏ ପ୍ରଶ୍ନର ଉତ୍ତର ଖୋଜିବା ବେଳେ ରାଜନୀତିଜ୍ଞ ଓ ଐତିହାସିକମାନଙ୍କୁ ଆହୁରି ଆଶ୍ଚର୍ଯ୍ୟଚକିତ ହେବାକୁ ପଡ଼ିବ ଯେ ସେହି ଶାସନକାଳ କୌଣସି ନିର୍ଦ୍ଦିଷ୍ଟ ବାଦ(ଇଜିମ୍), ଆଦର୍ଶ(ଆଇଡୋଲଜି), ଦର୍ଶନ(ଫିଲୋସଫି), ବ୍ୟବସ୍ଥା(ଫର୍ମ ଅଫ୍ ଗଭର୍ଣ୍ଣମେଣ୍ଟ) ଆଦିରେ ପରିଚାଳିତ ନଥିଲା, ବରଂ ସେ ସବୁର ଊର୍ଦ୍ଧ୍ୱରେ ଅଥଚ ସାରସଂଗ୍ରହରେ ଜନ୍ମ ନେଇଥିବା 'ନବୀନ ଥିଓରି' ବା 'ନବୀନ ସିଦ୍ଧାନ୍ତ' ଥିଲା ସେ ଶାସନର ମୂଳାଧାର।

ରାଜନୀତିରେ 'ନବୀନ ସିଦ୍ଧାନ୍ତ' ଏଭଳି ଏକ ପ୍ରୟୋଗାତ୍ମକ ତତ୍ତ୍ୱ, ଯେଉଁଥିରେ ସମାହିତ ହୋଇରହିଛି କୃଷି ବିକାଶରୁ ଶିଳ୍ପାୟନ, ଦାରିଦ୍ର୍ୟ ଦୂରୀକରଣରୁ ବୁଭୁକ୍ଷା ନିବାରଣ, ଏନ୍ତୁଡ଼ିଶାଳରୁ ଶ୍ମଶାନ, ବିଦ୍ୟାଳୟରୁ କ୍ରୀଡ଼ାଙ୍ଗନ, ଗ୍ରାମ୍ୟ ବିକାଶରୁ ସଂଯୋଗୀକରଣ, ଜନଜାତି କଲ୍ୟାଣରୁ ନଗର ଉନ୍ନୟନ, କେନ୍ଦୁପତ୍ରରୁ ଶ୍ରୀଅନ୍ନ, ଆର୍ଥିକ ବିକାଶରୁ ସାମାଜିକ ଅନ୍ତର୍ଭୁକ୍ତୀକରଣ, କୁଟୀର ଶିଳ୍ପରୁ ଖାଦ୍ୟ ପ୍ରକ୍ରିୟାକରଣ, ଦିବ୍ୟାଙ୍ଗ ଓ ମହିଳା ସଶକ୍ତୀକରଣ, ସ୍ୱାସ୍ଥ୍ୟ କଲ୍ୟାଣ, ଧର୍ମ ସମ୍ପ୍ରଦାୟ ନିର୍ବିଶେଷରେ ଧର୍ମାନୁଷ୍ଠାନର ଉତ୍ତରଣ। ସମାଜର କୌଣସି ବର୍ଗ 'ନବୀନ ସିଦ୍ଧାନ୍ତ'ରୁ ବଞ୍ଚିତ ନୁହନ୍ତି। ବିଶ୍ୱ ରାଜନୀତିରେ ଏଭଳି ପ୍ରଗତିର ପରିଭାଷା ଓ ବିକାଶର ବ୍ୟାକରଣ ବୋଧହୁଏ ବିରଳ।

'ନବୀନ ସିଦ୍ଧାନ୍ତ'ର ଜନକ ନବୀନ ପଟ୍ଟନାୟକ ୨୪ ବର୍ଷର ମୁଖ୍ୟମନ୍ତ୍ରିତ୍ୱ କାଳରେ ଆର୍ଥିକ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରପୀଡ଼ିତ ଓଡ଼ିଶାକୁ ଯେଭଳି ପ୍ରଶମନ ପରିଚାଳନା ଓ ବିକାଶର ମଡେଲ୍ କରି ବିଶ୍ୱ ଦରବାରରେ ଉପସ୍ଥାପନା କରିପାରିଛନ୍ତି ତାହା ତ ଅଭୂତପୂର୍ବ ନିଶ୍ଚୟ; ସର୍ବୋପରି ଶାନ୍ତି, ସହାବସ୍ଥାନ ଓ ସର୍ବଧର୍ମସମନ୍ୱୟର ଯେଉଁ ଉଦାହରଣଟିଏ ସୃଷ୍ଟି କରିଛନ୍ତି ତାହା ନୋବେଲ୍ ଆଶାୟୀ ଗବେଷକଙ୍କ ପାଇଁ ଉତ୍କୃଷ୍ଟ ବିକଳ୍ପଟିଏ ସୃଷ୍ଟି କରିସାରିଛି। ଗାନ୍ଧୀ ଦର୍ଶନ ଓ ସର୍ବୋଦୟ ଅର୍ଥନୀତିକୁ ସେ ହିଁ ଠିକ୍ ରୂପେ ବୁଝି ପାରିଛନ୍ତି, ଯିଏ ମନ୍ତ୍ରୀ ଓ ସଚିବମାନଙ୍କ କାର୍ଯ୍ୟାଳୟକୁ 'ଲୋକସେବା ଭବନ' ନାମରେ ନାମିତ କରିପାରନ୍ତି ଏବଂ ସମ୍ବିଧାନର ମୁଖବନ୍ଧରେ 'ଅହିଂସା' ଶବ୍ଦକୁ ଯୋଡ଼ିବାର ପ୍ରସ୍ତାବ ବାରମ୍ବାର ଉପସ୍ଥାପନା କରିପାରନ୍ତି। ଓଡ଼ିଆ ଭାଷା ଓ ଓଡ଼ିଶୀ ସଙ୍ଗୀତର ଶାସ୍ତ୍ରୀୟ ମାନ୍ୟତା ପାଇଁ ସେଭଳି ଜଣେ ଓଡ଼ିଆପ୍ରାଣ ସେବାସାଧକ ହିଁ ସଂଗ୍ରାମ କରିପାରନ୍ତି, ଯିଏ ଶାସନ ପ୍ରଶାସନକୁ ଓଡ଼ିଆ ଅସ୍ମିତାରେ ଅଭିମନ୍ତ୍ରିତ କରିବାର ସଂକଳ୍ପ ନିଅନ୍ତି। ଏ ସବୁ ବୈଶିଷ୍ଟ୍ୟ ନବୀନ ପଟ୍ଟନାୟକଙ୍କ ରାଜନୈତିକ ବ୍ୟକ୍ତିତ୍ୱ, ଚିନ୍ତନ ଓ ଆଦର୍ଶକୁ ଆହୁରି ଋଦ୍ଧିମନ୍ତ କରିଛି ଏବଂ ଉପସ୍ଥାପିତ ହୋଇଛି ତାଙ୍କ ନିରବତାର ଭାଷାରେ। ବୈଷୟିକ ଜ୍ଞାନକୌଶଳ, ସହଯୋଗିତା, ଶୃଙ୍ଖଳା ବିନା ଆଧୁନିକ ବିକାଶର ପ୍ରତିଯୋଗିତା ଜିତା ଯାଇପାରିବ ନାହିଁ। ତେଣୁ ସେ ଶାସନ-ପ୍ରଶାସନକୁ ୫-ଟି ଆଧାରରେ ବିବର୍ତ୍ତନ କରିଛନ୍ତି ଏବଂ ଦକ୍ଷତା ବିକାଶକୁ ପ୍ରାଧାନ୍ୟ ଦେଇଛନ୍ତି, ଯାହା ଏକବିଂଶ ଶତାବ୍ଦୀର ଶାସନ-ପ୍ରଶାସନର ସର୍ବଶ୍ରେଷ୍ଠ ଓ ସର୍ବଗ୍ରାହ୍ୟ ବିକଳ୍ପ ହୋଇସାରିଛି।



ମୁଖ୍ୟମନ୍ତ୍ରୀର ପଦ ଓ ଦାୟିତ୍ୱର ଊର୍ଦ୍ଧ୍ୱରେ ନବୀନ ପଟ୍ଟନାୟକ ଆଧୁନିକ ଓଡ଼ିଶା ରାଜନୀତିର ଏଭଳି ଏକ ସଂଜ୍ଞା ଲେଖିସାରିଛନ୍ତି, ଯାହାର ବ୍ୟୁତ୍ପତ୍ତିରେ ପ୍ରତିଫଳିତ ହୋଇଛି - ସମନ୍ୱୟୀ ସଂଘୀୟ ଭାବନା, ବୈଷମ୍ୟରହିତ ରାଷ୍ଟ୍ରବାଦ, ଆଞ୍ଚଳିକ ସ୍ୱାର୍ଥକୈନ୍ଦ୍ରିକ ସମର୍ଥନ, ସମଦୂରତ୍ୱର ସମୀକରଣ ଓ ସହଯୋଗର ସନ୍ତୁଳନ। ସାମାଜିକ ସୁରକ୍ଷାର ବଳୟ ଭିତରେ ଅର୍ଥନୈତିକ ଉତ୍‌ଥାନର ଯେଉଁ ନବସୂତ୍ର ସେ ପ୍ରତିଷ୍ଠା କରିଛନ୍ତି, ତାହା ସାମାଜିକ-ଅର୍ଥନୀତିରେ ଏକ ନବଯୁଗ ପ୍ରତିଷ୍ଠା କରିଛି। ସେ କହନ୍ତି ଗଣତନ୍ତ୍ରରେ ଜନତା ହିଁ ନିର୍ଦ୍ଧାରକ, ନିର୍ବାଚନ ଏକ ପ୍ରକ୍ରିୟା ମାତ୍ର। ଶାସକ ଓ ଶାସନ ବ୍ୟବସ୍ଥାରେ କ୍ଷମତା ସଦା ପରିବର୍ତ୍ତନଶୀଳ। ତେଣୁ ଜଣେ ରାଜନେତାର ଆଦର୍ଶ ଜନକୈନ୍ଦ୍ରିକ ହେବା ଆବଶ୍ୟକ। ରାଜନୀତିକୁ ସେ କେବେ ମଧ୍ୟ କ୍ଷମତା ଲିପ୍‌ସାର ଦୃଷ୍ଟିରେ ଦେଖିନାହାନ୍ତି। ଏଣୁ ତ ସେ ବିରୋଧୀଙ୍କ ପ୍ରତି ବ୍ୟକ୍ତିଗତ ପ୍ରତିକ୍ରିୟାଶୀଳ ନୁହନ୍ତି। ତାଙ୍କ ଉକ୍ତିରେ 'ମୁଁ ବାସ୍ତବରେ କ୍ଷମତା ବିଷୟରେ ଚିନ୍ତା କରେ ନାହିଁ, ବରଂ ରାଜ୍ୟବାସୀଙ୍କ ସେବାକୁ ପ୍ରାଧାନ୍ୟ ଦିଏ।' ...'କ୍ଷମତା ଲିପ୍‌ସାକୁ ମୁଁ ଭଲ ପାଏ ନାହିଁ।'

ଗଣତନ୍ତ୍ର-ସମାଜବାଦ-ସାମ୍ୟବାଦର ସମ୍ମିଶ୍ରଣରେ ନବୀନ ବାବୁ ଗଣତନ୍ତ୍ରର ଯେଉଁ ଏକ ଭିନ୍ନ ପନ୍ଥା ନିର୍ଦ୍ଧାରଣ କରିଥିଲେ ତାହାର ଆଧାର ଥିଲା 'ଥ୍ରିପି' ସୂତ୍ର - ପ୍ରୋ-ପୋର(ଦରିଦ୍ର କଲ୍ୟାଣ), ପ୍ରୋଗ୍ରେସିଭ୍(ପ୍ରଗତିଶୀଳ), ପିପୁଲ୍ ଓରିଏଣ୍ଟେଡ୍(ଜନକୈନ୍ଦ୍ରିକ)। ଜନତାଙ୍କ ଦ୍ୱାରା ନିର୍ବାଚିତ ସରକାରର ପ୍ରଥମ ଓ ପ୍ରମୁଖ କର୍ତ୍ତବ୍ୟ ଓ ଦାୟିତ୍ୱ ହେଉଛି ଜନକଲ୍ୟାଣ। ଗଣତନ୍ତ୍ରର ଏହି ଗୂଢ଼ସୂତ୍ରକୁ ବୁଝି ସେ ଲୋକସେବା ଭବନରେ ପ୍ରତିଷ୍ଠା କଲେ ମହାତ୍ମା ଗାନ୍ଧୀଙ୍କ ପରିକଳ୍ପିତ 'ଟାଲିସ୍‌ମ୍ୟାନ', ଯାହା ନୀତି ନିର୍ଦ୍ଧାରକଙ୍କ ପାଇଁ ଆଲୋକବର୍ତ୍ତିକା ସଦୃଶ ସୂଚାଇ ଦିଏ ଯେ ଯୋଜନା କିମ୍ବା ନୀତିନିର୍ଦ୍ଧାରଣ ବେଳେ ପ୍ରଥମେ ଏହି ଭାବନା ଆସିବା ଆବଶ୍ୟକ - 'ତାହା ଦ୍ୱାରା ସମାଜର ସବୁଠାରୁ ଗରିବ ବର୍ଗର ଲୋକଟି କେତେମାତ୍ରାରେ ଉପକୃତ ହେବ।'

ନବୀନ ବାବୁ ଶାସନ କ୍ଷମତାରେ ରୁହନ୍ତୁ କି ବିରୋଧୀ ଦଳରେ, ସବୁବେଳେ ଗୋଟିଏ ଦୃଢ଼ୋକ୍ତି କରନ୍ତି - 'ଓଡ଼ିଶାର ସାଢ଼େ ଚାରିକୋଟି ଅଧିବାସୀ ମୋ ପରିବାରର ସଦସ୍ୟ। ମୁଁ ଓଡ଼ିଶାବାସୀଙ୍କୁ ବିଶ୍ୱାସ କରେ, ମୋ ପ୍ରତି ସେମାନଙ୍କ ଭଲ ପାଇବା ଓ ସ୍ନେହ ମୋତେ ସବୁଦିନ ସେବା ପାଇଁ ପ୍ରେରଣା ଦିଏ। ଜୀବନର ଶେଷନିଃଶ୍ୱାସ ପର୍ଯ୍ୟନ୍ତ ଓଡ଼ିଶାବାସୀଙ୍କ ସେବା ପାଇଁ ମୁଁ ଉତ୍ସର୍ଗୀକୃତ।'

ଗୋଟିଏ ବାକ୍ୟରେ ନବୀନ ପଟ୍ଟନାୟକଙ୍କ ରାଜନୈତିକ ଆଦର୍ଶ ବା 'ନବୀନ ସିଦ୍ଧାନ୍ତ'କୁ ବର୍ଣ୍ଣନା କରିବାକୁ ହେଲେ ଏତିକି କହିଲେ ଯଥେଷ୍ଟ ହେବ ଯେ ସେ ହିଁ ପ୍ରକୃତ ଶାସକ, ଯିଏ ଜନତାଙ୍କୁ ଶାସିତ ଭାବରେ ନୁହେଁ, ବରଂ ପରିବାରର ସଦସ୍ୟ ରୂପେ ବିବେଚନା କରେ। ନବୀନ ପଟ୍ଟନାୟକଙ୍କ ବ୍ୟତୀତ ଏଭଳି ରାଜଯୋଗୀ ଆଜିର ଦିନରେ ତ ବିରଳ, ଆଗାମୀ କିଛି ବର୍ଷ ଭିତରେ ଜନ୍ମ ନେବେ କି ନାହିଁ ସନ୍ଦେହ। ●

# ଦେଶର ବୌଦ୍ଧିକ ସମ୍ପଦ

ବୈକୁଣ୍ଠନାଥ ମିଶ୍ର

ସଭ୍ୟତାର ଗତି ଯେତେ ପ୍ରଖର, ଆମ ମାନସିକତାର ଗତି ତତୋଧିକ ନିମ୍ନଗାମୀ ହେବାରେ ଲାଗିଛି। ନିଜ ବ୍ୟତୀତ ଅନ୍ୟକଥା ଭାବିବାକୁ ଆଜିର ଯୁବପିଢ଼ି ପାଖରେ ସମୟ ନାହିଁ। ଯୁବବର୍ଗ ଆଜି ସାଜିଛି ଲିଓ ଟଲ୍‌ଷ୍ଟୟଙ୍କ କାହାଣୀର ନାୟକ ପାହୋମ୍, ଯାହାକୁ କୁହାଯାଇଥିଲା ଯେ ସୂର୍ଯ୍ୟାସ୍ତ ପୂର୍ବରୁ ସେ ଯାତ୍ରା ଆରମ୍ଭ କରିଥିବା ସ୍ଥାନରେ ପହଞ୍ଚିବା ଦ୍ୱାରା ଯେତେ ଜମି ସେ ଅତିକ୍ରମ କରିଥିବ ସେତକ ଜମି ତା'ର ହେବ। କିନ୍ତୁ ଅତ୍ୟଧିକ ଲୋଭର ବଶୀଭୂତ ହୋଇ ଜମି ତ ଦଖଲ କରିପାରିଲା ନାହିଁ, ଅକାଳରେ ତା' ଜୀବନ ସୂର୍ଯ୍ୟ ଅସ୍ତ ହୋଇଗଲା। ଲେଖକଙ୍କ ଗଳ୍ପର ଶେଷକଥା ହେଲା ଅନ୍ତିମକାଳରେ ମଣିଷ ପାଇଁ ମାତ୍ର ଛ'ହାତ ଭୂମି ଦରକାର। ତା'ଠାରୁ ଅଧିକ ନୁହେଁ। ଆଜିର ଯୁବବର୍ଗ ଧନ ପାଇଁ ଯେପରି ଅଣନିଃଶ୍ୱାସୀ ହୋଇ ଧାଉଁଛି ସେଥିରେ ଅନ୍ୟକଥା ଛାଡ଼ନ୍ତୁ ନିଜ ବୃଦ୍ଧ ପିତାମାତାଙ୍କୁ ଧ୍ୟାନ ଦେବାକୁ ତା' ପାଖରେ ସମୟ ନାହିଁ। ଯେଉଁ ବାପା ମା' ଦିନେ ପୁଅଝିଅଙ୍କୁ ମଣିଷ କରିବାକୁ ଗଣ୍ଡେ ଖାଇ ଦଣ୍ଡେ ଜିଇଁ ଦିନରାତି ଏକକରି ଦେଉଥିଲେ ସେମାନେ ଆଜି ଅଲୋଡ଼ା ଅଖୋଜା। ପୁଅ ଆଜି ଉଚ୍ଚପଦସ୍ଥ ଅଧିକାରୀ ହୋଇ ଧନର ପାହାଡ଼ ସୃଷ୍ଟି କରିଥିଲେ ମଧ୍ୟ ବାପାମା' ଆଜି ନିଃସ୍ୱ, କାଙ୍ଗାଳ। କେବଳ ଏତିକି ଆତ୍ମସନ୍ତୋଷ ଯେ ପିଲାମାନଙ୍କୁ ଆଜି ଗଣରେ ଜଣେ କରିପାରିଛନ୍ତି।

୨୦୧୧ ଜନଗଣନା ଓ ବର୍ତ୍ତମାନର ଆକଳନ ଅନୁସାରେ ଭାରତ ଏକ ଯୁବବର୍ଗର ଦେଶ। କିନ୍ତୁ ମିଳିତ ଜାତିସଂଘ ଜନସଂଖ୍ୟା ପାଣ୍ଠି (ପପୁଲେସନଫଣ୍ଡ) ର ସଦ୍ୟ ଆକଳନ ଅନୁଯାୟୀ ୨୦୫୦ ସୁଦ୍ଧା ଭାରତ ଆଉ ଯୁବ କିଶୋରଙ୍କ ଦେଶ ନ ହୋଇ ବୟସ୍କଙ୍କ ଦେଶଭାବେ ବିବେଚିତ ହେବ। ବର୍ତ୍ତମାନ ଭାରତର ୬୦ବର୍ଷରୁ ଊର୍ଦ୍ଧ୍ୱ ବ୍ୟକ୍ତିଙ୍କ ସଂଖ୍ୟା ୧୪.୫ କୋଟି ବା ଏକ-ଦଶମାଂଶ। ୨୦୫୦ ମସିହା ସୁଦ୍ଧା ଏହା ୩୦କୋଟି ଛୁଇଁବ। ସମପରିମାଣରେ ୧୫ ରୁ ୫୯ବର୍ଷ ବୟସ୍କ ବ୍ୟକ୍ତିଙ୍କ ସଂଖ୍ୟା ହ୍ରାସ ପାଇଥିବ। ସେତେବେଳ ଭାରତ ଆଉ ଯୁବବର୍ଗର ଦେଶ ନହୋଇ ବୟସ୍କଙ୍କ ଦେଶରେ ପରିଣତ ହେବ। 'ଏଜ୍ ୱେଲ ଫାଉଣ୍ଡେସନ'ର ଜାତୀୟ ରିପୋର୍ଟ ଅନୁସାରେ ଦେଶର ବୟସ୍କଙ୍କ ଆୟ ଓ ବ୍ୟୟ ଧାରାରେ ପରିବର୍ତ୍ତନ ଆସିଛି। ପ୍ରାୟ ୬୦ ପ୍ରତିଶତ ବୃଦ୍ଧବୃଦ୍ଧାଙ୍କର ଆୟର ଉତ୍ସ ସେମାନଙ୍କ ପେନ୍‌ସନ। ଶତକଡ଼ା ୩୭ ବୟସ୍କ ଆର୍ଥିକ ଦୃଷ୍ଟିରୁ ସ୍ୱଚ୍ଛଳ। ମାସିକ ପେନସନ ବ୍ୟତୀତ ସେମାନଙ୍କ ଭିତରୁ ୧୯.୫ ପ୍ରତିଶତ ଜମିରୁ ଆୟ, ଘରଭଡ଼ା ଓ ଆର୍ଥିକ ନିବେଶରୁ ସୁଧ ପାଉଛନ୍ତି। ୪୮.୫ ପ୍ରତିଶତ ବୟସ୍କଙ୍କ ପାଖରେ ଅନ୍ୟାନ୍ୟ ମୂଲ୍ୟବାନ ସାମଗ୍ରୀ ରହିଛି। କିନ୍ତୁ ସେମାନଙ୍କ ମଧ୍ୟରେ ୭ ୦ପ୍ରତିଶତଙ୍କର ଆଣ୍ଠୁଗଣ୍ଠି ସମସ୍ୟା ଓ ୮୦ ପ୍ରତିଶତଙ୍କର ମଧୁମେହ ଓ ଉଚ୍ଚ ରକ୍ତଚାପ ରୋଗ ରହିଛି। ପ୍ରାୟ ୨୫ ପ୍ରତିଶତ ବୟସ୍କ ବିପତ୍ନୀକ କିମ୍ବା ବିଧବା। ୪୯ ପ୍ରତିଶତ ଜୀବନସାଥୀଙ୍କ ସହ ରହୁଛନ୍ତି। ମାତ୍ର ୨୯.୫ ପ୍ରତିଶତ ସେମାନଙ୍କ ସନ୍ତାନ ସହ ଏକତ୍ର ବାସରେ ଅଛନ୍ତି। ମୋଟାମୋଟି ଭାବେ ୭୫ ଭାଗରୁ ଊର୍ଦ୍ଧ୍ୱ ବୟସ୍କ ନିଜ ସନ୍ତାନଙ୍କ ଦ୍ୱାରା ଅବହେଳିତ। ଦୁଃଖ ଓ ପରିତାପର କଥା ଯେ କିଛି ବୟସ୍କଙ୍କର ସବୁଥାଇ ମଧ୍ୟ ସେମାନେ ଜରାଶ୍ରମରେ ରହୁଛନ୍ତି। ଜଣେ ଖ୍ୟାତନାମା ସନ୍ଥ ନିକଟରେ ଯେଉଁ ବକ୍ତବ୍ୟ ରଖିଛନ୍ତି ତାହା ଅତ୍ୟନ୍ତ ଆଶ୍ଚର୍ଯ୍ୟଜନକ। ତାଙ୍କ କହିବା କଥା ଯେ ଭାରତର ବୃଦ୍ଧାଶ୍ରମରେ ରହୁଥିବା ବ୍ୟକ୍ତିଙ୍କ ମଧ୍ୟରେ କେହି ମୁସଲମାନ ନାହାନ୍ତି। ଏହାର କାରଣ ଦର୍ଶାଇବାକୁ ଯାଇ ସେ କହିଛନ୍ତି ଯେ ମୁସଲମାନ ଶିଶୁମାନେ ତାଙ୍କ ଧର୍ମ ପୁସ୍ତକ ସହ ଓତପ୍ରୋତଃ ଭାବେ ଜଡ଼ିତ। କୌଣସି ଧର୍ମଶାସ୍ତ୍ରରେ ବୃଦ୍ଧ ପିତାମାତାଙ୍କୁ ଅବହେଳା କରବା ଏକ ପାପ ବୋଲି ବିବେଚନା କରାଯାଏ। ବାଲ୍ୟାବସ୍ଥାରୁ ସେମାନେ ଆଧ୍ୟାତ୍ମିକତା ସହ ଜଡ଼ିତ। ଅପରପକ୍ଷେ ହିନ୍ଦୁମାନଙ୍କ ମଧ୍ୟରୁ ପ୍ରାୟ ୯୦ପ୍ରତିଶତ ଗୀତା ଭାଗବତ ଭଳି ନୀତିଶାସ୍ତ୍ର ଅଧ୍ୟୟନ କରନ୍ତି ନାହିଁ। ସୁତରାଂ ସେମାନେ ନୀତି ନୈତିକତାଠାରୁ ଦୂରେଇ ଯାଉଛନ୍ତି। ଦ୍ୱିତୀୟତଃ ମୁସଲମାନ ଦମ୍ପତିଙ୍କର ଏକାଧିକ ସନ୍ତାନ ଥିବାରୁ ଜଣେ ନହେଲେ ଆଉ ଜଣେ ବୃଦ୍ଧ ପିତାମାତାଙ୍କର ଯତ୍ନ ନେଉଛନ୍ତି।

ପିଲାମାନେ ଉଚ୍ଚଶିକ୍ଷିତ ହୋଇ ସହରରେ ଅବସ୍ଥାନ କଲା ପରେ ପିତାମାତାଙ୍କୁ ଦୂରରେ ରଖି ନିଜ ସଂକ୍ଷିପ୍ତ ସଂସାର ମଧ୍ୟରେ ଆବଦ୍ଧ ରହିବାକୁ ପସନ୍ଦ କରନ୍ତି। ସେଥିରେ ପିତାମାତାଙ୍କ ସ୍ଥାନ କାହିଁ? ଯେଉଁ କେତେ ଜଣ ଅନନ୍ୟୋପାୟ ହୋଇ ପିଲାଙ୍କ ପାଖରେ ରହୁଛନ୍ତି, ସେମାନଙ୍କ ଭିତରୁ ଅଧିକାଂଶଙ୍କର ଦୁଃଖ ଅବର୍ଣ୍ଣନୀୟ। ନା ସେମାନଙ୍କର କୌଣସି ମତାମତ ଦେବାର ଅଧିକାର ଅଛି କିମ୍ବା ନାତିନାତୁଣୀଙ୍କୁ ସ୍ନେହ କରିବାର ଅବସର। ଫକୀର ମୋହନଙ୍କ ଡାକମୁନ୍‌ସୀ ଗଳ୍ପରେ ସିନା ଗୋଟିଏ ଗୋପାଳର ଅବିଚାର କଥା ଆମେ ପଢ଼ିଥିଲୁ ; ହେଲେ ଆଜିର ସମାଜରେ ଗୋପାଳମାନଙ୍କର ଅଭାବ ନାହିଁ। ସହରୀ ସଭ୍ୟତା ସହ ତାଳ ଦେଇ ଚାଲି ପାରୁନଥିବା ଓ ପ୍ରଦୂଷିତ ବାୟୁମଣ୍ଡଳରେ ଅଣନିଃଶ୍ୱାସୀ ହୋଇଥିବା ବୟସ୍କ ଲୋକଟି ଝୁରି ହୁଏ ଗାଁର ସେ ପ୍ରାକୃତିକ ଶୋଭା ସୁଷମାକୁ, ଯେଉଁଠି ଦିନେ ସେ ଛାଡ଼ି ଆସିଥିଲା ଉନ୍ମୁକ୍ତ ବାତାବରଣ, ସୁଶୀତଳ ତରୁଛାୟା, ସୁବିସ୍ତୀର୍ଣ୍ଣ ଶସ୍ୟକ୍ଷେତ୍ର ଏବଂ ଗ୍ରାମ୍ୟ ତଟିନୀର ବାଲୁକା ବେଳାଭୂମି କିମ୍ବା ଆମ୍ବ ନଡ଼ିଆ ପଣସ ବୃକ୍ଷ ସମ୍ଭାର। ଆଜି ସେ ସବୁ ତା' ପାଇଁ ସାଜିଛି ସ୍ୱପ୍ନ।


ଇଂରାଜୀରେ ଏକ ପ୍ରବାଦ ଅଛି - 'ଏ ସେଟିଙ୍ଗ ସନ୍ ଇଜ୍ ନେଭର ଓରସିପଡ୍ ଆଣ୍ଡ ଏ ଡାଇଙ୍ଗ ହର୍ସ ଇଜ୍ ଲିଟିଲ୍ ଫେଡ।' ଅର୍ଥାତ ଅସ୍ତଗାମୀ ସୂର୍ଯ୍ୟଙ୍କୁ କେହି ପୂଜା କରନ୍ତି ନାହିଁ କିମ୍ବା ମୁମୂର୍ଷୁ ଘୋଡ଼ାକୁ କେହି ଦାନାଦିଏ ନାହିଁ। ସତରେ କ'ଣ ବୟସ୍କମାନେ ଅଲୋଡ଼ା? ଇଂଲିଶ ଲେଖକ ଜିନ୍ ଉରେଙ୍କ ଗଳ୍ପର ମର୍ମାଂଶ ଏଠାରେ ପ୍ରଣିଧାନଯୋଗ୍ୟ। ରୁମାନିଆ ନିକଟରେ ଥିବା ଗୋଟିଏ କ୍ଷୁଦ୍ର ଦେଶର ରାଜା ଘୋଷଣା କଲେ ଯେ, ବୃଦ୍ଧ ପିତାମାତାଙ୍କୁ ତାଙ୍କ ପିଲାମାନେ ନିଜ ହାତରେ ହତ୍ୟା କରନ୍ତୁ। କାରଣ ସେମାନେ ଅକର୍ମଣ୍ୟ ଓ ପରାଙ୍ଗପୁଷ୍ଟ। ସେମାନେ ଦେଶ ପ୍ରଗତିର ବାଧକ। ସବୁ ଯୁବକମାନେ ରାଜାଦେଶ ଗ୍ରହଣ କଲେ। ହେଲେ ଜଣେ ଯୁବକ ନିଜ ପିତାଙ୍କୁ ହତ୍ୟା କରି ନପାରି ମାଟିତଳେ କୋଠରିରେ ଲୁଚାଇ ରଖିଲା। ପୂର୍ବ ବର୍ଷ ମରୁଡ଼ି ଯୋଗୁଁ ଶସ୍ୟ ହାନି ଘଟିଥିଲା। ଏବର୍ଷ ବର୍ଷାଋତୁ ଆସିଥିଲେ ମଧ୍ୟ କାହାପାଖରେ ବିହନ ଗଣ୍ଡାଏ ବି ନଥିଲା। ପୁଅଟି ଅତି ବିମର୍ଷ ଓ କାତର ଥିବା ଦେଖି ବୃଦ୍ଧ ଏହାର କାରଣ ପଚାରିଲେ। ସବୁ ଶୁଣି ବୃଦ୍ଧ ନିଜ ଘର ସାମନା କଚାରାସ୍ତାକୁ ହଳ କରିବାକୁ କହିଲେ। ଯୁବକଟି ତାହାହିଁ କରିବାରୁ ଅନେକ ଶସ୍ୟ ଗଛ ଉଠିଲା ଏବଂ ଯୁବକ ତାକୁ ନେଇ କ୍ଷେତରେ ରୋପଣ କଲା। କିଛିଦିନ ପରେ ଯୁବକର କ୍ଷେତ ସବୁଜିମାରେ ଭରିଗଲା। ରାଜା ଯୁବକକୁ ଏହାର କାରଣ ପଚାରିଲେ। ଯୁବକ କିଛି ଉତ୍ତର ଦେବା ପୂର୍ବରୁ ପ୍ରଥମେ କହିଲା, 'ଆଜ୍ଞା ମୁଁ ରାଜାଦେଶ ଅବମାନନା କରି ପିତାଙ୍କୁ ହତ୍ୟା କରି ନଥିବାରୁ ମୋତେ ସମୁଚିତ ଦଣ୍ଡ ମିଳୁ। ପିତାଙ୍କ ପରାମର୍ଶ ଅନୁସାରେ କାମ କରିବାରୁ ଆଜି ଏ ଶସ୍ୟ କ୍ଷେତ୍ର ସମ୍ଭବ ହୋଇଛି।' ରାଜା ଯୁବକକୁ ଦଣ୍ଡ ଦେବେ କ'ଣ ବରଂ ଦେଶର ସମସ୍ତ ବୟସ୍କଙ୍କୁ ହତ୍ୟା କରାଯାଇଥିବା ଆତ୍ମଗ୍ଲାନିରେ ଜର୍ଜରିତ ହୋଇ ଯୁବକକୁ ଆଲିଙ୍ଗନ କରି କହିଲେ, 'ମୁଁ ଏକ ସାଂଘାତିକ ଭୁଲ କରିଛି। ମୁଁ ଅନ୍ଧ ହୋଇଯାଇଥିଲି। ତୁମେ ମୋର ଆଖି ଖୋଲି ଦେଇଛ। ଏବେ ମୁଁ ବୁଝୁଛି ବାସ୍ତବରେ ବୃଦ୍ଧମାନେ କେତେ ଆବଶ୍ୟକ ଏବଂ ତାଙ୍କ ଅଭିଜ୍ଞତା ସମ୍ପନ୍ନ ଉପଦେଶ କେତେ ମୂଲ୍ୟବାନ।'

ବୃଦ୍ଧମାନେ କେବେ ବି ଅଦରକାରୀ ନୁହନ୍ତି। ତାଙ୍କ ପ୍ରଜ୍ଞାଯୁକ୍ତ ଅଭିଜ୍ଞତା ସର୍ବାଦୌ ମୂଲ୍ୟବାନ। ସେମାନେ ଗୋଟିଏ ଦେଶର ବୌଦ୍ଧିକ ସମ୍ପଦ। ଏକଥା ସମସ୍ତ ନାଗରିକ ଓ ସର୍ବୋପରି ସରକାର ବୁଝିବା ଅତ୍ୟନ୍ତ ଜରୁରୀ। ●

ସିଦ୍ଧଳ(ଜଗତସିଂହପୁର),
ମୋ: ୯୯୩୭୪୫୦୫୪୦

# ଲେଖା ଓ ଲେଖକ

ଅଞ୍ଜନ ଚାନ୍ଦ



ଆଗରୁ ପୂଜା ପତ୍ରିକାଗୁଡ଼ିକ ପୂଜା ବେଳରେ ନହେଲେ ପୂଜା ପରେ ବାହାରୁଥିଲା। ଏବେ ସମ୍ପାଦକମାନେ ଅତ୍ୟଧିକ ସଚେତନ ହୋଇ ଦୁର୍ଗା ପୂଜାର ବହୁପୂର୍ବରୁ ପତ୍ରିକାଗୁଡ଼ିକୁ ଛାପି ଦେଉଛନ୍ତି। ଉନ୍ମୋଚନ ଉତ୍ସବ ପାଳନ କରୁଛନ୍ତି। ସାମାଜିକ ଗଣମାଧ୍ୟମରେ ବିଜ୍ଞାପିତ କରୁଛନ୍ତି। କିଛିଦିନ ପରେ କହୁଛନ୍ତି ବଜାରରୁ ଆମ ପତ୍ରିକା ଉଭାନ ହୋଇଯାଇଛି। ଅନ୍ୟମାନେ ଭାବୁଛନ୍ତି ଯେଉଁ ପତ୍ରିକା ଯେତେ ଆଗରୁ ବଜାରକୁ ଆସିବ ସେ ପତ୍ରିକା ସେତେ ପରିମାଣରେ ଅଧିକ ବିକ୍ରି ହେବ। ସେଥିପାଇଁ ସମ୍ପାଦକ/ପ୍ରକାଶକମାନେ ଏବେ ପୂଜା ପତ୍ରିକା କାମ ଶୀଘ୍ର ସାରିବାକୁ ଖୁବ ତରତର।

ଏଥର ପୂଜା ଆଗରୁ ମୁଁ ବନ୍ଧୁ ନଟବରଙ୍କ ଆବାସିକ କାର୍ଯ୍ୟାଳୟକୁ ଯାଇ ଦେଖିଲି ସେ ପୂରା ଦମରେ କାମରେ ଲାଗିଛନ୍ତି। ମୋତେ ଦେଖି କହିଲେ - 'ଭାଇ, ଟିକେ ଦେଖିଲ। ଆଜି ଦୁଇଟି ଲେଖା ଡାକରେ ଆସିଛି।' ମୁଁ ଲଫାପା ଖୋଲି ଦେଖିଲି ଦୁଇଟି ଗପ। ଜଣେ ବହୁ ପରିଚିତ ବରିଷ୍ଠ ଗାଳ୍ପିକ, ଅନ୍ୟ ଜଣେ ଅପରିଚିତ ଯୁବ ଗାଳ୍ପିକ। ଯୁବକଙ୍କ ଗପରେ ନୂତନତ୍ୱ ଓ ପାଠକୀୟତା ରହିଛି। ବରିଷ୍ଠ କେବଳ ଅନେକ ବାକ୍ୟ ସମନ୍ୱୟରେ କିଛି ଅଦ୍ଭୁତ କଥା ଲେଖିଛନ୍ତି, ଯାହା ପଢ଼ିବାକୁ ଭଲ ଲାଗୁନାହିଁ। ଡିଟିପି ଅପରେଟର କହିଲେ- 'ଆଉ ଗୋଟିଏ ଗପ ଯାଇପାରିବ।' ମୁଁ ଯୁବ ଗାଳ୍ପିକଙ୍କ ଗପଟିକୁ ବାଛିଲି। ନଟବର ପଚାରିଲେ - 'ଅନ୍ୟ ଗପଟି କାହାର?' ମୋ ଠାରୁ ବରିଷ୍ଠ ଗାଳ୍ପିକଙ୍କ ନାଁ ଶୁଣି ସେ ଚମକି ପଡ଼ିଲେ। କହିଲେ - 'ହେ ଭଗବାନ, କି ବୁଦ୍ଧି ଯେ ତୁମର! କାହାକୁ ଛାଡ଼ି କାହାକୁ ଦେଉଛ।' ଗପଟିକୁ ନପଢ଼ି ସିଧା ଟାଇପ କରିବା ପାଇଁ ଦେଇଦେଲେ। ଯୁବ ଗାଳ୍ପିକଙ୍କ ଭଲ ଗପ ତାହାର ଉପଯୁକ୍ତ ସ୍ଥାନ ଡଷ୍ଟବିନକୁ ଚାଲିଗଲା।

ନଟବରଙ୍କ ପରି ଅନେକ ସମ୍ପାଦକ ଭାବନ୍ତି ନାହିଁ ଯେ, ସେମାନେ କେବଳ ନିଜ ପତ୍ରିକା ନୁହେଁ, ଓଡ଼ିଆ ସାହିତ୍ୟକୁ ସମ୍ପାଦନା କରୁଛନ୍ତି। ଏଇ ପତ୍ରପତ୍ରିକା ମାଧ୍ୟମରେ ହିଁ ଓଡ଼ିଆ ସାହିତ୍ୟ ନିଜ ପରିଚୟ ସୃଷ୍ଟି କରୁଛି। ଯେକୌଣସି ସାହିତ୍ୟ ତାହାର ରଚନା ବଳରେ ହିଁ ବିଭବଶାଳୀ ହୋଇଥାଏ। ଲେଖକଙ୍କ ନାମ ଯେତେ ବିଖ୍ୟାତ ହୋଇଥିଲେ ବି ଲେଖା ଭଲ ହୋଇ ନଥିଲେ ପାଠକ ତାହାକୁ ନାପସନ୍ଦ କରିଦିଏ। ଅଥଚ ଏବେ ଏଠାରେ ପ୍ରାୟ ପତ୍ରିକାରେ ଲେଖାକୁ ଛାଡ଼ି ଲେଖକଙ୍କୁ ଚୟନ କରିବାର ପ୍ରକ୍ରିୟା ଜାରିରହିଛି। ବରିଷ୍ଠ ଲେଖକ, ବିଶିଷ୍ଟ ଲେଖକ, ପୁରସ୍କୃତ ଲେଖକ, ପଦାଧିକାରୀ ଲେଖକ, ପୁଣି କିଏ ସାହିତ୍ୟ ସଙ୍ଗଠନର ବଡ଼ କର୍ମକର୍ତ୍ତା, ପତ୍ରିକା ସମ୍ପାଦକ, ଅର୍ଥ ସାହାଯ୍ୟ ଅଥବା ବିଜ୍ଞାପନ ଯୋଗାଇ ଦେଉଥିବା ଧନିକ - ଏମାନଙ୍କୁ ପତ୍ରିକାର ପ୍ରମୁଖ ସ୍ଥାନରେ ରଖାଯାଉଛି। ଯେଉଁମାନେ ଲେଖା ବାହାରିଲେ ସୌଜନ୍ୟ କପି ପାଇଁ ଦାବି କରିବେ ନାହିଁ, ବରଂ ନିଜେ ଆଠ ଦଶ କପି କିଣି ଅନ୍ୟମାନଙ୍କୁ ବାଣ୍ଟିବେ, ଡିଟିପି ହୋଇ ଆସିଥିବା ଲେଖା, ଯାହାକୁ ଟାଇପ ନକରି ସିଧାସଳଖ ଛପା ହୋଇ ପାରିବ; ଏମାନଙ୍କ ପ୍ରତି ମଧ୍ୟ ସମ୍ପାଦକମାନଙ୍କ ଦରଦ ରହୁଛି। ଏସବୁ ବାଦ ଯଦି କିଛି ସ୍ଥାନ ବଳିପଡ଼େ ତେବେ ହୁଏତ ଅନ୍ୟ ଲେଖାପ୍ରତି ଦୃଷ୍ଟି ଦିଆଯାଉଛି।

ଦିନେ ଜଣେ ବନ୍ଧୁ ପଚାରିଲେ - 'ମୁଁ ଏତେ ସାହିତ୍ୟସଭା, କବିତା ଆସରକୁ ଯାଉଛି, ସବୁଠାରେ ତ କେବଳ ପ୍ରଶଂସା ଶୁଣିଛି। ଆଲୋଚନା କି ସମାଲୋଚନା କିଛି ବି ନାହିଁ।' ମୁଁ କହିଲି - 'ତା'ର ଗୋଟିଏମାତ୍ର କାରଣ। ଧାଡ଼ିଏ ବି ଲେଖା ନପଢ଼ି ଗୁଡ଼ାଏ ପ୍ରଶଂସା କରିହେବ, କିନ୍ତୁ ଲେଖାଟିକୁ ସମ୍ପୂର୍ଣ୍ଣ ନପଢ଼ି ଧାଡ଼ିଏ ବି ଆଲୋଚନା କରି ହେବନାହିଁ। ସୁତରାଂ ଆଲୋଚନା ଅଥବା ସମାଲୋଚନା ପାଇଁ ନିଷ୍ଠାପର ପାଠକୀୟତା ତଥା ସତ୍‌ସାହସ ଅଭାବରୁ ଏବେ ଆମ ସାହିତ୍ୟରେ ଅତ୍ୟଧିକ ପ୍ରଶଂସା ହିଁ ଦେଖାଯାଉଛି।' ଏ ପ୍ରସଙ୍ଗରେ ଛୋଟ କଥାଟିଏ ଖୁବ ପ୍ରଯୁଜ୍ୟ। ଏକଦା ଜଣେ ରାଜା ଘୋଷଣା କଲେ- 'ଆଜି ଦରବାରରେ ସେ ସ୍ୱରଚିତ କବିତାଟିଏ ପଢ଼ି ଶୁଣାଇବେ। ସମସ୍ତେ ଖୁସିରେ ସମ୍ମତି ଜଣାଇଲେ। ରାଜା କବିତା ପଢ଼ିଲେ। ବାଃ, ବାଃ, କି ଚମତ୍କାର କବିତା, ଦରବାରୀମାନେ ପ୍ରଶଂସା କଲେ। କେବଳ ବିଦୂଷକ କିଛି ନକହି ନିରବରେ ବସିଥା'ନ୍ତି। ରାଜା ପଚାରିଲେ - 'ଆପଣ କିଛି କହୁନାହାନ୍ତି?' ବିଦୂଷକ କହିଲେ - 'ମଣିମା! ମୋତେ କବିତାଟି ଭଲ ଲାଗିଲାନାହିଁ।' ରାଜା ରାଗିଯାଇ ଆଦେଶ ଦେଲେ - 'ଏ ଅରସିକକୁ ସାତଦିନ କାରାଗାରରେ ରଖ।' କିଛିଦିନ ପରେ ରାଜା ପୁଣି ଗୋଟିଏ କବିତା ଲେଖିଲେ ଏବଂ ଦରବାରରେ ପଢ଼ିବେ ବୋଲି ଘୋଷଣା କଲେ। ସେଦିନ ବିଦୂଷକ ବିଳମ୍ବରେ ଦରବାରକୁ ଆସିଲେ। ରାଜା କାରଣ ପଚାରିବାରୁ ସେ କହିଲେ - 'ମଣିମା! ଆପଣଙ୍କ ଘୋଷଣା ଶୁଣିବା ପରେ ମୁଁ ବିପଣୀକୁ ଯାଇଥିଲି। ସାତ ଦିନର ସଉଦା କିଣି ଘରେ ରଖିଦେଇ ଆସିଛି।'

ଏବେ ସେପରି ସତ କହିବାର ସାହସ ରଖୁଥିବା ବିଦୂଷକଙ୍କ ଆତ୍ମା ବିଲୁପ୍ତପ୍ରାୟ; ଅଥଚ ସେହି ରାଜକୀୟ କବିଙ୍କ ଆତ୍ମା ବହୁଧା ବିଭକ୍ତ ହୋଇ ଆମ ଭିତରେ ବାଣ୍ଟିଯାଇଛି। ପ୍ରଶଂସାପ୍ରବଣତା ଓଡ଼ିଆ ସାହିତ୍ୟରେ ଲେଖକ ସଂଖ୍ୟା ଅତ୍ୟଧିକ ବଢ଼ାଇ ଦେଇଛି। ପରିଚୟ ସଙ୍କଟରେ ପଡ଼ିଥିବା କିଛିଲୋକ ପରିଚୟ ସୃଷ୍ଟି କରିବାର ସହଜ ବାଟ ଭାବି ସାହିତ୍ୟ ଭିତରକୁ ଧସେଇ ପଶୁଛନ୍ତି। ଅନେକ ପୁସ୍ତକ ରଚନା ହେଉଛି। ପ୍ରକାଶକମାନେ ଲେଖକଙ୍କ ଅର୍ଥରେ ଲାଭବାନ ହେଉଛନ୍ତି ଏବଂ ଆମ ସାହିତ୍ୟ ଦିନକୁ ଦିନ ମେଦବହୁଳ ରୋଗରେ ଆକ୍ରାନ୍ତ ହେଉଛି।

ସାହିତ୍ୟ ସଂରଚନା ଏକ ନୈସର୍ଗିକ ପ୍ରବୃତ୍ତି। ଏଥିରେ ଲେଖକ କେବଳ ମାଧ୍ୟମ। ଏକ ଅଦୃଶ୍ୟ ଶକ୍ତିର ପ୍ରେରଣାରେ କେଉଁ ଅଜ୍ଞାତ ସ୍ଥାନରୁ ଆସୁଥିବା ଭାବକୁ ସେ ଲେଖନୀ ମାଧ୍ୟମରେ ପ୍ରକାଶ କରନ୍ତି। ଏହି ଭାବନାର ସ୍ରୋତ ମଧ୍ୟ ନିୟତ ନୁହେଁ। ଯେଉଁଦିନ ତାହା ଆସିବା ବନ୍ଦ ହୋଇଯାଏ ଲେଖକ ପୁଣି ସାଧାରଣ ଲୋକ ହୋଇଯା'ନ୍ତି। ନିଜେ ଚେଷ୍ଟା କରି ଲେଖାଟିଏ ଲେଖିଲେ ତାହା ପାଠକଙ୍କ ନିକଟରେ ସମାଦୃତ ହୋଇପାରେ ନାହିଁ। ସୁତରାଂ ସାହିତ୍ୟରେ ଲେଖା ହିଁ ଗୁରୁତ୍ୱପୂର୍ଣ୍ଣ, କଦାଚିତ୍ ଲେଖକ ନୁହନ୍ତି। ●

ବାଲେଶ୍ୱର, ମୋ: ୬୩୭୦୬୬୧୧୪୭

# ଅଗ୍ରଗାମୀ ଚେତନାର ଦ୍ୟୋତନା: କବି ଅନ୍ନପୂର୍ଣ୍ଣା

ପ୍ରଫେସର ମଣୀନ୍ଦ୍ର କୁମାର ମେହେର

ସାହିତ୍ୟ ସରିତ୍

ନାରୀକବି ଅନ୍ନପୂର୍ଣ୍ଣା ନବଚେତନାର ଏକ ତେଜସ୍ୱିୟ କିରଣ। ଉଚ୍ଚଶିକ୍ଷା ଲାଭ ନ କରି ସାଧାରଣ ଗ୍ରାମ୍ୟବଧୂ ଭାବରେ ଜୀବନ ଅତିବାହିତ କରି ମଧ୍ୟ ଜଣେ ନିଜସ୍ୱ ଅନ୍ତର୍ଚେତନାର ଦ୍ୟୁତିରେ ଉଦ୍ଭାସିତ କରି ଦେଇପାରେ ତା'ର ଚତୁର୍ଦ୍ଦିଗକୁ -ଏହାର ଦିବ୍ୟ ଦୃଷ୍ଟାନ୍ତ ଅନ୍ନପୂର୍ଣ୍ଣା। ମହାକାଶ ବକ୍ଷର ଏକ ନୀଳ ନକ୍ଷତ୍ର ସେ। ଧରିତ୍ରୀର ଆହ୍ୱାନରେ ସତେ କି ଅବତରଣ କରିଆସିଥିଲେ ମର୍ତ୍ତ୍ୟମଣ୍ଡଳକୁ। ସେଇ ଶୁଭ ଧରାବତରଣ ନଥିଲା ଆଦୌ ତାତ୍ପର୍ଯ୍ୟବିହୀନ। ଉତ୍କଳ ଭୂମିରେ ମାନବଚେତନାକୁ ଅଭିନ୍ନ ଉପଲବ୍ଧିରେ ଅଭିମନ୍ତ୍ରିତ କରିଦେବା ପାଇଁ ହିଁ ଓହ୍ଲାଇ ଆସିଥିଲେ ସେ ସ୍ୱର୍ଗର ଦେବୀ ଭାବରେ।

ରେନାସାଁ କ'ଣ ତାହା କ'ଣ ଜାଣିଥିଲେ ସେ ପୁସ୍ତକ ଅଧ୍ୟୟନ କରି? ସେ ଯାହା ଜାଣି ନଥିଲେ ତାଙ୍କ ଅନ୍ତରାତ୍ମା ତାହା ଯଥାର୍ଥ ଭାବରେ ଉପଲବ୍ଧି କରିସାରିଥିଲା। ଯେଉଁ ସମୟରେ ନାରୀଜୀବନ ଥିଲା ଗୃହପ୍ରାଚୀର ମଧ୍ୟରେ ସୀମାବଦ୍ଧ, ସେହି ସମୟରେ ଅନ୍ନପୂର୍ଣ୍ଣାଙ୍କ ଲେଖା ବିଭିନ୍ନ ପତ୍ରପତ୍ରିକାରେ ପ୍ରକାଶିତ ହେବା ଯୋଗୁଁ ସମାଜରେ ସୃଷ୍ଟି ହୋଇଥିଲା ଆଲୋଡ଼ନ। ବିଭିନ୍ନ ସଭା ସମିତିରେ ତାଙ୍କ ଯୋଗଦାନ ଓ ଆଧୁନିକ ଯୁଗର କବି ଲେଖକଙ୍କ ସହିତ ତାଙ୍କର ସାରସ୍ୱତ ସମ୍ପର୍କ ହୋଇଥିଲା ବହୁଚର୍ଚ୍ଚିତ ପ୍ରସଙ୍ଗ। ଅନ୍ନପୂର୍ଣ୍ଣା ଜାଣିଥିଲେ ଯେ ତାଙ୍କର ଏହି ସକ୍ରିୟ ସାହିତ୍ୟିକ କାର୍ଯ୍ୟକ୍ରମ ବିଭିନ୍ନ ବ୍ୟକ୍ତି ଭିନ୍ନ ଭିନ୍ନ ଦୃଷ୍ଟିରେ ଆଲୋଚନା କରିବେ। ମାତ୍ର ସେଥିପାଇଁ ସେ ଅଟକି ଯିବାର ପ୍ରଶ୍ନ ଉଠୁନଥିଲା। ତାଙ୍କ ପରମପୂଜ୍ୟ ସ୍ୱାମୀଙ୍କ ନଥିଲା ଏ ବିଷୟରେ କୌଣସି ଆପତ୍ତି। ସେ ହୃଦୟଙ୍ଗମ କରିପାରିଥିଲେ ଯେ ଅନ୍ନପୂର୍ଣ୍ଣା ବିଭୁଆଶିଷରୁ ଉତଥିତା ଏକ ଅସାମାନ୍ୟ ସୃଜନ ସଳିତା। ତାଙ୍କୁ ଲିଭାଇ ଦେବାର ଶକ୍ତି କାହାରି ପାଖରେ ନାହିଁ।

ଅନ୍ନପୂର୍ଣ୍ଣାଙ୍କ ଅବିଚଳିତ ଇଚ୍ଛାଶକ୍ତି ତାଙ୍କ କବିତାରେ ମଧ୍ୟ ପ୍ରତିବିମ୍ବିତ ହୋଇଉଠିଛି ସାର୍ଥକ ଭାବରେ। ସ୍ୱରଚିତ 'ଦୃଢ଼ଶକ୍ତି'ଶୀର୍ଷକ କବିତାରେ ସେ ଲେଖିଛନ୍ତି - 'ସତ୍ୟ ସତ୍ୟ ସର୍ବସତ୍ୟ ନାହିଁ କିଛି ଭୟ, ସତ୍ୟର ସାଧନା ସଂଗେ ସକଳ ବିଜୟ / ସତ୍ୟଜ୍ୟୋତି ବ୍ୟାପୀ ଅଛି କାହିଁ ଅନ୍ଧକାର, ସତ୍ୟପ୍ରେମେ ପୂର୍ଣ୍ଣାକକ୍ଷର ନାହିଁ ମୋ ବିଚାର।' ସତ୍ୟ ସହ ଯେଉଁ ଆତ୍ମାର ସମ୍ପର୍କ ଯେତିକି ଘନିଷ୍ଠ, ସିଏ ସେତିକି ନିର୍ଭୟ। ଅନ୍ନପୂର୍ଣ୍ଣା ସତ୍ୟର ଆରାଧନାରେ ଜୀବନ ସମର୍ପିତ କରିଥିବାରୁ ସେ ଥିଲେ ସର୍ବଦା ଭୟଶୂନ୍ୟ। ଜନ୍ମଭୂମି ଉତ୍କଳ ତାଙ୍କ ପାଇଁ ଥିଲା ପ୍ରେରଣାଦାୟିନୀ ଜନନୀ। 'ଉତ୍କଳ ଭୂମି' ନାମକ କବିତାରେ ସେ ଢାଳି ଦେଇଛନ୍ତି ତାଙ୍କ ହୃଦୟର ପରିପୂର୍ଣ୍ଣ ଶ୍ରଦ୍ଧା ଓ ଭକ୍ତି। ପଣ୍ଡିତ ନୀଳମଣି ବିଦ୍ୟାରତ୍ନଙ୍କ ଉତ୍ସାହରେ ପ୍ରକାଶିତ ହୋଇଥିଲା ତାଙ୍କ 'ପଦ୍ୟମାଳା' ପ୍ରଥମ ଓ ଦ୍ୱିତୀୟ ଭାଗ। ପରେ ଆଲୋକ ଦେଖିଲା 'ପକ୍ଷୀଘରା'। 'ସହକାର' ପତ୍ରିକାର ସମ୍ପାଦିକା ଭାବରେ ସେ ସେତେବେଳେ କାର୍ଯ୍ୟନିର୍ବାହ କରିବା କ'ଣ କମ ସାହସିକତାର ପରିଚୟ! 'କଳ୍ପକୁଞ୍ଜ', 'ଆଶାହାଟ', 'ମନଶ୍ରୀ', ବିବିଧ କବିତା ତଥା ଗଦ୍ୟସମ୍ଭାରକୁ ନେଇ ତାଙ୍କର ପ୍ରକାଶିତ ହୋଇଛି 'ନାରୀକବି ଅନ୍ନପୂର୍ଣ୍ଣା ରଚନାଶ୍ରୀ।' ଜୀବନାନୁଭବର ବ୍ୟାପକତା କି ସରଳ, ମଧୁର ଓ କୋମଳ ଭାବରେ ପ୍ରକାଶିତ ହୋଇପାରେ, ତାହା ପ୍ରତିଟି ଅନୁରାଗୀ ପାଠକ ଏଥିରେ ନିଶ୍ଚୟ ଲକ୍ଷ୍ୟ କରିପାରିବେ। 'ନିଜ ହୃଦୟକୁ ଦେଖ, ତା'ପରେ କବିତା ଲେଖ' ବୋଲି ଫିଲିପ ସିଡନୀ ଯାହା କହିଛନ୍ତି, ତାହାର ପ୍ରାଣୋଚ୍ଛଳ ପରିପ୍ରକାଶ ହେଉଛି ଅନ୍ନପୂର୍ଣ୍ଣାଙ୍କ କବିତା ଏବଂ ସାମଗ୍ରିକ ଭାବରେ ତାଙ୍କ ସାହିତ୍ୟର ଆବେଦନ।

କଷ୍ଟ, ଯାତନା ଓ ବେଦନା ସତ୍ତ୍ୱେ ସ୍ୱକୀୟ ସାଧନାରେ ଥିଲେ ସେ ସର୍ବଦା ଅବିଚଳିତ। ସମାଜରେ ବ୍ୟାପ୍ତ ଅଚେତନତା ଦୂର କରିବାରେ ବିରାଜିତା ଏକ ଅଗ୍ନିଶିଖା। ପାଠକ ପ୍ରାଣର ଅହଂକୈନ୍ଦ୍ରିକ ସମସ୍ତ ଆବର୍ଜନାକୁ ଧୋଇ ନେବାରେ ଏକ ନିର୍ମଳ ନିର୍ଝରିଣୀ। ସକଳ ବିରୁଦ୍ଧ ପରିସ୍ଥିତି ସହ ସଂଘର୍ଷ କରି ଆଗକୁ ଅଗ୍ରସର ହୋଇଯିବା ନିମନ୍ତେ ସେ ମେଘାବୃତ୍ତ ଆକାଶ ବକ୍ଷର ଏକ ବିଜୁଳିରେଖା। ଶାନ୍ତି, ଆଶା, ନିରାଶା, ଦୁଃଖ, ମୃତ୍ୟୁ, ଅଶ୍ରୁ, ଗର୍ବ, ବିଚ୍ଛେଦ- ଏପରି ବହୁ ମାନବିକ ଅନୁଭବକୁ ସେ ବ୍ୟକ୍ତ କରିଛନ୍ତି ସହଜ, ସରଳ ଲାଳିତ୍ୟ ସଂଯୋଗ ସହିତ। କବିତାର ସାରଲ୍ୟରେ କିପରି କବି ହୃଦୟର ନମନୀୟତା ପ୍ରସ୍ଫୁଟିତ ହୋଇପାରେ ସୁବାସିତ ପୁଷ୍ପର ମସୃଣତା ନେଇ, ତାହା ଅନୁଭବ କରିବାକୁ ଯିଏ ଆକୁଳ, ତାଙ୍କ ଆତ୍ମାରେ ଏହା ପ୍ରଦାନ କରିପାରିବ ସାନ୍ତ୍ୱନାର ଚନ୍ଦନ ପ୍ରଲେପ। ●

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।





# ଭାରତର ରାଜନୀତିରେ 'ନବୀନ' ସିଦ୍ଧାନ୍ତ

■ ରାମଶଙ୍କର

ମହାତ୍ମା ଗାନ୍ଧୀଙ୍କ ଜନ୍ମ ଶତବାର୍ଷିକୀ ପାଳନ ଅବସରରେ ଭାରତ ସରକାରଙ୍କର ଯୁବ ବ୍ୟାପାର ଓ କ୍ରୀଡ଼ା ମନ୍ତ୍ରଣାଳୟ ଦ୍ୱାରା ୨୪ ସେପ୍ଟେମ୍ବର ୧୯୬୯ ରେ ମହାବିଦ୍ୟାଳୟରେ ଅଧ୍ୟୟନରତ ଛାତ୍ରଛାତ୍ରୀଙ୍କ ନିମନ୍ତେ 'ରାଷ୍ଟ୍ରୀୟ ସେବା ଯୋଜନା' ସ୍ଥାପିତ ହୋଇଛି ଫଂ ସାମାଜିକ ସମସ୍ୟା ସମାଧାନ ଦିଗରେ ଜନସାଧାରଣଙ୍କର ଭାଗିଦାରିତା ସୃଷ୍ଟି କରିବା ନିମନ୍ତେ ଆବଶ୍ୟକ 'ନେତୃତ୍ୱକାରୀ ସାମର୍ଥ୍ୟକୁ' ବିଦ୍ୟାର୍ଥୀମାନଙ୍କ ମଧ୍ୟରେ ପ୍ରୋତ୍ସାହିତ କରିବା ଏହି ଯୋଜନାର ମୁଖ୍ୟ ଉଦ୍ଦେଶ୍ୟ। ଏକ ବେସରକାରୀ ସଂଗଠନ ଜିଲ୍ଲା ସଦର ମହକୁମାରେ ୫୦ଜଣ ବିଦ୍ୟାର୍ଥୀଙ୍କୁ ନେଇ ୫ଦିନିଆ ଶିବିର ଆୟୋଜନ କରିଥା'ନ୍ତି। ଅନ୍ଧବିଶ୍ୱାସ ମୁକ୍ତ ଓ ବୈଜ୍ଞାନିକ ଚିନ୍ତାଧାରାଯୁକ୍ତ ଜୀବନ ସଫଳତାର ପ୍ରଥମ ପାହାଚ ଏବଂ ସମ୍ବିଧାନର ଧାରା -୫୧(କ) ଅନ୍ତର୍ଗତ ନାଗରିକଙ୍କ ଦାୟିତ୍ୱ ଓ କର୍ତ୍ତବ୍ୟ ସମ୍ପର୍କରେ ବିଦ୍ୟାର୍ଥୀମାନଙ୍କୁ ପ୍ରଶିକ୍ଷଣ ଦେବା କାର୍ଯ୍ୟ ମୁଁ କରୁଥାଏ। ତେଣୁ ଉକ୍ତ ବେସରକାରୀ ସଂଗଠନ ମୋତେ ନିମନ୍ତ୍ରଣ କରିଥା'ନ୍ତି। ମହାବିଦ୍ୟାଳୟରେ 'ରାଷ୍ଟ୍ରୀୟ ସେବା ଯୋଜନା' ଦାୟିତ୍ୱରେ ଥିବା ଅଧ୍ୟାପକ ବିଦ୍ୟାର୍ଥୀମାନଙ୍କୁ ନେତୃତ୍ୱ ଦେବାକୁ ଆବଶ୍ୟକ ଦୁଇଟି ଯୋଗ୍ୟତା ସମ୍ପର୍କରେ ବୁଝାଉଥା'ନ୍ତି। ପ୍ରଥମ, ଜନତାଙ୍କ ସହ ବ୍ୟକ୍ତିଗତ ପ୍ରତ୍ୟକ୍ଷ ସମ୍ପର୍କ। ଦ୍ୱିତୀୟରେ ଜନସାଧାରଣଙ୍କ ସହ ଭାବର ଆଦାନ ପ୍ରଦାନ ନିମନ୍ତେ ବାକ୍-ପଟୁତା। ସିଧାସଳଖ ସମ୍ପର୍କ ଓ ଭଲ କହିଲା ବାଲା ନହେଲେ ସଫଳ ନେତା ହୋଇ ପାରିବ ନାହିଁ। ଅଧ୍ୟାପକଙ୍କ ପାଠ ପଢ଼ା ସରିବା ପରେ ମୋ ପାଳି ଆସିଲା। ମାତ୍ର ମୁଁ ମୋ ବିଷୟକୁ ନ ଯାଇ ବିଦ୍ୟାର୍ଥୀ ଓ ଅନ୍ୟ ଅଧ୍ୟାପକଙ୍କ ଉପସ୍ଥିତିରେ ମୋର ଗୋଟିଏ ପ୍ରଶ୍ନ ଥିଲା, ଓଡ଼ିଶାରେ ଜନପ୍ରିୟତାର ଶୀର୍ଷରେ ଥିବା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଜନସମ୍ପର୍କ ଓ ବାକ୍‌ପଟୁତା। ବିଦ୍ୟାର୍ଥୀମାନଙ୍କ ଅପେକ୍ଷା ଅଧ୍ୟାପକବନ୍ଧୁମାନେ ସ୍ତବ୍ଧ। ବିରୋଧୀ ରାଜନୈତିକ ଦଳ ଓ ରାଜନୈତିକ ସମୀକ୍ଷକ ନବୀନ ବାବୁଙ୍କ ବିରୁଦ୍ଧରେ ଅପପ୍ରଚାର କରୁଥିଲେ ଯେ ତାଙ୍କର ଜନସାଧାରଣଙ୍କ ସହିତ ଆଦୌ ସମ୍ପର୍କ ନାହିଁ ଏବଂ ନବୀନ ବାବୁ ଭାଷଣ କଥା ଛାଡ଼ନ୍ତୁ ଅନ୍ୟ ପକ୍ଷରେ ବହୁତ କମ୍ କଥା କହନ୍ତି। ତେବେ କେଉଁ ଆଧାରରେ ସେ ଓଡ଼ିଶାବାସୀଙ୍କ ହୃଦୟ ଜିଣିଥିଲେ? ଯାହାଙ୍କୁ ଦେଖିବା ପାଇଁ ରାସ୍ତାକଡ଼ରେ ହଜାର ହଜାର ଆବାଳ ବୃଦ୍ଧ ବନିତା ଘଣ୍ଟା ଘଣ୍ଟା ଧରି ଅପେକ୍ଷା କରୁଥିଲେ? ଭାରତର ରାଜନୀତିରେ ଏକ ନୂତନ ସିଦ୍ଧାନ୍ତ ସୃଷ୍ଟି କରିଥିଲେ ନବୀନ ବାବୁ। ଜନସାଧାରଣଙ୍କ ସହ ପ୍ରତ୍ୟକ୍ଷ ସମ୍ପର୍କର ସେତୁ ସୃଷ୍ଟି କରିଥିଲେ 'ଜନ କଲ୍ୟାଣ ଯୋଜନା'ର ସୁଫଳ ଜରିଆରେ ଓଡ଼ିଶାବାସୀଙ୍କ ମୁହଁରେ ହସ ଫୁଟାଇ। ମିଥ୍ୟା ପ୍ରତିଶ୍ରୁତି ଓ ଲମ୍ବା ଭାଷଣ ପରିବର୍ତ୍ତେ ତିନୋଟି ଶବ୍ଦ ମାଧ୍ୟମରେ କୋଟିକୋଟି ଓଡ଼ିଶାବାସୀଙ୍କ ହୃଦୟକୁ ଜିତିଥିଲେ - 'ଆପଣମାନେ ଖୁସି ତ' ? ସାଢ଼େ ଚାରିକୋଟି ଓଡ଼ିଶାବାସୀ କେବଳ ନୁହନ୍ତି ଦେଶବାସୀ ଜାଣିଛନ୍ତି ଯେ ଗତ ବିଧାନସଭା ନିର୍ବାଚନରେ ଭାରତର ପ୍ରଧାନମନ୍ତ୍ରୀ, ଗଣ୍ଡା ଗଣ୍ଡା କେନ୍ଦ୍ରମନ୍ତ୍ରୀ, ଭାଜପା ଶାସିତ ରାଜ୍ୟର ମୁଖ୍ୟମନ୍ତ୍ରୀ, ଓଡ଼ିଶାବାସୀଙ୍କୁ ମିଥ୍ୟା ପ୍ରତିଶ୍ରୁତି ଦେଇ ଭୋଟ ନେଇଛନ୍ତି। ମାତ୍ର ଏକ ବର୍ଷ ମଧ୍ୟରେ ତାହା ପ୍ରମାଣ ହୋଇସାରିଛି। ଭାରତର ରାଜନୈତିକ ଇତିହାସରେ ନବୀନବାବୁ ନୂଆ ସିଦ୍ଧାନ୍ତର ପ୍ରତୀକ ପାଲଟିଛନ୍ତି। ■


**ଅଧ୍ୟକ୍ଷ,**
**ବିଶ୍ୱାମିତ୍ର ଜନସେବା ଟ୍ରଷ୍ଟ, ଖୋର୍ଦ୍ଧା,**
**ମୋ: ୯୩୩୭ ୬୨୧୪୫୫**


# ଅନନ୍ୟ ନବୀନ

■ ଡ. ବିମ୍ବାଧର ବେହେରା

ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ସଂପ୍ରତି ଓଡିଶା ବିଧାନସଭାର ବିରୋଧୀଦଳ ନେତା ମାନ୍ୟବର ନବୀନ ପଟ୍ଟନାୟକଙ୍କର ଜନ୍ମ ଜୟନ୍ତୀ ଆକ୍ଟୋବର ୧୬ ତାରିଖ। ଏହି ପରିପ୍ରେକ୍ଷୀରେ କୌଣସି ରାଜନୈତିକ ବାଦ ବିସମ୍ବାଦର ଊର୍ଦ୍ଧ୍ୱରେ ତାଙ୍କ ମହାନ ବ୍ୟକ୍ତିତ୍ୱର ଆକଳନ କରାଯାଇପାରେ। ଓଡ଼ିଶାର ମାଟି କଟକରେ ୧୯୪୬ ମସିହା ଅକ୍ଟୋବର ୧୬ ତାରିଖରେ ସେ ଭୂମିଷ୍ଠ ହୋଇଥିଲେ ଓଡ଼ିଶାର ପ୍ରବାଦପୁରୁଷ ପୂର୍ବତନ ମୁଖ୍ୟମନ୍ତ୍ରୀ, ପୂର୍ବତନ କେନ୍ଦ୍ର ଇସ୍ପାତ ମନ୍ତ୍ରୀ ସ୍ୱର୍ଗତ ବିଜୁ ପଟ୍ଟନାୟକଙ୍କ ପରିବାରରେ। ସମୟ ସ୍ରୋତରେ ଦୀର୍ଘ ୨୪ ବର୍ଷ କାଳ କେବଳ ଓଡ଼ିଶାରେ ନୁହଁ ଜାତୀୟ ରାଜନୀତିରେ ନବୀନବାବୁ ଥିଲେ ଜଣେ ନିଆରା ବ୍ୟକ୍ତିତ୍ୱ। ଓଡ଼ିଶାର ସାମାଜିକ, ଅର୍ଥନୈତିକ ବିକାଶ ସହ ରାଜ୍ୟର ମହିଳାମାନଙ୍କୁ ସ୍ୱାବଲମ୍ବୀ କରିବା ପାଇଁ କେତେକ ସ୍ୱତନ୍ତ୍ର ପଦକ୍ଷେପ ନେଇଥିଲେ ସେ। ଆଜି ମୋର ମନେପଡ଼େ ଜୁଲାଇ ପଚିଶ ୨୦୧୩ ମସିହାର ଏକ ସ୍ମରଣୀୟ ସନ୍ଧ୍ୟା ସ୍ଥାନ ରବୀନ୍ଦ୍ରମଣ୍ଡପ ଭୁବନେଶ୍ୱର, ଓଡ଼ିଶା ସାହିତ୍ୟ ଏକାଡେମୀର ପ୍ରତିଷ୍ଠା ଦିବସ ତଥା ସାରସ୍ୱତ ସମ୍ବର୍ଦ୍ଧନା ଉତ୍ସବ। ମଞ୍ଚ ଉପରେ ବହୁ ଉଚ୍ଚପଦସ୍ଥ କର୍ମକର୍ତ୍ତା, ମନ୍ତ୍ରୀଙ୍କ ସହ ମୁଖ୍ୟଅତିଥି ଥିଲେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ମାନ୍ୟବର ନବୀନ ପଟ୍ଟନାୟକ ମହୋଦୟ, ତାଙ୍କ ସ୍ୱହସ୍ତରୁ ଉତ୍ତରୀୟ ତଥା ତାମ୍ର ଫଳକ ସହ ବରିଷ୍ଟ ସାରସ୍ୱତ ସାଧକ ଭାବେ ସମ୍ବର୍ଦ୍ଧିତ ହେବା ମୋ ପାଇଁ ଜୀବନର ନିଶ୍ଚିତ ଭାବେ ଏକ ଅଭୁଲା ମୁହୂର୍ତ୍ତ। ସେହି ରୋମାଞ୍ଚିତ ସଞ୍ଚୟ ଆଜିବି ସ୍ମୃତି ପେଟିକାରୁ ଭାସି ଆସେ।

ଦ୍ୱିତୀୟଥର ମାର୍ଚ୍ଚ ୫ ତାରିଖ ୨୦୧୭ ମସିହା ପଞ୍ଚାୟତରାଜ ଦିବସ ପାଳିତ ହେଉଥାଏ ଭୁବନେଶ୍ୱରସ୍ଥ ଆଦିବାସୀ ପଡିଆରେ, ସେଦିନ ପ୍ରବାଦପୁରୁଷ ସ୍ୱର୍ଗତ ବିଜୁ ପଟ୍ଟନାୟକଙ୍କର ଜୟନ୍ତୀ ମଧ୍ୟ ଥାଏ, ସାରାଓଡ଼ିଶାର ବିଭିନ୍ନ ଜିଲ୍ଲାରୁ ବରିଷ୍ଠ ନାଗରିକ ତଥା ସାମାଜିକ ସମ୍ପୃକ୍ତି ଥିବା ବ୍ୟକ୍ତିମାନଙ୍କୁ ସମ୍ବର୍ଦ୍ଧିତ କରିବାର କାର୍ଯ୍ୟକ୍ରମ ଥାଏ। ସରକାରଙ୍କ ତରଫରୁ ବସ୍ ଯୋଗେ ସେମାନଙ୍କୁ ନେଇ ଭୁବନେଶ୍ୱରସ୍ଥ ବିଭିନ୍ନ ହୋଟେଲରେ ବିଶ୍ରାମ ସୁଯୋଗ ଦେବା ସହ ସୁନ୍ଦର ଆତିଥେୟତା ପ୍ରଦାନ କରାଯାଇଥିଲା ଏବଂ ସେମାନଙ୍କ ମଧ୍ୟରେ କେନ୍ଦୁଝରରୁ ଆଉ କେତେଜଣଙ୍କ ସହିତ ମୁଁ ମଧ୍ୟ ସେ ସୁଯୋଗ ଲାଭ କରିଥିଲି। ବିରାଟ ସୁସଜ୍ଜିତ ମଞ୍ଚରେ ମୁଖ୍ୟଅତିଥି ଥିଲେ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ମହୋଦୟ, ତାଙ୍କ ଉପସ୍ଥିତିରେ ତତ୍କାଳୀନ ମନ୍ତ୍ରୀ ଅରୁଣ କୁମାର ସାହୁ ଉତ୍ତରୀୟ ସହ ଆମକୁ ସମ୍ବର୍ଦ୍ଧିତ କରିଥିଲେ। ସେଇବେଳର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମହୋଦୟଙ୍କର ଭାବଗମ୍ଭୀର ସଂକ୍ଷିପ୍ତ ବକ୍ତବ୍ୟ ମଧ୍ୟରେ ବରିଷ୍ଠ ନାଗରିକମାନଙ୍କ ପ୍ରତି ତାଙ୍କର ଥିଲା ଶ୍ରଦ୍ଧା ଓ ସମ୍ମାନ, ସେହି ଅପରାହ୍ଣର ମଧୁର ସ୍ମୃତି ଏବେଯାଏ ଜୀବିତ ଅଛି।

ରାଜନୈତିକ ପରିସରରେ ପ୍ରବେଶ କରିବା ପୂର୍ବରୁ ମାନନୀୟ ନବୀନ ପଟ୍ଟନାୟକ ଜଣେ ଲେଖକ ଭାବେ ପ୍ରତିଷ୍ଠା ଅର୍ଜନ କରିଥିଲେ। ଇଂରାଜୀରେ ଅନେକ ଗ୍ରନ୍ଥର ପ୍ରଣେତା ସହ ବିଭିନ୍ନ ରୋଗ ନିରାକରଣ ପାଇଁ ଭାରତରେ ଥିବା ଔଷଧୀୟ ବୃକ୍ଷ ଉପରେ ତାଙ୍କର ସୃଜନୀ ପ୍ରତିଭା ବେଶ ଦୃଷ୍ଟିଆକର୍ଷଣ କରେ, ତାହା ଥିଲା 'ଗାର୍ଡେନ ଅଫ ଲାଇଫ', 'ଆନ ଇଣ୍ଟ୍ରୋଡକ୍ସନ ଟୁ ଦି ହିଲିଙ୍ଗ ପ୍ଲାଣ୍ଟସ ଅଫ ଇଣ୍ଡିଆ', ନିଶ୍ଚିତ ଭାବେ ଆରଣ୍ୟକ ପରିବେଶ ପ୍ରତି ତାଙ୍କ ହୃଦୟରେ ଆବେଗ ଥିଲା, ଯାହା ଏଥିରେ ପ୍ରତିଫଳିତ। ତାଙ୍କର ଭାଷଣଗୁଡ଼ିକ ଖୁବ୍ ସଂକ୍ଷିପ୍ତ ଥିଲେ ମଧ୍ୟ ବିନ୍ଦୁ ଭିତରେ ସିନ୍ଧୁ ଦର୍ଶନର ଅବକାଶ ଥିଲା। ଦୀର୍ଘବର୍ଷ ଧରି ଓଡ଼ିଶାର ଶାସନ ଡୋରିକୁ ନିୟନ୍ତ୍ରିତ କରିଥିବା ଏପରି ମହାଦ୍ରୁମଙ୍କ ବ୍ୟକ୍ତିତ୍ୱର ସାରବତ୍ତା ସଂକ୍ଷିପ୍ତ ପରିସରରେ ଆକଳନ କରିବା ଅନ୍ଧଙ୍କ ହାତୀ ଦେଖା ସହ ସମାନ। ■


**ଜନଜାତି ଗବେଷକ ତଥା ଅବସରପ୍ରାପ୍ତ ପ୍ରାଧ୍ୟାପକ,**
**ଧରଣୀଧର ସ୍ୱୟଂ ଶାଶିତ ମହାବିଦ୍ୟାଳୟ,**
**କେନ୍ଦୁଝର**



ବିଜୁ ଜନତା ଦଳ

୧୬ ଅକ୍ଟୋବର, ୨୦୨୫



ନବ ଉତ୍କଳର ବିଶ୍ୱକର୍ମା,
ସାଢ଼େ ଚାରିକୋଟି ଓଡ଼ିଆଙ୍କ ହୃଦୟର ସ୍ପନ୍ଦନ,
ଆମ ସମସ୍ତଙ୍କ ପ୍ରିୟ ମାନ୍ୟବର ପୂର୍ବତନ ମୁଖ୍ୟମନ୍ତ୍ରୀ
ତଥା ବିଜୁ ଜନତା ଦଳର ରାଜ୍ୟ ସଭାପତି
**ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ**
**ଶୁଭ ଜନ୍ମଦିନ**
ଅବସରରେ
**ହାର୍ଦ୍ଦିକ ଶୁଭେଚ୍ଛା ଓ ଶୁଭକାମନା**

ଏହି ଶୁଭ ଜନ୍ମଦିନରେ
ଜଗତର ନାଥ ଜଗନ୍ନାଥ ମହାପ୍ରଭୁଙ୍କ
ନିକଟରେ ଆପଣଙ୍କର ଦୀର୍ଘ
ଓ ନିରାମୟ ଜୀବନ ପାଇଁ ପ୍ରାର୍ଥନା କରୁଛି।




**ସୁବାସିନୀ ଜେନା**
ବିଧାୟିକା, ବସ୍ତା ନିର୍ବାଚନ ମଣ୍ଡଳୀ



# ଯାହାଙ୍କ ପାଇଁ ଓଡ଼ିଶା ଏବେ ଆଦର୍ଶ ରାଜ୍ୟ

■ ମହମ୍ମଦ ହିଫ୍‌ଜୁର ରହେମାନ୍



ନବୀନ ପଟ୍ଟନାୟକ । ରାଜନୀତି ତାଙ୍କ ପାଇଁ କ୍ଷମତା ଆହରଣ ନୁହେଁ, ଲୋକଙ୍କ ସେବା ଓ ରାଜ୍ୟର ବିକାଶ ହିଁ ଏକମାତ୍ର ବ୍ରତ । କ୍ଷମତାରେ ଥାଆନ୍ତୁ କି ନ ଥାଆନ୍ତୁ, ନିଷ୍ଠା ଓ ଆନ୍ତରିକତା ସହ ସାଢେ ଚାରି କୋଟି ଓଡ଼ିଶାବାସୀଙ୍କ ସେବାରେ ନିଜକୁ ନିୟୋଜିତ କରିଛନ୍ତି । ୧୯୯୭ରେ ପ୍ରଥମ ଥର ପାଇଁ ଆସିକା ଲୋକସଭା ଆସନରୁ ସାଂସଦ ଭାବେ ନିର୍ବାଚିତ ହେବା ଠାରୁ ଆଜି ପର୍ଯ୍ୟନ୍ତ ସେ ନିଜର ଜୀବନକୁ ସମ୍ପୂର୍ଣ୍ଣ ଭାବେ ଓଡିଶାବାସୀଙ୍କ ବିକାଶ ପାଇଁ ଉତ୍ସର୍ଗ କରିଦେଇଛନ୍ତି । ନିଜର ସ୍ୱଚ୍ଛ ଓ ନିର୍ମଳ ଭାବମୂର୍ତ୍ତି ପାଇଁ ଗତ ୨୫ ବର୍ଷରୁ ଅଧିକ ସମୟ ତାଙ୍କର ନିରନ୍ତର ସେବା ଅନ୍ୟମାନଙ୍କ ପାଇଁ ଉଦାହରଣ ହୋଇଛି ।

କ୍ଷମତାରେ ଥିବା ସମୟରେ ଓଡ଼ିଶାର ଚିତ୍ରକୁ ବଦଳାଇ ଦେଇଥିଲେ ନବୀନ ପଟ୍ଟନାୟକ । ଭୋକର ଭୂଗୋଳରୁ ଓଡିଶା ଆଜି ଶସ୍ୟ ସମୃଦ୍ଧ । ଅଭାବ ଅନଟନ, ଦାରିଦ୍ର୍ୟ, ଅନାହାର, ଅନଗ୍ରସର ଭଳି ଶବ୍ଦ ଯାହା ଓଡିଶାକୁ ସବୁବେଳେ ବିଶ୍ୱ ଦରବାରରେ ନନ୍ଦିତ କରୁଥିଲା, ତାହା ଆଜି ଇତିହାସ ପାଲଟିଯାଇଛି । ବିଶ୍ୱ ଦରବାରରେ ଓଡିଶା ଅନେକ କ୍ଷେତ୍ରରେ ମଡେଲ ରାଜ୍ୟର ମାନ୍ୟତା ପାଇଛି । ବିପର୍ଯ୍ୟୟ ମୁକାବିଲା ହେଉ କି ଓଡିଆଙ୍କ ପାଇଁ ଖାଦ୍ୟ ସୁରକ୍ଷା ସୁନିଶ୍ଚିତ କରିବା, ସାରା ବିଶ୍ୱ ଓଡିଶା ମଡେଲକୁ ପ୍ରଶଂସା କରୁଛି । ମିସନ ଶକ୍ତି ଜରିଆରେ ୭୦ ଲକ୍ଷ ମହିଳାଙ୍କ ସଶକ୍ତୀକରଣ ଠାରୁ ଆରମ୍ଭ କରି ଅଭେଦ୍ୟ ମାଓ ଗଡକୁ ସ୍ୱାଭିମାନ ଅଞ୍ଚଳରେ ରୂପାନ୍ତରିତ କରିବା, ଚାଷୀଙ୍କ ପାଇଁ କାଳିଆ ଯୋଜନା, ଓଡିଶାକୁ ବିଶ୍ୱସ୍ତରରେ ପୁଞ୍ଜିନିବେଶର ହବ୍ ଭାବେ ଗଢି ତୋଳିବା, ବିଶ୍ୱ ଦରବାରରେ ଓଡିଶାକୁ କ୍ରୀଡା ରାଜଧାନୀ ଭାବେ ପ୍ରତିଷ୍ଠିତ କରିବା, ଦକ୍ଷତା ବିକାଶ ଜରିଆରେ ଲକ୍ଷ ଲକ୍ଷ ଓଡିଆ ଯୁବକ ଯୁବତୀଙ୍କୁ ଆତ୍ମନିର୍ଭରଶୀଳ କରିବା, ଜାଗା ମିସନ ଜରିଆରେ ବସ୍ତିବାସିନ୍ଦାଙ୍କୁ ଜମି ଅଧିକାର ପ୍ରଦାନ ଭିଳି ଲୋକାଭିମୁଖୀ ଯୋଜନା ଥିଲା ନୂଆ ଓଡିଶାର ବିନ୍ଧାଣୀ ରୂପେ ପରିଚିତ ନବୀନଙ୍କ ଅବଦାନ ।

ଅର୍ଥ ଅଭାବରୁ କାହାର ଜୀବନ ଯିବ ନାହିଁ । ଚିକିତ୍ସା ପାଇଁ ଜମିବାଡ଼ି, ଗହଣା ବିକିବାକୁ ପଡ଼ିବ ନାହିଁ । ରାଜ୍ୟବାସୀଙ୍କ ପାଇଁ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାର ସ୍ମାର୍ଟ କାର୍ଡ ପ୍ରଚଳନ କରି ନବୀନ ଅନ୍ୟମାନଙ୍କ ପାଇଁ ରାସ୍ତା ଦେଖାଇଥିଲେ । ଚିକିତ୍ସା କ୍ଷେତ୍ରରେ ଏହା ଆଣିଥିଲା ବୈପ୍ଳବିକ ପରିବର୍ତ୍ତନ । ନୂଆ ସରକାର କ୍ଷମତାକୁ ଆସିଲା ପରେ ମଧ୍ୟ ଆୟୁଷ୍ମାନ ସ୍ୱାସ୍ଥ୍ୟ କାର୍ଡରେ ରହିଛି ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାର ଛାପ । ପୁରୀ ଶ୍ରୀଜଗନ୍ନାଥ ମନ୍ଦିର ହେଉ କି କୋଣାର୍କ ସୂର୍ଯ୍ୟ ମନ୍ଦିର, ଲିଙ୍ଗରାଜ ମନ୍ଦିର ଠାରୁ ଆରମ୍ଭ କରି ତାରାତାରିଣୀ ଓ ସମଲେଶ୍ୱରୀ ପୀଠ । ଏସବୁ ଐତିହ୍ୟ କ୍ଷେତ୍ରର ବିକାଶ ପାଇଁ ତାଙ୍କର ଅବଦାନ ମଧ୍ୟ ଅତୁଳନୀୟ ।

ସେହିଭଳି କୋଭିଡ ମୁକାବିଲାରେ ମଧ୍ୟ ଓଡିଶା ସାରା ଦେଶ ପାଇଁ ସାଜିଥିଲା ମଡେଲ । ଅଦୃଶ୍ୟ ଭୂତାଣୁ ବିରୋଧରେ ଲଢିବାକୁ ଯେତେବେଳେ କେହି ଚିନ୍ତା କରିପାରୁନଥିଲେ ସେତେବେଳେ ନବୀନ ଦେଇଥିଲେ ମୁକାବିଲାର ସୂତ୍ର । ସଂକ୍ରମଣ ଚେନ୍ ରୋକିବା ସହ ପ୍ରତ୍ୟେକ ଜୀବନ ମୂଲ୍ୟବାନ ଲକ୍ଷ୍ୟ ରଖି ଆରମ୍ଭ କରିଥିଲେ ମୁକାବିଲା । ରାଜ୍ୟରେ ସମସ୍ତଙ୍କୁ ମାଗଣା କୋଭିଡ ଚିକିତ୍ସା ପ୍ରଦାନ କରାଯାଇଲା ।

ନବୀନ ପଟ୍ଟନାୟକଙ୍କ ସଫଳତାରେ ଯୋଡ଼ି ହୋଇ ରହିଛି ଜନହିତକର କାର୍ଯ୍ୟକ୍ରମର ଏଭଳି ଲମ୍ବା ତାଲିକା । ଜଣେ ନମ୍ର ନେତା ଭାବେ ପରିଚିତ ନବୀନଙ୍କ କାର୍ଯ୍ୟଧାରା ଅନ୍ୟମାନଙ୍କ ପାଇଁ ଉଦାହାରଣ ହୋଇଛି ।

ନବୀନ ଏବେ କ୍ଷମତାରେ ନାହାନ୍ତି ସତ, କିନ୍ତୁ ରାଜ୍ୟବାସୀଙ୍କ ସେବାରେ ସେ ଏବେ ବି ଉତ୍ସର୍ଗୀକୃତ । ସାଢ଼େ ଚାରି କୋଟି ଓଡ଼ିଆ ଏବେ ବି ତାଙ୍କର ପରିବାର । ଏବେ ବି ସେମାନଙ୍କ ସୁଖଦୁଃଖ ସହିତ ନିଜକୁ ଯୋଡ଼ି ହୋଇ ରଖିଛନ୍ତି । କାହାରି ଟିକିଏ ଅସୁବିଧା ହେଲେ ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରି ଏହାର ସମାଧାନ ପାଇଁ ପରାମର୍ଶ ଦେଉଛନ୍ତି । ବିରୋଧୀ ଦଳ ନେତାଙ୍କ ଭୂମିକା କେମିତି ହୁଏ, ତାହା ସେ ତାଙ୍କର ଆଚରଣ ଜରିଆରେ ଉଦାହରଣ ସୃଷ୍ଟି କରିଛନ୍ତି । ରାଜ୍ୟ ବିଧାନସଭାର ୫୦ରୁ ଅଧିକ ବିଧାୟକ ଥିଲେ ମଧ୍ୟ ସେ କେବେହେଲ ନିର୍ବାଚିତ ସରକାରକୁ ଅସ୍ଥିର କରିବାକୁ ପ୍ରୟାସ କି ନାହାନ୍ତି । ଜାତୀୟ ଗଣମାଧ୍ୟମରେ ଚାଲିଥିବା ଚର୍ଚ୍ଚା ଅନୁଯାୟୀ ନବୀନ ଚାହିଁଲେ ରାଜ୍ୟରେ ବିଜେପି ସରକାରକୁ ଦୋହଲାଇ ଦେଇପାରିବେ । କିନ୍ତୁ କ୍ଷମତାଲୋଭୀ ନ ହୋଇ ଲୋକମାନଙ୍କର ମତାମତକୁ ସମ୍ମାନ ଜଣାଇ ବିରୋଧୀ ଦଳର ନେତା ଭାବେ ନିଜର ଗଠନମୂଳକ ଦାୟିତ୍ୱକୁ କିପରି ନିର୍ବାହ କରେ ତାହା ସେ ଦେଖାଇ ଦେଇଛନ୍ତି । ତାଙ୍କର ନିନ୍ଦୁକ ମଧ୍ୟ ଏହା ସ୍ୱୀକାର କରିବାକୁ ବାଧ୍ୟ ହେଉଛନ୍ତି । ■


# ବିରଳ ବ୍ୟକ୍ତିତ୍ୱ

■ ବିଜୟ କୁମାର ମହାନ୍ତି

ନବୀନ ପଟ୍ଟନାୟକଙ୍କୁ ମୁଁ ୨୦୦୨ ମସିହାରେ ନବୀନ ନିବାସରେ ପ୍ରତ୍ୟକ୍ଷ ଭାବରେ ଦେଖିବା ଏବଂ ଆଲୋଚନା କରିବାର ସୁଯୋଗ ପାଇଥିଲି । ସେତେବେଳେ ମୁଁ କୁଚିଣ୍ଡାର ଆମ ଭାତପୁରା ଗ୍ରାମରେ ଥିଲି । ଆମ ଘରେ ଲାଗିଥିବା ଲ୍ୟାଣ୍ଡଫୋନ୍‌ରେ ନବୀନ ନିବାସରୁ ଫୋନ୍ ଆସିଲାଯେ, ମୁଖ୍ୟମନ୍ତ୍ରୀ ଆପଣଙ୍କ ସହ କଥା ହେବା ପାଇଁ ଚାହାନ୍ତି । ସେ ରେଢ଼ାଖୋଲ ଉପନିର୍ବାଚନରେ ମୋର ସହଯୋଗ ଲୋଡ଼ିବା ସହ ନବୀନ ନିବାସ ଆସି ଆଲୋଚନା କରିବାକୁ ଅନୁରୋଧ କରିଥିଲେ । ମୁଁ ଓଡ଼ିଶା କେନ୍ଦୁପତ୍ର କର୍ମଚାରୀ ସଂଘର ସଭାପତି ଭାବରେ ସେହିବର୍ଷ ନିର୍ବାଚିତ ହୋଇଥିଲି । ରେଢ଼ାଖୋଲରେ ଆମ ସଂଘର ସଂଗଠନ ସୁଦୃଢ଼ ଥିଲା ଏବଂ ମୋର ରାଜନୈତିକ ସମ୍ପର୍କ ମଧ୍ୟ ଭଲ ଥିଲା । ନବୀନ ନିବାସରେ ରେଢ଼ାଖୋଲ ନିର୍ବାଚନ ମଣ୍ଡଳୀରେ ଥିବା ସମସ୍ୟା ଏବଂ ନିର୍ବାଚନରେ ବିଷୟରେ ମୋ ସହିତ ଆଲୋଚନା କରିଥିଲେ ଏବଂ ପରାମର୍ଶ ମଧ୍ୟ ଲୋଡ଼ିଥିଲେ । ସେତେବେଳେ ରେଢ଼ାଖୋଲ ନିର୍ବାଚନ ମଣ୍ଡଳୀରେ ଅତିଶୟ ବର୍ଷା ବିପ୍ଳାବିତ, ବନ୍ୟା, ଧମା ଅଞ୍ଚଳରେ ବନ୍ୟାଜନିତ ବ୍ୟାପକ କ୍ଷୟକ୍ଷତି ସମ୍ପର୍କରେ ମୁଁ ମୁଖ୍ୟମନ୍ତ୍ରୀଙ୍କର ଦୃଷ୍ଟି ଆକର୍ଷଣ କରି ତା'ର ପ୍ରତିକାର ପାଇଁ କେତେକ ପ୍ରସ୍ତାବ ଦେଇଥିଲି । ସେ ମୋ ମତାମତକୁ ଶୁଣି ନିଜେ ହାତରେ ଲେଖି ସେଗୁଡ଼ିକୁ କାର୍ଯ୍ୟକାରୀ କରିବାକୁ ଆଶ୍ୱାସନା ଦେଇଥିଲେ । ଏଥିସହିତ ଓଡ଼ିଶା କେନ୍ଦୁପତ୍ର କର୍ମଚାରୀ ସଂଘର ସହଯୋଗ ମଧ୍ୟ କାମନା କରିଥିଲେ । ମୋର ଏହି ପ୍ରଥମ ପରିଚୟ ଓ ଆଲୋଚନାରେ ନବୀନ ପଟ୍ଟନାୟକଙ୍କ ସରଳତା, ସମସ୍ୟା ଜାଣିବାର ଉତ୍ସୁକତା ଓ ସମାଧାନ ପାଇଁ ପ୍ରଚେଷ୍ଟା ଏବଂ ସର୍ବୋପରି ପ୍ରଥମ ପରିଚୟରୁ ହିଁ ଆତ୍ମୀୟତାର ଏକ ବଡ଼ ଝଲକ ମୁଁ ପାଇଲି । ତାଙ୍କର ପ୍ରଥମ ପରିଚୟରେ ଆଲୋଚନାର ବୈଶିଷ୍ଟ୍ୟ ମୋତେ ତାଙ୍କ ବ୍ୟକ୍ତିତ୍ୱ ପ୍ରତି ଆକୃଷ୍ଟ କରିଥିଲା । ୨୦୦୨-୦୩ ମସିହାର କଥା । ସେତେବେଳେର କେନ୍ଦୁପତ୍ର ତୋଳାଳିମାନଙ୍କର ଆର୍ଥିକ ସଙ୍କଟ ଏତେ ଉତ୍କଟ ଥିଲା ଯେ ଚପଲ କିଣିବା ସମସ୍ତଙ୍କ ପାଇଁ ସମ୍ଭବପର ହେଉନଥିଲା । ଠିକ୍ ସମୟରେ ସରକାର ନିଜେ ଚପଲ କିଣି ହଜାର ହଜାର ସଂଖ୍ୟାରେ ତୋଳାଳିଙ୍କୁ ବଣ୍ଟନ କଲେ । ଏହା ଦରଦୀ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ବ୍ୟକ୍ତିତ୍ୱର ଅନ୍ୟ ଏକ ପରିଚୟ । ସେହିପରି ୧ପଇସାରେ ଗୋଟିଏ ପତ୍ର ଦର ନିର୍ଦ୍ଧାରଣ ସେତେବେଳେ ଉଚ୍ଚ ସରକାରୀ ସ୍ତରରେ ଏବଂ ଅର୍ଥ ବିଭାଗରେ ଘୋର ବିରୋଧ ହେଲା । ଏହାସତ୍ତ୍ୱେ ନିଷ୍ପତ୍ତିକୁ ଦୃଢ଼ତାର ସହ କାର୍ଯ୍ୟକାରୀ କରିବା ସେତେବେଳର ତାଙ୍କର ଅନ୍ୟ ଏକ ସାହସିକ ପଦକ୍ଷେପ ଥିଲା । ଏହା ଏକ ସ୍ମରଣୀୟ ଘଟଣା । ଆମ ସଂଘ କେନ୍ଦୁପତ୍ର ତୋଳାଳିଙ୍କ କଲ୍ୟାଣ ପାଇଁ ବିଭିନ୍ନ ଦାବି ଓ ଆନ୍ଦୋଳନ କରିଛି । କିନ୍ତୁ ମୁଖ୍ୟମନ୍ତ୍ରୀ ଭାବେ ନବୀନ ପଟ୍ଟନାୟକ ଅସହିଷ୍ଣୁ ମନୋଭାବ ନ ରଖି ଯଥାସମ୍ଭବ ଆମର ଅନେକ ଦାବି ପୂରଣ କରିଛନ୍ତି । ଜଙ୍ଗଲ ଅଧିକାର ଆଇନ ପ୍ରଚଳନ ପରେ କେନ୍ଦୁପତ୍ର ସଂସ୍ଥାର ସମସ୍ତ ଲାଭକୁ କେନ୍ଦୁପତ୍ର ଶ୍ରମିକମାନଙ୍କ ମଧ୍ୟରେ ବଣ୍ଟନ ଯୋଜନା ମଧ୍ୟ କାର୍ଯ୍ୟକାରୀ ହେଲା । କେନ୍ଦୁପତ୍ର ତୋଳାଳି ଓ ଶ୍ରମିକମାନଙ୍କ ପ୍ରତି ତାଙ୍କର ସ୍ନେହ ଓ ସମର୍ଥନ ଥିଲା ଅନନ୍ୟ ।

୨୦୧୪ରେ ବୁର୍ଲା ଏନଏସି ଅଧ୍ୟକ୍ଷାଙ୍କ ବିରୋଧରେ କେତେକ କାଉନସିଲ ଅନାସ୍ଥା ପ୍ରସ୍ତାବ ଆଣିଥିଲେ । ଏହାଜାଣି ସେ ଅନାସ୍ଥା ପ୍ରସ୍ତାବ ଆଗତକାରୀମାନଙ୍କ ଉପରେ ବିରକ୍ତ ହେଲେ ଏବଂ ଏଥିରୁ ବିଚ୍ୟୁତ ହେବା ପାଇଁ ନିର୍ଦ୍ଦେଶ ଦେଲେ । ସେହିପରି ସମ୍ବଲପୁରରେ ମହିଳା ଜିଲ୍ଲାପାଳଙ୍କୁ ଦୁର୍ବ୍ୟବହାର ଘଟଣାକୁ ମଧ୍ୟ କଡ଼ା ଶବ୍ଦରେ ନିନ୍ଦା କରିଥିଲେ । ୧୯୯୯-୨୦୦୦ ମସିହାରେ ଓଡ଼ିଶାରେ ଭୟାବହ ବାତ୍ୟା ଓ ବନ୍ୟାଗ୍ରସ୍ତ ଓଡ଼ିଶାରେ ଘୋର ଆର୍ଥିକ ଦୁରବସ୍ଥା ସମୟରେ ସେ ୨୦୦୦ ମସିହାରେ ମୁଖ୍ୟମନ୍ତ୍ରୀ ଦାୟିତ୍ୱ ନେବା ଏବଂ ଅର୍ଥନୀତିକୁ ସଜାଡ଼ିବା ଏକ ବିଶେଷ ଘଟଣା । ଖାଦ୍ୟ ନିରାପତ୍ତା ଆଇନ୍ ଲାଗୁ ହୋଇ ନ ଥିବା ବେଳେ ଓଡ଼ିଶାରେ ଦରିଦ୍ର ସୀମାରେଖା ତଳେ ଥିବା ସମସ୍ତ ରାଜ୍ୟବାସୀଙ୍କୁ କିଲୋ ପ୍ରତି ଟ. ୨/- ରେ ଚାଉଳ ଯୋଗାଇବା ସେତେବେଳର ଯୁଗାନ୍ତକାରୀ ଘଟଣା ।

ସେହିପରି ବିଭିନ୍ନ ରାଜ୍ୟ ଯୋଜନା ଯଥା - ବିଜୁ ପକ୍କା ଘର ଯୋଜନା, ଗୋପବନ୍ଧୁ ରାଜ୍ୟ ଯୋଜନା, ମଧୁବାବୁ ପେନସନ ଯୋଜନା, ସ୍କୁଲ ଛାତ୍ରଛାତ୍ରୀମାନଙ୍କୁ ପୋଷାକ ଯୋଜନା, ମଧ୍ୟାହ୍ନ ଭୋଜନ ଯୋଜନା ଏବଂ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ଆଦି ସାମାଜିକ ନ୍ୟାୟ ପ୍ରତିଷ୍ଠା ସକାଶେ ତାଙ୍କର ସାହସିକ ପଦକ୍ଷେପ ଯୋଗୁଁ ଓଡ଼ିଶା ସମଗ୍ର ଦେଶରେ ଉଦାହରଣ ସୃଷ୍ଟି କରିଥିଲା । ୨୦୧୩ ମସିହାରେ ଏକ ସମାବେଶରେ ମୁଁ ଏସଡିଏର ଅଧ୍ୟକ୍ଷ ଭାବରେ ନବୀନ ପଟ୍ଟନାୟକଙ୍କୁ ମହାନଗର ନିଗମ ଗଠନ ପାଇଁ ଏକ ମାନଚିତ୍ର ଓ ବିବରଣୀ ଦେଇ ସମ୍ବଲପୁରକୁ ମହାନଗର ନିଗମ କରିବାକୁ ଅନୁରୋଧ କରିଥିଲି । ସେହିଦିନ ହିଁ ସେ ସମ୍ବଲପୁରକୁ ମହାନଗର ନିଗମ ଘୋଷଣା କରିଥିଲେ । ଏହା ମୋ ମନରେ ଆଜିପର୍ଯ୍ୟନ୍ତ ସ୍ମରଣୀୟ ହୋଇରହିଛି । ମୁଁ ଜିଲ୍ଲା ସଭାପତି, ରାଜ୍ୟ ହସ୍ତଶିଳ୍ପ ନିଗମର ଅଧ୍ୟକ୍ଷ, ରାଜ୍ୟ ଅର୍ଥ ଆୟୋଗର ସଦସ୍ୟ ଓ ସମ୍ବଲପୁର ଉନ୍ନୟନ ପ୍ରାଧିକରଣ ଅଧ୍ୟକ୍ଷ ଭାବରେ ବିଭିନ୍ନ ସମୟରେ ନବୀନ ବାବୁଙ୍କୁ ସାକ୍ଷାତ କରିଛି । ତାଙ୍କଠାରେ ଏକ ସରଳ, ଅମାୟିକ ତଥା ଏକ ବିରଳ ବ୍ୟକ୍ତିତ୍ୱର ଭାବମୂର୍ତ୍ତି ମୁଁ ଦେଖିଛି । ଆହୁରି ଅନେକ ପ୍ରତ୍ୟକ୍ଷ ଘଟଣା ଥିଲେ ମଧ୍ୟ ଅଧିକ ଏଥିରେ ବର୍ଣ୍ଣନା କରିବା ସମ୍ଭବପର ନୁହେଁ । ଏଣୁ କିଛି ସ୍ୱତନ୍ତ୍ର ଘଟଣାର ଅବତାରଣା କରିଛି । ଏଥିରୁ ତାଙ୍କର ବିରଳ ବ୍ୟକ୍ତିତ୍ୱର ପରିଚୟ ଯଥେଷ୍ଟ । ■



ଡି - ୮, ସରସ୍ୱତୀ ଏନକ୍ଲେଭ, ସମ୍ବଲପୁର,
ମୋ: ୯୪୩୭୮୦୬୫୨୭

# ଜନକଲ୍ୟାଣକାରୀ ଯୋଜନାର ଦୀର୍ଘ ଯାତ୍ରା

■ ସୋନାଲି ବେହେରା


ଦୀର୍ଘ ଦୁଇ ଦଶନ୍ଧିରୁ ଅଧିକ ସମୟ ଧରି ଓଡ଼ିଶାର ସବୁଠୁ ପ୍ରିୟ ନେତା ହେଲେ ନବୀନ ପଟ୍ଟନାୟକ । ଲଗାତାର ପାଞ୍ଚ ଥର ମୁଖ୍ୟମନ୍ତ୍ରୀ ଆସନରେ ବସିଥିଲେ ନବୀନ । ତାଙ୍କର ଦୂରଦୃଷ୍ଟି ଏବଂ ସୁଦକ୍ଷ ନେତୃତ୍ୱ ବଳରେ ଓଡ଼ିଶା ରୂପାନ୍ତରଣ ଆଜି ଶିଖର ଛୁଇଁଛି । ରାଜନୀତିରେ ନବୀନଙ୍କ ପ୍ରବେଶ ଓଡ଼ିଶା ରାଜନୀତିର ଏକ ଯୁଗାନ୍ତକାରୀ ପରିବର୍ତ୍ତନ ।

ରାଜ୍ୟର ସମସ୍ତ ଗ୍ରାମାଞ୍ଚଳରେ ଉନ୍ନତ ଭିତ୍ତିଭୂମିର ବିକାଶ ଥିଲା ନବୀନ ପଟ୍ଟନାୟକଙ୍କ ମୂଳ ଲକ୍ଷ୍ୟ । ଏହା ଅଧୀନରେ ପ୍ରାୟ ୬୭୯୪ ଗ୍ରାମ ପଞ୍ଚାୟତରେ ବିଭିନ୍ନ ପ୍ରକଳ୍ପ ପାଇଁ ପାଣ୍ଠି ଖର୍ଚ୍ଚ ହେଉଛି । ଏହି ଯୋଜନାରେ ରାଜ୍ୟର ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ ଉନ୍ନତ ଏବଂ ସୁଲଭ ସାଧାରଣ ସେବା ଯୋଗାଇ ଦିଆଯାଉଛି । ଏହି କଲ୍ୟାଣମୂଳକ ଯୋଜନାର ଏକ ସେବା ହେଉଛି 'ଆମ ଓଡ଼ିଶା ନବୀନ ଓଡ଼ିଶା' ଯାହାର ମୂଳ ଲକ୍ଷ୍ୟ ଥିଲା ଗ୍ରାମାଞ୍ଚଳର ବିକାଶ ସହ ଓଡ଼ିଆ ସଂସ୍କୃତି ତଥା ଜଗନ୍ନାଥ ସଂସ୍କୃତିର ପ୍ରଚାର ଓ ପ୍ରସାର । ଏହି ସେବା ଦ୍ୱାରା ଆର୍ଥିକ ସହାୟତା ମିଳିଛି । ଯାହା ଫଳରେ ବିଭିନ୍ନ ପଞ୍ଚାୟତକୁ ଉନ୍ନୟନ କାର୍ଯ୍ୟ ପାଇଁ ଅନୁଦାନ ମିଳିଛି । ସେହିପରି ଭାବରେ ଅନ୍ୟ ଏକ ସେବା 'ମହିଳା ସଶକ୍ତୀକରଣ' । ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ମାଧ୍ୟମରେ ମହିଳା ସଶକ୍ତୀକରଣ ଏବଂ ସ୍ୱାବଲମ୍ବୀ କରିଛି 'ମିଶନ ଶକ୍ତି' । ଗ୍ରାମଗୁଡ଼ିକରେ ସଡ଼କ ସଂଯୋଗ ପାଇଁ ରାଜ୍ୟ ସରକାରଙ୍କ ଏକ ସୁଫଳ ଯୋଜନା ହେଉଛି MMSY-CUUDA । ଏହି ଯୋଜନା ମାଓବାଦୀ ପ୍ରଭାବିତ ଓ ଚ୍ୟାଲେଞ୍ଜପୂର୍ଣ୍ଣ ଅଞ୍ଚଳରେ ଲାଗୁ ହୋଇଥିଲା । ବିଭିନ୍ନ ଗ୍ରାମପଞ୍ଚାୟତସ୍ତରରୁ ବ୍ଲକ୍ ଏବଂ ଜିଲ୍ଲା ପର୍ଯ୍ୟନ୍ତ ଏକ ସୁଗମ, ସୁଲଭ ଜନ ପରିବହନ ବ୍ୟବସ୍ଥା ହେଉଛି 'ଲକ୍ଷ୍ମୀ ବସ୍' ସେବା । ମହିଳା, ଛାତ୍ରଛାତ୍ରୀ ଏବଂ ଦିବ୍ୟଙ୍ଗମାନେ ମାତ୍ର ୫ ଟଙ୍କାରେ ଯାତ୍ରା କରିପାରିବେ । ଓଡ଼ିଶାର ଏକ ସ୍ମାର୍ଟ ତଥା ଅତ୍ୟାଧୁନିକ ସାର୍ବଜନୀନ ପରିବର୍ତ୍ତନ ହେଉଛି 'ମୋ ବସ' (ଯାହାକି ବର୍ତ୍ତମାନ 'ଆମ ବସ୍' ନାମରେ ପରିଚିତ) ନବୀନଙ୍କ ପାଇଁ ସଫଳ ହୋଇପାରିଛି । ଏହି ସେବାରେ ରାଜ୍ୟର ସହରାଞ୍ଚଳର ଯାତାୟାତ ସୁରକ୍ଷା, ସହଜ ଓ ସୁଲଭରେ ପରିବର୍ତ୍ତନ ଆଣିପାରିଛି । ଭୁବନେଶ୍ୱର, କଟକ, ଖୋର୍ଦ୍ଧା, ପୁରୀ, ପିପିଲି, କୋଣାର୍କ ସହିତ ଅନ୍ୟାନ୍ୟ ପ୍ରମୁଖ ସହର ତଥା ରାଉରକେଲା, ସମ୍ବଲପୁର, ବ୍ରହ୍ମପୁର ମଧ୍ୟ ଏହି ସେବା ଲାଭ କରୁଛି । Mo-E-Ride ଭଳି ଇ-ରିକ୍ସା ସେବାଗୁଡ଼ିକ ଯୋଗୁ ଯାତ୍ରୀମାନେ ଦୂରସ୍ଥାନରୁ ମୁଖ୍ୟ ବସ୍ ଷ୍ଟପ୍ ପର୍ଯ୍ୟନ୍ତ ସହଜରେ ପହଞ୍ଚି ପାରୁଛନ୍ତି । 'ମୋ ସେବା କେନ୍ଦ୍ର' ଦ୍ୱାରା ସମସ୍ତ ଗ୍ରାମ ପଞ୍ଚାୟତ କାର୍ଯ୍ୟାଳୟ ଓ ଜନସାଧାରଣ ପାଇଁ ମାଗଣା ୱାଇଫାଇ ହଟ୍‌ସ୍ପଟ ବ୍ୟବସ୍ଥା କରାଯାଇଛି । 'କାଳିଆ ଯୋଜନା' ଦ୍ୱାରା କୃଷକମାନଙ୍କୁ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଋଣ ଜାଲରୁ ଚାଷୀମାନଙ୍କୁ ମୁକ୍ତ କରିବା ଓ ଯେଉଁମାନେ ବାର୍ଦ୍ଧକ୍ୟ, ଅକ୍ଷମତା ବା ରୋଗ ହେତୁ ଚାଷ କାମ କରିପାରନ୍ତି ନାହିଁ, ସେମାନଙ୍କ ପରିବାରକୁ ଜୀବିକା ନିର୍ବାହ ପାଇଁ ସହାୟତା ଯୋଗାଇ ଦିଅଯାଏ । 'ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା' ହେଉଛି ନବୀନ ସରକାରଙ୍କ ଦ୍ୱାର ଆରମ୍ଭ କରାଯାଇଥିବା ଏକ ବଡ଼ ଧାରଣର ସ୍ୱାସ୍ଥ୍ୟ ଯୋଜନା । 'ଆହାର ଯୋଜନା' ଦ୍ୱାରା ସହରାଞ୍ଚଳରେ ଗରିବମାନଙ୍କୁ ୫ ଟଙ୍କିଆ ମୂଲ୍ୟରେ ଆହାର ମିଳିପାରୁଛି । 'ବିଜୁ ସଶକ୍ତିକରଣ ଯୋଜନା' ମାଧ୍ୟମରେ ମେଧାବୀ ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ କିଣିବା ପାଇଁ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ସହରାଞ୍ଚଳରେ ଥିବା ଗରିବ ଲୋକଙ୍କୁ ଜୀବିକା ପାଇଁ ସହାୟତା ପ୍ରଦାନ କରିବା ଏବଂ ସହରାଞ୍ଚଳ ଭିତ୍ତିଭୂମିର ବିକାଶ ପାଇଁ 'ମୁକ୍ତ ଯୋଜନା' କାର୍ଯ୍ୟକାରୀ ହୋଇଛି । 'ବନିଶ୍ରୀ ଯୋଜନା' ଦ୍ୱାରା ଦିବ୍ୟାଙ୍ଗ ଛାତ୍ରଛାତ୍ରୀମାନଙ୍କ ନିମନ୍ତେ ଶିକ୍ଷା ପାଇଁ ସହାୟତା ହେଉଛି ଛାତ୍ରବୃତ୍ତି । ନବୀନ ସରକାରଙ୍କର ଏକ ଗୁରୁତ୍ୱପୂର୍ଣ୍ଣ ଯୋଜନା ଥିଲା ' 5T ଯୋଜନା' । ସରକାର ସେବା ପ୍ରଦାନରେ 'ଟାଇମ୍' (Time), 'ଟ୍ରାନ୍ସଫର୍‌ମେସନ୍' (Transformation), 'ଟେକ୍ନୋଲୋଜି' (Technology), 'ଟ୍ରାନ୍ସପରସି' (Trancpercy), 'ଟିମ୍‌ୱାର୍କ' (Teamwork) ମାଧ୍ୟମରେ ପରିବର୍ତ୍ତନ ଆଣିବା ଏହାର ମୂଳ ଲକ୍ଷ ।



ରାଜ୍ୟ ରାଜନୀତିର ଏହି ଗୁରୁତ୍ୱପୂର୍ଣ୍ଣ ସମୟ ନବୀନ ପଟ୍ଟନାୟକଙ୍କ ଗୁରୁତ୍ୱ ସାବ୍ୟସ୍ତ କରିଛି । ବିଭିନ୍ନ କ୍ଷେତ୍ରରେ ତାଙ୍କର ଦୂରଦୃଷ୍ଟି ସଂପନ୍ନ ନେତୃତ୍ୱ ଯୋଗୁ ଓଡ଼ିଶା ଆଜି ଦେଶ ତଥା ବିଶ୍ୱ ଦରବାରରେ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିପାରିଛି । ଶିକ୍ଷାଠାରୁ ସ୍ୱାସ୍ଥ୍ୟ ଏବଂ ମାତୃଶକ୍ତିର ବିକାଶ ପର୍ଯ୍ୟନ୍ତ ନବୀନଙ୍କ କଲ୍ୟାଣକାରୀ ଯୋଜନା ଓଡ଼ିଶାର ରୂପାନ୍ତରଣ ଦିଗରେ ଏକ ମୂଳଦୁଆ ସ୍ଥାପନ କରିଛି । ଏହି ଯୋଜନାଗୁଡ଼ିକ କେବଳ ରାଜନୈତିକ ପ୍ରତିଶ୍ରୁତି ନୁହେଁ, ମାତ୍ର ଓଡ଼ିଶାର କୋଟି କୋଟି ଗରିବ ଓ ଦୁର୍ବଳ ଶ୍ରେଣୀର ଲୋକଙ୍କ ଜୀବନର ଏକ ସ୍ଥାୟୀ ପରିବର୍ତ୍ତନ ଆଣିଛି । ■

ସାମ୍ବାଦିକତା ଓ ଗଣଯୋଗାଯୋଗ,
ଭୁବନେଶ୍ୱର

# ରାଜନୀତିର ଭିନ୍ନ ସ୍ୱର ନବୀନ

■ ମହେଶ୍ୱର ସାହୁ

ପ୍ରଜାମାନଙ୍କର ଶୃଙ୍ଖଳିତ ଜୀବନଯାପନ ପାଇଁ ଶାସନ ଗାଦିରେ ବସିଥିବା ବ୍ୟକ୍ତିବିଶେଷ ଦ୍ୱାରା ପ୍ରଣୀତ ଅନୁଶାସନ ଧାରାକୁ ରାଜନୀତି କୁହାଯାଇଥାଏ। ପୁରାଣ ବର୍ଣ୍ଣିତ ରାଜା ହେଉ କି ଅବତାରୀ ପୁରୁଷ ଅବା ଇତିହାସର କେଉଁ ସମ୍ରାଟ - ସମସ୍ତେ ନିଜ ନିଜର ସ୍ୱତନ୍ତ୍ର ନୀତିରେ ଶାସନ କରିଆସିଛନ୍ତି। ଏହି ନୀତିରେ କିଏ ପ୍ରଜାନୁରଞ୍ଜକର ଆଖ୍ୟା ପାଇଛି ତ କିଏ ବ୍ୟଭିଚାରୀ ବା ସ୍ୱେଚ୍ଛାଚାରୀ ଶାସକର ଟୀକା ପିନ୍ଧି ଜନମାନସରେ ରେଖାଙ୍କିତ ହୋଇ ରହିଯାଇଛି। ଆଜିର ଗଣତନ୍ତ୍ରିକ ବ୍ୟବସ୍ଥାରେ ମଧ୍ୟ ସମାନ ନୀତି ଅନୁସରଣରେ ଶାସନ ଚାଲିଛି। ଫରକ୍ ଏତିକି ହୋଇଛି ଯେ, ଶାସନ ଗାଦିରେ ବସୁଥିବା ବ୍ୟକ୍ତିବିଶେଷ ବା ଦଳକୁ ସାଧାରଣଜନତା ସେମାନଙ୍କର ସାମ୍ବିଧାନିକ ଅଧିକାର ସାବ୍ୟସ୍ତ କରି ଦେଶ ବା ରାଜ୍ୟ ଶାସନର ଅଧିକାର ବା କ୍ଷମତା ଦେଉଛନ୍ତି, ଯାହା ସମୟାନ୍ତରରେ ପରିବର୍ତ୍ତନଶୀଳ।

ରାଜ୍ୟ ବା ପ୍ରଜା ଶାସନର ଧାରା ବା ନୀତିକୁ ରାଜନୀତି କୁହାଯାଉଥିଲେ ହେଁ, ସାଧାରଣ ଭାବେ କପଟତାର ଦାଓପେଞ୍ଚ ହିଁ ରାଜନୀତିର ପ୍ରକୃତ ପରିଭାଷାକୁ ବୁଝାଇଥାଏ। ଶାସନ ଗାଦି ଅକ୍ତିଆର କରିବା ପାଇଁ କଳ-ବଳ-କୌଶଳର ନୀତି ହିଁ ରାଜନୀତିର ଏକ ବିପକ୍ଷ ବା ବିପରୀତ ପରିଚୟ ସୃଷ୍ଟି କରିଛି। ଆଜିର ଗଣତନ୍ତ୍ରରେ ଖୁବ୍ କମ୍ ନେତା ଦେଖାଯା'ନ୍ତି, ଯେଉଁମାନେ କି ଏହି ଭିନ୍ନ ରାଜନୀତିର ସ୍ୱର ଓ ସ୍ୱାକ୍ଷରଠୁ ବହୁ ଦୂରରେ। ସେମାନେ ଶାସନ କ୍ଷମତାରେ ଥା'ନ୍ତୁ କି ନ ଥାଆନ୍ତୁ, ପ୍ରଜାନୁରଞ୍ଜକର ମାଳା ପିନ୍ଧି ଜନତାଙ୍କ ମାନସପଟରେ ସର୍ବଦା ଝଟକୁଥା'ନ୍ତି। ସେମାନେ ନିଜ ଦଳ, ନିଜ ପରିବାର, ନିଜ ସଂପର୍କୀୟ କିମ୍ବା ନିଜ ଅନୁଗତ - କାହାକୁ ବି ଖୁସି କରିବା ବଦଳରେ ଜନକଲ୍ୟାଣର ମନ୍ତ୍ରରେ ଦୀକ୍ଷିତ ହୋଇ ନିନ୍ଦା-ପ୍ରଶଂସାର ଊର୍ଦ୍ଧ୍ୱରେ ରହି ଜୀବନ ବିତାଉଥା'ନ୍ତି। ଏମିତି ଅନେକଙ୍କ ମଧ୍ୟରୁ ଜଣେ ହେଉଛନ୍ତି, ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ। ଦୀର୍ଘ ୨୪ ବର୍ଷର ନିରଂକୁଶ ଶାସନ ଗାଦିରେ ଥିବା ବିଜୁ ଜନତା ଦଳର ସର୍ବମାନ୍ୟ ସଭାପତି ନବୀନ ଏବେ ବିରୋଧୀ ଦଳ ନେତା। ଭୋଟ ରାଜନୀତିରେ ନବୀନ ଆଜି ମୁଖ୍ୟମନ୍ତ୍ରୀ ଆସନରୁ ଅପସରି ଯାଇଛନ୍ତି ସତ; ଓଡ଼ିଶାର କୋଟି କୋଟି ଜନତା ଆଜି ବି ତାଙ୍କୁ ମୁଖିଆ ଭାବେ ଗଣୁଛନ୍ତି।



ଦୁର୍ଭିକ୍ଷ, ଅନାହାର, ନିରକ୍ଷରତା, ବେକାରୀ, ପ୍ରାକୃତିକ ବିପର୍ଯ୍ୟୟର ତାଡ଼ନାରେ ଜର୍ଜରିତ ଓଡ଼ିଶାର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିବାର ପଣ ନେଇ ନବୀନ ଓଡ଼ିଶା ରାଜନୀତିରେ ପ୍ରବେଶ କରିଥିଲେ। ପ୍ରବାଦ ପୁରୁଷ ବିଜୁ ବାବୁଙ୍କ ଦେହାନ୍ତ ପରେ ବିଜୁଙ୍କ ପ୍ରତି ଓଡ଼ିଶାବାସୀଙ୍କ ଅକୁଣ୍ଠ ଭଲ ପାଇବାକୁ ଆଧାର କରି ୧୯୯୭ ମସିହା ଡିସେମ୍ବର ୨୬ ତାରିଖରେ ଜନ୍ମ ନେଇଥିବା ବିଜୁ ଜନତା ଦଳର ମଙ୍ଗ ଧରିଥିଲେ ବିଜୁ ପଟ୍ଟନାୟକଙ୍କ କନିଷ୍ଠ ପୁତ୍ର ନବୀନ। ୨୦୦୦ ମସିହା ମାର୍ଚ୍ଚ ମାସ ୫ ତାରିଖରେ ନବୀନ ଓଡ଼ିଶାର ୧୪ତମ ମୁଖ୍ୟମନ୍ତ୍ରୀ ପଦ ଅଳଙ୍କୃତ କରିବା ପୂର୍ବରୁ ୧୯୯୮ ମସିହା ସାଧାରଣ ନିର୍ବାଚନରେ ଓଡ଼ିଶାରୁ ସାଂସଦ ନିର୍ବାଚିତ ହୋଇ ଅଟଳ ବିହାରୀ ବାଜପେୟୀଙ୍କ ନେତୃତ୍ୱାଧୀନ ଏନ୍‌ଡିଏ ମେଣ୍ଟ ସରକାରରେ ଖଣି ମନ୍ତ୍ରୀ ଭାବେ କେନ୍ଦ୍ର କ୍ୟାବିନେଟରେ ସ୍ଥାନ ପାଇଥିଲେ। ଏହାପରେ ୨୦୦୦ ମସିହାର ସାଧାରଣ ନିର୍ବାଚନ ଜିତି ନବୀନ ବିଜେଡି-ବିଜେପି ମେଣ୍ଟର ନେତା ଭାବେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଆସନ ଅଳଙ୍କୃତ କରିଥିଲେ। ୨୦୦୪ ମସିହା ସାଧାରଣ ନିର୍ବାଚନରେ କେନ୍ଦ୍ରରେ ଏନ୍‌ଡିଏର ନିର୍ବାଚନ ପରାଜୟ ସତ୍ତ୍ୱେ ଓଡ଼ିଶାରେ ନବୀନଙ୍କ ଦୂରଦର୍ଶୀ ଶାସନ ନୀତି ପାଇଁ ରାଜ୍ୟବାସୀ ପୁଣି ଥରେ ବିଜେଡି-ବିଜେପି ମେଣ୍ଟକୁ ଜିତାଇଲେ ଏବଂ ନବୀନ ପୁଣିଥରେ ମୁଖ୍ୟମନ୍ତ୍ରୀ ହେଲେ। କିନ୍ତୁ ରାଜ୍ୟରେ ଧର୍ମୀୟ ବିଭେଦ କାରଣକୁ ନେଇ ବିଜେପିଠାରୁ ଦୂରେଇ ଯାଇ ୨୦୦୯ ସାଧାରଣ ନିର୍ବାଚନରେ ବିଜୁ ଜନତା ଦଳ ଏକାକୀ ଲଢ଼ିଲା ଏବଂ ଓଡ଼ିଶାବାସୀ ନବୀନଙ୍କ ଉପରେ ଆସ୍ଥା ପ୍ରକଟ କରି ତାଙ୍କୁ ପୁଣି ଥରେ ମୁଖ୍ୟମନ୍ତ୍ରୀ ଆସନରେ ବସାଇଲେ।

ସୁତରାଂ ୨୦୦୦ ମସିହାରୁ ୨୦୨୪ ମସିହା ପର୍ଯ୍ୟନ୍ତ ଦୀର୍ଘ ୨୪ବର୍ଷ ଧରି ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବେ ନବୀନ ଏଭଳି ଏକ ପରିବେଶ ସୃଷ୍ଟି କରିଛନ୍ତି, ଏବେ ଏବେ ନୂଆକରି ସାବାଳକ ହୋଇ ଭୋଟ ଦେଇଥିବା ଯୁବକଯୁବତୀମାନେ ତାଙ୍କ ଜୀବନକାଳ ଭିତରେ କେବଳ ଗୋଟିଏ ଚେହେରାକୁ ହିଁ ମୁଖ୍ୟମନ୍ତ୍ରୀ ଭାବେ ଦେଖି ଆସିଛନ୍ତି। ଆଜି ଅନ୍ୟ ଜଣେ ମୁଖ୍ୟମନ୍ତ୍ରୀ ଆସନରେ ବସିଥିଲେ ହେଁ, ଏବେବି ଓଡ଼ିଶାର ମୁଖ୍ୟମନ୍ତ୍ରୀ କିଏ ପଚାରିଲେ କିଛି ଲୋକଙ୍କ ପାଟିରୁ ଅଜାଣତରେ ବା ଅଭ୍ୟାସଗତରେ ନବୀନ ପଟ୍ଟନାୟକ ବୋଲି ବାହାରି ଆସୁଛି। ଏହା କେବଳ ନବୀନଙ୍କ ଦୀର୍ଘବର୍ଷର ଶାସନ ଅବଧି ପାଇଁ ନୁହେଁ; ଚିରାଚରିତ ରାଜନୀତିକ ଦାଓପେଞ୍ଚ ବା କପଟତାରୁ ଦୂରେଇ ନବୀନ ଓଡ଼ିଶା ରାଜନୀତିରେ ଛାଡ଼ିଯାଇଥିବା ଅଲିଭା ଛାପ ଯୋଗୁଁ।

କହିବାକୁ ଗଲେ, ନବୀନ କୌଣସି ନିର୍ଦ୍ଦିଷ୍ଟ ରାଜନୈତିକ ଦଳର ନୁହେଁ; ତାଙ୍କ ନିର୍ବିବାଦୀୟ ନେତୃତ୍ୱ, ସ୍ୱଳ୍ପଭାଷୀ, ସୁବିଚାର ଓ ଜନକଲ୍ୟାଣକାରୀ ଦୂରଦର୍ଶୀ ଶାସନ ପାଇଁ ଆଜି ଓଡ଼ିଶାର ଘରେ ଘରେ ଜଣେ ପରିଚିତ ଓ ପୂଜନୀୟ ବ୍ୟକ୍ତିତ୍ୱ। ଦଳୀୟ ଭାବନା ନେଇ କୁତ୍ସାରଟନା କରୁଥିବା ଅନ୍ୟଦଳର ଲୋକଟିଏ ନବୀନଙ୍କୁ ସମ୍ମୁଖରେ ଦେଖିଲେ ଲଜ୍ଜାବୋଧ କରେ, ଆଉ ତାଙ୍କୁ ଯଥୋଚିତ ସମ୍ମାନ ଜଣାଇବାକୁ କୁଣ୍ଠାବୋଧ କରେ ନାହିଁ। କେବଳ ଓଡ଼ିଶାର ରାଜନୈତିକ ଦୃଶ୍ୟପଟରେ ନୁହେଁ; କେନ୍ଦ୍ରରେ ମଧ୍ୟ ସର୍ବଦଳୀୟ ଗ୍ରହଣୀୟତା ନବୀନଙ୍କୁ ଜଣେ ସର୍ବମାନ୍ୟ ଲୋକପ୍ରିୟ ରାଜନେତାର ମାନ୍ୟତା ଦେଇଛି।

ଏସବୁ ସତ୍ତ୍ୱେ ବିବାଦୀୟ ପ୍ରସଙ୍ଗରେ ସମଦୂରତା ବଜାୟ ରଖି ନବୀନ ରାଜ୍ୟସ୍ୱାର୍ଥକୁ ସର୍ବାଦୌ ଗୁରୁତ୍ୱ ଦେଇ ଆସିଛନ୍ତି। ତାଙ୍କ ଶାସନକାଳରେ ଅନୁସୃତ ନୀତି ଯୋଜନାକୁ ଆଜି ଅନେକ ରାଜ୍ୟ ଏବଂ କେନ୍ଦ୍ର ସରକାର ଅନୁସରଣ କରୁଛନ୍ତି। ଦୀର୍ଘ ୨୪ ବର୍ଷର ଶାସନ ଭିତରେ ଓଡ଼ିଶାକୁ ବିକାଶର ଶିଖରରେ ପହଞ୍ଚାଇବା ପାଇଁ ନବୀନ ଏମିତି କିଛି ପ୍ରସଙ୍ଗ ଅଛୁଆଁ ରଖିଯାଇ ନାହାନ୍ତି, ଯାହାକୁ ନେଇ ଏବର ନୂଆ ସରକାର ଲୋକଙ୍କ ଦୃଷ୍ଟି ଆକର୍ଷଣ କରିପାରିଛି।

ସବୁ ପ୍ରକାର ପ୍ରତିକୂଳ ସ୍ଥିତିରୁ ସୁଧୁରି ଓଡ଼ିଶା ବିକାଶ ଦିଗରେ ଆଗେଇ ଯାଉଥିବାବେଳେ ଆଉ କିଛି ନୂଆ ସମ୍ଭାବନାର ସ୍ୱପ୍ନ ଅବା ଭେଳିକିରେ ରାଜ୍ୟବାସୀ ଭାରତୀୟ ଜନତା ପାର୍ଟି- ବିଜେପି ହାତରେ ରାଜ୍ୟ ଶାସନକୁ ଟେକି ଦେଇଛନ୍ତି। ହେଲେ ନୂଆ ସରକାରଙ୍କ ସତର ମାସ ଶାସନର ସ୍ଥିତି ଓ ଗତିରୁ ରାଜ୍ୟବାସୀ ସେଭଳି କିଛି ଆଭାସ କି ଆଶା-ଆଶ୍ୱାସନା ପାଇପାରୁ ନାହାନ୍ତି, ଯାହା ନବୀନଙ୍କଠାରୁ ମିଳିଥିଲା।

ଅଳ୍ପରେ ସନ୍ତୁଷ୍ଟ ଓଡ଼ିଶାବାସୀ ଶାନ୍ତିପ୍ରିୟ। କିନ୍ତୁ ଆଜି ଓଡ଼ିଶାର କୋଣଅନୁକୋଣରେ ଅଶାନ୍ତିର କଳରବ। ଆଇନଶୃଙ୍ଖଳା ବିପର୍ଯ୍ୟସ୍ତ। ପୁଲିସକୁ ଅପରାଧୀଙ୍କ ଭୟ ନାହିଁ। କାଳରାତ୍ରିର ଭୟଠାରୁ ଦିନର ସାଧାରଣ ଜୀବନଯାତ୍ରା ଅଧିକ ବିପନ୍ନ ହୋଇପଡ଼ିଛି। ପାରସ୍ପରିକ ସୌହାର୍ଦ୍ଦ୍ୟପୂର୍ଣ୍ଣ ସଂପର୍କ ଆଜି ଅବିଶ୍ୱାସର ଅନ୍ଧକୂପରେ କବଳିତ।

ଏଭଳି ସ୍ଥିତିରେ ରାଜନୈତିକ ଫାଇଦା ଉଠାଇବା ବଦଳରେ ନବୀନ କିନ୍ତୁ ରାଜ୍ୟବାସୀଙ୍କୁ ଶାନ୍ତି ବଜାୟ ରଖିବାକୁ ନିବେଦନ କରିବା ସହ ରାଜ୍ୟସ୍ୱାର୍ଥ ଓ ଜନସ୍ୱାର୍ଥକୁ ଗୁରୁତ୍ୱ ଦେବା ପାଇଁ ରାଜ୍ୟ ସରକାରଙ୍କୁ ସଜାଗ କରୁଛନ୍ତି। ରାଜ୍ୟର ଗରିମାକୁ ଅକ୍ଷୁଣ୍ଣ ରଖିବା ପାଇଁ ଅପରାଧିକ ତତ୍ତ୍ୱମାନଙ୍କ ପ୍ରତି ସତର୍କ ରହିବା ସହ କଠୋର ନୀତି ଆପଣାଇବାକୁ ଶାସନମୁଖ୍ୟଙ୍କୁ ଚେତାଇ ଦେଉଛନ୍ତି।

ଆଜିର ସମୟରେ ରାଜନୈତିକ ବିରାଦରୀ ବା ରାଜନୈତିକ ପୃଷ୍ଠପୋଷକତାରୁ କ୍ଷମତାକେନ୍ଦ୍ରର ଅଂଶୀଦାର ହୋଇପାରିଥିବା ଅନେକ ରାଜନେତା ବିବାଦୀୟ ଓ ବିତର୍କିତ। କ୍ଷମତା ହାସଲ ପରେ ଜନକଲ୍ୟାଣ ପାଇଁ ଚିନ୍ତା କରିବା ବଦଳରେ ସ୍ୱ-ସ୍ୱାଚ୍ଛନ୍ଦ୍ୟକୁ ଗୁରୁତ୍ୱ ଦେଇ ଲୋକପ୍ରିୟତା ହରାଇ ବସୁଛନ୍ତି। ତେଣୁ ଏବର ରାଜନୈତିକ ଚିତ୍ରପଟରେ ନବୀନଙ୍କ ଭଳି ଜଣେ ସର୍ବାଜନାଦୃତ ନେତା ନିଶ୍ଚିତ ଭାବେ ବିରଳ। ଆଜି ତାଙ୍କର ୭୯ତମ ଜନ୍ମଦିନରେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ଶତାୟୁ କାମନା ସହ ପ୍ରଣିପାତ। ■

# ସାଇକ୍ଲୋନ୍ ହିରୋ

■ ସ୍ୱାଧୀନିକା ସାମଲ

ପ୍ରାକୃତିକ ବିପର୍ଯ୍ୟୟ ଆଗରେ ଯେତେବେଳେ ସବୁ ରାଜ୍ୟ ତାହାର ହାତ ଟେକିଦେଉ ଥିଲା, ସେତେବେଳେ ଏପରି ଜଣେ ମୁଖ୍ୟମନ୍ତ୍ରୀ ଥିଲେ, ଯିଏ କି ଏପରି ସମୟରେ ପ୍ରାକୃତିକ ବିପର୍ଯ୍ୟୟକୁ ମାତ୍ ଦେଇଥିଲେ ନିଜର ବୁଦ୍ଧି ବଳରେ। ସେ ହେଉଛନ୍ତି ଆମର ପ୍ରିୟ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ। ସମୁଦ୍ର ତଟୀୟ ରାଜ୍ୟ ହୋଇଥିବାରୁ ଓଡ଼ିଶାକୁ ପ୍ରତିବର୍ଷ ବାତ୍ୟାର ସାମ୍ନା କରିବାକୁ ହୁଏ। କିନ୍ତୁ ନବୀନ ପଟ୍ଟନାୟକଙ୍କ ଶାସନ ସମୟରେ ଓଡ଼ିଶା ବାତ୍ୟାକୁ ମାତ୍ ଦେବାରେ ରୋଲ୍ ମଡେଲ୍ ପାଲଟିଥିଲା ସମସ୍ତ ଦେଶ ପାଇଁ। ଏପରିକି ନବୀନ ପଟ୍ଟନାୟକଙ୍କୁ 'Cyclone Man' ବା 'Cyclone Hero' ଭାବରେ ଆଖ୍ୟା ଦିଆଯାଇଛି। ଭୌଗୋଳିକ ଦୃଷ୍ଟିକୋଣରୁ ଦେଖିଲେ ଓଡ଼ିଶା ବାତ୍ୟା ସମ୍ବେଦନଶୀଳ ରାଜ୍ୟ। ଓଡ଼ିଶାର ଜଣେ ପ୍ରତିଷ୍ଠିତ ନେତା, ଯିଏ କି ନିଜ ରାଜନୈତିକ ଯାତ୍ରାରେ ନିଜର ନାମକୁ ଶୀର୍ଷରେ ରଖିଛନ୍ତି ତାଙ୍କର ଦୃଢ଼ ସଂକଳ୍ପ ଓ ସାମାଜିକ ସେବା ଯୋଗୁଁ। ତାଙ୍କର ସମସ୍ତ ଯୋଜନାରେ ମାନବ ଜୀବନ ଏବଂ ଆର୍ଥିକ ସମ୍ପଦକୁ ଅଧିକ ଗୁରୁତ୍ୱ ଦିଆଯାଇଥାଏ। ୧୯୯୯ ମସିହା ଅକ୍ଟୋବର ୨୯ ଏକ ଭୟାବହ ଦିନ ଥିଲା ସମଗ୍ର ଓଡ଼ିଶାବାସୀଙ୍କ ପାଇଁ। ଏହି ପ୍ରାକୃତିକ ବିପର୍ଯ୍ୟୟରେ ୧୦,୦୦୦ରୁ ଅଧିକ ଲୋକଙ୍କ ମୃତ୍ୟୁ ହୋଇଥିଲା। ସେତେବେଳେ ରାଜ୍ୟରେ ଯଥେଷ୍ଟ ପ୍ରସ୍ତୁତି ନ ଥିଲା। ସେହି ସମୟରେ ନବୀନ ପଟ୍ଟନାୟକ ଏ ପ୍ରସଙ୍ଗରେ ଅଧିକ ଗୁରୁତ୍ୱ ଦେଇଥିଲେ। ୨୦୦୧ ମସିହାରେ ନବୀନ ପଟ୍ଟନାୟକ OSDMA ( Odisha State Disaster Management Authority) ଗଠନ କରିଥିଲେ। ଏହି ସଂସ୍ଥା ପ୍ରାକୃତିକ ବିପର୍ଯ୍ୟୟ ପୂର୍ବ ପ୍ରସ୍ତୁତି, ଜନସଚେତନତା, ଉଦ୍ଧାର କରିବା ଉପରେ ଅଧିକ ଗୁରୁତ୍ୱ ଦେଉଥିଲା। ୨୦୧୩ ମସିହାରେ 'ଫାଇଲିନ' ବାତ୍ୟା ସମୟରେ ନବୀନଙ୍କ ସଠିକ୍ ନେତୃତ୍ୱ ଓ ଶାସନ ବଳରେ ୧୦ ଲକ୍ଷ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ନିଆଯାଇଥିଲା। ମାତ୍ର ୨୧ ଜଣଙ୍କ ମୃତ୍ୟୁ ହୋଇଥିଲା ଯାହାକି ସମଗ୍ର ବିଶ୍ୱରେ ବଡ଼ ରେକର୍ଡ ଥିଲା। ଏଥିପାଇଁ ଜାତିସଂଘ ଓ ବିଶ୍ୱ ବ୍ୟାଙ୍କ ଓଡ଼ିଶାକୁ 'Model in disaster management' ବୋଲି କହିଥିଲେ। ସେହିପରି ୨୦୧୪ ମସିହାରେ 'ହୁଦ୍‌ହୁଦ୍' ବାତ୍ୟା ହୋଇଥିଲା ଓଡ଼ିଶାରେ। ଯାହାର ପ୍ରଭାବ କମ୍ ଥିଲା, ଯାହାକି ନବୀନଙ୍କ ସର୍ବୋତ୍ତମ ନେତୃତ୍ୱର ଜ୍ୱଳନ୍ତ ଉଦାହରଣ ଥିଲା।

୨୦୧୮ ମସିହାରେ 'ତିତ୍‌ଲି' ବାତ୍ୟା ଓଡ଼ିଶାରେ ହେଇଥିଲା ନବୀନ ନିଜ ତତ୍ତ୍ୱାବଧାନରେ ସବୁ ନିରୀକ୍ଷଣ କରିଥିଲେ। ସେହି ସମୟରେ ଗ୍ରାମ ସ୍ତରରେ ଉଦ୍ଧାର ଟିମ୍ ଏବଂ ବ୍ଲକ୍ ସ୍ତର ନିୟନ୍ତ୍ରଣ କକ୍ଷ ଖୋଲା ଯାଇଥିଲା। ଦୀର୍ଘ ୨୦ ବର୍ଷ ପରେ ସବୁଠୁ ବଡ଼ ବାତ୍ୟା ଥିଲା 'ଫନି'। ଏହି ବାତ୍ୟାରେ ୧୨,୦୦୦ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତରିତ କରାଯାଇଥିଲା।

UNESCO ଓ UN ପକ୍ଷରୁ ଓଡ଼ିଶାକୁ 'Heroic disaster preparedness' ଭାବେ ସମ୍ମାନିତ ମଧ୍ୟ କରାଯାଇଥିଲା। ଏପରିକି କୋଭିଡ୍‌ର ଭୟାବହ ସମୟରେ ମଧ୍ୟ ବାତ୍ୟା ପରିଚାଳନା ସଠିକ୍ ଭାବେ ହୋଇଥିଲା। ଏହି ସମୟ ତାଙ୍କ ଦୃଢ଼ ପରିଚାଳନା ଏବଂ ଉତ୍ତମ ଶାସନକୁ ଦେଖାଏ। ନବୀନ ପଟ୍ଟନାୟକଙ୍କ ନେତୃତ୍ୱରେ ୯୦୦ ରୁ ଅଧିକ ବାତ୍ୟା ଶିବିର ଗଠନ କରିବା ସଙ୍ଗେ ସଙ୍ଗେ ୫୦,୦୦୦ ରୁ ଅଧିକ ବାତ୍ୟା ସ୍ୱେଚ୍ଛାସେବୀଙ୍କୁ ଉଚିତ୍ ପ୍ରଶିକ୍ଷଣ ଦିଆଯାଇଥିଲା। ଏପରିକି ଅନେକ ରାଜ୍ୟ ଏବଂ ଦେଶ ତାଙ୍କର ଏହି ନେତୃତ୍ୱକୁ ଅନୁସରଣ କରିଥିଲେ। ନବୀନ ପଟ୍ଟନାୟକ ନିଜେ 'Zero Casualty policy' ଆରମ୍ଭ କରିଥିଲେ, ଯାହାର ଅର୍ଥ ହେଉଛି ଦୁର୍ଘଟଣାରେ ମୃତ୍ୟୁ ସଂଖ୍ୟା ଶୂନ। ନବୀନ ପଟ୍ଟନାୟକ ଓଡ଼ିଶାକୁ ଦୁର୍ଘଟଣା ସହନଶୀଳ ରାଜ୍ୟ ଭାବେ ସମଗ୍ର ଦେଶରେ ପରିଚିତ କରିଥିଲେ। ସେ କେବଳ ରାଜନେତା ନ ଥିଲେ ସେ ଥିଲେ ଆଦର୍ଶ ନେତୃତ୍ୱର ଜ୍ୱଳନ୍ତ ଉଦାହରଣ ସମଗ୍ର ଦେଶ ପାଇଁ। ଏପରିକି ତାଙ୍କୁ 'Best CM' ବୋଲି ମଧ୍ୟ କୁହାଯାଏ। ■

ସାମ୍ବାଦିକତା ଏବଂ ଗଣଯୋଗାଯୋଗ ବିଭାଗ
ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟ,
ଭୁବନେଶ୍ୱର






# ଓଡ଼ିଶା ରାଜନୀତିର ମହାନାୟକ

■ ମିହିର ରାୟ

ଭାରତୀୟ ରାଜନୀତିର ବିଶାଳ ମଞ୍ଚରେ କିଛି ବିରଳ ବ୍ୟକ୍ତିତ୍ୱ ଏମିତି ଥାଆନ୍ତି, ଯେଉଁମାନେ ନିଜର ନମ୍ରତା, ନିଷ୍ଠା ଓ କର୍ମନିର୍ଭର ଦୃଷ୍ଟିକୋଣ ଦ୍ୱାରା ଇତିହାସରେ ଅମର ହୋଇ ରହନ୍ତି। ଏମିତି ଏକ ଅନନ୍ୟ ବ୍ୟକ୍ତିତ୍ୱ ହେଉଛନ୍ତି ନବୀନ ପଟ୍ଟନାୟକ, ଯିଏ ଓଡ଼ିଶାରେ ୨୪ ବର୍ଷ ଧରି ମୁଖ୍ୟମନ୍ତ୍ରୀ ଭାବେ ଶାସନ କରି ପାଞ୍ଚଟି ନିରନ୍ତର କାର୍ଯ୍ୟକାଳରେ ବିଜୟୀ ହୋଇ ଏକ ଅସାଧାରଣ ରେକର୍ଡ ସୃଷ୍ଟି କରିଛନ୍ତି। ତାଙ୍କର ନମ୍ରତା, କମ୍ କଥାବାର୍ତ୍ତା ଶୈଳୀ, କର୍ମନିଷ୍ଠା ଓ ସଂସ୍କାରବାଦୀ ଚିନ୍ତାଧାରା ତାଙ୍କୁ ଓଡ଼ିଶା ତଥା ଭାରତୀୟ ରାଜନୀତିରେ ଏକ ପ୍ରେରଣାଦାୟୀ ଆଲୋକସ୍ତମ୍ଭରେ ପରିଣତ କରିଛି। ନବୀନଙ୍କ ଶାସନକାଳରେ ଓଡ଼ିଶାର ବିକାଶ, ସାମାଜିକ ସଂସ୍କାର ଓ ରାଷ୍ଟ୍ରୀୟ ରାଜନୀତିରେ ତାଙ୍କର ଅବଦାନ ଏକ ସ୍ୱର୍ଣ୍ଣିମ ଅଧ୍ୟାୟ ରଚନା କରିଛି। ତାଙ୍କର ଅସାଧାରଣ ସଫଳତା, ମହାନ ବ୍ୟକ୍ତିତ୍ୱ ଓ ଐତିହାସିକ ମହତ୍ତ୍ୱକୁ ଅବଲୋକନ କଲେ ଏକ ପ୍ରେରଣାଦାୟୀ କାହାଣୀ ସାମ୍ନାକୁ ଆସେ।


ନବୀନ ପଟ୍ଟନାୟକଙ୍କ ଶାସନ ଓଡ଼ିଶାକୁ ଏକ ନୂତନ ଦିଗନ୍ତରେ ପହଞ୍ଚାଇଛି। ତାଙ୍କର ପ୍ରଥମ କାର୍ଯ୍ୟକାଳରୁ ହିଁ ଦୁର୍ନୀତି ବିରୋଧୀ ଅଭିଯାନ ଏକ ନଜିର ସୃଷ୍ଟି କରିଥିଲା। ୨୦୦୦ ରୁ ୨୦୧୨ ମଧ୍ୟରେ ୨୬ ଜଣ ମନ୍ତ୍ରୀଙ୍କୁ ଦୁର୍ନୀତି ଅଭିଯୋଗରେ ବରଖାସ୍ତ କରି ସେ ପାରଦର୍ଶୀ ପ୍ରଶାସନର ଏକ ଆଦର୍ଶ ସ୍ଥାପନ କରିଥିଲେ। ବିପର୍ଯ୍ୟୟ ପରିଚାଳନାରେ ଓଡ଼ିଶାକୁ ବିଶ୍ୱ ମାନଚିତ୍ରରେ ପ୍ରତିଷ୍ଠିତ କରିବାରେ ତାଙ୍କର ଦୂରଦୃଷ୍ଟି ଅନନ୍ୟ। ୧୯୯୯ର ସୁପର୍ ସାଇକ୍ଲୋନ୍‌ର ଭୟାବହ ଧ୍ୱଂସ ପରେ ସେ ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା ପ୍ରାଧିକରଣ (ଓଏସ୍‌ଡିଏମ୍‌ଏ) ଗଠନ କରିଥିଲେ। ଏହା ଫାଇଲିନ, ହୁଡ଼ହୁଡ଼ ଓ ଫନି ଭଳି ବିପର୍ଯ୍ୟୟରେ ଲକ୍ଷାଧିକ ଜୀବନ ରକ୍ଷା କରିବାରେ ସଫଳ ହୋଇଥିଲା। ଏହି ପ୍ରୟାସ ପାଇଁ ଜାତିସଂଘ ସମେତ ବିଶ୍ୱବ୍ୟାପୀ ସଂସ୍ଥାଗୁଡ଼ିକ ଓଡ଼ିଶାକୁ ପ୍ରଶଂସା କରିଛନ୍ତି।

ଦାରିଦ୍ର୍ୟ ନିରାକରଣରେ ନବୀନଙ୍କର ଯୋଜନାଗୁଡ଼ିକ ଏକ ବିପ୍ଳବ ଆଣିଛି। ନୀତି ଆୟୋଗର ରିପୋର୍ଟ ଅନୁଯାୟୀ, ୨୦୦୫-୦୬ ରୁ ୨୦୨୨-୨୩ ମଧ୍ୟରେ ଓଡ଼ିଶାର ବହୁଆୟାମୀ ଦାରିଦ୍ର୍ୟ ୬୩.୮୪% ରୁ ୧୧.୦୭% କୁ ହ୍ରାସ ପାଇଛି, ଯାହାଦ୍ୱାରା ୧୦୨.୭୮ ଲକ୍ଷ ଲୋକ ଦାରିଦ୍ର୍ୟରୁ ମୁକ୍ତି ପାଇଛନ୍ତି। 'ମମତା ଯୋଜନା' ଗର୍ଭବତୀ ମହିଳାମାନଙ୍କୁ ସଶକ୍ତ କରିଛି ଓ ରାଜ୍ୟର ମାତୃ ମୃତ୍ୟୁ ହାର ଓ ଶିଶୁ ମୃତ୍ୟୁ ହାରକୁ ନିୟନ୍ତ୍ରଣ ସ୍ତରକୁ ଆଣିବାରେ ସକ୍ଷମ ହୋଇଛି। 'କାଳିଆ ଯୋଜନା' କୃଷକମାନଙ୍କୁ ଆର୍ଥିକ ସ୍ୱାବଲମ୍ବୀ କରିଛି, 'ମିଶନ୍ ଶକ୍ତି' ମାଧ୍ୟମରେ ରାଜ୍ୟର ପ୍ରାୟ ସତୁରି ଲକ୍ଷ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀରେ ସାମିଲ ହୋଇ ଆର୍ଥିକ ସ୍ୱାଧୀନତା ହାସଲ କରିଛନ୍ତି, ଓ 'ଜାଗା ମିଶନ୍' ସହରୀ ଗରିବମାନଙ୍କୁ ଆବାସ ଯୋଗାଇଛି। ମହିଳା ସଶକ୍ତୀକରଣରେ ତାଙ୍କର ଅବଦାନ ଅତୁଳନୀୟ। ପଞ୍ଚାୟତରେ ୫୦% ମହିଳା ସଂରକ୍ଷଣ ଏବଂ ମିଶନ୍ ଶକ୍ତି ମାଧ୍ୟମରେ ମହିଳାମାନଙ୍କୁ ନେତୃତ୍ୱ ପ୍ରଦାନ କରିବାରେ ସେ ଏକ ନୂତନ ଦୃଷ୍ଟାନ୍ତ ସ୍ଥାପନ କରିଛନ୍ତି। ସ୍ୱାସ୍ଥ୍ୟ ଓ ଶିକ୍ଷା କ୍ଷେତ୍ରରେ ନବୀନଙ୍କର ପଦକ୍ଷେପ ଓଡ଼ିଶାକୁ ଏକ ଆଧୁନିକ ରାଜ୍ୟରେ ପରିଣତ କରିଛି। 'ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା' ମାଧ୍ୟମରେ ଲକ୍ଷାଧିକ ଲୋକଙ୍କୁ ମାଗଣା ଚିକିତ୍ସା ଯୋଗାଇ ଦିଆଯାଇଛି। 'ମୋ ସ୍କୁଲ୍' ଓ '୫ଟି' ଯୋଜନା ମାଧ୍ୟମରେ ସ୍କୁଲ୍‌ଗୁଡ଼ିକରେ ଆଧୁନିକ ଅନ୍ତର୍ଗଠନ ଓ ଶିକ୍ଷାର ଗୁଣବତ୍ତା ବୃଦ୍ଧି କରିଛି। ଉପଜାତି କଲ୍ୟାଣ ଓ ଆଦିବାସୀ ବିକାଶରେ ମଧ୍ୟ ତାଙ୍କର ଯୋଜନାଗୁଡ଼ିକ ଫଳପ୍ରଦ ହୋଇଛି।

ଅର୍ଥନୈତିକ ବିକାଶରେ ନବୀନଙ୍କର ଦୂରଦୃଷ୍ଟି ଓଡ଼ିଶାକୁ ଏକ ଶକ୍ତିଶାଳୀ ରାଜ୍ୟରେ ପରିଣତ କରିଛି। ଖଣିଜ ସମ୍ପଦର ସଦୁପଯୋଗ ମାଧ୍ୟମରେ ରାଜ୍ୟର ଋଣ ହ୍ରାସ କରାଯାଇଛି। ନୀତି ଆୟୋଗଙ୍କ ରିପୋର୍ଟ ଅନୁଯାୟୀ, ଏକଦା ଋଣଗ୍ରସ୍ତ ହୋଇ ପଡ଼ିଥିବା ଓଡିଶା, ମୁଣ୍ଡପିଛା ଋଣଭାର କ୍ଷେତ୍ରରେ ଦେଶର ସମସ୍ତ ରାଜ୍ୟ ମାନଙ୍କ ଭିତରେ ସବୁଠାରୁ ନିମ୍ନରେ ରହିଥିଲା। ଏହାଛଡା, ଆର୍ଥିକ ଶୃଙ୍ଖଳା କ୍ଷେତ୍ରରେ ନୀତି ଆୟୋଗଙ୍କ ୨୦୨୩ମସିହାର ରିପୋର୍ଟ ଅନୁଯାୟୀ, ଓଡିଶା ଦେଶର ରାଜ୍ୟ ମାନଙ୍କ ଭିତରେ ପ୍ରଥମ ସ୍ଥାନ ହାସଲ କରିଥିଲା। ନବୀନଙ୍କ ନୂତନ ଶିଳ୍ପନୀତି ଯୋଗୁ ଶିଳ୍ପ ପ୍ରତିଷ୍ଠା କ୍ଷେତ୍ରରେ, ଓଡିଶା ବିଶ୍ୱର ପ୍ରତିଷ୍ଠିତ ଶିଳ୍ପ ଅନୁଷ୍ଠାନ ମାନଙ୍କୁ ଆକୃଷ୍ଟ କରିବାରେ ସଫଳ ହୋଇଥିଲା। ଏହି କାରଣରୁ, ଓଡିଶା ପୁଞ୍ଜି ନିବେଶ କ୍ଷେତ୍ରରେ, ୨୦୨୧-୨୨, ୨୦୨୨-୨୩ ଓ ୨୦୨୩-୨୪ ମସିହାରେ ଦେଶରେ ଯଥାକ୍ରମେ ତୃତୀୟ, ଦ୍ୱିତୀୟ ଓ ପ୍ରଥମ ସ୍ଥାନ ହାସଲ କରିଥିଲା। ରାଜ୍ୟର ସାମାଜିକ ବ୍ୟୟ ୧୫.୧% କମ୍ପାଉଣ୍ଡ ବାର୍ଷିକ ବୃଦ୍ଧି ହାରରେ ବଢ଼ିଛି, ଯାହା ପୂର୍ବ ଭାରତରେ ଓଡ଼ିଶାକୁ ଶୀର୍ଷସ୍ଥାନରେ ରଖିଛି। କ୍ରୀଡ଼ା କ୍ଷେତ୍ରରେ ଓଡ଼ିଶାକୁ ଏକ ଆନ୍ତର୍ଜାତୀୟ ହବ୍ କରିବାରେ ତାଙ୍କର ଅବଦାନ ଅତୁଳନୀୟ। ଭାରତୀୟ ହକି ଟିମ୍‌ର ସ୍ପନ୍‌ସରଶିପ୍ ଓ କଳିଙ୍ଗ ଷ୍ଟାଡିୟମ୍‌ର ଆଧୁନିକୀକରଣ, ରାଉରକେଲାରେ ବିଶ୍ୱର ସର୍ବ ବୃହତ ହକି ଷ୍ଟାଡିଅମ ନିର୍ମାଣ ଓଡ଼ିଶାକୁ କ୍ରୀଡ଼ା ଜଗତରେ ଏକ ନୂତନ ପରିଚୟ ଦେଇଛି।

ନବୀନଙ୍କ ନମ୍ରତା, କର୍ମନିଷ୍ଠା ଓ ସଂସ୍କାରବାଦୀ ଦୃଷ୍ଟିକୋଣ ଭାରତୀୟ ରାଜନୀତିରେ ଏକ ନୂତନ ଆଦର୍ଶ ସ୍ଥାପନ କରିଛି। ନବୀନ ପଟ୍ଟନାୟକ କେବଳ ଜନନେତା ନୁହଁନ୍ତି, ସେ ଓଡ଼ିଶାର ଏକ ଜୀବନ୍ତ କିମ୍ବଦନ୍ତୀ କହିଲେ ଅତ୍ୟୁକ୍ତି ହେବନାହିଁ। ତାଙ୍କର ସଫଳତା, ନମ୍ରତା ଓ ଜନସେବାର ଅଙ୍ଗୀକାର ଭବିଷ୍ୟତ ପିଢ଼ିକୁ ପ୍ରେରଣା ଦେବ। ତାଙ୍କର ଶାସନ ଓଡ଼ିଶାକୁ ଏକ ନୂତନ ପରିଚୟ ଦେଇଛି, ଯାହା ଦେଶ ଓ ବିଦେଶରେ ସମ୍ମାନର ସହ ଉଲ୍ଲେଖ କରାଯାଏ। ନବୀନ ପଟ୍ଟନାୟକଙ୍କ କାହାଣୀ ହେଉଛି ଏକ ସଫଳତାର ଗାଥା, ଯେଉଁଥିରେ ନମ୍ରତା, ନିଷ୍ଠା ଓ ଜନସେବାର ମିଶ୍ରଣ ଓଡ଼ିଶାକୁ ଏକ ଉଜ୍ଜ୍ୱଳ ଭବିଷ୍ୟତର ପଥ ଦେଖାଇଛି। ରାଜନୀତି କ୍ଷେତ୍ରରେ ନବୀନଙ୍କ ଆବିର୍ଭାବ, ପ୍ରଭାବଶାଳୀ ପ୍ରଦର୍ଶନ, ନିରନ୍ତର ଜନସାଧରଣଙ୍କ ଆଶୀର୍ବାଦ ହାସଲ ଇତ୍ୟାଦି ତାଙ୍କୁ ଓଡିଶା ରାଜନୀତିର ମହାନାୟକ ପରିଚୟ ପ୍ରଦାନ କରିଛି। ■

-ରାଉରକେଲା

# ଶୁଭକାମନା

■ ଅମିତ୍ ମଲ୍ଲିକ

୧
ଏକବିଂଶ ଶତାବ୍ଦୀରେ ନେଲେ ଶାସନ ଭାର
ପ୍ରଗତି ପଥରେ ବଦଳିଗଲା ଛବି ଓଡ଼ିଶାର
ତାଙ୍କରି ଶାସନ ଆଣିଦେଲା ଶାନ୍ତି ଓ ପ୍ରଗତି
ନବୀନ ନିର୍ମାତାଙ୍କୁ ଜନ୍ମଦିନର ଶୁଭେଚ୍ଛା ସବୁରି
୨
ବାତ୍ୟାଠାରୁ ବିପର୍ଯ୍ୟୟ ଯାଏଁ କଲେ ଅଚୀରେ ଦମନ
ଜିତିଲେ ଚାରିକୋଟି ଓଡ଼ିଆଙ୍କ ମନ
ବିପର୍ଯ୍ୟୟ କବଳରୁ କଲେ ଓଡ଼ିଶା ସୁରକ୍ଷା
ସାରାବିଶ୍ୱ ପାଇଁ ଆଣିଦେଲେ 'ନବୀନ' ଶିକ୍ଷା
୩
ଭୋକିଲାଙ୍କ ପେଟ ପ୍ରତି ଦରଦ ତାଙ୍କର
ଗରିବଙ୍କୁ ତୁଷ୍ଟ ପାଇଁ କଲେ ପାଞ୍ଚ ଟଙ୍କାରେ ଆହାର
ବିଜୁ ସ୍ୱାସ୍ଥ୍ୟ କାର୍ଡ ଅମୋଘ ଅସ୍ତ୍ର
ତାଙ୍କ ପାଇଁ ଉଲ୍ଲସିତ ସ୍ୱାବଲମ୍ବୀ ମା'
ଘରେ ଘରେ ପହଞ୍ଚିଛି ବିକାଶର ରାହା,
୪
ହକି ବିକାଶରୁ ରାଜ୍ୟର ବିକାଶ, ଓଡ଼ିଶା ପ୍ରଗତିରେ ତାଙ୍କ ଛବି ପ୍ରକାଶ
କଥାରେ ନୁହେଁ; କାମରେ ଦେଖାଇଲେ 'ଗରିବ ହଟାଅ'
ସାରା ଓଡ଼ିଶାରୁ ହଟିଲେ ଦୁସ୍ଥ ଅସହାୟ
୫
କହନ୍ତି ଅଳପ କଥା, କରନ୍ତି ବେଶୀ କାମ
ଶାନ୍ତ ଓ ସଚ୍ଚୋଟ କହିଲେ ନବୀନ ହିଁ ନାମ
ତାଙ୍କ ପାଇଁ ବଦଳିଛି ଓଡ଼ିଶା ଓ ଓଡ଼ିଆଙ୍କ ଛବି
ଓଡ଼ିଶାର ଆକାଶରେ ନବୀନ ହିଁ ଏକମାତ୍ର ରବି
ଜୀବନ ବଦଳାନ୍ତି, ନିରବରେ ଧୀରେ,
ନବୀନଙ୍କ ପାଇଁ ଶୁଭକାମନା ସବୁରି ହୃଦରେ ।

– ମୁଦ୍ରାକର ଓ ପ୍ରକାଶକ 'ସକାଳ'

# ହକି ଜଗତକୁ ନବୀନଙ୍କ ଅବଦାନ

■ ଜ୍ଞାନେଶ୍ୱରୀ ପାତ୍ର

ଓଡ଼ିଶା ଆଜି ଭାରତର ହକିର ହୃଦୟ କେନ୍ଦ୍ର ଭାବେ ପରିଚିତ । ଏହି ଗୌରବର ପଛରେ ଅଛନ୍ତି ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଯିଏ ରାଜ୍ୟରେ ହକିକୁ ଏକ ଉଚ୍ଚ ସୋପାନକୁ ନେଇ ଯାଇଛନ୍ତି । ତାଙ୍କ ଦୃଷ୍ଟିଭଙ୍ଗୀ, ପ୍ରତିଶ୍ରୁତି ଓ ଖେଳାଳିମାନଙ୍କ ପ୍ରତି ସହାନୁଭୂତି ଫଳରେ ଓଡ଼ିଶା ଏବେ ଭାରତର ହକି ମାନଚିତ୍ରରେ ଏକ ଅଗ୍ରଗାମୀ ରାଜ୍ୟ ହୋଇଯାଇଛି । ନବୀନ ପଟ୍ଟନାୟକ ହକିକୁ ନିଜ ଶାସନରେ ଏକ ପ୍ରାଥମିକତା ଭାବରେ ଗ୍ରହଣ କରିଥିଲେ । ତାଙ୍କ ନେତୃତ୍ୱରେ ଭୁବନେଶ୍ୱରରେ ବିଶ୍ୱସ୍ତରୀୟ କଳିଙ୍ଗ ଷ୍ଟାଡିୟମ୍ ଏବଂ ରାଉରକେଲାରେ ବିର୍ସା ମୁଣ୍ଡା ହକି ଷ୍ଟାଡିୟମ୍ ନିର୍ମିତ ହୋଇଛି । ଯାହା ବିଶ୍ୱର ସବୁଠୁ ବଡ଼ ହକି ଷ୍ଟାଡିୟମ୍ ମଧ୍ୟରୁ ଗଣ୍ୟ । ଏହି ଦୁଇଟି ଷ୍ଟାଡିୟମ୍ ଓଡ଼ିଶାକୁ ହକିର ମହାନଗରୀ ଭାବେ ପରିଚିତ କରାଇଛି । ୨୦୧୮ ଓ ୨୦୨୩ ମସିହାରେ ଓଡ଼ିଶା ଦୁଇ ଥର 'ହକି ବିଶ୍ୱ କପ୍' ଆୟୋଜନ କରି ବିଶ୍ୱର ମଞ୍ଚରେ ଗୌରବ ସୃଷ୍ଟି କରିଛି । ଏହା ଦ୍ୱାରା ଓଡ଼ିଶା ମାତ୍ର ଭାରତର ନୁହେଁ, ବିଶ୍ୱ ହକି ଜଗତର ମଧ୍ୟ ଏକ ମହତ୍ତ୍ୱପୂର୍ଣ୍ଣ କେନ୍ଦ୍ର ହୋଇଯାଇଛି । ନବୀନ ପଟ୍ଟନାୟକ ହକିକୁ ଗ୍ରାମାଞ୍ଚଳରୁ ଆଣି ବିଭିନ୍ନ ଜିଲ୍ଲାରେ ହକି ଏକାଡେମୀ, ଖେଳ ପ୍ରଶିକ୍ଷଣ କେନ୍ଦ୍ର ଓ ସୁବିଧା ସୃଷ୍ଟି କରିଛନ୍ତି । ଓଡ଼ିଶା ସରକାର 'ହକି ଇଣ୍ଡିଆ'ର ଅଧିକୃତ ସଂସ୍ଥା ଭାବେ ଭାରତୀୟ ପୁରୁଷ ଓ ମହିଳା ହକି ଦଳକୁ ଆର୍ଥିକ ସହାୟତା ଓ ପ୍ରୋତ୍ସାହନ ଦେଇଆସୁଛି । ଏହି ସମର୍ଥନ ଫଳରେ ଭାରତୀୟ ହକି ଦଳ ଅଲମ୍ପିକ ଓ ଅନ୍ତର୍ଜାତୀୟ ମଞ୍ଚରେ ଉଲ୍ଲେଖ୍ୟନୀୟ ସଫଳତା ଲାଭ କରିପାରିଛି । ନବୀନ ପଟ୍ଟନାୟକଙ୍କ ନେତୃତ୍ୱରେ ଓଡ଼ିଶାର ଯୁବ ସମାଜ ମଧ୍ୟରେ ହକି ପ୍ରତି ଅପାର ଆଗ୍ରହ ଦେଖାଯାଉଛି । ସେ ମାତ୍ର ଖେଳକୁ ପ୍ରୋତ୍ସାହନ ଦେଇନାହାଁନ୍ତି । ଏହାକୁ ଏକ ସାମାଜିକ ଓ ଆର୍ଥିକ ସୁଦୃଢ଼ତାର ମାଧ୍ୟମ ଭାବେ ପରିଣତ କରିଛନ୍ତି । ନବୀନ ପଟ୍ଟନାୟକଙ୍କ ଦୃଢ଼ ପ୍ରୟାସ, ଦୃଷ୍ଟିଭଙ୍ଗୀ ଓ ଖେଳ ପ୍ରତି ସେମାନଙ୍କ ଭଲ ପାଇବା ଫଳରେ ଓଡ଼ିଶା ଆଜି ହକି ମାନଚିତ୍ରରେ ଏକ ଗୌରବମୟ ସ୍ଥାନ ଅଧିକାର କରିଛି । ଓଡ଼ିଶାର ହକି ଦଳ ଏବଂ ଯୁବ ପିଢ଼ି ତାଙ୍କୁ ନିଜେ ମନୋବଳ ଓ ପ୍ରେରଣାର ଉତ୍ସ ଭାବେ ଦେଖନ୍ତି । ଓଡ଼ିଶାକୁ ଖେଳ ଜଗତରେ ଏକ ଉଦାହରଣ ସୃଷ୍ଟି କରିଦେଇଛନ୍ତି ନବୀନ ପଟ୍ଟନାୟକ । ଯେଉଁଠି ହକି କେବଳ ଏକ ଖେଳ ନୁହେଁ, ଏହା ଏକ ଗୌରବ ଓ ଆତ୍ମସମ୍ମାନର ପ୍ରତୀକ । ■

–ସାମ୍ବାଦିକତା ଏବଂ ଗଣଯୋଗାଯୋଗ ବିଭାଗ
ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱର

# କୋଟି ହୃଦୟର ମଣି: ନବୀନ

■ ଡାକ୍ତର ସାଗର ରଂଜନ ତ୍ରିପାଠୀ

ଲେଖକ ଜୀବନରୁ ପ୍ରବୀଣ ରାଜନେତା ଭାବେ ବିରଳ ବ୍ୟକ୍ତିତ୍ୱ ନବୀନ ପଟ୍ଟନାୟକଙ୍କ ଅନେକ କୃତି କୀର୍ତ୍ତି ରହିଛି ଏହା ପ୍ରତ୍ୟେକ ଓଡ଼ିଆ ସ୍ୱୀକାର କରିବେ । ଖୁବ ସରଳ, ଅମାୟିକ, ଅଳ୍ପଭାଷୀ, ନମ୍ର ସ୍ୱଭାବ ମଣିଷ ନବୀନ ପଟ୍ଟନାୟକ ମୁଖ୍ୟମନ୍ତ୍ରୀ ପଦ ଭାର ଗ୍ରହଣ କରି ଓଡ଼ିଶାରେ ଦୀର୍ଘ ପଚିଶି ବର୍ଷ ଧରି ନିରବଚ୍ଛିନ୍ନ ଶାସନ କରି ଏକ ଇତିହାସ ସୃଷ୍ଟି କରିଛନ୍ତି । ବର୍ତ୍ତମାନ ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକ ନିଜ ଆନୁଷ୍ଠାନିକ ପରିଚୟ ଦେଲେ ସୁଦ୍ଧା ସେ ଏବେ ବି ଚାରିକୋଟି ଓଡ଼ିଆଙ୍କ ହୃଦୟରେ ଉର୍ଜସ୍ୱଳ ସ୍ଥାନ ଅଧିକାର କରୁଛନ୍ତି ଏଥିରେ ଦ୍ୱିମତ ନାହିଁ । ସେ ସବୁ ବେଳେ କହିବା ଅପେକ୍ଷା ସେ ନିଜ କାମ କରିବା ଉପରେ ଗୁରୁତ୍ୱ ଦେବା ତାଙ୍କର ବ୍ୟକ୍ତିତ୍ୱର ସ୍ୱତନ୍ତ୍ରତା । ରାଜନୀତି କ୍ଷେତ୍ରରେ ଆସନ ପଦ ଦଖଲ କରିବା ଏବଂ ପୁଣି ସେହି ପଦ ଆସନରୁ ଅପସରି ଯିବା ସତ୍ତ୍ୱେ ବ୍ୟକ୍ତି ନିଜର ନୈସର୍ଗିକ ବ୍ୟକ୍ତିତ୍ୱ ବଳରେ ଶାସିତଙ୍କ ଠାରୁ ଦୂରେଇ ଯାଇ ନ ଥାଏ ତାହା ନିଜ ବିଦ୍ୱତ୍ତା, ଗୁଣବତ୍ତା ତଥା ମହତ୍ତ୍ୱ ପୂର୍ଣ୍ଣ ଗୁଣ ସମୁଚୟର ପ୍ରଭାବରେ ସେ ନିଜ ମର୍ଯ୍ୟାଦା ଅକ୍ଷୁଣ୍ଣ ରଖି ଥାଏ । ନବୀନ ପଟ୍ଟନାୟକ ପ୍ରବାଦପୁରୁଷ ବିଜୁ ପଟ୍ଟନାୟକଙ୍କ କନିଷ୍ଠ ସନ୍ତାନ ଯିଏ କ୍ଷମତାରୁ ଦୂରେଇ ଗଲା ପରେ ମଧ୍ୟ ଆଜି ତାଙ୍କ ପରି ବ୍ୟକ୍ତିତ୍ୱ ଯେ ଲୋକଙ୍କ ହୃଦୟରୁ ଅପସରି ଯାଇନାହିଁ ଏ କଥା ମଧ୍ୟ ଆଜି ଆମକୁ ସ୍ୱୀକାର କରିବାକୁ ପଡ଼ିବ ।

ରାଜନୀତିର ପରିପକ୍ୱ ସ୍ୱର ଓଡ଼ିଶାର ପୂର୍ବତନ ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଜି ୭୯ତମ ଜୟନ୍ତୀରେ ତାଙ୍କର ଜୀବନୀ ସଂପର୍କରେ ଆଲୋଚନା ସହିତ ବିଭିନ୍ନ କାର୍ଯ୍ୟକ୍ରମ ସାରା ରାଜ୍ୟରେ ନବୀନ ପଟ୍ଟନାୟକଙ୍କୁ ଭଲ ପାଉଥିବା ବ୍ୟକ୍ତି, ଅନୁଷ୍ଠାନ, ଏବଂ ବିଜୁ ଜନତା ଦଳର କାର୍ଯ୍ୟକର୍ତ୍ତାଙ୍କ ଦ୍ୱାରା ଆୟୋଜନ କରାଯାଉଛି ଅଭିନନ୍ଦନୀୟ । ନବୀନ ପଟ୍ଟନାୟକ ଜଣେ ଉଚ୍ଚକୋଟୀର ଇଂରାଜୀ ଲେଖକ ଭାବେ ନିଜ ନିଷ୍ଠା ଓ ସାଧନା ବଳରେ ଦେଶ ଓ ଦେଶ ବାହାରେ ଅଜସ୍ର ଶ୍ରଦ୍ଧା ଓ ସମ୍ମାନ ଲାଭ କରିଥିଲେ । ଭାରତୀୟ ଜଡ଼ି ବୁଟି ବୃକ୍ଷ ଲତା ଗୁଡିକର ଔଷଧୀୟ ଗୁଣ ସଂପର୍କରେ ପୁସ୍ତକ The garden of Life ନବୀନ ବାବୁଙ୍କ ଅନେକ ରଚନା ଭିତରୁ ଅନ୍ୟତମ । ଲୋକ ପ୍ରିୟ ଲେଖକ ଭାବରେ ନବୀନ ପଟ୍ଟନାୟକଙ୍କ ପାଇଁ ପ୍ରତିଷ୍ଠା ଓ ପ୍ରସିଦ୍ଧି ସବୁ ବେଳେ ଚର୍ଚ୍ଚା ରହି ଆସିଥିଲା କିନ୍ତୁ ରାଜନେତା ଭାବେ ପ୍ରବେଶ ହୁଏ ୧୯୯୭ ରେ ଯେତେବେଳେ ତାଙ୍କ ପିତା ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୁ ପଟ୍ଟନାୟକଙ୍କ ବିୟୋଗ ହୁଏ । ୧୭ ଏପ୍ରିଲ ୧୯୯୭ରେ ବିଜୁ ବାବୁଙ୍କ ବିୟୋଗ ପରେ ରାଜନୀତିରେ ତରୁଣ ନବୀନ ପଟ୍ଟନାୟକ ଓଡ଼ିଶା ମାଟି ସହ ପରିଚିତ ହେଲେ । ବିଜୁ ପଟ୍ଟନାୟକ ତାଙ୍କ ଜୀବଦ୍ଦଶାରେ କେବେବି ନିଜ ପୁଅଙ୍କୁ ରାଜନୀତିରେ ଆଣିବା ପାଇଁ ଇଚ୍ଛା ପ୍ରକାଶ କରି ନ ଥିଲେ । ବଡ ବିସ୍ମୟ ବିଷୟ ଯେ ,ଓଡ଼ିଆ ଭାଷା ସଂସ୍କୃତି ଓ ଜୀବନ ଶୈଳୀ ସହିତ ଅଭ୍ୟସ୍ତ ନଥିବା ଜଣେ ମଣିଷ ଯେ ସଫଳ ରାଜନେତା ର ପରିଚୟରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବେ ଲୋକ ପ୍ରିୟତାର ଶୀର୍ଷକୁ ଛୁଇଁ ପାରିଥିଲେ ଏବଂ ଏହା ମଧ୍ୟ ଅନୁଶୀଳନ ଓ ଗବେଷଣା ବିଷୟ । ନବୀନ ପଟ୍ଟନାୟକଙ୍କ ରାଜନୀତି ର ସମୃଦ୍ଧ ସ୍ୱର ଏବଂ ବିରଳ ବ୍ୟକ୍ତିତ୍ୱ ଅଧିକାରୀ ଭାବରେ ସାରା ଭାରତ ବର୍ଷ ରେ ଜଣେ ଅମାୟିକ ରାଜନେତା ଭାବେ ପ୍ରସିଦ୍ଧି ଅର୍ଜନ କରି ଛନ୍ତି ।

ତାଙ୍କର ବିନମ୍ର ବ୍ୟବହାର ଗୋଟିଏ ଭଲ ଗୁଣ । ଚେହେରାରେ ସ୍ମିତହାସ ଓ ମୁଖମଣ୍ଡଳ କାନ୍ତିର ଆକର୍ଷଣ ନିଆରା । ସାଂପ୍ରତିକ ସମାଜରେ ରାଜନୀତିରେ ନମ୍ରତା ଏବଂ ଉଦାରତା ଭାବର ମଣିଷ ବିରଳ । ସରଳ ସ୍ୱଚ୍ଛ ଶୁଭ୍ର ପରିଧାନ ରେ ସେ ଯେପରି ଆକର୍ଷଣୀୟ,ଖୁବ୍ କମ୍ କଥା କହିବା ମଣିଷ ନବୀନ ପଟ୍ଟନାୟକ ଜଣେ ସ୍ଥିତପ୍ରଜ୍ଞ ଭାବେ ତାଙ୍କ ବ୍ୟକ୍ତିତ୍ୱ ବଳରେ ଅନେକଙ୍କୁ ଆକର୍ଷଣ କରିବାରେ ନିଆରା ମଣିଷ ଲୋକ ପ୍ରିୟ ରାଜନେତା ପରିଚୟ ସୃଷ୍ଟି କରି ପାରିଛନ୍ତି । ଭାରତ ରାଜନୀତିର ଇତିହାସରେ ହୁଏତ ନବୀନ ପଟ୍ଟନାୟକ ହିଁ ଏକମାତ୍ର ବ୍ୟକ୍ତି ରହିଛନ୍ତି ଯିଏ ଖୁବ୍ କମ୍ କଥା କହି ସମସ୍ତଙ୍କ ହୃଦୟ ଜିଣିବା କଳା ଶିଖି ପାରିଛନ୍ତି ।

ଓଡ଼ିଶା ରାଜନୀତିର ଇତିହାସରେ ଅନେକ ନେତାଙ୍କ ଅନେକ କାହାଣୀ ସଂପର୍କରେ ଆମେ ଜାଣିଥାଉ ଓ ପଢିଥାଉ ।ଓଡ଼ିଆଙ୍କ ସ୍ୱାଭିମାନ ପାଇଁ କିଏ ଲଢେଇ କରିଛି, କିଏ ପୁଣି ଆମ ଓଡ଼ିଶାର ଭାଷା ସାହିତ୍ୟ ସଂସ୍କୃତି ସ୍ୱାଭିମାନ ସୁରକ୍ଷା ଓ ଅସ୍ମିତା ପାଇଁ ଲଢେଇ କରି ସଫଳ ହୋଇ ପାରିଛି ।ଓଡ଼ିଶା ରାଜନୀତିର ଇତିହାସ ବଡ଼ ଚମତ୍କାର ଘଟଣାବଳୀର ମୁକସାକ୍ଷୀ । କାଳଖଣ୍ଡର ପ୍ରବାହ ମାନ ଧାରାରେ ଅନେକ ନେତା ନେତୃତ୍ୱ ନେବା ପାଇଁ ଆସିଛନ୍ତି ଏବଂ ଶାସନ ଗାଦି ରୁ ଫେରିଯାଇ ଛନ୍ତି କିନ୍ତୁ ଜଣେ ଉଦାର ରାଜନେତା ଭାବେ ନବୀନ ପଟ୍ଟନାୟକଙ୍କ ଶାସନର କଳା ଓ କୌଶଳ କାହାଣୀ କେବଳ ଭିନ୍ନ ନୁହଁ ବରଂ ଅନେକ ସ୍ୱତନ୍ତ୍ରତାର ସ୍ୱାକ୍ଷର ବହନ କରି ଓଡିଶାବାସୀଙ୍କ ହୃଦୟ ଜିଣିଛି । ଓଡ଼ିଶା ମାଟିର ଜଣେ ଜଣେ ବରପୁତ୍ରଙ୍କ ବିଷୟରେ ଏବଂ ଓଡ଼ିଶା ପ୍ରଦେଶ ଗଠନ ପାଇଁ ତାଙ୍କର ଅବଦାନ ସଂପର୍କରେ ଆଲୋଚନା କରୁ । ସମୃଦ୍ଧ ଓଡିଶା ଗଢ଼ିବା ପାଇଁ ଏମାନଙ୍କ ଯୋଗଦାନ ମଧ୍ୟ ସ୍ମରଣୀୟ କିନ୍ତୁ ଓଡ଼ିଆ ଭାଷା ସାହିତ୍ୟ ସଂସ୍କୃତି ଏବଂ ଲୋକଙ୍କ ସହ ବିଶେଷ ଭାବରେ ପରିଚୟ ନ ଥିବା ବ୍ୟକ୍ତି ଆକସ୍ମିକ ରାଜନୀତି ରେ ପ୍ରବେଶ ସହ ରାଜନୈତିକ ଦଳ ବିଜୁ ଜନତା ଦଳର ସର୍ବୋଚ୍ଚ ନେତା ଭାବେ ନବୀନ ପଟ୍ଟନାୟକ ଅପ୍ରତିଦ୍ୱନ୍ଦ୍ୱୀ କୀର୍ତ୍ତିମାନ ସ୍ଥାପନ କରି ସକ୍ଷମ ହେଲେ ଏହା କହିବା ବେଳେ ତାଙ୍କ ରାଜନୈତିକ ଇତିହାସ ସମ୍ପର୍କରେ ଅବଗତ କରାଇବା ଉଚିତ୍ ମନେ କରେ ।


ସେ ଯେତେବେଳେ ଆସିକା ସଂସଦୀୟ କ୍ଷେତ୍ରରୁ ନିର୍ବାଚନ ପ୍ରଚାର ପାଇଁ ଆସିଥିଲେ ସାକ୍ଷାତ ହୁଏ ଏହି ଲେଖକର । ମୋ ଗାଁ ପୋଲସରାରେ ନିର୍ବାଚନ ପ୍ରଚାର ସମୟ । ଖୁବ୍ ସରଳ ନମ୍ର ଓ ଶାନ୍ତ ନବୀନ ପଟ୍ଟନାୟକଙ୍କୁ ଦେଖି ଖୁସି ହେବା ସହ ଦୁଇ ପଦ କଥା ହେବା ସୁଯୋଗ ମଧ୍ୟ ମୁଁ ପାଇଥିଲି ତାଙ୍କ ସହ ଥିଲେ ଗଞ୍ଜାମ ମାଟିର ଗର୍ବ ଗୌରବ ଧୁରୀଣ ରାଜନେତା ରାମକୃଷ୍ଣ ପଟ୍ଟନାୟକ ଯିଏ କି ଓଡ଼ିଶାର ବେଶ୍ ଲୋକ ପ୍ରିୟ ପ୍ରଭାବଶାଳୀ ନେତା ଭାବେ ପରିଚିତ ଥିଲେ ଏବଂ ବିଜୁ ଜନତା ଦଳର ପ୍ରତିଷ୍ଠା ପାଇଁ ତାଙ୍କ ଅବଦାନ ସ୍ମରଣୀୟ । ନବୀନ ପଟ୍ଟନାୟକ ଆସିକା ସଂସଦୀୟ କ୍ଷେତ୍ରରୁ ନିର୍ବାଚନ ବିଜୟ ହୋଇ ଆସିକା ସାଂସଦ ଓ କେନ୍ଦ୍ରରେ ପ୍ରଧାନ ମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ନେତୃତ୍ୱରେ ଏନ୍‌ଡିଏ ସରକାରଙ୍କ ମନ୍ତ୍ରୀ ମଣ୍ଡଳରେ ମନ୍ତ୍ରୀ ହେଲେ । ଏହାପରେ ୧୯୯୯ ରେ ଚାରି କୋଟି ଓଡ଼ିଆଙ୍କ ପ୍ରିୟ ମୁଖ୍ୟମନ୍ତ୍ରୀ ହୋଇ ଦୀର୍ଘବର୍ଷ ଶାସନ କାଳର ଅନୁଭବ ସାଉଁଟି ଆଣିବାରେ ଜଣେ ଅପ୍ରତିଦ୍ୱନ୍ଦ୍ୱୀ ନେତା ଭାବେ ନବୀନ ପଟ୍ଟନାୟକ ଅମଳିନ କୀର୍ତ୍ତି ଅର୍ଜନ କରିଛନ୍ତି । ଗୋଟିଏ ପରେ ଗୋଟିଏ ନିର୍ବାଚନ ରେ ଅଧିକରୁ ଅଧିକ ଲୋକପ୍ରିୟ ଏବଂ ପ୍ରଭାବଶାଳୀ ନେତା ହୋଇ ଗୋଟିଏ ରାଜ୍ୟର ନେତୃତ୍ୱ ନେବାର ଯେଉଁ ବିରଳ କୀର୍ତ୍ତି ମାନ ନବୀନ ପଟ୍ଟନାୟକ ତିଆରି କରି ଜଣେ ସଫଳ ପ୍ରବୀଣ ଏବଂ ପରିପକ୍ୱ ଅନୁଭବୀ ରାଜନେତା ଭାବେ ଗ୍ରହଣୀୟ ହୋଇଥିଲେ ଏହା ମଧ୍ୟ ସ୍ମରଣୀୟ ଯେତିକି ବିସ୍ମୟ ସେତିକି । ଓଡ଼ିଶାରେ ବିଭିନ୍ନ କ୍ଷେତ୍ରରେ ସଂସ୍କାର ଆଣି ଉଲ୍ଲେଖନୀୟ କାର୍ଯ୍ୟ କରିଛନ୍ତି ନବୀନ ପଟ୍ଟନାୟକ । ଓଡ଼ିଶା ଇତିହାସରେ ସେ ସ୍ୱୟଂ ଗୋଟିଏ ରାଜନୀତି ସଂସ୍କୃତିର ଇତିହାସ ଲେଖିବା ପାଇଁ ଯେ ସମର୍ଥ । ଓଡ଼ିଶା ରାଜନୀତି ରେ ରାଜ୍ୟ ତଥା ଦେଶର ରାଜନୈତିକ ବିଚାର ମଂଚ ରେ ସେ ସମସ୍ତ ଙ୍କ ପାଇଁ ଚର୍ଚ୍ଚାରେ ରହିବା କ୍ୱଚିତ ବ୍ୟକ୍ତିର ଭାଗ୍ୟରେ ହିଁ ଦେଖାଯାଏ । ସବୁବେଳେ ସମସ୍ତଙ୍କୁ ଆଚମ୍ବିତ କରି ବିଜୁ ଜନତା ଦଳର ସର୍ବୋଚ୍ଚ ନେତା ମାନନୀୟ ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ୨୫ ବର୍ଷ ମଧ୍ୟରେ ରାଜ୍ୟ ଶାସନରେ ଅପ୍ରତିଦ୍ୱନ୍ଦ୍ୱୀ ହେଲେ କିପରି ଯଦି ଆଲୋଚନା କରାଯାଏ ଏହା ବିରୋଧୀ ଦଳର ଦୁର୍ବଳ ବିଧି ବ୍ୟବସ୍ଥା ନା ନବୀନ ପଟ୍ଟନାୟକଙ୍କ ଶାସନ ରଣ କୌଶଳ ଏହି କଥା ମଧ୍ୟ ଗବେଷଣା ବିଷୟ ରାଜନୀତିର ପଣ୍ଡିତମାନେ ବାରମ୍ବାର କହି ଆସିଥିଲେ ଯେ ନବୀନ ଖୁବ୍ କମ୍ କଥା କହି ହୃଦୟ ଜିଣିବା ସହିତ ସେ ହିଁ ବାଜିଗର ବୋଲି ବାରମ୍ବାର ପ୍ରମାଣିତ କରି ଆସୁଥିଲେ । ନବୀନ ପଟ୍ଟନାୟକ ସ୍ପଷ୍ଟ ଭାବେ ବିଶୁଦ୍ଧ ଓଡ଼ିଆ କହିବା ପାଇଁ ଅସମର୍ଥ ଥିଲେ ଏ କଥା ମଧ୍ୟ ଅସ୍ୱୀକାର କରି ହେବ ନାହିଁ ତଥାପି ଶାସନ କଳା ଓ ରଣ କୌଶଳ ରେ ଶ୍ରେଷ୍ଠ ଏବଂ ସିଦ୍ଧ ହସ୍ତ ହେଲେ ।


## ● ନବୀନ ବାବୁଙ୍କ ଶାସନ ସମୟରେ


ଓଡ଼ିଆ ଭାଷାର ବିକାଶ ପ୍ରଚାର ପ୍ରସାର ପାଇଁ ଯେଉଁ ବିରଳ କୃତି ସ୍ଥାପନ କରିଛନ୍ତି ଅନୁଶୀଳନୀୟ । ଐତିହାସିକ ସତ୍ୟବାଦୀ ପୀଠରେ ଓଡ଼ିଆ ଭାଷା ବିଶ୍ୱ ବିଦ୍ୟାଳୟ ସ୍ଥାପନ, ଓଡ଼ିଆ ଭାଷା ଶାସ୍ତ୍ରୀୟ ଭାଷାର ମାନ୍ୟତା ପାଇବା ତାଙ୍କ ଶାସନ ଅବଧିର ଶ୍ରେୟ ନିଶ୍ଚୟ ଯିବ । ବିଶେଷ ଭାବେ ଓଡ଼ିଆ ଭାଷାର ମର୍ଯ୍ୟାଦା ବିଶ୍ୱ ସ୍ତରରେ ସ୍ଥାପନ କରିବା ପାଇଁ ଓଡିଶା ଭୁବନେଶ୍ୱର ଜନତା ମଇଦାନରେ ବିଶ୍ୱ ଭାଷା ସମ୍ମିଳନୀ ପାଞ୍ଚ ଦିନ ସଫଳତା ସହିତ ଆୟୋଜନ ଥିଲା ଗୋଟିଏ ଅବିଶ୍ୱସନୀୟ ଅକଳ୍ପନୀୟ ଆୟୋଜନ । ଏହି ତାଙ୍କ ରାଜନୈତିକ ଇତିହାସ ରେ ଯେତେ ସବୁ କାର୍ଯ୍ୟକ୍ରମ ଥିଲା ସେଥି ମଧ୍ୟରୁ ଗୋଟିଏ ଶ୍ରେଷ୍ଠ କାର୍ଯ୍ୟକ୍ରମ ବିଶ୍ୱ ଓଡ଼ିଆ ଭାଷା ସମ୍ମିଳନୀ ।


ବିଶ୍ୱ ଭାଷା ସମ୍ମିଳନୀ ସଫଳତା ସହିତ ସଂପନ୍ନ କରିବା ପଛରେ ଭାଷା ଆନ୍ଦୋଳନ ଓଡ଼ିଶାର, ସ୍ୱରକୁ ଗୌଣ କରି ହେବ ନାହିଁ । ବିଶ୍ୱ ଭାଷା ସମ୍ମିଳନୀ ଅନୁଷ୍ଠିତ ହେବା ସମୟରେ ନବୀନ ପଟ୍ଟନାୟକଙ୍କୁ ନବୀନ ନିବାସରେ ସାକ୍ଷାତ କରିବା ମୋର ସୌଭାଗ୍ୟ ପ୍ରାପ୍ତ ହୋଇ ଥିଲା ଏବଂ ଭାଷା ଆନ୍ଦୋଳନ ଓଡିଶା ଆବାହକ ପବିତ୍ର ମହାରଥା ଙ୍କ ଦ୍ୱାରା ସଂକଳିତ"ବିଧାନ ସଭାରେ ଭାଷା ଆଇନ" ପୁସ୍ତକ ନବୀନ ନିବାସ ରେ ଲୋକାର୍ପଣ କରି ଥିଲେ ନବୀନ । ଓଡ଼ିଶାରେ ଓଡ଼ିଆ ଭାଷା ରେ ଶାସନ କରିବା ପାଇଁ ଓଡ଼ିଆ ଭାଷାର ସମସ୍ତ ନଥିପତ୍ର ହିଁ କରାଯିବ ଏହି ବିଧେୟକ ପାରିତ କରିବା ସହ ଭାଷା ଆଇନ ଖିଲାପ କଲେ ଦଣ୍ଡ ବ୍ୟବସ୍ଥା ନବୀନ ପଟ୍ଟନାୟକଙ୍କ ଶାସନ ସମୟର ସରକାରଙ୍କ ଏକ ଯୁଗାନ୍ତକାରୀ ପଦକ୍ଷେପ କହିଲେ ଅତ୍ୟୁକ୍ତି ହେବ ନାହିଁ ।ଏହି ଭାଷା ଆଇନ୍ ରାଜ୍ୟପାଳଙ୍କ ଦ୍ୱାରା ଅନୁମୋଦନ ଲାଭ କରି ଥିଲା । ଓଡ଼ିଶା ପର୍ଯ୍ୟଟନ ବିକାଶ ଓ ଶ୍ରୀ କ୍ଷେତ୍ର ପରିକ୍ରମା ପ୍ରକଳ୍ପ ସହିତ ବିଭିନ୍ନ ଐତିହାସିକ ଓ ସାଂସ୍କୃତିକ ଆଧ୍ୟାତ୍ମିକ କ୍ଷେତ୍ର ଗୁଡିକର ବିକାଶରେ ବହୁ ଉନ୍ନୟନ କାର୍ଯ୍ୟ ସଂସ୍କାର ଅଣାଯାଇଥିବା ବିଷୟ ରେ ସେ ଜଣେ ଦକ୍ଷ ପ୍ରଶାସକ ତଥା ମୁଖ୍ୟମନ୍ତ୍ରୀ ପ୍ରମାଣ ଦେଇଥିଲେ ନବୀନ ପଟ୍ଟନାୟକ । ଦୀର୍ଘ ବର୍ଷ ଶାସନ କରିବାରେ ପ୍ରଭାବଶାଳୀ ବ୍ୟକ୍ତିତ୍ୱର ଅଧିକାରୀ ଭାବରେ ଖୁବ୍ ଗ୍ରହଣୀୟ ହୁଅନ୍ତି । ଓଡ଼ିଶାବାସୀଙ୍କ ପାଇଁ ଅତି ପ୍ରିୟ ନେତା ନବୀନ ପଟ୍ଟନାୟକ ଗୋଟିଏ ଗୋଟିଏ ଏମିତି କିଛି ସଂସ୍କାର ମୂଳକ ଯୋଜନା ଏବଂ କାର୍ଯ୍ୟ କରି ଭିନ୍ନ ଏକ ସନ୍ଦେଶ ଦେଇଛନ୍ତି ଯାହା ବିରଳ । ସମସ୍ତ କଳ୍ପନା ଜଳ୍ପନାର ଅବସାନ ଘଟାଇ ଅନେକ ଥର ବହୁ ଗୁରୁତ୍ୱପୂର୍ଣ୍ଣ ବିଷୟର ନିର୍ଣ୍ଣୟ କରୁଥିବା ମଣିଷଟି ଲୋକଙ୍କ ନିକଟକୁ ପହଞ୍ଚି ଯାଇ ଆପଣ ମାନେ ଖୁସି ତ? ପ୍ରଶ୍ନ ପଚାରିବା ଗୋଟିଏ ଆଲୋଚନା କେନ୍ଦ୍ର ଥିଲା । ସମସ୍ତଙ୍କୁ ଖୁସି ବୋଲି କହି ଯେଉଁ ସ୍ୱତନ୍ତ୍ର କଥା କହିବାରେ ଆନନ୍ଦ ଦେଉ ଥିଲେ ଏହା ମଧ୍ୟ ତାଙ୍କର ଲୋକ ପ୍ରିୟ ନେତା ହେବାର ବଳିଷ୍ଠ ପ୍ରମାଣ ସ୍ୱର ବୋଲି କୁହାଯାଏ । କହିବାକୁ ଗଲେ ଭାଗ୍ୟବାନ ସେହି ଲୋକ ଯେଉଁ ମାନଙ୍କ ଭାଗ୍ୟରେ ତାଙ୍କ ରାଜନୀତି ପଥ ଦୀର୍ଘ ସମୟର ଅନୁଭବ ଦିଏ ଏବଂ ନବୀନ ପଟ୍ଟନାୟକ ହେଉଛନ୍ତି ସେହି ଭାଗ୍ୟବାନ ବ୍ୟକ୍ତି ମଧ୍ୟରୁ କେବଳ ଜଣେ ମାତ୍ର ବ୍ୟକ୍ତି ଚାରି କୋଟି ଓଡ଼ିଆଙ୍କ ଆଶୀର୍ବାଦରୁ ଖୁସିରେ କ୍ଷମତାରେ ରହିବା ସହିତ ଲୋକପ୍ରିୟ ନେତା ଭାବେ ଶୀର୍ଷରେ ଥିଲେ କାରଣ ତାଙ୍କ ପାଇଁ ବିନମ୍ରତା ହିଁ ବଡ଼ ସଂପଦ ଥିଲା । ଏହା ଆଜିର ଯୁଗରେ କୌଣସି ନେତାଙ୍କ ବ୍ୟବହାରରେ ଖୁବ୍ କମ୍ ଦେଖିବାକୁ ମିଳେ । ନବୀନ ପଟ୍ଟନାୟକ ଦୀର୍ଘଜୀବୀ ହୁଅନ୍ତୁ ଏବଂ ତାଙ୍କର ଚଲାପଥରେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ଅପାର କରୁଣା ଦୃଷ୍ଟି ରହିଥାଉ । ନବୀନ ପଟ୍ଟନାୟକଙ୍କ ସୁସ୍ଥ ସୁଦୀର୍ଘ ନିରାମୟ ଜୀବନ ପ୍ରଭୁଙ୍କ ନିକଟରେ କାମନା କରି ପ୍ରାର୍ଥନା । ■

ସାହିତ୍ୟିକ ସ୍ତମ୍ଭକାର, ଭାଷା ଆନ୍ଦୋଳନ ଓଡ଼ିଶା
ସଭାପତି, ବ୍ରହ୍ମପୁର,
ନିବାରିଣୀ, ଲୋଚାପଡା ବ୍ରହ୍ମପୁର
୮୮୪୭୮୦୯୫୩୪

# ଅବଶିଷ୍ଟାଂଶ

## ଟ୍ରେନ୍‌ରେ ଯାଇଥିଲେ...

ହୋଇଯିବାରୁ ବସ୍‌ରେ ଯାଇପାରି ନ ଥିବା ବିଶ୍ୱସ୍ତ ସୂତ୍ରରୁ ଖବର ମିଳିଛି। ଦଲାଲ୍‌ଙ୍କ ସଂସ୍ପର୍ଶରେ କିଛି କନେଷ୍ଟବଳ ନିୟମିତ ଯୋଗାଯୋଗରେ ରହି ପିଲା ଯୋଗାଡ଼ କରିଥିବା ମଧ୍ୟ ଜଣା ପଡ଼ିଛି। ଏହି ସମସ୍ତେ ପରୀକ୍ଷା ଏସ୍‌ଆଇ ପରୀକ୍ଷା ଥିବା ଦର୍ଶାଇ ଛୁଟିରେ ରହିଥିଲେ। ଫଳରେ ପରୀକ୍ଷା ଦେବାକୁ ଛୁଟି ଆବେଦନ କରିଥିବା କନେଷ୍ଟବଳମାନେ ମଧ୍ୟ କ୍ରାଇମ୍‌ବ୍ରାଞ୍ଚ ସ୍କାନର୍‌କୁ ଆସିଛନ୍ତି।

## ଆଗୁଆ ଜାମିନ...

ପହଞ୍ଚିଥିଲା। ସେଠାରୁ ବିମାନ ଯୋଗେ ଦୁବାଇ ପଳାଇଥିବା କ୍ରାଇମବ୍ରାଞ୍ଚ ଜାଣିବାକୁ ପାଇଛି। ଅନୁରୂପ ଭାବେ ମୁନା ମହାନ୍ତିର ମଧ୍ୟ ପତ୍ତା ପାଇପାରୁ ନାହିଁ କ୍ରାଇମ୍‌ବ୍ରାଞ୍ଚ। ଏଣୁ ମୁନା ଯେପରି ଦେଶ ଛାଡ଼ି ପଳାଇବାରେ ସକ୍ଷମ ନ ହେବ, ସେଥିପାଇଁ ଉଭୟ ଶଙ୍କର ଓ ମୁନା ନାମରେ ଲୁକ୍ ଆଉଟ୍ ସର୍କୁଲାର ଜାରି କରାଯାଇଛି। ପୂର୍ବରୁ ଶଙ୍କର ଓ ମୁନାର ବ୍ୟାଙ୍କ ଆକାଉଣ୍ଟ ଫ୍ରିଜ୍ କରିଥିଲା ତଦନ୍ତକାରୀ ସଂସ୍ଥା। ଲୁକ୍‌ଆଉଟ୍ ସର୍କୁଲାର୍ ଜାରି କରିବା ପରେ ତାଙ୍କୁ ଧରିବାରେ ସଫଳ ହେବ ବୋଲି ତଦନ୍ତକାରୀ ସଂସ୍ଥା ଆଶା ବାନ୍ଧିଛି।

## ସ୍ନେହାଙ୍ଗିନୀ ପ୍ରାର୍ଥୀ...

କହିଛନ୍ତି ଯେ ପଶ୍ଚିମ ଓଡ଼ିଶାର ଜଣେ ଟାଣୁଆ ନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ ଅତୀତରେ ବିଜେଡି ସରକାରରେ ଏକାଧିକ ବିଭାଗରେ ମନ୍ତ୍ରୀ ରହିବା ସହ ବହୁ ଗୁରୁତ୍ୱପୂର୍ଣ୍ଣ ପଦବୀ ସମ୍ଭାଳିଛନ୍ତି। ସେ ସବୁବେଳେ ଗରିବ, ତଳସ୍ତରରେ ଥିବା ଲୋକ ବିଶେଷକରି ମହିଳାଙ୍କ ପାଇଁ ଲଢ଼େଇ କରି ଆସିଛନ୍ତି। ସେଥିପାଇଁ ଆମେ ତାଙ୍କୁ ବିଜେଡିର ପ୍ରାର୍ଥୀ ରୂପେ ଚୟନ କରିଛୁ। ମୁଁ ତାଙ୍କୁ ହୃଦୟରୁ ଅଭିନନ୍ଦନ ଜଣାଉଛି। ଅତୀତରେ ସେ ରାଜ୍ୟବାସୀଙ୍କ ପାଇଁ ବହୁ ଭଲ କାମ କରିଛନ୍ତି। ବିଶେଷକରି ଗରିବ ତଥା ମହିଳାଙ୍କ ପାଇଁ ତାଙ୍କ କାମ ବେଶ୍ ପ୍ରଶଂସନୀୟ। ଆମେ ସମସ୍ତେ ତାଙ୍କୁ ସହଯୋଗ କରିବାକୁ ପ୍ରସ୍ତୁତ ଅଛୁ ବୋଲି ନବୀନ କହିଛନ୍ତି।

ନିଜ ବକ୍ତବ୍ୟରେ ସ୍ନେହାଙ୍ଗିନୀ କହିଛନ୍ତି ଯେ ଦଳର ସଭାପତି ନବୀନ ପଟ୍ଟନାୟକ ମୋ ଉପରେ ଭରସା ଓ ବିଶ୍ୱାସ କରି ମୋତେ ପ୍ରାର୍ଥୀ ଭାବେ ଘୋଷଣା କରିଥିବାରୁ ମୁଁ ତାଙ୍କୁ ହୃଦୟରୁ ଧନ୍ୟବାଦ ଜଣାଉଛି। ଏହି ଅବସରରେ ମୁଁ ସମସ୍ତ ନୂଆପଡ଼ାବାସୀଙ୍କୁ ପ୍ରଣାମ ଜଣାଉଛି। ନୂଆପଡ଼ାରେ ୪ ବର୍ଷ ଧରି ଦଳର ପର୍ଯ୍ୟବେକ୍ଷକ ଭାବେ କାମ କରିଛି। ନୂଆପଡ଼ାବାସୀଙ୍କ ଆଶୀର୍ବାଦ ମୋ ଉପରେ ରହିବା ସହ ସେମାନେ ମୋତେ ବିପୁଳ ସଂଖ୍ୟାରେ ବିଜୟୀ କରିବେ ବୋଲି ମୋର ବିଶ୍ୱାସ ରହିଛି। ଆଜିଦିନଠାରୁ ନୂଆପଡ଼ାବାସୀଙ୍କ ସୁଖ, ଦୁଃଖ ସମୟରେ ମୁଁ ଜୀବନର ଶେଷ ନିଶ୍ୱାସ ପର୍ଯ୍ୟନ୍ତ ରହିବି, ସେବା କରିବି। ନୂଆପଡ଼ାରେ ବିଚାରଧାରା, ନୀତି, ଆଦର୍ଶ ଏବଂ ଧର୍ମର ଲଢ଼େଇ ହେବ। ଏହି ନିର୍ବାଚନରେ ଧର୍ମ ଏବଂ ନ୍ୟାୟ ସଂସ୍ଥାପନ ହେବ। ଯେଉଁମାନେ ନୀତି, ଆଦର୍ଶ ବାହାରେ ରାଜନୀତି କରିବାକୁ ଚାହୁଁଛନ୍ତି, ନୂଆପଡ଼ାବାସୀ ଠିକଣା ସମୟରେ ସେମାନଙ୍କୁ ଜବାବ୍ ଦେବେ ବୋଲି ସ୍ନେହାଙ୍ଗିନୀ କହିଛନ୍ତି। ଏହି ଅବସରରେ ନୂଆପଡ଼ା ଜିଲ୍ଲା ବିଜେଡି ସଭାପତିଙ୍କ ସମେତ ଦଳର ବହୁ ବରିଷ୍ଠ ନେତା ଉପସ୍ଥିତ ଥିଲେ।

ଏଠାରେ ଉଲ୍ଲେଖଯୋଗ୍ୟ ଯେ ସ୍ନେହାଙ୍ଗିନୀ ଅତାବିରା ନିର୍ବାଚନମଣ୍ଡଳୀରୁ ୨ଥର ବିଧାନସଭାକୁ ପ୍ରତିନିଧିତ୍ୱ କରିଛନ୍ତି। ବିଜେଡିର ପଞ୍ଚମ ପାଳି ଶାସନରେ ସେ ଏକାଧିକ ବିଭାଗର ମନ୍ତ୍ରୀପଦ ସମ୍ଭାଳିଥିଲେ। ବର୍ତ୍ତମାନ ସେ ବିଜୁ ମହିଳା ଜନତା ଦଳର ସଭାନେତ୍ରୀ ଭାବେ କାର୍ଯ୍ୟ କରୁଛନ୍ତି। ୪ଟି ବିଧାନସଭା ନିର୍ବାଚନ ଲଢ଼ିଥିବାର ଅଭିଜ୍ଞତା ରଖିଥିବା ସ୍ନେହାଙ୍ଗିନୀଙ୍କ ନିକଟରେ ପ୍ରଚୁର ସାଂଗଠନିକ ଦକ୍ଷତା ରହିଛି। ସେହିପରି ସେ ନୂଆପଡ଼ାରେ ପର୍ଯ୍ୟବେକ୍ଷକ ଭାବେ କାର୍ଯ୍ୟ କରିଥିବାରୁ, ଜିଲ୍ଲାବାସୀ ତଥା ସ୍ଥାନୀୟ ବିଜେଡି ନେତାଙ୍କ ସହ ମଧ୍ୟ ସୁସମ୍ପର୍କ ରହିଛି। ସେହିଦୃଷ୍ଟିରୁ ତାଙ୍କ ପ୍ରାର୍ଥିତ୍ୱ ଦଳକୁ ଫାଇଦା ଦେଇପାରେ ବୋଲି ରାଜନୈତିକ ମହଲରେ ଆଲୋଚନା ଆରମ୍ଭ ହୋଇଛି।

## କିନ୍ନର ଓ ଯୁବକଙ୍କ...

ତଦନ୍ତ ଆରମ୍ଭ କରିଛି। ପ୍ରାଥମିକ ତଦନ୍ତରୁ ୨ ଜଣ ଆତ୍ମହତ୍ୟା କରିଥିବା କୁହାଯାଉଛି। ପୁଲିସ ସାଇଣ୍ଟିଫିକ ଦଳ ଏବଂ ଟାଉନଥାନା ପୁଲିସ ମିଳିତ ଭାବେ ତଦନ୍ତ କରୁଥିବା ଏସଡିପିଓ ପାର୍ଥ କଶ୍ୟପ ସୂଚନା ଦେଇଛନ୍ତି। ପ୍ରଥମିକ ତଦନ୍ତ ବେଳେ ଉଭୟଙ୍କ ମଧ୍ୟରେ ଘନିଷ୍ଠ ବନ୍ଧୁତାରୁ ପ୍ରେମ ସମ୍ପର୍କ ଥିବା କୁହାଯାଉଛି। ତେବେ କେଉଁ କାରଣରୁ ସେମାନେ ଆତ୍ମହତ୍ୟା କରିଛନ୍ତି ତାହା ସ୍ପଷ୍ଟ ହୋଇନାହିଁ। ମୃତ୍ୟୁର ଅନ୍ୟ କାରଣ ନେଇ ମଧ୍ୟ ଅଞ୍ଚଳରେ ଆଲୋଚନା ହେଉଛି।

## ସପ୍ତାହରେ ଅତିରିକ୍ତ...

ଆସିବାକୁ ଥିବା କ୍ରାଇମବ୍ରାଞ୍ଚର ଅତିରିକ୍ତ ଏସପି ସତ୍ୟବିକାଶ ଭୂୟାଁଙ୍କର ବଦଳି ମଧ୍ୟ ବାତିଲ କରି ଦିଆଯାଇଛି। ଫଳରେ ଶ୍ରୀ ଦ୍ୱିବେଦୀ ଓ ଶ୍ରୀ ଭୂୟାଁ ପୂର୍ବଭଳି ସେହି ସ୍ଥାନରେ କାର୍ଯ୍ୟ କରିବେ।

ସେପଟେ ନୂଆକରି ପଦୋନ୍ନତି ପାଇଥିବା ଡିଏସପି ମାନଙ୍କୁ ଗୃହ ବିଭାଗ ଏଯାଏଁ ନିଯୁକ୍ତି ଦେଇ ପାରିନାହିଁ। କିଛି ଅଧିକାରୀଙ୍କର ବଦଳି ହୋଇଥିବା ବେଳେ ସେମାନେ ପୂର୍ବ ପଦବୀରେ କାମ କରୁଥିବା ବେଳେ ୯୯ ଜଣ ଡିଏସପି ନିଯୁକ୍ତି ଅପେକ୍ଷାରେ ରହିଛନ୍ତି। ୫ ମାସ ହେବ ଡିଏସପିଙ୍କୁ ନିଯୁକ୍ତି ନଦେବା ଓ ମାତ୍ର ୭ ଦିନରେ ଅତିରିକ୍ତ ଏସପିଙ୍କ ବଦଳି ବାତିଲ୍ କରିବା ମୁଖିଆଙ୍କ ନିଷ୍ପତ୍ତି ନେବାର ଅପରିଣାମଦର୍ଶୀକୁ ପଦାରେ ପକାଇଛି। ଆଉ ଏ ସବୁ ପଛରେ ରାଜନୈତିକ ଚାପ ରହିଥିବା ସନ୍ଦେହ କରାଯାଉଛି। ଯଦି ରାଜନୈତିକ ଚାପ କଥା ସତ ହୁଏ, ତେବେ ସାଙ୍ଘାତିକ। କାରଣ ରାଜ୍ୟ ଗୃହ ବିଭାଗ ଖୋଦ୍ ମୁଖ୍ୟମନ୍ତ୍ରୀଙ୍କ ଅଧିନରେ ରହିଥିବା ବେଳେ ତାଙ୍କ ଉପରେ କିଏ ଚାପ ପକାଉଛି, ତାକୁ ନେଇ ପ୍ରଶ୍ନ ଉଠିଛି।

## ଏଫସିଆଇ ଉଠାଉନି...

ଦେଇଥିଲେ। ମିଳିଥିବା ସୂଚନା ଅନୁଯାୟୀ ଏଯାବତ୍ ଏହି ବଳକା ଚାଉଳକୁ ଏଫସିଆଇ ଉଠାଇ ନାହିଁ। ଚାଉଳ ନଷ୍ଟ ହେବାକୁ ବସିଥିବା ବେଳେ ଏହାକୁ କିଣିବା ପାଇଁ ମଧ୍ୟ ସେମିତି କେହି ଆଗ୍ରହ ପ୍ରକାଶ କରୁନାହାନ୍ତି। ତେଣୁ ସରକାର ଏହାକୁ ରାଜ୍ୟର ରାସନ ହିତାଧିକାରୀଙ୍କୁ ଅତିରିକ୍ତ ୫ କେଜି ଚାଉଳ ପ୍ରଦାନ ପାଇଁ ବିଚାର କରୁଛନ୍ତି। ଆଜି ମନ୍ତ୍ରୀ ଏନେଇ ଗଣମାଧ୍ୟମରେ ସୂଚନା ଦେବା ପରେ ସାଧାରଣରେ ଥିବା ଅନୁମାନ ସତ ହେବାକୁ ବସିଛି। ସୂଚନାଯୋଗ୍ୟ ଯେ ଏଫସିଆଇ ଚାଉଳ ନନେବାରୁ କିଛି ମାସ ତଳେ ରାଜ୍ୟ ସରକାର ୧୧ଟି ଆଦିବାସୀ ଅଧ୍ୟୁଷିତ ଜିଲ୍ଲାରେ ଅତିରିକ୍ତ ୩ ମାସ ଚାଉଳ ପ୍ରଦାନ କରିଥିଲେ। ଏବେ ଏହି ଚାଉଳ ବଣ୍ଟନ ଯୋଜନାକୁ ସରକାର ସମ୍ପ୍ରସାରିତ କରିବାକୁ ଚାହୁଁଥିବା ଜଣାପଡ଼ିଛି। କେବଳ ବଳକା ଚାଉଳ ଏଫସିଆଇ ଓଡ଼ିଶାରୁ ନେଇଥିବା ଚାଉଳ ବାବଦକୁ କେନ୍ଦ୍ର ପାଖରେ ଦୀର୍ଘ ଦିନ ଧରି ୮୦୦୦ କୋଟି ବକେୟା ଗଡୁଛି। ବକେୟା ପ୍ରଦାନ କରିବାକୁ କେନ୍ଦ୍ର ସହ ଆଲୋଚନା ଚାଲିଛି। ମାତ୍ର କେନ୍ଦ୍ର ସରକାର ରାଜି ହେଉନାହାନ୍ତି ବୋଲି ମନ୍ତ୍ରୀ ନିଜେ କହିଥିଲେ। ଡବଲ ଇଞ୍ଜିନରେ ଓଡ଼ିଶାର ସ୍ୱାର୍ଥ ଏପରି ଅଣଦେଖା ହେଉଥିବା ବେଳେ ଏହାକୁ ନେଇ ସାଧାରଣରେ କଡ଼ା ପ୍ରତିକ୍ରିୟା ପ୍ରକାଶ ପାଉଛି।

## ପୀତବାସଙ୍କ ହତ୍ୟା...

ନିଆଯାଇଥିବା ସ୍ପଷ୍ଟ ହୋଇଛି। ହତ୍ୟାକାଣ୍ଡ ଦିନ ଆତତାୟୀଙ୍କ ପକ୍ଷରୁ ସହରରେ ବିଭିନ୍ନ ସ୍ଥାନରେ ପ୍ରାୟ ୧୦ଥର ରେକି କରାଯାଇଥିବା ସିସିଟିଭି ଫୁଟେଜ ଯାଞ୍ଚ ବେଳେ ଜଣାପଡିଥିଲା। ଯାହା ଗତ ରବିବାର ରାତିରେ ଏସ୍‌ପିଙ୍କ ସମୀକ୍ଷା ବୈଠକରେ ସ୍ପଷ୍ଟ କରାଯାଇଥିଲା। ୩ଟି ବାଇକ୍‌ରେ ୬ଜଣ ସହରରେ ପୀତବାସଙ୍କ ଘର ଠାରୁ ଚାମ୍ବର ଓ ବିଭିନ୍ନ ଗନ୍ତବ୍ୟସ୍ଥଳକୁ ପିଛା କରିଥିଲେ। ଏଥିପାଇଁ ୩ଟି ରେକି ଟିମ ହୋଇଥିବା ବେଳେ ବାଇକ୍‌ରେ ଆରୋହୀ ରାଜ୍ୟ ବାହାରର ଏବଂ ବାଇକ ଚାଳକ ସ୍ଥାନୀୟ ଅଞ୍ଚଳର ବୋଲି କୁହାଯାଉଛି। ଏଥିରେ ଏରେଣ୍ଡ୍ରା ଅଞ୍ଚଳର କିଛି ଅପରାଧୀଙ୍କ ସମ୍ପୃକ୍ତି ଥିବା ସୂଚନା ମିଳିଛି। ମାଷ୍ଟର ମାଇଣ୍ଡ ଧରାପଡ଼ିବା ପରେ ପୀତବାସଙ୍କ ହତ୍ୟା ଘଟଣାର ପ୍ରକୃତ ରହସ୍ୟ ଉନ୍ମୋଚିତ ହୋଇପାରିବ ବୋଲି ପୁଲିସ ଆଶା ରଖିଛି।

ସେପଟେ ହତ୍ୟାକାଣ୍ଡ ଘଟଣାରେ ସ୍ଥାନୀୟ ପୁଲିସର ମଧ୍ୟ ବିଭିନ୍ନ ଦିଗକୁ ନେଇ ତନାଘନା ଜାରି ରହିଛି। ଅଭିଯୁକ୍ତଙ୍କୁ ଧରିବାକୁ ବିଭିନ୍ନ ସ୍ଥାନରେ ଚଢ଼ଉ କରି ଏକାଧିକ ବ୍ୟକ୍ତିଙ୍କୁ ଉଠାଇ ଆଣୁଛି ପୁଲିସ। ଖାସ୍ କରି ଦିଗପହଣ୍ଡି ଅଞ୍ଚଳରେ ପୁଲିସ ଡେରା ପକାଇଥିବା ଜଣାପଡିଛି। ବ୍ରହ୍ମପୁରରେ ଅନୁରୁପ ଭାବେ ସ୍ୱର୍ଗତ ଆଇନଜୀବୀ ପୀତବାସଙ୍କ ଘନିଷ୍ଠ ସହଯୋଗୀ ବାଲାଜୀ ରେଡୀଙ୍କୁ ୫ମ ଥର ପାଇଁ ଜେରା କରାଯାଇଥିବା ବେଳେ ଅନ୍ୟଜଣେ ମଦ ବ୍ୟବସାୟୀଙ୍କୁ ମଧ୍ୟ ବରିଷ୍ଠ ପୁଲିସ ଅଧିକାରୀମାନେ ମାରାଥନ ଜେରା କରୁଛନ୍ତି। ଆସନ୍ତା ୧୭ତାରିଖରେ ସ୍ୱର୍ଗତ ପୀତବାସ ପଣ୍ଡାଙ୍କର ଦ୍ୱାଦଶାହ କାର୍ଯ୍ୟକ୍ରମ ଥିବାବେଳେ ପରିବାର ଓ ଦଳ ପକ୍ଷରୁ ସ୍ୱତନ୍ତ୍ର ଶ୍ରଦ୍ଧାଞ୍ଜଳୀ କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କୁ ପୀତବାସଙ୍କ ପରିବାର ଓ ଦଳ ପକ୍ଷରୁ ନିମନ୍ତ୍ରଣ କରାଯାଇଥିଲେ ହେଁ ଆସନ୍ତା ୧୭ତାରିଖରେ ମୁଖ୍ୟମନ୍ତ୍ରୀଙ୍କ ସମ୍ଭାବ୍ୟ ଗସ୍ତ କାର୍ଯ୍ୟକ୍ରମ ଚୂଡ଼ାନ୍ତ ହୋଇପାରିନାହିଁ। ଯଦି ପୀତବାସଙ୍କ ଦ୍ୱାଦଶାହ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ଯୋଗ ଦିଅନ୍ତି ତେବେ ତାହା ପୂର୍ବରୁ ଘଟଣା ସମ୍ପର୍କରେ ପୁଲିସ ଖୁଲାସ କରିପାରେ ବୋଲି ସାଧାରଣରେ ଆଲୋଚନା ହେଉଛି।

## ଦୁଟୁନି ଦୀପାବଳି...

ଉପସଭାପତି ଉମାବଲ୍ଲଭ ମହାପାତ୍ର, ଯୁଗ୍ମ ସମ୍ପାଦକ ଲୋକନାଥ ମିଶ୍ର, ସଦସ୍ୟ ପଣ୍ଡିତ ଦୁର୍ଗାପ୍ରସାଦ ମିଶ୍ର, ରବି ପ୍ରସାଦ ରଥ, ଜଗନ୍ନାଥ ରଥ, ଜ୍ୟୋତିର୍ବିତ୍ ନୀଳମାଧବ ଦାସ, ଜ୍ୟୋତିର୍ବିତ୍ ଜ୍ୟୋତି ପ୍ରସାଦ ଦାସ ପ୍ରମୁଖ।

ଅନ୍ୟପକ୍ଷରେ ଏହି ସାମ୍ବାଦିକ ସମ୍ମିଳନୀସ୍ଥଳରେ ପାଞ୍ଜି ସମୀକ୍ଷକ ହରିଶଙ୍କର ମିଶ୍ର ପହଞ୍ଚି ମୁକ୍ତିମଣ୍ଡପ ପଣ୍ଡିତଙ୍କ ଉକ୍ତିକୁ ଖଣ୍ଡନ କରିଥିଲେ। ସେ କହିଥିଲେ, ୨୦ ତାରିଖରେ ରିକ୍ତା ତିଥି (ଚତୁର୍ଦ୍ଦଶୀ) ହେତୁ ସେହିଦିନ ପୟାଶ୍ରାଦ୍ଧ ଓ ଦୀପଦାନ ନ କରି ୨୧ ତାରିଖରେ କରିବାକୁ ମତ ରଖିଛନ୍ତି। ଯେଉଁ ତିଥିରେ ସୂର୍ଯ୍ୟ ଉଦୟ ହୁଅନ୍ତି ସେଇ ପର୍ବ ଶ୍ରୀଜଗନ୍ନାଥ ମନ୍ଦିରରେ ପାଳନ ହେବାର ବିଧି ରହିଛି। ସେଥିପାଇଁ ୨୧ ତାରିଖରେ ଶ୍ରୀମନ୍ଦିରରେ ଅମାବାସ୍ୟା ତିଥି ରହିଥିବାରୁ ସେହିଦିନ ଅମାବାସ୍ୟା ନାରାୟଣଙ୍କ ସାଗରବିଜେ ହେବ। ସେହିଦିନ ମଧ୍ୟ ସରକାରୀ ଛୁଟି ରହିଛି। ୨୦ରେ ଶ୍ୟାମାକାଳୀ ପୂଜାରେ କୌଣସି ଦ୍ୱିରୁକ୍ତି ନାହିଁ। ଓଡ଼ିଶାର ଜନସାଧାରଣ ଅଦିନରେ ପୟା ବା ଦୀପଦାନ ଶ୍ରାଦ୍ଧ ଓ ବଡ଼ବଡୁଆ ଡାକ ମାଧ୍ୟମରେ ପିତୃପୁରୁଷଙ୍କୁ ବିଦାୟ ଦେଲେ ସେମାନେ ଅସୁଖି ହେବାର ଶାସ୍ତ୍ରୀୟ ବିଧାନରେ ୨୧ ତାରିଖରେ ତାହା ପାଳନ କରନ୍ତୁ ବୋଲି ପାଞ୍ଜି ସମୀକ୍ଷକ ଶ୍ରୀ ମିଶ୍ର ଯୁକ୍ତି ରଖିଛନ୍ତି। ତେବେ ଏହାରି ଭିତରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ତୁଳା ମାସର ନୀତି ପ୍ରକାଶ ପାଇଛି। ୨୦ ତାରିଖ ଚତୁର୍ଦ୍ଦଶୀରେ ଦୀପାବଳି ଅମାବାସ୍ୟା, ପ୍ରୟାଶ୍ରାଦ୍ଧ ଓ କାଳୀପୂଜା ଉଲ୍ଲେଖ କରାଯାଇଥିବାବେଳେ ୨୧ରେ ଅମାବାସ୍ୟା ଏବଂ ସାଗରବିଜେ ନୀତି ଥିବା ସ୍ପଷ୍ଟ କରାଯାଇଛି।

## ଆଜିର ରାଶିଫଳ

**ମେଷ:** ସକରାତ୍ମକ ଦୃଷ୍ଟିରୁ ଦିନଟି ଭଲରେ କଟିବ। ପୂର୍ବର ଭୁଲ୍‌କୁ ଅନୁଧ୍ୟାନ କରି ଆଗକୁ ବଢ଼ିବାକୁ ଚେଷ୍ଟା କରିବେ। ଯାତାୟତ ସମୟରେ ସତର୍କତା ଅବଲମ୍ବ କରନ୍ତୁ। ବ୍ୟବସାୟରେ ସଫଳତା ପାଇବେ।

**ବୃଷ:** ଅଟକି ଥିବା କାର୍ଯ୍ୟରେ ସଫଳତା ମିଳିବ। ପିଠି ଯନ୍ତ୍ରଣା ଅନୁଭବ କରିପାରନ୍ତି। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ମହିଳାମାନେ ଉଚ୍ଚାଭିଳାଷି ହେବେ। ମାନ ସମ୍ମାନ ବୃଦ୍ଧି ପାଇବ।

**ମିଥୁନ:** ଆର୍ଥିକ ସ୍ଥିତି ଠିକ୍ ରହିବ। ବିଦ୍ୟାର୍ଥୀମାନେ ଭଲ ପ୍ରଦର୍ଶନ କରିବେ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ। ଅଯଥା କଥାରେ ଯୁକ୍ତି କରନ୍ତୁନି। ଗୁରୁଜନଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ଚିନ୍ତିତ ରହିପାରନ୍ତି।

**କର୍କଟ:** ମାନସିକ ଶାନ୍ତି ମିଳିବ। କୋର୍ଟ କଚେରୀ ମାମଲାର ଶୁଣାଣି ହୋଇପାରେ। ଅଟକି ଥିବା କାର୍ଯ୍ୟ ପୂରା ହେବାର ସମ୍ଭାବନା ରହିଛି। କର୍ମକ୍ଷେତ୍ରରେ ସମସ୍ତଙ୍କ ସହ ଭଲ ଆଚରଣ ଦେଖାନ୍ତୁ।

**ସିଂହ:** ଅନ୍ୟମାନଙ୍କୁ ଅଧିକ ବିଶ୍ୱାସ କରନ୍ତୁନି। ନିଜ ଲୋକ ଶତ୍ରୁ ସାଜିପାରନ୍ତି। ସମସ୍ୟାରେ ପଡ଼ିବାର ଆଶଙ୍କା ଅଧିକ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଅତିଥି ସତ୍କାର କରିପାରନ୍ତି।

**କନ୍ୟା:** ପରିବାର ସହିତ ସମୟ ବିତାନ୍ତୁ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହୋଇପାରେ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ।

**ତୁଳା:** ଅଫିସ କାମକୁ ନେଇ ଚିନ୍ତାରେ ରହିପାରନ୍ତି। ଅନ୍ୟମାନଙ୍କ କଥାରେ ପରିଚାଳିତ ହୁଅନ୍ତୁ ନାହିଁ। ଆଧ୍ୟାତ୍ମିକ କାର୍ଯ୍ୟରେ ସମୟ ବିତାନ୍ତୁ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ।

**ବିଛା:** ପ୍ରତ୍ୟେକ କ୍ଷେତ୍ରରେ ନିଷ୍ପତ୍ତି ନିଜେ ନିଅନ୍ତୁ। ଯୋଜନା ଅନୁସାରେ କାମ କରିବା ଭଲ। ସ୍ୱାସ୍ଥ୍ୟ ପ୍ରତି ଅଣଦେଖା କରନ୍ତୁନି। ରାଜନୀତିରେ ସକ୍ରିୟ ରହିପାରନ୍ତି। ମନ ମୁତାବକ କାମ କରନ୍ତୁ।

**ଧନୁ:** ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ପିଲାମାନଙ୍କ ନକାରାତ୍ମକ ଗତିବିଧିକୁ ନେଇ ଚିନ୍ତାରେ ରହିବେ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ। ଲୋକସମ୍ପର୍କ ବଢ଼ିବ। ହାତେ ମାପି ଚାଖଣ୍ଡେ ଚାଲିବା ଭଲ।

**ମକର:** ଧାର୍ମିକ ଏବଂ ଆଧ୍ୟାତ୍ମିକ କାର୍ଯ୍ୟରେ ସମୟ ବିତିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ପେଟଜନିତ ସମସ୍ୟା ହେବାର ଆଶଙ୍କା ରହିଛି। ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ।

**କୁମ୍ଭ:** ତରବରିଆ ଭାବେ କୌଣସି ନିଷ୍ପତ୍ତି ନିଅନ୍ତୁ ନାହିଁ। ଅଟକି ଥିବା ଅର୍ଥ ଫେରିପାଇବେ। ଅତିଥି ସତ୍କାରରେ ଦିନ ବିତିବ। କର୍ମଚାରୀଙ୍କ ପାଇଁ ଦିନଟି ଭଲ। ଚାକିରିରେ ପଦୋନ୍ନତି ହୋଇପାରେ।

**ମୀନ:** ପରିବାର ପାଇଁ ସମୟ କାଢ଼ନ୍ତୁ। ବିପଦରେ ପଡ଼ିଥିବା ଲୋକଙ୍କୁ ସାହାଯ୍ୟର ହାତ ବଢ଼ାନ୍ତୁ। କର୍ମକ୍ଷେତ୍ରରେ କାର୍ଯ୍ୟର ଚାପ ବଢ଼ିବ। ପାରିବାରିକ ଜୀବନରେ ଝଡ଼ ସୃଷ୍ଟି ହେବାର ଆଶଙ୍କା ରହିଛି।


**ADVERTISEMENT FOR ENGAGEMENT OF GUEST FACULTIES FOR MODEL DEGREE COLLEGE, RAYAGADA (GOVT. COLLEGE)**

**Office of the Principal**
**Model Degree College, Rayagada**
At- Amlabhatta, Po.: Penta, Dist- Rayagada (Odisha) Pin.: 765017
Contact No: 7008779251, E-mail- mdcravagada@gmail.com
Website: www. mdcr.ac.in

A walk-in-Interview will be held for the department of Anthropology teaching post in the College on 18. 10.2025 at 10.00 am. The Candidates with 55% mark in PG or equivalent should appear in this interview. All other details will be available in the College website - **www.mdcr.ac.in and in District Ponal of NIC, Rayagada.**

Sd/- Principal
Model Degree College
Rayagada

GOVERNMENTOFODISHA O-900
**OFFICE OF THE SUPERINTENDING ENGINEER, RURAL WORKS DIVISION-II, MALKANGIRI**
E-mail-ruralworksdivisioniimalkangiri@yahoo.in

INVITATION FOR BIDS
**NATIONAL COMPETITIVE BIDDING**

**Bid Identification No: RWDSE_MKG_II_ONLINE_09/2025-26**

The Superintending Engineer, Rural Works Division-II, Malkangiri on behalf of Governor of Odisha invites from bidders of eligible class registered with the State Government and bidders of equivalent Grade / Class registered with Central Government / MES / Railways according to the norm of "e" Procurement system in online mode for the works detailed in the table below on turnkey basis.

1 Name of the Work: : Building Repair works
2 No. of Works : **02Nos**
3 Estimated Cost : **Rs. 2.52 lakhs and Rs. 3.36 Lakhs**
4 Tender Paper Cost : Rs. 2,000/-
5 Class of Contractor :

| Estimated cost up to ₹20.00 lakhs | Estimated cost up to ₹40.00 lakhs | Estimated cost more than ₹20.00 lakhs & within ₹300.00 lakhs |
|---|---|---|
| 'D' | 'C' | 'B' |

6 Period of Completion : 02(Two) Calendar months
7. **Critical dates** :

| Procurement Officer | Bid Identification No. | Availability of Tender Online for Bidding | | Last Date of Seeking tender Clarification | Date of opening of Tender |
|---|---|---|---|---|---|
| | | From | To | | |
| **Superintending Engineer, Rural Works Division-II, Malkangiri** | **RWDSE_MKG_II_ ONLINE_09 of 2025-26** | **17.10.2025 at 11.00AM** | **31.10.2025 up to 05.30PM** | **30.10.2025 up to 3.00 P.M.** | **01.11.2025 up to 11.00 A.M** |

- Further details can be seen in the bidding documents, which is available in thee-procurement portal **https://www.tendersorissa.gov.in.**
- Subsequent corrigendum if required shall be appeared in the web site.
- Authority reserves the right to reject any or all tenders without assigning any reason thereof.

OIPR-25079/11/0032/2526
Superintending Engineer
Rural Works Divsion-II, Malkangiri

ସ୍ୱଚ୍ଛ ଭାରତ
ଏକ ପାଦ ସ୍ୱଚ୍ଛତା ଅଭିମୁଖେ

# ଜିଲ୍ଲା ପରିଷଦ,ନୟାଗଡ
## (ଜିଲ୍ଲା ଜଳ ଓ ପରିମଳ ମିଶନ)
## ସ୍ୱଚ୍ଛତା ବାର୍ତ୍ତା

ଶୁଭ ଦୀପାବଳି ଓ ଧନ୍ୱନ୍ତରୀ ଜୟନ୍ତୀ ଉପଲକ୍ଷେ ଜିଲ୍ଲା ଜଳ ଓ ପରିମଳ ମିଶନ, ଜିଲ୍ଲା ପରିଷଦ, ନୟାଗଡ ତରଫରୁ ଜିଲ୍ଲା ବାସୀ ଙ୍କୁ ଶୁଭେଚ୍ଛା ଓ ଶୁଭ କାମନା । ଏହି ଶୁଭ ଅବସରରେ ଆସନ୍ତୁ ଆମେ ସମସ୍ତେ ଆମ ଜିଲ୍ଲାକୁ ପ୍ଲାଷ୍ଟିକ ମୁକ୍ତ କରିବା ପାଇଁ ଶପଥ ନେବା । ଜଳ, ବାୟୁ ଏବଂ ମାଟିକୁ ପ୍ଲାଷ୍ଟିକ ପ୍ରଦୂଷିତ କରିବା ସହିତ ସ୍ୱାସ୍ଥ୍ୟ ଓ ପରିବେଶ ପ୍ରତି କ୍ଷତିକାରକ । ତେଣୁ ଆମେ ନିମ୍ନଲିଖିତ ପଦକ୍ଷେପ ଆପଣାଇବା :-

- ଏକକ ବିଶିଷ୍ଟ ପ୍ଲାଷ୍ଟିକ ବ୍ୟବହାର ବନ୍ଦ କରିବା
- ପ୍ଲାଷ୍ଟିକ ବ୍ୟବହାର କମ କରିବା ଏବଂ ପ୍ଲାଷ୍ଟିକର ପୁନଃ ଚକ୍ରଣ ପଦ୍ଧତି ଆପଣାଇବା ।
- ପ୍ଲାଷ୍ଟିକ ବ୍ୟବହାରର ଅପକାରିତା ଉପରେ ନିଜ ପରିବାରକୁ ସଚେତନ କରେଇବା ସହିତ ଅନ୍ୟମାନଙ୍କୁ ସଚେତନ କରାଇବା ।

ଅଧ୍ୟକ୍ଷ,
ଜିଲ୍ଲା ପରିଷଦ, ନୟାଗଡ

ମୁଖ୍ୟ ଉନ୍ନୟନ ଅଧିକାରୀ ତଥା
କାର୍ଯ୍ୟ ନିର୍ବାହୀ ଅଧିକାରୀ,
ଜିଲ୍ଲା ପରିଷଦ, ନୟାଗଡ

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar CF No- 86 on dated 14-10-2025 I, **SUKANTI BEHERA,** W/o Ramesh Kumar Behera permanent resident of Vill- Badasahara, PO- Badasahara, Baliapata, PS- Fategarh, Dist-Nayagarh, State- Odisha, Pin- 752063, declare that I have changed my son's name from **AMIT KUMAR BEHERA** (Old name) to **BEHERA AMITKUMAR RAMESH** (New name), Henceforth, he shall be known as **BEHERA AMITKUMAR RAMESH** for all future purposes.
Sd-(**SUKANTI BEHERA**)

**AFFIDAVIT**
I, Rajanikantha Puhan, aged about 36 years, S/o- Umakanta Puhan, resident of At- Sudarsanpur, Po- Suan, Ps- Basudebpur, Dist- Bhadrak, Odisha, PIN- 756162, declare by this affidavit No. 2091, dtd. 15/10/2025, that now onwards I shall be known as **RAJANIKANTA PUHAN** for all future purposes.

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar on Dated: 14.10.2025, **I, Niharika Mohanty,** aged about 38 years, W/o.: Rajesh Kumar Das, resident of At: Kunarpur, PO.: Jahangar, P.S./ Dist.: Kendrapara, Odisha, PIN- 754208 declare that I have changed my name from Niharika Das to **Niharika Mohanty**. Henceforth, I will be known as **Niharika Mohanty** for all purposes.
Niharika Mohanty

**AFFIDAVIT**
By virtue of an affidavit sworn before in the court of the Executive magistrate, Rairangpur SI No - 4191 on dtd.14/10/2025. I, SARAT CHANDRA KISKU(New name) formerly called as SARAT CH KISKU(Old name), S/O - Late Chandu kisku, at- Chhamudia, PO- Jamukeswar, PIN - 757034, PS- Jashipur, DIST-Mayurbhanj declared that I have changed my name from SARAT CH KISKU(Old name) to SARAT CHANDRA KISKU(New name) .Henceforth in all records, deeds and writing in all proceeding,dealing and transaction private as well as public and upon all occasion I shall be known as (new name)for all purpose.
SD/- Sarat Chandra Kisku

# ପୂର୍ବ ତଟ ରେଳପଥ

ଇ-ଟେଣ୍ଡର ବିଜ୍ଞପ୍ତି ସଂ.**ETELCONBBST-375E**, ତା.**10.10.2025**ରିଖ

**କାର୍ଯ୍ୟର ନାମ :** ପୁରୀ ରେଳ ଷ୍ଟେସନ ଠାରେ ବର୍ତ୍ତମାନର ଇଂଜିନ୍ ସ୍ଥାୟୀ ଲାଇନ୍-**110 M**ର ସମ୍ପ୍ରସାରଣ ଏବଂ **Rt.1A-300 M, 1B-300 M** ମଧ୍ୟରେ ଗୋଟିଏ ନୂଆ ଆଇଲ୍ୟାଣ୍ଡ ପ୍ଲାଟଫର୍ମର ବ୍ୟବସ୍ଥା ତଥା ପ୍ଲାଟଫର୍ମ ନଂ.**2** ରୁ **8** ନିମନ୍ତେ ପୁରୀ ଷ୍ଟେସନ ୟାର୍ଡ଼ ଠାରେ ବାଲାଷ୍ଟ ବିହୀନ ଟ୍ରାକ୍‌ର ନିର୍ମାଣ ସମ୍ବନ୍ଧୀୟ ଇଲେକ୍ଟ୍ରିକାଲ ଜେନେରାଲ କାର୍ଯ୍ୟ ଏବଂ ବନ୍ଧନ(**Bonding**) କାର୍ଯ୍ୟ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ (ଟଙ୍କାରେ) :** **345.84** ଲକ୍ଷ, EMD (ଟଙ୍କାରେ) : **3,22,900/-**, କାର୍ଯ୍ୟ ଶେଷ ହେବା ଅବଧି : **09** ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ:** ତା.**04.11.2025** ରିଖ **1500** ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ଇ-ଟେଣ୍ଡର ନଥିପତ୍ର ସହିତ ସମ୍ପୂର୍ଣ୍ଣ ବିବରଣୀ ୱେବ୍‌ସାଇଟ୍ **www.ireps.gov.in** ରେ ଉପଲବ୍ଧ ଅଟେ। ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଛି। ଟେଣ୍ଡରଦାତା/ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଚାର୍ଟର୍ଡ଼ ଆକାଉଣ୍ଟାଣ୍ଟଙ୍କ ଦ୍ୱାରା ବିଧିବଦ୍ଧ ଭାବେ ଯାଞ୍ଚ ଏବଂ ସ୍ୱାକ୍ଷର ହୋଇଥିବା ଅନୁଲଗ୍ନକ-B,G ଏବଂ G1ର ଦାଖଲ ସହିତ, ଟେଣ୍ଡର ନଥିପତ୍ର ଉପରେ 2 ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍) ର ଯାଞ୍ଚ ସୂଚୀ, ପାରା 3.1 (ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ।

PR-134/CI/25-26
ଉପ ମୁଖ୍ୟ ବିଦ୍ୟୁତ୍ ଯନ୍ତ୍ରୀ/ନିର୍ମାଣ-III/ ଭୁବନେଶ୍ୱର

**AFFIDAVIT**
I, Apurba Naik, W/o-late Gura Naik, resident Village- Naranakhunta, Po- Naranakhunta, PS-Badasahi, Dist-Mayurbhanj, Pin-757075, Odisha declare by this Affidavit No-296/2025, dt.10.10.2025, that now onwards, I known as APURBA NAIK for all future purposes.
Apurba Naik

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar on Dated: 14.10.2025, **I, Rajesh Kumar Das,** aged about 41 years, S/o.: Sachidananda Das, resident of At: Kunarpur, PO.: Jahangar, P.S./Dist.: Kendrapara, Odisha, PIN-754208 declare that I have changed the name of my son's name Bhabyansh Das to **Bhavyansh Das**. Henceforth, he will be known as **Bhavyansh Das** for all purposes.
Rajesh Kumar Das

**AFFIDAVIT**
I, Bimla Nandi, W/O Late- Ram Chandra Nandi, resident of Chhancha, Ward No.25, Po/Ps-Baripada Town, Dist.-Mayurbhanj, Pin.No.-757001, Odisha, declared by this affidavit No- 1043 dtd. 14.10.2025 that now onwards I shall be known as Bimala Nandi (67) for all future purposes.

**AFFIDAVIT**
By virtue of an Affidavit before Notary Public, Malkangiri, I, **Ujala Mandal**, aged about 24 years, W/o.:Sarajit Mandal, D/o: Jagjeevan Markam, resident of Village: M.P.V-57, PO.: Malabharam, P.S.: Motu, Dist: Malkangiri, Odisha, declare by this Affidavit No.: 1718/25, Dated: 15.10.2025 that I have changed my name from Ujala Markam to **Ujala Mandal**. Henceforth I shall be known as **Ujala Mandal** for all future purposes.

**AFFIDAVIT**
By virtue of an Affidavit before Notary Public, Malkangiri, I, **Jagadis Sodi**, aged about 31 years, S/o.: Anda Sodi, resident of Village: Orkelguda, PO.: Matapaka, P.S./Dist: Malkangiri, Odisha, declare by this Affidavit No.: 1533/2025, Dated: 14.10.2025 that I have changed my name from Jaga Sodi to **Jagadis Sodi**. Henceforth I shall be known as **Jagadis Sodi** for all future purposes.

**AFFIDAVIT**
By virtue of an affidavit Sl. No. - 6610, dtd.13.10.2025 in the court of the Executive Magistrate, Chandbali, Dist.- Bhadrak, I, Damayanti Rout, have changed my minor daughter's name from Tallisohni Rout to Tejoswoni Rout. Henceforth she will be known as Tejoswoni Rout for all purposes.
Sd/- Damayanti Rout

**AFFIDAVIT**
By virtue of an affidavit before Notary Public, Bhubaneswar, Affidavit No. 357 on dated 15.10.2025. I, Renubala Mishra, D/o- Sitaram Nayak, Resident of Flat No. E-403, 4th Floor, Baishnab Vihar, Phase-2, Near Durga Mandap, Bomikhal, Plot No- 220/ 3175, Po- Bhubaneswari Colony, Ps- Mancheswar, Bhubaneswar – 751006, Dist- Khordha, Odisha, I have change my name from Renu Mishra to Renubala Mishra. I shall be known as **RENUBALA MISHRA** for all future purposes.

**AFFIDAVIT**
I, Ruby Singh, W/o- Sanjib Singh, Resident of Plot No- 201/9, Road No- 8, Unit-9, Po- Bhoinagar, Ps- Kharvela Nagar, Dist- Khordha, Odisha, PIN- 751022 declares by this affidavit No.962 dated 14.10.2025 that now onwards I shall be known as **RUBI SINGH** for all future purposes.

**AFFIDAVIT**
By virtue of an affidavit No- 4338 sworn before Notary Public Swampatna, Keonjhar on dtd- 15/10/2025. I, **Rosan Kumar Sahu,** S/o Rahas Bihari Sahu, resident of At/Po- Kapundi, Ps- Patna, Dist- Keonjhar, Odisha I am the deponent I have changed my son's name from **Omm Sahu,** S/o Roshan Sahu to **Omm Prakash Sahu,** S/o Rosan kumar Sahu. Both the names are of one and same person. Henceforth my above son shall be known as **Omm Prakash Sahu,** S/o- Rosan Kumar Sahu in all purposes in future.
**Rosan Kumar Sahu**

**AFFIDAVIT**
I, Pitambar Padhy, aged about 48 years, S/o- Adikanda Padhy, resident of Plot No. AA-107, Subhadra Appartment, Patia, Bhubaneswar, Khordha, Odisha, PIN- 751024 declared by this affidavit CF No. 62, dtd- 10/10/2025 that now onwards I shall be known as **PEETAMBAR PADHY** for all future purposes.

**PUJA OFFER**
**SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**AFFIDAVIT**
I, Shyama Dakua, Father of Kartika Dakua, resident of AT -Plot No -5545/9698, Kanyabeda Kandasar, Nalco Nagar, Dist - Angul, Pin- 759145, declare by this affidavit No - 34246, dated - 15.10.2025, that now onwards I shall be known as **SHYAM DAKUA** for all future purposes.

**AFFIDAVIT**
By virtue of an affidavit before the Notary Public, Titilagarh, on dated- 14/10/2025. I, **Pichharu Bag** (applicant name), S/o Ratnakara Bag, permanent resident of AT/PO- Ridgol, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my minor son's name from **Rusan Bag** (old name) to **Roshan Bag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Roshan Bag** (new name) for all purposes.
**Pichharu Bag**

**AFFIDAVIT**
By virtue of an affidavit sworn before The Executive Magistrate, Bhubaneswar, vide CF No. 57, dated- 15/10/2025. I, **A. Kumar,** S/o A. Ghanashyam, Address: Godarapalli, Po- Durbandha, Ps- Hinjilicut, Dist- Ganjam, PIN-761101, Odisha declare that I have changed my minor son's name from **Ala Kalap** to **Ala Jashank**. Henceforth, he shall be known as **Ala Jashank** (new name) for all future purposes.
**A. Kumar**

**AFFIDAVIT**
I, Phulamani Murmu (Aadhaar No: 7751 7613 7758) D/o- Sridhar Soren, residing at At- Debala, Po- Gadigan, Ps- Khunta, Dist- Mayurbhanj, Odisha, Pin- 757087, have changed my name to **Phulamani Soren** by an Affidavit sworn before the Executive Magistrate, Baripada on 14.10.2025. Henceforth, I shall be known as **PHULAMANI SOREN** for all future purposes.
**PHULAMANI SOREN**

**AFFIDAVIT**
By virtue of an affidavit no-3281 sworn before the Executive Magistrate, Kujang on dtd- 13/10/2025, I **Siba Narayan Das,** S/o- Late Anam Charan Das, resident of At- Dardia, Po- Potanai, Ps- Tritol, Dist- Jagatsinghpur, Pin-754140, Odisha, My Aadhar Card bearing No- 8059 1857 0097. I have changed my name from **Shiba Narayan Das** (old name) to **Siba Narayan Das** (new name). Henceforth both name **Shiba Narayan Das** and **Siba Narayan Das** is one & same person he will be known as **Siba Narayan Das** for all future purposes.
**Siba Narayan Das**

**AFFIDAVIT**
By virtue of an affidavit sworn before The Notary Public, Bhubaneswar dated 09.10.2025, I Bishnu Charan Nayak, S/o- Basudev Nayak permanent resident of At: O.S.E.B colony School Campus Gridco Colony, Bhoi Nagar Bhubaneswar, Dist- Khordha, Odisha – 751022 declare that I have changed my Son's Name from Punya Sankalp Nayak to Purnya Sankalp Nayak, he shall be known as Purnya Sankalp Nayak for all purposes.
**SD/- Bishnu Kumar Nayak**

# ୨୪ରେ ପଦଯାତ୍ରା ପାଇଁ ବିଜୁ ଜନତା ଦଳର ପ୍ରସ୍ତୁତି ବୈଠକ




**ଜଗତସିଂହପୁର,୧୫।୧୦(ସମିସ):** ଜଗତସିଂହପୁର ବିଜୁ ଜନତା ଦଳ ପକ୍ଷରୁ ଅନୁଷ୍ଠିତ ହେବାକୁ ଥିବା ପଦଯାତ୍ରା ପାଇଁ ଆଜି ଆଦିକବି ସାରଳା ଦାସ ସଂସ୍କୃତି ଭବନରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଯାଇଛି। ଅକ୍ଟୋବର ୨୪ ତାରିଖ ଶୁକ୍ରବାର ଗାନ୍ଧିଛକ ନିକଟରୁ ପଦଯାତ୍ରା ଶୁଭାରମ୍ଭ ହେବ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି। ବୈଠକରେ ପୂର୍ବତନ ବିଧାୟକ ତଥା ଜିଲ୍ଲା ବିଜେଡି ସଭାପତି ପ୍ରଶାନ୍ତ କୁମାର ମୁଦୁଲି, ପୂର୍ବତନ ବିଧାୟକ ତଥା ରାଜ୍ୟ ବିଜେଡି ଉପସଭାପତି ଚିରଞ୍ଜିବୀ ବିଶ୍ୱାଳ, ଜିଲ୍ଲାପରିଷଦ ସଭାପତି ମନୋଜ କୁମାର ଭୋଇ, ଜିଲ୍ଲା ବିଜେଡି ଉପସଭାପତି ଦିପ୍ତିକୁମାର ଦାସ, ପଞ୍ଚାୟତ ସମିତି ଅଧ୍ୟକ୍ଷା କନକପ୍ରଭା ଲେଙ୍କା, ଉପାଧ୍ୟକ୍ଷ ରତିରଞ୍ଜନ ବେହେରା, ବ୍ଲକ ମହିଳା ବିଜେଡି ସଭାପତି ପ୍ରଭାତି ମହାନ୍ତି, ଜିଲ୍ଲା ଛାତ୍ର ବିଜେଡି ସଭାପତି ସମିତ୍ ଲେଙ୍କା, ପୂର୍ବତନ ଜିଲ୍ଲାପରିଷଦ ସଭ୍ୟ ଜଗନ୍ନାଥ ମୁଦୁଲି, ନଗର ବିଜେଡି ସଭାପତି ପ୍ରିୟବ୍ରତ ମହାପାତ୍ର, ବରିଷ୍ଠ କର୍ମୀ କାଳନ୍ଦୀ ପତି, ବ୍ଲକ ଯୁବ ବିଜେଡି ସଭାପତି ସମ୍ବିତ ମହାନ୍ତି, ଯୁବନେତା ପ୍ରଶାନ୍ତ ମଲ୍ଲିକ, ବରିଷ୍ଠ କର୍ମୀ ଅଦ୍ୱୈତ ଜେନା, ମନୋଜ ମହାନ୍ତି ଓ ସମସ୍ତ ଦଳୀୟ କାଉନସିଲର, ବିଜେଡି ସମର୍ଥିତ ସମସ୍ତ ସରପଞ୍ଚ ଓ ସମିତି ସଭ୍ୟ ସାମିଲ ହୋଇଥିଲେ।

# ଜିଲ୍ଲାସ୍ତରୀୟ ସୁନାମି ପ୍ରସ୍ତୁତି ଶୀର୍ଷକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ

**ଜଗତସିଂହପୁର,୧୫।୧୦(ସମିସ):**



ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷ ଏବଂ ଜିଲ୍ଲା ଜରୁରୀ ବିଭାଗ ମିଳିତ ଆନୁକୁଲ୍ୟରେ ଜିଲ୍ଲାସ୍ତରୀୟ ସୁନାମି ପ୍ରସ୍ତୁତି ଶୀର୍ଷକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଥିବା ସଦ୍‌ଭାବନା ସଭାଗୃହରେ ଆୟୋଜିତ ହୋଇଛି। ସମୁଦ୍ରତଟୀୟ ଅଞ୍ଚଳର ସହନଶୀଳତା ବୃଦ୍ଧି ଓ ଜନସାଧାରଣଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରିବା କାର୍ଯ୍ୟକ୍ରମର ଉଦ୍ଦେଶ୍ୟ। ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ସମ୍ବିତ କୁମାର ରାଉତ କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରିଥିଲେ। ଓସଡମାର ଜେନେରାଲ ମ୍ୟାନେଜର ଡ. ସୁନିତା ଜେନା ସୁନାମି ରେଡି ରେକଗ୍ନିସନ୍ ପ୍ରୋଗ୍ରାମ (ଟ୍ରାପ) ବିଷୟରେ ଅଲୋଚନା କରିଥିଲେ। ଜିଲ୍ଲା ଜରୁରୀ ବିଭାଗ ଅଧିକାରୀ ଅନିଶା ଦାସ ପ୍ରଶିକ୍ଷଣର ଆଭିମୁଖ୍ୟ ଉପସ୍ଥାପନ କରିଥିଲେ। ବାପି ବିଶ୍ୱଜିତ ସାହୁ, ଜିଲ୍ଲା ପ୍ରକଳ୍ପ ଅଧିକାରୀ ଓସଡମା, ପ୍ରାୟୋଗିକ ନିର୍ଗମ ପ୍ରକ୍ରିୟା ଓ ସୁରକ୍ଷା ପଦକ୍ଷେପ ବିଷୟରେ ପାୱାର ପଏଣ୍ଟ ମାଧ୍ୟମରେ ବୁଝାଇଥିଲେ। ପ୍ରଶିକ୍ଷଣରେ ଶିକ୍ଷା ସାମଗ୍ରୀ, ଆନିମେସନ୍ ଓ ବିଦ୍ୟାଳୟ ପାଇଁ ଆଇଇସି ଉପରେ ଆଲୋକପାତ କରାଯାଇଥିଲା। ଅଂଶଗ୍ରହଣକାରୀମାନେ ପ୍ରାୟୋଗିକ ଅଭ୍ୟାସ ଓ ଆଲୋଚନା ମାଧ୍ୟମରେ ଜ୍ଞାନ ଆହରଣ କରିଥିଲେ। କାର୍ଯ୍ୟକ୍ରମ ଶେଷରେ ଜିଲ୍ଲାସ୍ତରର ଟ୍ରାପ କାର୍ଯ୍ୟଯୋଜନା ତିଆରି ହୋଇଥିଲା ଓ ସମନ୍ୱିତ ପ୍ରଚେଷ୍ଟାର ଆହ୍ୱାନ ଦିଆଯାଇଥିଲା। ଏରସମା ଓ ବାଲିକୁଦା ବିଡିଓ ଗୁରୁବାର ବ୍ଲକ୍ ସ୍ତରୀୟ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆୟୋଜନ ପ୍ରସ୍ତାବ ରଖିଥିଲେ।

## ଘୋଡ଼େଶ୍ୱର ମନ୍ଦିର ମୁଖ୍ୟ ପୂଜକଙ୍କ ଦେହାନ୍ତ



**ନାଉଗାଁ,୧୫।୧୦(ସମିସ):** ନାଉଗାଁ ବ୍ଲକ ଅଧୀନ ସର୍ବ ପୁରାତନ ପ୍ରସିଦ୍ଧ ଶୈବପୀଠ ଘୋଡେଶ୍ୱର ମନ୍ଦିରର ମୁଖ୍ୟ ପୂଜକ ରମାରଞ୍ଜନ ଦିକ୍ଷିତ(୭୨)ଙ୍କର ଦେହାନ୍ତ ହୋଇଛି। ଶ୍ରୀ ଦିକ୍ଷିତଙ୍କ ଘର ଉକ୍ତ ବ୍ଲକର ଜାମୁଦଣ୍ଡା ଗ୍ରାମରେ ହୋଇଥିବା ବେଳେ ସେ ଜଣେ ମିଷ୍ଟଭାଷୀ, ସେହିଁ, ପରୋପକାରୀ ବ୍ୟକ୍ତି ଥିଲେ। ଛାତିରେ ଯନ୍ତ୍ରଣା ଅନୁଭବ ହେବା ସହ ତାଙ୍କର ମୃତ୍ୟୁ ଘଟିଥିଲା। ଖବର ପ୍ରଚାରିତ ହେବାପରେ ପୂର୍ବତନ ବିଧାୟକ ଜ୍ୟୋତିଷ ଚନ୍ଦ୍ର ଦାସ, ତିହୁଡା ଗୁରୁକୃପା କୁଟିରର ବ୍ରହ୍ମଚାରୀ ବାବା ସତ୍ୟାନନ୍ଦ ଦାସ, ଓଡିଶା ଉଚ୍ଚନ୍ୟାୟାଳୟର ଅବସରପ୍ରାପ୍ତ ପ୍ରଶାସକ ରବିନ୍ଦ୍ର କୁମାର ପଟ୍ଟନାୟକ, ଅବସରପ୍ରାପ୍ତ ଶିକ୍ଷକ ଚୈତନ୍ୟ ଚରଣ ନାୟକଙ୍କ ସମେତ ବିଭିନ୍ନ ମହଲରେ ଶୋକପ୍ରକାଶ ପାଇଛି।

## ବିଜେଡି ଉପସଭାପତି ଚିରଞ୍ଜୀବ ବିଶ୍ୱାଳଙ୍କୁ ସମ୍ବର୍ଦ୍ଧନା ଜଣାଇଲେ ବାପି ସର୍ଖେଲ



**ଜଗତସିଂହପୁର,୧୫।୧୦(ସମିସ):** ଜଗତସିଂହପୁର ସଦର ଏବଂ ତିର୍ତୋଲର ପୂର୍ବତନ ବିଧାୟକ ତଥା ବରିଷ୍ଠ ବିଜେଡି ନେତା ଚିରଞ୍ଜୀବ ବିଶ୍ୱାଳଙ୍କୁ ନିକଟରେ ଦଳର ସୁପ୍ରୀମୋ ନବୀନ ପଟ୍ଟନାୟକ ଉପସଭାପତି ଭାବେ ଦାୟିତ୍ୱ ଦେଇଛନ୍ତି। ଏହି ଦାୟିତ୍ୱ ମିଳିବା ପରେ ଦଳୀୟ ନେତା ଓ କର୍ମୀମାନେ ଶ୍ରୀ ବିଶ୍ୱାଳଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ପ୍ରଦାନ ସହିତ ଅଭିନନ୍ଦନ ଜଣାଇଛନ୍ତି। ଏହିକ୍ରମରେ ପାରାଦୀପର ବିଶିଷ୍ଟ ଶ୍ରମିକ ସଂଗଠକ ତଥା ବରିଷ୍ଠ ବିଜେଡି ନେତା ବାପି ସର୍ଖେଲ ବିଜେଡି ଉପସଭାପତି ଚିରଞ୍ଜୀବ ବିଶ୍ୱାଳଙ୍କୁ ତାଙ୍କ ଭୁବନେଶ୍ୱର ବାସଭବନରେ ଭେଟି ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଛନ୍ତି। ଶ୍ରୀ ବିଶ୍ୱାଳଙ୍କ ଭଳି ଜଣେ ପୁରୁଖା ଏବଂ ଅଭିଜ୍ଞ ରାଜନେତାଙ୍କୁ ଏହି ଦାୟିତ୍ୱ ମିଳିଥିବାରୁ ଜଗତସିଂହପୁର ଜିଲ୍ଲା ସମେତ ସମଗ୍ର ଓଡିଶାରେ ବିଜେଡି ସଂଗଠନ ଅଧିକ ସକ୍ରୀୟ ହୋଇପାରିବ ବୋଲି ଶ୍ରୀ ସର୍ଖେଲ ଦୃଢୋକ୍ତି ପ୍ରକାଶ କରିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଜଗତସିଂହପୁର ପଞ୍ଚାୟତ ସମିତିର ଉପାଧ୍ୟକ୍ଷ ରତିରନ ବେହେରା, ପୁନଙ୍ଗ ପଞ୍ଚାୟତର ସରପଞ୍ଚ ଦୁର୍ଗା ମହାପାତ୍ର, ପଞ୍ଚାୟତ ସଭାପତି ସୁଜିତ୍ ଘୋଷ, ପଳାଶୋଳ ପଞ୍ଚାୟତର ସମିତିସଭ୍ୟ ପ୍ରଦ୍ୟୁମ୍ନ ମଲ୍ଲିକ, ପ୍ରସନ୍ନ କୁମାର ନାୟକ, ବଟକୃଷ୍ଣ ରାଉତ ଏବଂ ନରେନ୍ଦ୍ର ଭୋଇ ପ୍ରମୁଖ ଦଳୀୟ ନେତାମାନେ ମଧ କାର୍ଯ୍ୟକ୍ରମରେ ଯୋଗଦେଇ ଶ୍ରୀ ବିଶ୍ୱାଳଙ୍କୁ ଅଭିନନ୍ଦନ ଜଣାଇଥିଲେ।

## କେଉଟପାଳ ବିଦ୍ୟାଳୟରେ ପୋଷାକ ବଣ୍ଟନ

**ବାଲିକୁଦା,୧୫।୧୦(ସମିସ):** ତିତିରା ପଞ୍ଚାୟତର କେଉଟପାଳ ଉପ୍ରା ବିଦ୍ୟାଳୟରେ ପୋଷାକ ବଣ୍ଟନ କରାଯାଇଛି। ସୁଶାନ୍ତ ବାରିକଙ୍କ ସଭାପତିତ୍ୱରେ ପୋଷାକ ବଣ୍ଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସହକାରୀ ଶିକ୍ଷକ ପ୍ରଶାନ୍ତ ସାହୁ ଅଧ୍ୟକ୍ଷତା କରିଥିଲେ। ଶିକ୍ଷୟିତ୍ରୀ ମେନକା ଦେଇ, ସସ୍ମିତା ବାରିକ, ପାନା ସୋରେନଙ୍କ ସମେତ ବିଦ୍ୟାଳୟର ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ ଉପସ୍ଥିତ ରହି ୪୨ଜଣ ଛାତ୍ରଛାତ୍ରୀଙ୍କୁ ପୋଷାକ ବଣ୍ଟନ କରିଥିଲେ।



## ସର୍ପାଘାତରେ ଜଣଙ୍କର ମୃତ୍ୟୁ

**ତିର୍ତ୍ତୋଲ,୧୫।୧୦(ସମିସ):** ତିର୍ତ୍ତୋଲ ଥାନା ଗୋବିନ୍ଦପୁର ଗ୍ରାମର ପବିତ୍ର ଦାସ(୪୯)ଙ୍କ ସାପ କାମୁଡ଼ାରେ ମୃତ୍ୟୁ ଘଟିଛି। ମଧ୍ୟାହ୍ନରେ ତାଙ୍କୁ ଏକ ବିଷଧର ସାପ କାମୁଡି ଦେଇଥିଲା। ସେ ଯନ୍ତ୍ରଣା ଅନୁଭବ କରିବାରୁ ତାଙ୍କୁ ପରିବାର ଲୋକେ ବାଇକ୍‌ରେ ଗୋରେଖନାଥ ପୀଠକୁ ନେଲାବେଳେ ବାଟରେ ସେ ଗାଡ଼ିରୁ ତଳକୁ ଖସି ପଡ଼ିଥିଲେ। ପରେ ପରିବାର ଲୋକେ ତାଙ୍କୁ ଜଗତସିଂହପୁର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ଘରେ ତାଙ୍କର ବିଧବା ସ୍ତ୍ରୀ ଓ ଦୁଇଟି ଝିଅ ଅଛନ୍ତି। ମୃତ ପବିତ୍ରଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇଦେବାକୁ ଗ୍ରାମବାସୀ ଦାବି ଜଣାଇଛନ୍ତି।

## ● ବନ୍ଦର ନିଷିଦ୍ଧାଞ୍ଚଳରେ ଅଘଟଣ;
## କଟିଲା ଦୁଇ ଶ୍ରମିକଙ୍କ ଗୋଡ଼

**ପାରାଦୀପ,୧୫।୧୦(ସମିସ):** ପାରାଦୀପ ବନ୍ଦର ନିଶିଦ୍ଧାଞ୍ଚଳ ମଧ୍ୟରେ ଥିବା ଟ୍ରେନ ଲାଇନରେ କାମ କରୁଥିବା ବେଳେ ଏକ ବଡ ଅଘଟଣ ଘଟିଛି। ଦୁଇ ଶ୍ରମିକ କାର୍ଯ୍ୟ କରୁଥିବା ବେଳେ ଟ୍ରେନ ଲାଇନର ଜଏଣ୍ଟ ମୁଣ୍ଡ ସେହି ପଏଣ୍ଟରେ ଖୋଲି ଯାଇଥିଲା। ଯାହାଫଳରେ ଜଣେ ଶ୍ରମିକଙ୍କ ଦୁଇ ଗୋଡ କଟିଯିବା ସହ ଅନ୍ୟ ଜଣଙ୍କର ଗୋଟିଏ ଗୋଡ କଟିଯାଇଛି। ଅନ୍ୟ ସାଥି ଶ୍ରମିକମାନେ ତୁରନ୍ତ ୟୁନିୟନର ସାଧାରଣ ସମ୍ପାଦକ ସନାତନ ବେହେରାଙ୍କୁ ଜଣାଇବା ପରେ ସ୍ଥାନୀୟ ଅଠରବାଙ୍କୀ ମେଡ଼ିକାଲ ନେଇଥିଲେ। ସ୍ୱାସ୍ଥ୍ୟାବସ୍ଥା ଗୁରୁତର ଥିବାରୁ ଡାକ୍ତର ସଙ୍ଗେ ସଙ୍ଗେ କଟକ ଏସିବି ମେଡିକାଲକୁ ସ୍ଥାନାନ୍ତରିତ କରିଥିଲେ। ଏହା ଆଇପିଆରସିଏଲ କମ୍ପାନୀର କାମ ହୋଇଥିବା ବେଳେ ପାରାଦୀପ ବନ୍ଦରର ଲାଇନ ଅଟେ। ଦୁଇ ଶ୍ରମିକ ପାରାଦୀପ ପୋର୍ଟଡକ ମଜଦୂର ୟୁନିୟନ ଅଧୀନରେ କାର୍ଯ୍ୟ କରୁଥିଲେ। ଅଧିକ ଚିକିତ୍ସା ପାଇଁ ସ୍ଥାନାନ୍ତରିତ କରିବା ବେଳେ ଆମ୍ବୁଲାନ୍ସ ମେଡ଼ିକାଲ ପାଖରେ ନଥିଲା ତେଣୁ ଶ୍ରମିକଙ୍କ ମଧ୍ୟରେ କିଛି ସମୟ ଚାପା ଉତ୍ତେଜନା ଦେଖାଦେଇଥିଲା। ଏତେବଡ ଶିଳ୍ପ ସହରରେ ଜଣେ ଶ୍ରମିକ ଆହତ ହେଲେ ଚିକିତ୍ସିତ ହେବା ପାଇଁ କଟକ ସ୍ଥାନାନ୍ତରିତ ହେବା ଛଡ଼ା କୌଣସି ସୁବିଧା ନାହିଁ। ଏନେଇ ଶ୍ରମିକ ମାନେ ବାରମ୍ବାର ମୁହଁ ଖୋଲିଲେ ମଧ କୌଣସି ସୁଫଳ ମିଳୁ ନଥିବା ଜଣାପଡିଛି।

## ହୋଟେଲ ଏମ୍ପାୟାରସରେ ଦିୱାଲି ବମ୍ପର୍

**ପାରାଦୀପ,୧୫।୧୦(ସମିସ):** ପାରାଦୀପର ହୋଟେଲ ଏମ୍ପାୟରସ ତରଫରୁ ପ୍ରତିବର୍ଷ ବର୍ଷ ଭଳି ଚଳିତ ବର୍ଷ ମଧ ଦିୱାଲି ଉପଲକ୍ଷେ ବିଭିନ୍ନ ପ୍ରକାର ସୁସ୍ୱାଦୁ, ମିଷ୍ଟାନ୍ନ ଓ ବିଭିନ୍ନ ପ୍ରକାର ସାମଗ୍ରୀ ମାନ ରିହାତି ଦରରେ ଗ୍ରାହକମାନଙ୍କ ମନକୁ ସୁହାଇଲା ଭଳି ବ୍ୟବସ୍ଥା କରାଯାଇଛି। ଏହାର ଦାମ୍ ସର୍ବନିମ୍ନ ୫୦୦ ଟଙ୍କାରୁ ଆରମ୍ଭ ହୋଇ ହଜାରେ ଦୁଇ ହଜାର ପ୍ୟାକେଟ ଗୁଡିକର ଦାମ ରହିଛି। ବାହାରୁ ଆସୁଥିବା ଗ୍ରାହକ ଓ ଜନ ସାଧାରଣଙ୍କ ମନକୁ ଆପ୍ୟାୟିତ କଲାଭଳି ବ୍ୟବସ୍ଥା ଥିବା ହୋଟେଲ ସିନିୟର୍ ମର୍କେଟିଂ ମ୍ୟାନେଜର ଏମଏମ ଖାନ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

## ଗୋଖାଦ୍ୟ ସମ୍ବନ୍ଧୀୟ ତାଲିମ ଏବଂ କ୍ଷେତ୍ର ପ୍ରଦର୍ଶନୀ



**ଜଗତସିଂହପୁର,୧୫।୧୦(ସମିସ):** ଅଖିଳ ଭାରତୀୟ ସମନ୍ୱିତ ଅନୁସନ୍ଧାନ ପ୍ରକଳ୍ପ ଅଧୀନ ସଠିକ୍ ପୋଷଣ ଓ ଶରୀର କ୍ରିୟା ମାଧ୍ୟମରେ ପ୍ରାଣୀମାନଙ୍କ ପ୍ରଜନନ କ୍ଷମତା ବୃଦ୍ଧି ପରିଯୋଜନା ପାଇଁ ଭାରତୀୟ କୃଷି ଓ ଅନୁସନ୍ଧାନ ପରିଷଦ ନୂଆଦିଲ୍ଲୀ, ଓଡ଼ିଶା ପ୍ରାଣୀ ଚିକିତ୍ସା ଓ ପ୍ରାଣୀ ପାଳନ ମହାବିଦ୍ୟାଳୟ ଓୟୁଏଟି ଏବଂ କୃଷି ବିଜ୍ଞାନ କେନ୍ଦ୍ର ଜଗତସିଂହପୁରର ମିଳିତ ଆନୁକୁଲ୍ୟରେ ଏରସମା ବ୍ଲକ ଅଧୀନ ଭେଣ୍ଡାସାହିଠାରେ ତାଲିମ୍ ଏବଂ କ୍ଷେତ୍ର ପରିଦର୍ଶନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ୩୨ଜଣ ଗୋପାଳକ ଭାଗନେଇଥିଲେ। ଭାଗନେଇଥିବା ଗୋପାଳକମାନଙ୍କୁ ଗୋଖାଦ୍ୟ ପରିଚାଳନା ବିଷୟରେ ତାଲିମ ପ୍ରଦାନ କରାଯାଇଥିଲା। ପ୍ରାଣୀ ଚିକିତ୍ସା, ପ୍ରାଣୀ ପାଳନ ମହାବିଦ୍ୟାଳୟର ସହକାରୀ ଅଧ୍ୟାପକ ତଥା ପ୍ରକଳ୍ପର ଅନୁସନ୍ଧାନକାରୀ ଡ଼ଃ କାମଦେବ ସେଠୀ ଏବଂ କୃଷି ବିଜ୍ଞାନ କେନ୍ଦ୍ରର ପ୍ରାଣୀ ବିଜ୍ଞାନୀ ଡ଼ଃ ତପନ କୁମାର ପଲାଇ ଗୋପାଳକ ମାନଙ୍କୁ ଉଚିତ୍ ଜ୍ଞାନ ପ୍ରଦାନ କରିଥିଲେ। ଗୋପାଳକ ମାନେ ସେମାନଙ୍କର ସମସ୍ୟା ମାନ ଆଲୋଚନା କରିଥିଲେ। ପ୍ରକଳ୍ପ ଅଧୀନ କ୍ଷେତ୍ର ପ୍ରଦର୍ଶନୀରେ ଗୋପାଳକମାନଙ୍କୁ ଗୋଖାଦ୍ୟ ଭାବେ ଦାନା ଏବଂ ଦାନାପାତ୍ର ପ୍ରଦାନ କରାଯାଇଥିଲା।

## ବିଜେଡି ରାଜ୍ୟ ସମ୍ପାଦକ ସନ୍ତୋଷ ପଟ୍ଟନାୟକଙ୍କୁ ସମ୍ବର୍ଦ୍ଧନା



**ପାରାଦୀପ,୧୫।୧୦(ସମିସ):** ଜଗତସିଂହପୁର ଜିଲ୍ଲା ଟ୍ରକ ମାଲିକ ସଂଘ ପକ୍ଷରୁ ବିଜେଡି ରାଜ୍ୟ ସମ୍ପାଦକ ସନ୍ତୋଷ କୁମାର ପଟ୍ଟନାୟକଙ୍କୁ ତାଙ୍କ ଜିରୋ ପଏଣ୍ଟ ସ୍ଥିତ କାର୍ଯ୍ୟାଳୟରେ ସମ୍ବର୍ଦ୍ଧନା ଦିଆଯାଇଛି। ଏଥିରେ ସଂଘର ସମସ୍ତ ଉପଦେଷ୍ଟା ମଣ୍ଡଳୀ, ବରିଷ୍ଠ କର୍ମକର୍ତ୍ତାଙ୍କ ସମେତ ବହୁ ସଂଖ୍ୟାରେ ସଦସ୍ୟ ଉପସ୍ଥିତ ରହି ଶ୍ରୀ ପଟ୍ଟନାୟକଙ୍କ ଦୀର୍ଘ ଜୀବନ କାମନା କରିବା ସହିତ ସମ୍ବର୍ଦ୍ଧିତ କରିଥିଲେ। ବର୍ତ୍ତମାନ ବ୍ୟବସାୟରେ ମାନ୍ଦା ଅବସ୍ଥା ହେତୁ ଟ୍ରକ ମାଲିକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବିଜେଡି ସରକାର ସମୟରେ ଏଭଳି ସ୍ଥିତି କେବେ ବି ହୋଇନଥିଲା। ଯାହା କି ସରକାର ପରିବର୍ତ୍ତନ ପରେ ଲୁହାପଥର ବ୍ୟବସାୟ ମାନ୍ଦା ପଡିଛି। ଆଗକୁ କିଭଳି ସୁରୁଖୁରୁରେ ବ୍ୟବସାୟ ଚାଲିପାରିବ ସେ ନେଇ ଶ୍ରୀ ପଟ୍ଟନାୟକଙ୍କ ସହିତ କିଛି ସମୟ ଆଲୋଚନା କରିଥିଲେ।

## ସୋସିଆଲ ମିଡିଆରେ ଅପପ୍ରଚାରକୁ ଖଣ୍ଡନ କଲେ ରେସ୍ତୁରାଣ୍ଟ ମାଲିକ

**ଜଗତସିଂହପୁର,୧୫।୧୦(ସମିସ):** ଜଗତସିଂହପୁର ସହରର ପୁରୁଣା କୋର୍ଟ ନିକଟସ୍ଥ ଦଶନମ୍ବର କେନାଲ ପାଶ୍ୱର୍ରେ ଥିବା ଗୋଲଡେନ ସ୍ପୁନ ଓ ରେସ୍ତୁରାଣ୍ଟ ନାମରେ ସାମାଜିକ ଗଣମାଧ୍ୟମରେ ହେଉଥିବା ଅପପ୍ରଚାରକୁ ଖଣ୍ଡନ କରିଛନ୍ତି ହୋଟେଲ ମାଲିକାଣି ଋତୁପ୍ରଜ୍ଞା ମହାନ୍ତି। ରେସ୍ତୁରାଣ୍ଟ ପରିସରରେ ସାମ୍ବାଦିକ ସମ୍ମିଳନୀରେ ସେ ଏଭଳି ମିଥ୍ୟା ଅପପ୍ରଚାରକୁ ନିନ୍ଦା କରିବା ସହିତ ଗୁଜବରେ ବିଶ୍ୱାସ ନକରିବାକୁ ଜନସାଧାରଣଙ୍କୁ ନିବେଦନ କରିଛନ୍ତି। ତାଙ୍କ ରେଷ୍ଟୁରାଣ୍ଟରେ ଗୋମାଂଶ ବିକ୍ରି ହେଉଥିବା ସମ୍ପର୍କରେ ମିଥ୍ୟା ଏବଂ କପୋଳକଳ୍ପିତ ଖବର ସାମାଜିକ ଗଣମାଧ୍ୟମରୁ ଦେଖିବା ପରେ ତାହା ତାଙ୍କୁ ବ୍ୟଥିତ କରିଥିଲା।



ସେ ଏବଂ ତାଙ୍କର କର୍ମଚାରୀମାନେ ସଦାବେଳେ ଗ୍ରାହକମାନଙ୍କୁ ଉତ୍ତମ ସେବା ଯୋଗାଇ ଆସୁଛନ୍ତି। ତେଣୁ ଏଭଳି ଅପପ୍ରଚାର ତାଙ୍କର ପ୍ରତିଷ୍ଠା ଉପରେ ଆଞ୍ଚ ଆଣିଥିବା ବେଳେ ବ୍ୟବସାୟ ଉପରେ କୁପ୍ରଭାବ ପକାଇଥିବା ସେ କହିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ରଞ୍ଜନ କୁମାର ମହାନ୍ତି, ଗୀତାଳି ମହାନ୍ତି, ନବକିଶୋର ତ୍ରିପାଠୀ, ମନୋରଞ୍ଜନ ମହାନ୍ତି, ସତ୍ୟବ୍ରତ ଦାସ ଏବଂ ତପସ୍ୱିନୀ ମହାନ୍ତି ପ୍ରମୁଖ ସାମ୍ବାଦିକ ସମ୍ମିଳନୀରେ ଯୋଗଦେଇ ଆଲୋଚନାରେ ଭାଗ ନେଇଥିଲେ।

## ବିଶ୍ୱ ହାତଧୁଆ ଦିବସ



**ପାରାଦୀପ,୧୫।୧୦(ସମିସ):** ପାରାଦୀପ ଏନ୍‌ଏସି ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ପରିବେଶ କର୍ମୀ ବାପି ଗୋଛାୟତଙ୍କ ତତ୍ତ୍ୱାବଧାନରେ ବିଶ୍ୱ ହାତଧୁଆ ଦିବସ ଅନୁଷ୍ଠିତ ହୋଇଯାଇଛି। ପ୍ରତିବର୍ଷ ଅକ୍ଟୋବର ୧୫ ତାରିଖରେ ପାଳନ କରାଯାଉଛି ବିଶ୍ୱ ହାତଧୁଆ ଦିବସ। ଏହାକୁ ପାଳନ କରିବାର ଉଦ୍ଦେଶ୍ୟ ହେଉଛି, ଦୈନନ୍ଦିନ କାର୍ଯ୍ୟ କରିବା ପୂର୍ବରୁ ଏବଂ ପରେ ହାତ ଧୋଇବା ବିଷୟରେ ସମସ୍ତଙ୍କୁ ଅବଗତ ବା ସଚେତନ କରାଇବା। ଶେଷରେ ସ୍କୁଲର ପ୍ରଧାନଶିକ୍ଷୟିତ୍ରୀ ଦିପ୍ତିମୟୀ ସେଠୀ ଛାତ୍ରୀମାନଙ୍କୁ ହାତ ଧୋଇବାର ମହତ ବିଷୟରେ କହି କାର୍ଯ୍ୟକ୍ରମ ଶେଷ କରିଥିଲେ। କାର୍ଯ୍ୟକ୍ରମରେ ସ୍କୁଲର ପ୍ରଧାନ ଶିକ୍ଷୟିତ୍ରୀ ଦିପ୍ତିମୟୀ ସେଠୀ, ରୋହିତ ମହାପାତ୍ର, ଅରୂପ ବିଶ୍ୱାଳ, ଅନ୍ୟାନ୍ୟ ଶିକ୍ଷକ ତଥା ଶିକ୍ଷୟତ୍ରୀ ଓ ଛାତ୍ରୀମାନେ ଉପସ୍ଥିତ ଥିଲେ।

## ଶ୍ରୀମଦ ଭାଗବତ ସପ୍ତାହ କାର୍ଯ୍ୟକ୍ରମ ଉଦ୍‌ଘାଟିତ

**ପାରାଦୀପ,୧୫।୧୦(ସମିସ):** ଉନ୍ନବିଂଶତମ ଶ୍ରୀମଦ ଭାଗବତ ସପ୍ତାହ ପାରାୟଣ ଓ ପ୍ରବଚନ ଜ୍ଞାନଯଜ୍ଞ ବୁଧବାର ସନ୍ଧ୍ୟାରେ ଉଦ୍‌ଘାଟିତ ହୋଇଯାଇଛି। ବାବା ବୈକୁଣ୍ଠନାଥ ଭାଗବତ ପ୍ରଚାର ସମିତି, ପାରାଦୀପ ଆନୁକୂଲ୍ୟରେ ସ୍ଥାନୀୟ ଭାଗବତ ମଇଦାନ ଜିଜେଏଆଇ କଲୋନୀ ମଧୁବନ ଠାରେ ଆୟୋଜିତ ଏହି ପ୍ରବଚନ କାର୍ଯ୍ୟକ୍ରମରେ ଉଦ୍‌ଘାଟନୀ ସନ୍ଧ୍ୟାରେ ପ୍ରବକ୍ତା ଭାବେ ବାବାଜୀ ସତ୍ୟାନନ୍ଦ ଦାସ ମହାରାଜ ଅତିଥି ଭାବେ ଯୋଗଦାନ କରିଥିଲେ। ଏହି ଭାଗବତ ମଇଦାନରେ ସପ୍ତାହବ୍ୟାପୀ ପ୍ରବଚନ ଓ ଜ୍ଞାନଯଜ୍ଞ ଚାଲିବ। ଏହି ଭାଗବତ ସପ୍ତାହ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ ପୁରୀ ରାଧାବଲ୍ଲଭ ମଠର ସନ୍ଥ ଶ୍ରୀରାମକୃଷ୍ଣ ଦାସ ମହାରାଜ। ଆଜି ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ପାରାଦୀପ ସମେତ ଓଡିଶାର ଭାଗବତ ଅନୁଷ୍ଠାନର କର୍ମକର୍ତ୍ତା ଓ ଭଗବତ ରସପିପାସୁ ବହୁ ସଂଖ୍ୟାରେ ଉପସ୍ଥିତ ଥିଲେ।




## କୃଷି ବିପଣନ ଓ ପ୍ରାଥମିକ ସମବାୟ ସମିତି କମ୍ପ୍ୟୁଟରୀକରଣ କର୍ମଶାଳା



**ଜଗତସିଂହପୁର,୧୫।୧୦(ସମିସ):** ଆନ୍ତର୍ଜାତିକ ସମବାୟ ବର୍ଷ ପାଳନ ଅବସରରେ ବିଭାଗ ପକ୍ଷରୁ କୃଷି ବିପଣନ ଓ ପ୍ରାଥମିକ ସମବାୟ ସମିତି କମ୍ପ୍ୟୁଟରୀକରଣ ସଚେତନତା କର୍ମଶାଳା ଆଦିକବି ସାରଳା ଦାସ ସଂସ୍କୃତି ଭବନରେ ଅନୁଷ୍ଠିତ ହୋଇଯାଇଛି। ଜଗତସିଂହପୁର ସମବାୟ ସମିତି ସମୂହ ଉପନିବନ୍ଧକ ପ୍ରଭାତ ଶତପଥି ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ସମବାୟ ସମିତି ସ୍ତରରେ କୃଷି ବିପଣନ ସମ୍ପର୍କରେ ସମିତି ସମ୍ପାଦକଙ୍କୁ ସୂଚନା ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ନାବାର୍ଡର ଡିଡିଏମ ବିଦ୍ୟୁତଲତା ବେହେରା କୃଷି ବିପଣନ ଉପରେ ଗୁରୁତ୍ୱ ଦେଇଥିବା ବେଳେ ସହକାରୀ ନିବନ୍ଧକ ରଶ୍ମିପ୍ରଭା ଦାସ ସମିତି ମାଧ୍ୟମରେ ଚାଷୀ କିପରି ଉପକୃତ ହେଇପାରିବ ଏହା ଉପରେ ମତବ୍ୟକ୍ତ କରିଥିଲେ। ଏଡିଭିଓ ଯଦୁନାଥ ପରିଡା କୁକୁଡା ଚାଷ, କୁକୁଡା ଅଣ୍ଡା ବ୍ୟବସାୟ କିପରି ବଢାଯାଇପାରିବ ଏହା ଉପରେ ଆଲୋଚନା କରିଥିଲେ। ଉଦ୍ୟାନ କୃଷି ବିଭାଗ ସହକାରୀ ନିର୍ଦ୍ଦେଶକ ଅନୀଲ ସେଠୀ, କୃଷି ଅଧିକାରୀଙ୍କ ପ୍ରତିନିଧି ସ୍ମୃତିରେଖା ବେହେରା ଓ ଜଗତସିଂହପୁର ନିୟନ୍ତ୍ରିତ ବଜାର କମିଟି ସମ୍ପାଦକ ସୂର୍ଯ୍ୟକାନ୍ତ ଦାସ ଯୋଗଦେଇ ଏଭଳି କାର୍ଯ୍ୟକ୍ରମ ଆୟୋଜନର ଆଭିମୁଖ୍ୟ ସମ୍ପର୍କରେ ସୂଚନା ଦେଇଥିଲେ। କର୍ମଶାଳାରେ ଟଏସ କମ୍ପାନୀର ଜିଲ୍ଲା ସଂଯୋଜକ ଦେବୀପ୍ରସନ୍ନ ସାହୁ ପ୍ରାଥମିକ ସମବାୟ ସମିତିରେ କମ୍ପ୍ୟୁଟରୀକରଣ ଉପରେ ଆଲୋଚନା କରିଥିଲେ। ପିଙ୍କି ହାଁସଦା ଧନ୍ୟବାଦ ଅର୍ପଣ କରିଥିଲେ।



# ବିଦାୟ ନେଲେ ମା’ ଧନଲକ୍ଷ୍ମୀ

## ବାଦ୍ୟ, ନୃତ୍ୟ, ସଙ୍ଗୀତରେ ଦୁଲୁକିଲା ସହର










ଢେଙ୍କାନାଳ, ୧୫ ।୧୦(ସମିସ)

ଢେଙ୍କାନାଳ ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜା ଦୀର୍ଘ ୯ ଦିନ ଧରି ଅନୁଷ୍ଠିତ ହୋଇଥିବା ବେଳେ ବୁଧବାର ମା’ ଧନଲକ୍ଷ୍ମୀଙ୍କୁ ବାଦ୍ୟ, ନୃତ୍ୟ, ସଙ୍ଗୀତର ତାଳେ ତାଳେ ବିଦାୟ ଦିଆଯାଇଛି। ମିଳିତ ଭସାଣିରେ ସହରର ମୋଟ ୨୫ ପୂଜା ପ୍ରତିଷ୍ଠାନ ସାମିଲ ହୋଇଛନ୍ତି।

ଚଳିତ ବର୍ଷ ସହରରେ ୩୮ଟି ପୂଜା ପ୍ରତିଷ୍ଠାନରେ ଧୁମଧାମ ସହିତ ପୂଜା ଅନୁଷ୍ଠିତ ହୋଇଥିଲା। ଜାତି, ଧର୍ମ, ବର୍ଣ୍ଣ ନିର୍ବିଶେଷରେ ଐତିହ୍ୟ, ସଂସ୍କୃତି ଓ ଭାଇଚାରାକୁ ପାଥେୟ କରି ସହରବାସୀ ମା’ଙ୍କ ପାଦପଦ୍ମରେ ଗୋଟିଏ ମନ ଓ ଗୋଟିଏ ପ୍ରାଣରେ ସମର୍ପିତ ହୋଇ ପୂଜାର୍ଚ୍ଚନା କରିଥିଲେ। ପୂଜାରେ ଲକ୍ଷାଧିକ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା। ବୁଧବାର ପୂର୍ବାହ୍ନରେ ମିଳିତ ଭସାଣ ଉତ୍ସବରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ, ଏସପି ଅଭିନବ ସୋନକର, ନଗରପାଳ ଜୟନ୍ତୀ ପାତ୍ର, ସମାଜସେବୀ ରାମଚନ୍ଦ୍ର ପାତ୍ର, ମିଳିତ ବଜାର ପୂଜା କମିଟି ସଭାପତି ରୁଦ୍ରନାରାୟଣ ତ୍ରିପାଠୀ, ମୀନାବଜାର ପୂଜା କମିଟି ସଭାପତି, ସମ୍ପାଦକ, ସଦସ୍ୟ ସମେତ ପୁଲିସ ଅଧିକାରୀମାନେ ଉପସ୍ଥିତ ରହି ଭସାଣି ଶୋଭାଯାତ୍ରାର ଶୁଭାରମ୍ଭ କରିଥିଲେ। ପୂର୍ବ ନିର୍ଦ୍ଧାରିତ କ୍ରମିକ ନମ୍ବର ଅନୁସାରେ ୨୫ଟି ମେଢ଼ ଶୋଭାଯାତ୍ରାରେ ସାମିଲ ହୋଇଥିଲେ। ମିଳିତ ଶୋଭଯାତ୍ରାରେ ସାମିଲ ଥିବା ମୀନା ବଜାର ମେଢ଼ ପ୍ରଥମେ ଯିବାପରେ କ୍ରମାନ୍ୱୟରେ ଜବାହର ଚୌକ, ଲକ୍ଷ୍ମୀ ବଜାର, ଗଣେଶ ବଜାର, ମହାବୀର ବଜାର, କାଞ୍ଚନ ବଜାର, ଆନନ୍ଦ ବଜାର, କାରିଗର ସାହି, ବାଜିଚୌକ, ଗୁଡ଼ିଆନାଳୀ, ରାଧାକୃଷ୍ଣ ବଜାର, ପଦ୍ମ ବଜାର, ଜୁବୁଲି ଟାଉନ-୧, କ୍ରୀଷ୍ଣା ବଜାର, କୁଞ୍ଜକାନ୍ତ, କୈବଲ୍ୟ ବଜାର, ଦେଉଳସାହି, ଅନ୍ନପୂର୍ଣ୍ଣା ବଜାର ଶିମିଳିଆ, ଷ୍ଟେସନ ବଜାର, ସୁନ୍ଦରଶୁଣୀ ମାତୃ ଆସ୍ଥାନ, କଲେଜ ରୋଡ, ଗାନ୍ଧୀ ବଜାର, ଚନ୍ଦନ ବଜାର, ବସଷ୍ଟାଣ୍ଡ, ଦୁର୍ଗା ବଜାର, କାଳିକାବଜାର ଦକ୍ଷିଣକାଳୀ, ରାମେଶ୍ୱରପୁର, ନେହେରୁ ବଜାର, ଜୁବୁଲି ଟାଉନ-୩, ସ୍ୱପ୍ନେଶ୍ୱର ବଜାର କୋରିଆଁ, ଭଗବାନପୁର, ଗୋପବନ୍ଧୁ ବଜାର, ରତ୍ନ ବଜାର, ଖମାର ସାହି, କମ୍ୟୁନିଟି ସେଣ୍ଟର ହାଟରୋଡ, ଆବିନ୍ଦ ବଜାର, କଣ୍ଟାନାଳୀ ବାଇପାସ, ବନମାଳୀ ପ୍ରସାଦ, ଜେନାଦେବୀ ମନ୍ଦିର ଓ ନିର୍ମାଲ୍ୟ ବଜାର ପୂଜା ପ୍ରତିଷ୍ଠାନର ମେଢ଼ମାନେ ଶୋଭଯାତ୍ରାରେ ସହର ପରିକ୍ରମା କରିଥିଲେ। ସହରରେ ଶାନ୍ତି ଶୃଙ୍ଖଳାର ସହ ଭସାଣ ଉତ୍ସବ ସମାପନ ପାଇଁ ୨୨ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଛି। ସେହିପରି ଭସାଣି ଶୋଭାଯାତ୍ରାରେ ମହାକାଳ ଅଘୋରୀ ନୃତ୍ୟ, ଓଡ଼ିଶୀ ନୃତ୍ୟ, କଣ୍ଢେଇ, ବିହୁ ନୃତ୍ୟ ଆଦି ଆକର୍ଷଣୀୟ ହୋଇଥିଲା। ଭସାଣି ଦେଖିବାକୁ ସହର ମୁଖ୍ୟ ରାସ୍ତା ଲୋକାରଣ୍ୟ ହୋଇପଡ଼ିଥିଲା। ଗାଡ଼ି ଚଳାଚଳ ସମ୍ପୂର୍ଣ୍ଣ ବନ୍ଦ ରହିଥିଲା।

## ଜନ୍ତୁ ଶିକାର ପାଇଁ ବୋମା ପ୍ରସ୍ତୁତ ଘଟଣାରେ ଜଣେ ଗିରଫ

### ● ବୋମା ଖାଇ କୁକୁର ମୃତ




କାମାକ୍ଷାନଗର, ୧୫ ।୧୦(ସମିସ): ମହାବିରୋଡ୍ ରେଞ୍ଜ୍ ବିରିବୋଲେଇ ପଞ୍ଚାୟତ ଜାଙ୍ଗୁ ଗ୍ରାମରେ ଜନ୍ତୁ ଶିକାର ପାଇଁ ବୋମା ପ୍ରସ୍ତୁତ ଘଟଣାରେ ପୁଲିସ ଜଣଙ୍କୁ ଗିରଫ କରିଛି। ଗିରଫ ବ୍ୟକ୍ତି ହେଲେ ସେହି ଗ୍ରାମର ନିତ୍ୟାନନ୍ଦ ସାହୁ (୬୫)। ମଙ୍ଗଳବାର ନିତ୍ୟାନନ୍ଦ ଘରେ ବୋମା ପ୍ରସ୍ତୁତ କରି ଶୁଖାଇଥିଲେ। ଏହି ସମୟରେ ଗାଁର ଜଣେ ବ୍ୟକ୍ତିଙ୍କ ପୋଷା କୁକୁର ଏକ ବୋମା ଖାଇଦେବା ଫଳରେ ତାହା ଫାଟିଯାଇ କୁକୁରର ମୁହଁ ସମ୍ପୂର୍ଣ୍ଣ ଉଡ଼ିଯାଇଥିଲା। ଘଟଣାସ୍ଥଳରେ କୁକୁରର ମୃତ୍ୟୁ ହୋଇଥିଲା। ବୋମା ଶବ୍ଦରେ ଗାଁ ଲୋକେ ଭୟଭୀତ ହୋଇଯାଇଥିଲେ। ଖବର ପାଇ ପଙ୍ଗାତିରା ବନପାଳ ହିମାଂଶୁ ଶେଖର ଟୁଡୁ ଘଟଣାସ୍ଥଳରେ ପହଞ୍ଚି ବୋମା ପ୍ରସ୍ତୁତ କରୁଥିବା ନିତ୍ୟାନନ୍ଦଙ୍କୁ ମହାବିରୋଡ୍ ରେଞ୍ଜ କାର୍ଯ୍ୟାଳୟକୁ ଆଣିଥିଲେ। ଏଥିସହ ତାଙ୍କ ଘରେ ଥିବା ୩ଟି ଅଫୁଟା ବୋମା ଜବତ କରିଥିଲେ। ବୁଧବାର ଢେଙ୍କାନାଳ ଏସିଏଫ ସତ୍ୟନାରାୟଣ ସାହୁ, ମହାବିରୋଡ୍ ରେଞ୍ଜ ଅଧିକାରୀ ହରେଶ ଚନ୍ଦ୍ର କିଷାନ ଘଟଣାର ତଦନ୍ତ କରି ଜନ୍ତୁ ଶିକାର ପାଇଁ ବୋମା ପ୍ରସ୍ତୁତ ହୋଇଥିବା ଜାଣିବାକୁ ପାଇଥିଲେ। ପରେ ବନ୍ୟଜନ୍ତୁ ସୁରକ୍ଷା ଆଇନରେ ନିତ୍ୟାନନ୍ଦଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି।

## ହାତୀ ଆକ୍ରମଣରେ ମୃତକଙ୍କ ପରିବାରକୁ ଭେଟିଲେ ପ୍ରାକ୍ତନ ସାଂସଦ



ଖଜୁରିଆକଟା, ୧୫ ।୧୦(ସମିସ): ହିନ୍ଦୋଳ ବ୍ଲକ ବାଲିମୀ ଗ୍ରାମର ନରୋତ୍ତମ ବେହେରା ଗ୍ରାମ ପୋଖରୀକୁ ଯାଉଥିବା ବେଳେ ହାତୀ ଆକ୍ରମଣରେ ତାଙ୍କ ମୃତ୍ୟୁ ଘଟିଥିଲା। ଖବର ପାଇ ପୂର୍ବତନ ସାଂସଦ ମହେଶ ସାହୁ ନରୋତ୍ତମଙ୍କ ପରିବାର ସଦସ୍ୟଙ୍କୁ ତାଙ୍କ ବାସଭବନରେ ଭେଟି ସମବେଦନା ଜଣାଇବା ସହ ସହଯୋଗର ହାତ ବଢ଼ାଇଛନ୍ତି। ସାରା ଓଡ଼ିଶା ତୁଳନାରେ ହିନ୍ଦୋଳରେ ହାତୀ ଆକ୍ରମଣରେ ସର୍ବାଧିକ ଲୋକଙ୍କ ମୃତ୍ୟୁ ଘଟୁଥିବା ବେଳେ ପ୍ରଶାସନ ଏବଂ ଜଙ୍ଗଲ ବିଭାଗ ଅଧିକାରୀମାନେ ଚୁପ ବସିଥିବାରୁ ସାହୁ କ୍ଷୋଭ ପ୍ରକାଶ କରିଛନ୍ତି। ପୂର୍ବତନ ସାଂସଦ ସାହୁଙ୍କ ସହ ଜିଲ୍ଲା ପରିଷଦ ସଭ୍ୟ ଗୋପାଳ ନାୟକ, ଦେବୀପ୍ରସାଦ ପଟ୍ଟନାୟକ, ପ୍ରଶାନ୍ତ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ଦୁର୍ଘଟଣାରେ ସୁକିନ୍ଦା ବ୍ଲକ କର୍ମଚାରୀଙ୍କ ମୃତ୍ୟୁ

### ● ବାଇକ୍‌ରେ ବୁହାହେଲା ମୃତଦେହ

ଭୁବନ/ସୁକିନ୍ଦା, ୧୫ ।୧୦(ସମିସ): ୫୩ନଂ ଜାତୀୟ ରାଜପଥ ସୁକିନ୍ଦା-ଭୁବନ ରାସ୍ତାର ଅନନ୍ତପୁର ଛକ ନିକଟରେ ଏକ ଦ୍ରୁତଗାମୀ ଗାଡ଼ି ଧକ୍କାରେ ସୁକିନ୍ଦା ବ୍ଲକ ବିଏସ୍‌ଏସ୍‌ଓ ବୁଲୁ ବେହେରାଙ୍କ ମୃତ୍ୟୁ ଘଟିଛି। ବୁଧବାର ସନ୍ଧ୍ୟାରେ ବୁଲୁ କର୍ଯ୍ୟସାରି



ବାଇକ୍ ଯୋଗେ ନିଜ ଘର ଭୁବନ ଥାନା ଅନ୍ତର୍ଗତ ଚଣ୍ଡିପାଳ ଫେରୁଥିବା ସମୟରେ ଅନନ୍ତପୁର ଛକ ନିକଟରେ ଏକ ଗାଡ଼ି ତାଙ୍କୁ ଧକ୍କାଦେଇ ଫେରାର ହୋଇଯାଇଥିଲା। ବୁଲୁ ଚେତାଶୂନ୍ୟ ଅବସ୍ଥାରେ ପଡ଼ିରହିଥିଲେ। ସ୍ଥାନୀୟ ଲୋକେ ଏ ନେଇ ସୁକିନ୍ଦା ଥାନା ପୁଲିସକୁ ସୂଚନା ଦେଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ଦୁର୍ଘଟଣାଗ୍ରସ୍ତ ବୁଲୁଙ୍କୁ ଉଦ୍ଧାର କରିବା ପରିବର୍ତ୍ତେ ପ୍ରଥମେ ରାସ୍ତା କ୍ଲିୟର କରିବାରେ ଲାଗିପଡ଼ିଥିଲା। ଦୀର୍ଘ ସମୟ ଧରି ବୁଲୁ ଚେତାଶୂନ୍ୟ ଅବସ୍ଥାରେ ରାସ୍ତାରେ ପଡ଼ିଥିବା ସୂଚନା ପାଇ ତାଙ୍କ ପରିବାର ଲୋକେ ଘଟଣାସ୍ଥଳରେ ପହଞ୍ଚି ବାଇକ୍ ଯୋଗେ ମେଡିକାଲ ନେବାକୁ ଉଦ୍ୟମ କରିଥିଲେ। ଏ ନେଇ ଘଟଣାସ୍ଥଳରେ ଉତ୍ତେଜନା ପ୍ରକାଶ ପାଇଥିଲା। ପରେ ପୁଲିସ ବୁଲୁଙ୍କୁ ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ନେଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସର ଏଭଳି କାର୍ଯ୍ୟକୁ ନେଇ ଅସନ୍ତୋଷ ପ୍ରକାଶ ପାଇଛି।

## ହିତାଧିକାରୀ ପରାମର୍ଶ କାର୍ଯ୍ୟକ୍ରମ

ଗଁଦିଆ, ୧୫ ।୧୦(ସମିସ): ଢେଙ୍କାନାଳ ଜିଲ୍ଲାରେ କ୍ଷୁଦ୍ରଚାଷୀଙ୍କ ଗ୍ରାମ୍ୟ ଜୀବିକା ନିର୍ବାହ କାର୍ଯ୍ୟକ୍ରମ ଗଁଦିଆ ବ୍ଲକ କଲ୍ୟାଣ ମଣ୍ଡପରେ ସତ୍ୟଶାନ୍ତି ସେବା ପ୍ରତିଷ୍ଠାନ ଓ ଏଫସିଏଫ ଇଣ୍ଡିଆଙ୍କ ମିଳିତ ସହଯୋଗରେ ସ୍ଥାନୀୟ ହିତାଧିକାରୀ ପରାମର୍ଶ କାଯ୍ୟକ୍ରମ ଆୟୋଜିତ ହୋଇଛି। କାର୍ଯ୍ୟକ୍ରମରେ



ଗଁଦିଆ ଏବିଡିଓ ଏସ ନୈବେଦ୍ୟ, ଷଡ଼ଙ୍ଗୀ ରେଞ୍ଜ ଅଧିକାରୀ ଗିରୀଶ ଚନ୍ଦ୍ର ନାୟକ, ଅତିରିକ୍ତ ଉଦ୍ୟାନ ଅଧିକାରୀ ପ୍ରୀତିନନ୍ଦା ମହାନ୍ତି, ସତ୍ୟଶାନ୍ତି ସେବା ସଂସ୍ଥାର ନିର୍ଦ୍ଦେଶକ ପ୍ରଶାନ୍ତ କୁମାର ସାହୁ, ନୂଆଦିଲ୍ଲୀ ଫେୟାର କ୍ଲାଇମେଟ ଫଣ୍ଡର ରାଜ୍ୟ ପରିଚାଳକ ସରୋଜ କୁମାର ସାହୁ, ସମାଜସେବୀ ପ୍ରଦ୍ୟୁମ୍ନ କୁମାର ପଣ୍ଡା, ଗଁଦିଆ ଫାର୍ମର ପ୍ରଡ୍ୟୁସର କାମ୍ପାନୀ ନିର୍ଦ୍ଦେଶକ ରବୀନ ସେନ ସାହୁ ପ୍ରମୁଖ ମଞ୍ଚାସୀନ ଥିଲେ। ଉକ୍ତ ସଂସ୍ଥା ଚଳିତ ବର୍ଷ ଓଡ଼ିଶାରେ ୪୨୮୦ ହେକ୍ଟର ପତିତ ଜମିରେ ଚାରାରୋପଣ କରିଛି। ଢେଙ୍କାନାଳ ଜିଲ୍ଲାରେ ଚଳିତବର୍ଷ ୨୫ ହେକ୍ଟର ଜମିରେ ଓ ପୂର୍ବବର୍ଷ ୭୨୫ ହେକ୍ଟରରେ ଚାରାରୋପଣ କରାଯାଇଛି। ଏହି ଜମିରେ ଇଣ୍ଟରକ୍ରପ ଚାଷ କରିବାକୁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ଆସନ୍ତାବର୍ଷ ଢେଙ୍କାନାଳ ଓ କେନ୍ଦୁଝର ଜିଲ୍ଲାରେ ୨ ହଜାର ହେକ୍ଟର ପତିତ ଜମିରେ ଚାରାରୋପଣ ପାଇଁ ପ୍ରସ୍ତାବ ରହିଥିବା ସଂସ୍ଥାର ନିର୍ଦ୍ଦେଶକ କହିଥିଲେ। ଚାରାରୋପଣଠାରୁ ୫ ବର୍ଷ ପାଇଁ ହିତାଧିକାରୀଙ୍କଠାରୁ କୌଣସି ଅର୍ଥରାଶି ଗ୍ରହଣ କରାଯିବନି। କେବଳ ଚାଷୀମାନଙ୍କ ସହଭାଗିତା ରହିଲେ ଚାଷୀ ଉପକୃତ ହେବେ ବୋଲି କୁହାଯାଇଛି। କାର୍ଯ୍ୟକ୍ରମରେ ୧୫୦ରୁ ଉର୍ଦ୍ଧ୍ୱ ଚାଷୀ ଯୋଗଦେଇଥିଲେ। ସତ୍ୟ ଶାନ୍ତି ସେବା ପ୍ରତିଷ୍ଠାନର ସଦସ୍ୟ ଶ୍ରୀକାନ୍ତ, ତୁଷାର, କେଶବ, ରଞ୍ଜିତ, ବିଶ୍ୱଜିତ, ସତ୍ୟଜିତ, ବିଶ୍ୱନାଥ, ରିଙ୍କୁ, ସୌମ୍ୟ, ପ୍ରଶାନ୍ତ ପ୍ରମୁଖ ସହଯୋଗ କରିଥିଲେ।

## ହିନ୍ଦୋଳ ମହାବିଦ୍ୟାଳୟରେ ଆନ୍ତଃ ବିଭାଗୀୟ ସମ୍ମାନ



ଖଜୁରିଆକଟା, ୧୫ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଉପଖଣ୍ଡ ଖଜୁରିଆକଟାସ୍ଥିତ ହିନ୍ଦୋଳ ମହାବିଦ୍ୟାଳୟରେ ମହାବିଦ୍ୟାଳୟ ଅଧକ୍ଷ ପ୍ରଦୀପ କୁମାର ଧଳଙ୍କ ପୌରୋହିତ୍ୟରେ ଇଂରାଜୀ ଓ ଓଡ଼ିଆ ବିଭାଗ ମିଳିତ ସହଯୋଗରେ ଏକବିଂଶ ଶତାବ୍ଦୀର କବିତା ଶୀର୍ଷକ ସମ୍ମାନ ଅନୁଷ୍ଠିତ ହୋଇଛି। ବିଶିଷ୍ଟ କବି ଡ. ଶ୍ରୀହରି ଧଳ ଏହାକୁ ଉଦଘାଟନ କରି କବିତାରେ ଚିରନ୍ତନ ଚେତନାର ଅମୃତଧାରା ପ୍ରବାହିତ ହୋଇଥାଏ ବୋଲି ମତବ୍ୟକ୍ତ କରିଥିଲେ। ମୁଖ୍ୟଅତିଥି ରୂପେ କବି ଡ. ସେନାପତି ପ୍ରଦ୍ୟୁମ୍ନ କେଶରୀ ଯୋଗଦେଇ କବି ହୃଦୟର ଦରଦ ଓ ଅକୁହା ଭାବେ କବିତାରେ ପରୋକ୍ଷ ଭାବେ ନିଃସୃତ ହୋଇଥାଏ ବୋଲି ମତ ଦେଇଥିଲେ। ମୁଖ୍ୟବକ୍ତା ଭାବେ କବି ଓ ସମାଲୋଚକ ଡ. ନାରାୟଣ ପଣ୍ଡା ଯୋଗଦେଇ ଏକବିଂଶ ଶତାବ୍ଦୀ କବିତା ବିଷୟରେ ସାରଗର୍ଭକ ଭାଷଣ ପ୍ରଦାନ କରିଥିଲେ। ଓଡ଼ିଆ ବିଭାଗ ଅଧାପକ ମୁରଲୀ କିଶୋର ଜେନାମଣି ଓ ଇଂରାଜୀ ବିଭାଗ ଅଧାପକ ଶ୍ରୀକାନ୍ତ ପ୍ରଧାନ ଏକବିଂଶ ଶତାବ୍ଦୀର କବିତା ଉପରେ ଭିତ୍ତିପ୍ରବନ୍ଧ ପାଠ କରିଥିଲେ। ପ୍ରାରମ୍ଭରେ ଇଂରାଜୀ ବିଭାଗ ମୁଖ୍ୟ ଅକ୍ଷୟ ପାତ୍ର ପ୍ରାରମ୍ଭିକ ସୂଚନା ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ଏହି ଅବସରରେ ଅଧାପକ ପାତ୍ରଙ୍କ କବିତା ସଂକଳନ କହିବାର କଥା ଉନ୍ମୋଚିତ ହୋଇଥିଲା। ଶେଷରେ ଓଡ଼ିଆ ବିଭାଗ ମୁଖ୍ୟ ଶଲ୍ୟ ସାମଲ ଧନ୍ୟବାଦ ଅର୍ପଣ କରିଥିଲେ।

## ବ୍ରହ୍ମାକୁମାରୀ ସଂସ୍ଥା ତରଫରୁ ଚୈତନ୍ୟ ଝାଙ୍କି

ଢେଙ୍କାନାଳ, ୧୫ ।୧୦(ସମିସ): ଢେଙ୍କାନାଳ ଲକ୍ଷ୍ମୀପୂଜା ଅବସରରେ ପଲ୍ଲିଶ୍ରୀ ମେଳା ମଞ୍ଚରେ ମଙ୍ଗଳବାର ସନ୍ଧ୍ୟାରେ ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ଢେଙ୍କାନାଳ ଶାଖା ତରଫରୁ ମା’ ଲକ୍ଷ୍ମୀ, ସରସ୍ୱତୀ, ଦୁର୍ଗାଙ୍କ ସମ୍ପର୍କରେ ଚୈତନ୍ୟ ଝାଙ୍କି ଆୟୋଜିତ ହୋଉଥିଲା। ଜିଲ୍ଲା ସଂସ୍କୃତି ବିଭାଗ ଅନୁମତିରେ ଏହି ଈଶ୍ୱରୀୟ ଜ୍ଞାନ ଉପେର ଆଧାରିତ ଚୈତନ୍ୟ ଝାଙ୍କି ମଞ୍ଚସ୍ଥ ହୋଇଥିଲା। ଏହା ଲୋକଙ୍କୁ ବେଶ୍ ଆକର୍ଷିତ କରିଥିଲା। ଢେଙ୍କାନାଳ ଶାଖାର ମୁଖ୍ୟ ସଞ୍ଚାଳିକା ବ୍ରହ୍ମାକୁମାରୀ ଉଷାଙ୍କ ତତ୍ତ୍ୱାବଧାନରେ ଭାଇ ଭଉଣୀମାନେ ବିଭିନ୍ନ ପୌରାଣିକ ଚରିତ୍ର ମାଧ୍ୟମରେ ପରମାତ୍ମାଙ୍କ ବାର୍ତ୍ତା, ମା’ ଲକ୍ଷ୍ମୀଙ୍କ ଆଶୀର୍ବାଦ ବିଷୟରେ ଉପସ୍ଥାପନ କରିଥିଲେ। ଏହି ଝାଙ୍କି ମାଧ୍ୟମରେ ଜୀବନରେ ରାଜଯୋଗ, କଳିଯୁଗ, ସତ୍ୟଯୁଗ ଦ୍ୱାପର ଏବଂ ମା’ ଲକ୍ଷ୍ମୀ ପର୍ବର ମହତ୍ତ୍ୱ ବିଷୟରେ



ଜନସାଧାରଣଙ୍କୁ ସୂଚନା ଦିଆଯାଇଥିଲା। କୁମ୍ଭକର୍ଣ୍ଣ ବିଷୟରେ ତଥା ଲୋକକଳାକୁ ଉପସ୍ଥାପନ କରାଯାଇଥିଲା। ବ୍ରହ୍ମାକୁମାର ସନ୍ତୋଷ ଓ କଳାକାର ଜିତୁ ଭାଇ ମଞ୍ଚରେ ଝାଙ୍କି ବିଷୟରେ ଉପସ୍ଥାପନା କରିଥିଲେ।

## ଫ୍ରାନ୍ସର ପାଲାଇସ ଡେସ ଫେଷ୍ଟିଭାଲରେ ଆଇଆଇଏମସି ଛାତ୍ରୀ ଅସ୍ମିତା

### ● ସୂଚନା ପ୍ରସାରଣ ମନ୍ତ୍ରଣାଳୟ ପ୍ରତିନିଧି ଦଳରେ ସାମିଲ



ଢେଙ୍କାନାଳ, ୧୫ ।୧୦(ସମିସ): ଭାରତୀୟ ଜନ ସଞ୍ଚାର ସଂସ୍ଥାନ (ଆଇଆଇଏମସି)ର ଇଂରାଜୀ ସାମ୍ବାଦିକତା ବିଭାଗ ଛାତ୍ରୀ ଅସ୍ମିତା ଅଧିକାରୀ ଫ୍ରାନ୍ସର କାନ୍ସରେ ଅନୁଷ୍ଠିତ ପାଲାଇସ ଡେସ ଫେଷ୍ଟିଭାଲରେ ଅଂଶଗ୍ରହଣ କରିଛନ୍ତି। ଏହି କାର୍ଯ୍ୟକ୍ରମ ଅକ୍ଟୋବର ୧୩ରୁ ୧୬ ପର୍ଯ୍ୟନ୍ତ ଚାଲିବାକୁ ଥିବାବେଳେ ସେଠାରେ ସେ ସୂଚନା ପ୍ରସାରଣ ମନ୍ତ୍ରଣାଳୟର ପ୍ରତିନିଧି ଦଳରେ ସାମିଲ ହୋଇଛନ୍ତି। ୱେବ୍ସ ବଜାର ଗ୍ଲୋବାଲ ଆଉଟରିଚ ଜରିଆରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହେଉଛି। ସେଠାରେ ସେ ବିଭିନ୍ନ ଦେଶର ବ୍ୟକ୍ତିଙ୍କ ସାକ୍ଷାତକାର ନେବା ସହ ଜାପାନ ପ୍ରତିନିଧି ମଣ୍ଡଳୀଙ୍କ ପ୍ରଭାବଶାଳୀ ଫର୍ମାଟ ବାବଦରେ ଜାଣିବାର ସୁଯୋଗ ପାଇଛନ୍ତି। ଏହି କାର୍ଯ୍ୟକ୍ରମରେ ଯୋଗଦେବା ନେଇ ତାଙ୍କୁ ଭାରତୀୟ ଜନସଞ୍ଚାର ସଂସ୍ଥାନ ବିଶ୍ୱବିଦ୍ୟାଳୟ ନୂଆଦିଲ୍ଲୀ ପକ୍ଷରୁ ପତ୍ର ମାଧ୍ୟମରେ ଅବଗତ କରାଯାଇଥିଲା। ଏଥିରେ ଯୋଗଦେଇ ଅସ୍ମିତା ବେଶ୍ ଉତ୍ସାହିତ ଥିବା ପ୍ରକାଶ କରିଛନ୍ତି। ସେଠାରେ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟରେ ସେ ସାମିଲ ହେଉଛନ୍ତି ଏବଂ ଏହା ତାଙ୍କୁ ଅଧିକ ଆତ୍ମବିଶ୍ୱାସୀ କରୁଥିବା କହିଛନ୍ତି। ସୂଚନାଯୋଗ୍ୟ, ଅସ୍ମିତା କୋଲକାତାର ଉର୍ମିଳା ଅଧିକାରୀ ଓ ପଲାସ ଅଧିକାରୀଙ୍କ ଝିଅ।

## ବିଡ଼ି ମଜଦୁର ମହାସଂଘର ଅଧିବେଶନ

ଢେଙ୍କାନାଳ, ୧୫ ।୧୦(ସମିସ): ଅଖିଳ ଭାରତୀୟ ବିଡ଼ି ମଜଦୁର ମହାସଂଘର ୧୫ତମ ତ୍ରୟୋବାର୍ଷିକ ଅଧିବେଶନ ତେଲଙ୍ଗାନା ଆନୋଜିଗୁଡ଼ା ଶ୍ରୀ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ଭାରତୀୟ ମଜଦୁର ସଂଘ ଓଡ଼ିଶା ତରଫରୁ ୫ ଜଣ ପ୍ରତିନିଧିତ୍ୱ କରିଥିଲେ। ଭାରତର ୧୪ଟି ରାଜ୍ୟରୁ ପ୍ରାୟ ୧୫୦ ଜଣ କାର୍ଯ୍ୟକର୍ତ୍ତା




ଉପସ୍ଥିତ ଥିଲେ। ଅଧିବେଶନରେ ଭାରତର ସମସ୍ତ ବିଡ଼ି କାରିଗରଙ୍କ କଲ୍ୟାଣ ଉଦ୍ଦେଶ୍ୟରେ ମୁଖ୍ୟତଃ ଚାରିଟି ପ୍ରସ୍ତାବ ପାରିତ ହୋଇଛି। ନଭେମ୍ବର ୬ରୁ ୭ ତାରିଖ ମଧ୍ୟରେ ସମସ୍ତ ଜିଲ୍ଲାପାଳଙ୍କ ମାଧ୍ୟମରେ କେନ୍ଦ୍ର ଶ୍ରମମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିବାକୁ ନିଷ୍ପତ୍ତି ନିଆଯାଇଛି। କେନ୍ଦୁପତ୍ରରୁ ବିଡ଼ି ତିଆରି କରୁଥିବା ଭାରତର ୯୦ ଲକ୍ଷରୁ ଊର୍ଦ୍ଧ୍ୱ ଶ୍ରମିକଙ୍କ ପେନସନ, ପ୍ରୋଭିଡେଣ୍ଟ ଫଣ୍ଡ, ଇଏସଆଇସି ଡାକ୍ତରଖାନାରେ ସଠିକ ଚିକିତ୍ସା ଓ ସ୍ଥଗିତ ଥିବା କଲ୍ୟାଣ ବୋର୍ଡ ପୁନଃ ଗଠନ କରି ଶ୍ରମିକଙ୍କ କଲ୍ୟାଣ ନିମିତ୍ତ ଚର୍ଚ୍ଚା ରାଜ୍ୟ ସ୍ତରରେ କରାଯିବ ବୋଲି ନିଷ୍ପତ୍ତି ହୋଇଛି। ଶେଷରେ ଆଗାମୀ ୩ ବର୍ଷ ପାଇଁ ଭାରତୀୟ ମଜଦୁର ସଂଘ କର୍ମକର୍ତ୍ତାଙ୍କ ନାମ ଘୋଷଣା କରାଯାଇଥିଲା। ଓଡ଼ିଶାରୁ ଶ୍ରୀନିବାସ ଖୁଣ୍ଟିଆ ଉପସଭାପତି ଓ ସମ୍ପାଦକ ଭାବେ ଚନ୍ଦ୍ରଶେଖର ଶଗଡ଼ ଚୟନ ହୋଇଛନ୍ତି। ସଭାପତି ଓମପ୍ରକାଶ ମହତୋ ଓ ସାଧାରଣ ସମ୍ପାଦକ ସୁଧୀର କୁମାର ମଧ୍ୟ ଚୟନ ହୋଇଥିଲେ। ଏଥିପାଇଁ ଢେଙ୍କାନାଳ ଜିଲ୍ଲା ସଭାପତି ଅନିଲ କୁମାର ଭୂତିଆ ସାଧୁବାଦ ଜଣାଇଛନ୍ତି।

## ପୋଖରୀର ଭ୍ରମ ସୃଷ୍ଟି କରୁଛି ରାସ୍ତା

ଖଜୁରିଆକଟା, ୧୫ ।୧୦(ସମିସ)

ସ୍ୱାଧୀନତାର ୭୮ ବର୍ଷ ପରେ ବି ହିନ୍ଦୋଳ ନିର୍ବାଚନ ମଣ୍ଡଳୀ ଅନେକ ମୌଳିକ ସମସ୍ୟାରେ ଜର୍ଜରିତ। ନିର୍ବାଚନ ସମୟରେ ମିଳୁଛି କେବଳ ମିଥ୍ୟା ପ୍ରତିଶ୍ରୁତି। ପରେ ଭୋଟର ପାଲଟୁଛନ୍ତି ଭକୁଆ। ଓଡ଼ାପଡ଼ା ବ୍ଲକ ବଣିଆପଡ଼ା ଗ୍ରାମରେ ପହଞ୍ଚିବାକୁ ହେଲେ ପୋଖରୀର ଭ୍ରମ ସୃଷ୍ଟି କରୁଥିବା ଜଳପୂର୍ଣ୍ଣ କଂକ୍ରିଟ ରାସ୍ତାରେ ପ୍ରଥମେ ପାଦ ଓଦା କରିବାକୁ ପଡ଼େ। ଓଡ଼ାପଡ଼ା ବ୍ଲକଠାରୁ ମାତ୍ର ୪ କିଲୋମିଟର ଦୂରରେ ଅବସ୍ଥିତ ଏହି ଗାଁ ପୂର୍ବତନ ଓଡ଼ାପଡ଼ା ସରପଞ୍ଚ, ପୂର୍ବତନ ଓଡ଼ାପଡ଼ା ବ୍ଲକ ଅଧକ୍ଷା ତଥା ପୂର୍ବତନ ଜିଲ୍ଲାପରିଷଦ ଅଧକ୍ଷା ରେବତୀ ବେହେରାଙ୍କ ଗ୍ରାମ। ୩ ହଜାରରୁ ଅଧିକ ଲୋକ ବାସ କରୁଥିବା ଏହି ଗାଁର ମୁଖ୍ୟ ରାସ୍ତା ଜାତୀୟ ରାଜପଥ ୫୫ଠାରୁ ମାତ୍ର ଏକ କିଲୋମିଟର। ରାସ୍ତାଟି ଗ୍ରାମର ଦକ୍ଷିଣ ଦିଗରେ ଅବସ୍ଥିତ। ଯେଉଁଠି ପୂର୍ବତଟ ରେଳପଥ ମଧ୍ୟ ଯାଇଛି। ଗ୍ରାମବାସୀ ଏହି ରାସ୍ତା ଉପରେ ସର୍ବଦା ନିର୍ଭର କରନ୍ତି। ବର୍ତ୍ତମାନର ରାସ୍ତା ଏକ ପୋଖରୀର ଭ୍ରମ ସୃଷ୍ଟି କରୁଛି। ଫଳରେ ଗ୍ରାମବାସୀ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବର୍ଷର ଅନ୍ୟ ଋତୁରେ କଷ୍ଟେମଷ୍ଟେ ସେହି ରାସ୍ତା ଦେଇ ପଥିକଟିଏ ଯିବା ଆସିବା କରୁଥିବା ବେଳେ ବର୍ଷାଦିନ କଥା ନ କହିବା ଭଲ। ସ୍ଥିତି ପୂରା ସାଙ୍ଘାତିକ ହୋଇପଡୁଛି। ଛାତ୍ରଛାତ୍ରୀମାନେ ପାଠପଢ଼ି ଯିବା ପାଇଁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। କାଦୁଅ ଯୋଗୁଁ ହାତଗୋଡ଼ ଭାଙ୍ଗିଯିବା ଭୟରେ ବୃଦ୍ଧବୃଦ୍ଧାମାନେ ସେହି ରାସ୍ତାରେ ଯିବାଆସିବା ପାଇଁ ଅସୁରକ୍ଷିତ ମଣୁଛନ୍ତି। ବର୍ଷାଦିନରେ ଉଚ୍ଚ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପାଠପଢ଼ା ବାଧହୋଇ ସାମୟିକ ଭାବେ ବନ୍ଦ କରିବାକୁ ପଡୁଥିବା ଅଭିଯୋଗ କରିଛନ୍ତି ଅଭିଭାବକ। ମୁଖ୍ୟରାସ୍ତା ବର୍ଷତମାମ ଜଳମଗ୍ନ ରହୁଥିବାରୁ ୧୦୮ ଆମ୍ବୁଲାନ୍ସ ଠାରୁ ଆରମ୍ଭ କରି ୧୦୨ ଜନନୀ ଏକ୍ସପ୍ରେସ ମଧ୍ୟ ଯିବା ଆସିବାରେ ଅସୁବିଧା ହେଉଛି। ଏ ସମ୍ପର୍କରେ ବଣିଆପଡ଼ା ଗ୍ରାମବାସୀ ବିଡିଓଙ୍କୁ ଅଭିଯୋଗ କରିଛନ୍ତି। ତୁରନ୍ତ ରାସ୍ତା ସମସ୍ୟା ସମାଧାନ ଦିଗରେ ପଦକ୍ଷେପ ନେବାକୁ ଦାବି କରିଛନ୍ତି।



ସକାଳ THE SAKALA



■ ଆଜିଠୁ ରାଜ୍ୟ ପୁଲିସ ବୃତ୍ତିଗତ ପ୍ରତିଯୋଗିତା

# ୩୪ ପୁଲିସ ଜିଲ୍ଲାରୁ ୨୭୩ ପ୍ରତିଯୋଗୀ ଭାଗ ନେବେ

କଟକ, ୧୫ ।୧୦(ସମିସ): ରାଜ୍ୟ କ୍ରାଇମବ୍ରାଞ୍ଚ ଆନୁକୂଲ୍ୟରେ ଗୁରୁବାରଠାରୁ ୧୯ ତାରିଖ ପର୍ଯ୍ୟନ୍ତ କଟକ ବକ୍ସିବଜାରସ୍ଥିତ ରିଜର୍ଭ ପୁଲିସ ପଡିଆଠାରେ ୭୦ତମ ପୁଲିସ ବୃତ୍ତିଗତ ପ୍ରତିଯୋଗିତା ଅନୁଷ୍ଠିତ ହେବ। ରାଜ୍ୟର ୩୪ଟି ପୁଲିସ ଜିଲ୍ଲା ଏବଂ ପ୍ରତିଷ୍ଠାନରୁ ମୋଟ ୨୭୩ ଜଣ ପୁଲିସ କର୍ମଚାରୀ, ୪୩ଟି ପୁଲିସ କୁକୁର ଏବଂ ୪୩ହ୍ୟାଣ୍ଡଲର ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ। ଏଥିନିମନ୍ତେ ରାଜ୍ୟ କ୍ରାଇମବ୍ରାଞ୍ଚ ପକ୍ଷରୁ ବ୍ୟାପକ ଆୟୋଜନ ଓ ପ୍ରସ୍ତୁତି ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚିଛି। ବିଜୁ ପଟ୍ଟନାୟକ ରାଜ୍ୟ ପୁଲିସ ଏକାଡେମୀ, ଭୁବନେଶ୍ୱର ଏବଂ ଓଏସଏପି ଷଷ୍ଠ ବାଟାଲିୟନ, କଟକ ଏବଂ ବକ୍ସିବଜାରସ୍ଥିତ ରିଜର୍ଭ ପୁଲିସ ପଡିଆଠାରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହେବ। ଶ୍ରେଷ୍ଠ ପ୍ରତିଯୋଗୀମାନେ ଆସନ୍ତା ନଭେମ୍ବର ମହାରାଷ୍ଟ୍ରରେ ସର୍ବଭାରତୀୟ ପୋଲିସ ବୃତ୍ତିଗତ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ। ପ୍ରତ୍ୟେକ ଦଳରେ ଇନସ୍ପେକ୍ଟର, ସବ୍‌ଇନସ୍ପେକ୍ଟର ଓ କନଷ୍ଟେବଲ ସ୍ତରର କର୍ମଚାରୀ ଅଂଶଗ୍ରହଣ କରିବେ। ଫୋରେନସିକ୍ ବିଜ୍ଞାନ, ପ୍ରଦର୍ଶନୀଗୁଡିକର ଉତ୍ତୋଳନ, ପ୍ୟାକିଂ ଏବଂ ଅଗ୍ରଗତି, ଅପରାଧର ତଦନ୍ତ, ପର୍ଯ୍ୟବେକ୍ଷଣ ପରୀକ୍ଷା, ଆଣ୍ଟି ସାବୋଟେଜ, ଅଙ୍ଗୁଳି ଛାପ, କମ୍ପ୍ୟୁଟର ଜ୍ଞାନକୌଶଳର ଦକ୍ଷତା, ଫଟୋଗ୍ରାଫି, ଭିଡିଓଗ୍ରାଫି, ସାଇବର ଅପରାଧ ଓ ପରୀକ୍ଷଣ, ପୁଲିସ ଆଇନ କାନୁନ, ପୁଲିସ ରୂପଚିତ୍ର, ମେଡିକୋ ଲିଗାଲ, ପୁଲିସ ଶ୍ୱାନ କୌଶଳ ପ୍ରଦର୍ଶନ ଭଳି ପ୍ରତିଯୋଗିତା ହେବ।

■ ହସ୍‌ପିଟାଲରେ ଲାଗୁହେଉନି ରୋଗୀ ଅଧିକାର ସମ୍ପର୍କିତ ସୁପାରିସ

# ହାଇକୋର୍ଟରେ ଜବାବ ଦାଖଲ ପାଇଁ ସମୟ ନେଲେ ରାଜ୍ୟ ସରକାର

କଟକ, ୧୫ ।୧୦(ସମିସ): ଆଇନ ଅନୁସାରେ ରୋଗୀଙ୍କ ଅଧିକାର ସମ୍ପର୍କରେ ଜାତୀୟ ମାନବାଧିକାର ଆୟୋଗ(ଏନଏଚଆରସି) କରିଥିବା ସୁପାରିସକୁ ରାଜ୍ୟର ବିଭିନ୍ନ ସରକାରୀ ତଥା ଘରୋଇ ହସପିଟାଲରେ କାର୍ଯ୍ୟକାରୀ କରାଯାଉ ନଥିବା ଅଭିଯୋଗରେ ରାଜ୍ୟ ରୋଗୀ ଅଧିକାର ମଞ୍ଚ ତରଫରୁ ରୁଜୁ ଜନସ୍ୱାର୍ଥ ମାମଲାର ଶୁଣାଣି କରିଛନ୍ତି ହାଇକୋର୍ଟ। ଏହି ସମୟରେ ଜବାବ ଦାଖଲ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଅଧିକ ସମୟ ଲୋଡ଼ାଯାଇଛି। ଆସନ୍ତା ୨୯ ତାରିଖ ସୁଦ୍ଧା ଜବାବ ଦାଖଲ କରିବା ପାଇଁ ହାଇକୋର୍ଟ ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ.ରମଣ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି।

ଏନଏଚଆରସିଙ୍କ ସୁପାରିସ ଆଧାରରେ ସମସ୍ତ ହସପିଟାଲ ଗୁଡିକରେ ସୂଚନାଧିକାର, ତତ୍କାଳ ଚିକିତ୍ସାଧିକାର, ଗୁଣାତ୍ମକ ସେବା, ବିକଳ୍ପ ଚିକିତ୍ସା ଅଧିକାର, ଉପଯୁକ୍ତ ଔଷଧ ଓ ପରୀକ୍ଷା ନିରୀକ୍ଷା ଚୟନ, ହସପିଟାଲରୁ ଡିସଚାର୍ଜ କିମ୍ବା ମୃତଦେହ ଗ୍ରହଣ ଆଦି ସମ୍ପର୍କିତ ରୋଗୀଙ୍କ ଅଧିକାର କାର୍ଯ୍ୟକାରୀ ପାଇଁ କେନ୍ଦ୍ର ସ୍ୱାସ୍ଥ୍ୟ ପରିବାର କଲ୍ୟାଣ ମନ୍ତ୍ରଣାଳୟ ସମସ୍ତ ରାଜ୍ୟ ତଥା କେନ୍ଦ୍ରଶାସିତ ଅଞ୍ଚଳର ସମସ୍ତ ମୁଖ୍ୟ ଶାସନ ସଚିବଙ୍କୁ ଏହି ଚିଠି ପ୍ରଦାନ କରିଥିଲେ। ଏଥିପାଇଁ ଏକ ବିଶେଷଜ୍ଞ କମିଟି ଗଠନ କରିବା ସହ ଗାଇଡଲାଇନ ପ୍ରସ୍ତୁତ ପାଇଁ ଆବେଦନରେ ପ୍ରାର୍ଥନା କରାଯାଇଛି। ରାଜ୍ୟ ସରକାର ଓ ସ୍ୱାସ୍ଥ୍ୟ ପରିବାର କଲ୍ୟାଣ ସଚିବଙ୍କୁ ପକ୍ଷଭୁକ୍ତ କରାଯାଇଛି। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ କମଳାକାନ୍ତ ମହାନ୍ତି ମାମଲା ପରିଚାଳନା କରୁଛନ୍ତି।

■ ଦୁଇ ଦିନିଆ ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ-୨୦୨୫

# ସ୍ଥାୟୀ ସହରାଞ୍ଚଳ ବିକାଶ ଏବଂ ଶାସନ ଉପରେ ଗୁରୁତ୍ୱ

ଭୁବନେଶ୍ୱର, ୧୫ ।୧୦ (ସମିସ): ଓଡ଼ିଶା ସରକାରଙ୍କ ଗୃହନିର୍ମାଣ ଓ ନଗରଉନ୍ନୟନ ବିଭାଗ ଦ୍ୱାରା ଚଳିତ ଅକ୍ଟୋବର ୨୩ ଓ ୨୪ ତାରିଖରେ ଭୁବନେଶ୍ୱରର ଲୋକ ସେବା ଭବନ ପରିସରରେ ଥିବା କନଭେନସନ ସେଣ୍ଟର ଅଡିଟୋରିୟମରେ ଏକ ଦୁଇଦିନିଆ ଓଡ଼ିଶା ସହରାଞ୍ଚଳ ସମ୍ମିଳନୀ-୨୦୨୫ ଆୟୋଜନ କରାଯାଉଛି। ଏହି ସମ୍ମିଳନୀ "ନିରନ୍ତର ସହରାଞ୍ଚଳ ବିକାଶ ଏବଂ ବିକଶିତ ଓଡ଼ିଶା ୨୦୩୬ ଏବଂ ବିକଶିତ ଭାରତ ୨୦୪୭ ଦିଗରେ ବିଷୟବସ୍ତୁ ଉପରେ ଅନୁଷ୍ଠିତ ହେବ। କାର୍ଯ୍ୟକ୍ରମରେ ରାଜ୍ୟର ସମସ୍ତ ସହରାଞ୍ଚଳ ସ୍ଥାନୀୟ ସଂସ୍ଥା (ୟୁଏଲବି) ଗୁଡ଼ିକୁ ଏକତ୍ର କରି ସହରାଞ୍ଚଳ ଶାସନ, ସେବା ପ୍ରଦାନ ଏବଂ ନିରନ୍ତର ଅଭିବୃଦ୍ଧିର ପ୍ରମୁଖ ଦିଗ ଉପରେ ବିଚାର-ବିମର୍ଶ ହେବ। ଏହି ସମ୍ମିଳନୀକୁ ଗୃହନିର୍ମାଣ ଓ ନଗରଉନ୍ନୟନ ବିଭାଗ ମନ୍ତ୍ରୀ ଡ. କୃଷ୍ଣ ଚନ୍ଦ୍ର ମହାପାତ୍ର ଉଦଘାଟନ କରିବାର କାର୍ଯ୍ୟକ୍ରମ ରହିଛି। ଏନେଇ ମନ୍ତ୍ରୀ ଡା. ମହାପାତ୍ର କହିଛନ୍ତି "ଓଡ଼ିଶାର ସହରଗୁଡ଼ିକ କେବଳ ଅର୍ଥନୈତିକ ଅଭିବୃଦ୍ଧିର ଇଞ୍ଜିନ ନୁହେଁ, ବରଂ ଆମର ସାମୂହିକ ଆକାଂକ୍ଷାର ଦର୍ପଣ।

# ଜେଲ୍‌ରେ ଆମରଣ ଅନଶନରେ ବସିଲେ ମାଓନେତା ଆଜାଦ୍

ଭୁବନେଶ୍ୱର,୧୫ ।୧୦(ସମିସ):ମାଓ କାର୍ଯ୍ୟକଳାପରେ ଲିପ୍ତ ଅଭିଯୋଗରେ ଆତ୍ମସମର୍ପଣ କରିଥିବା ଦକ୍ଷିଣାଞ୍ଚଳ ଜୋନ୍ ମାଓ କମାଣ୍ଡର ଡି.କେଶବ ରାଓ ଓରଫ ଆଜାଦ ଝରପଡା ଜେଲରେ ଆମରଣ ଅନଶନରେ ବସିଛନ୍ତି। ତାଙ୍କ ବିରୋଧରେ ୪୭ଟି କେସ ରହିଛି। ଆଜାଦଙ୍କୁ ୧୫ବର୍ଷ ହେବ ବିଚାର ବିଭାଗୀୟ ହାଜତରେ ରଖାଯାଇଛି; ହେଲେ ମାମଲାର ଶୁଣାଣି ଏପର୍ଯ୍ୟନ୍ତ ହେଉ ନାହିଁ। ଏଣୁ ମାମଲାର ଶୀଘ୍ର ଶୁଣାଣି ପାଇଁ ସେ ଅନଶନରେ ବସିଛନ୍ତି। ତାଙ୍କ ବିରୋଧରେ ହୋଇଥିବା ମାମଲା ଗୁଡ଼ିକର ଶୁଣାଣି ନ ହେବାରୁ ଆଜାଦ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ସୁପ୍ରିମକୋର୍ଟ ରିଟ ପିଟିସନ ଶୁଣାଣି କରି ସୁପ୍ରିମକୋର୍ଟ ଅକ୍ଟୋବର ୨ ସୁଦ୍ଧା ଆଜାଦଙ୍କ କେସର ଶୁଣାଣି ପାଇଁ ନିର୍ଦ୍ଦେଶ ଦେଇଥିଲେ। ହେଲେ ଓଡ଼ିଶା ଓ ଆନ୍ଧ୍ରପ୍ରଦେଶ ସରକାର ଏହାକୁ ଲାଗୁ କରୁ ନ ନାହାନ୍ତି। ଅନ୍ୟପକ୍ଷରେ ଏହି ମାମଲାକୁ ନେଇ ରାଜ୍ୟ ମାନବାଧିକାର କମିସନଙ୍କ ନିକଟରେ ଏକ ମାମଲା ଦାୟର କରାଯାଇଥିଲା। କମିସନ ଏହାର ଶୁଣାଣି କରି ରାଜ୍ୟ ଗୃହ ସଚିବଙ୍କ ଠାରୁ ରିପୋର୍ଟ ତଲବ କରିଛନ୍ତି। ଏହି ମାମଲାରେ କଣ ପଦକ୍ଷେପ ଗ୍ରହଣ କରାଯାଇଛି ତାହା ଜଣାଇବାକୁ ନିର୍ଦ୍ଦେଶ ଦିଆଯାଇଛି।

**ଗୃହ ସଚିବଙ୍କୁ ଓଏଚ୍‌ଆର୍‌ସିଙ୍କ ରିପୋର୍ଟ ତଲବ**

ପଶ୍ଚିମବଙ୍ଗ ଦୁଷ୍କର୍ମ ପୀଡ଼ିତାଙ୍କ ସହିତ ମୁଖ୍ୟମନ୍ତ୍ରୀଙ୍କ ବାର୍ତ୍ତାଳାପ ଭିଡିଓ ଭାଇରାଲ

# ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶାବଳୀର ଉଲ୍ଲଙ୍ଘନ କରିଛନ୍ତି ସରକାର: ବିଜେଡି

ଭୁବନେଶ୍ୱର,୧୫।୧୦(ସମିସ): ପଶ୍ଚିମବଙ୍ଗର ଦୁର୍ଗାପୁରଠାରେ ଗଣଦୁଷ୍କର୍ମର ଶିକାର ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କ ସହିତ ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କ ବାର୍ତ୍ତାଳାପ ଭିଡିଓ ଚିତ୍ର କିଛି ଗଣମାଧ୍ୟମରେ ପ୍ରକାଶିତ ହୋଇଛି। ଏହାକୁ କଟୁ ଶବ୍ଦରେ ନିନ୍ଦା କରିଛି ବିଜୁ ମହିଳା ଜନତା ଦଳ।



■ ନିଜ ରାଜ୍ୟର ଦୁଷ୍କର୍ମ ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନରେ ବିଫଳ ରାଜ୍ୟ ସରକାର
■ ରାଜ୍ୟ ସରକାରଙ୍କ ଅହେତୁକ ତତ୍ପରତା ପଛରେ ରାଜନୈତିକ ଉଦ୍ଦେଶ୍ୟ

ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ସାଧାରଣ ସମ୍ପାଦିକା ଟୁକୁନି ସାହୁ କହିଛନ୍ତି ଯେ ଗତ ୧୫ ମାସର ବିଜେପି ଶାସନରେ ରାଜ୍ୟର ଆଇନ ଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇ ପଡିଛି । ରାଜ୍ୟରେ ପ୍ରତିଦିନ ଅନେକ ମହିଳା ଏହିପରି ଦୁଷ୍କର୍ମ, ଗଣଦୁଷ୍କର୍ମର ଶିକାର ହେଉଥିବା ବେଳେ ମୁଖ୍ୟମନ୍ତ୍ରୀଙ୍କ କୌଣସି ତତ୍ପରତା ଦେଖିବାକୁ ମିଳୁନାହିଁ। ପଶ୍ଚିମବଙ୍ଗରେ ଘଟିଥିବା ଘଟଣା ନିଶ୍ଚିତ ଭାବେ ଦୁଃଖଦାୟକ ଓ ନିନ୍ଦନୀୟ; କିନ୍ତୁ ଏଭଳି ଏକ ସମ୍ବେଦନଶୀଳ ଘଟଣାରେ ଯେଉଁଭଳି ଭାବେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ପୀଡିତାଙ୍କ ସହିତ ବାର୍ତ୍ତାଳାପର ରେକର୍ଡିଂକୁ ଭାଇରାଲ କଲେ ତାହା ଆହୁରି ଅଧିକ ନିନ୍ଦନୀୟ।

ବିଜୁ ମହିଳା ଜନତା ଦଳର ସାଧାରଣ ସମ୍ପାଦିକା ସୁମିତ୍ରା ଜେନା କହିଥିଲେ ଯେ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶ ଅନୁଯାୟୀ ପୀଡିତାଙ୍କ ପରିଚୟ ଓ ତାଙ୍କ ସହିତ କୌଣସି ବାର୍ତ୍ତାଳାପ ଜନସାଧାରଣଙ୍କ ନିକଟରେ ପ୍ରକାଶିତ ହେବା ଉଚିତ ନୁହେଁ। ତେଣୁ ମୁଖ୍ୟମନ୍ତ୍ରୀ ଏହାକୁ ଗଣମାଧ୍ୟମରେ ବିତରଣ କରିବା ଦ୍ୱାରା ସେ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶାବଳୀକୁ ଉଲ୍ଲଂଘନ କରିଛନ୍ତି। ଦଳର ସାଧାରଣ ସମ୍ପାଦିକା ତଥା ରାଜ୍ୟସଭା ସାଂସଦ ସୁଲତା ଦେଓ କହିଥିଲେ ଯେ ଗତ ୧୫ ମାସରେ ଧାରାବାହିକ ଭାବେ ରାଜ୍ୟରେ ଘଟିଥିବା ଦୁଷ୍କର୍ମ ଓ ଗଣଦୁଷ୍କର୍ମ ଘଟଣା ଗୁଡ଼ିକରେ ମୁଖ୍ୟମନ୍ତ୍ରୀଙ୍କ ତତ୍ପରତା ଦେଖିବାକୁ ମିଳିନାହିଁ । ପଶ୍ଚିମବଙ୍ଗ ଘଟଣାରେ ହଠାତ୍ ତତ୍ପର ହୋଇଉଠିବା କେବଳ ରାଜନୈତିକ ଉଦ୍ଦେଶ୍ୟ ସାଧନ ପାଇଁ ଉଦ୍ଦିଷ୍ଟ। ପଶ୍ଚିମବଙ୍ଗ ଘଟଣାରେ ଉଭୟ ରାଜ୍ୟ ମହିଳା କମିସନ ଓ ଜାତୀୟ ମହିଳା କମିସନ ପୀଡ଼ିତାଙ୍କୁ ଭେଟିଛନ୍ତି। କିନ୍ତୁ ଓଡ଼ିଶାରେ ଘଟିଥିବା କୌଣସି ଘଟଣାରେ ଏମାନଙ୍କୁ ପୀଡ଼ିତାଙ୍କ ନିକଟରେ ଦେଖିବାକୁ ମିଳିନାହିଁ। ପୀଡ଼ିତାଙ୍କୁ ନ୍ୟାୟ ଦେବା ପରିବର୍ତ୍ତେ ବିଜେପି ଓ ରାଜ୍ୟ ସରକାର ରାଜନୀତି କରୁଛନ୍ତି। ବିଜେପି ବିଧାୟକ ସନ୍ତୋଷ ଖଟୁଆ ବିଜେଡି ନେତ୍ରୀଙ୍କ ଉଦ୍ଦେଶ୍ୟରେ ଅଶାଳୀନ ଟିପ୍ପଣୀ ଦେଇଥିବା ବେଳେ ଏହି ମାମଲା ରାଜ୍ୟ ମହିଳା କମିସନ ଓ ଜାତୀୟ ମହିଳା କମିସନଙ୍କ ପାଖରେ ଅଭିଯୋଗ କରାଯାଇଥିଲା। କିନ୍ତୁ ଉଭୟ ରାଜ୍ୟ ଓ ଜାତୀୟ ମହିଳା କମିସନ ଏହି ମାମଲାରେ କୌଣସି କାର୍ଯ୍ୟାନୁଷ୍ଠାନ ନେଇ ନଥିଲେ। ଦଳର ବରିଷ୍ଠ ସାଧାରଣ ସମ୍ପାଦିକା ଲେଖାଶ୍ରୀ ସାମନ୍ତସିଂହାର କହିଥିଲେ ଯେ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀଙ୍କ ସମେତ ବିଜେପି ନେତା ମାନେ ଯେଉଁଭଳି ଭାବେ ପଶ୍ଚିମବଙ୍ଗ ଯାଇ ପୀଡିତାଙ୍କୁ ଭେଟିବା ପାଇଁ ଉଦ୍ୟମ କଲେ, ତାହା ଦୁଷ୍କର୍ମ ଟୁରିଜମର ଦୃଶ୍ୟ ସଦୃଶ ଅନୁଭବ ହୋଇଥିଲା। ମୁଖ୍ୟମନ୍ତ୍ରୀ ପୀଡ଼ିତାଙ୍କ ସହିତ ବାର୍ତ୍ତାଳାପ ରେକର୍ଡିଂକୁ ଭାଇରାଲ କରିବାକୁ ଆମେ ଦୃଢ଼ ନିନ୍ଦା କରୁଛୁ। ପଶ୍ଚିମବଙ୍ଗର ଆଇନ ଶୃଙ୍ଖଳା ପରିସ୍ଥିତି ଠିକ୍ ନାହିଁ, କିନ୍ତୁ ଓଡ଼ିଶାର ଆଇନ ଶୃଙ୍ଖଳା ସ୍ଥିତି ଆହୁରି ଅଧିକ ଖରାପ ଅଛି ବୋଲି ସେ କହିଥିଲେ।

# ଓଡ଼ିଶା ଗସ୍ତରେ ହରିଆଣା ବିଧାନସଭାର ପ୍ରତିନିଧିମଣ୍ଡଳୀ

ଭୁବନେଶ୍ୱର,୧୫।୧୦(ସମିସ): ହରିଆଣା ବିଧାନସଭାର ଶିକ୍ଷା, ବୈଷୟିକ ଶିକ୍ଷା, ଧନ୍ଦାମୂଳକ ଶିକ୍ଷା, ମେଡିକାଲ ଶିକ୍ଷା ଏବଂ ସ୍ୱାସ୍ଥ୍ୟସେବା ସବ୍‌ଜେକ୍ଟ କମିଟିର ଅଧ୍ୟକ୍ଷ ରାମ କୁମାର କାଶ୍ୟପଙ୍କ ନେତୃତ୍ୱାଧୀନ ଏକ ୧୧ ଜଣିଆ ବିଧାୟକଦଳ ଓଡ଼ିଶା ଗସ୍ତରେ ଆସିଛନ୍ତି।

ବୁଧବାର ସେମାନେ ଓଡ଼ିଶା ବିଧାନସଭାର ଉପବାଚସ୍ପତି ଭବାନୀଶଙ୍କର ଭୋଇଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଏହି ସଦସ୍ୟମାନେ ବିଧାନସଭା ଷ୍ଟାଣ୍ଡିଂ କମିଟି-୪ର ଅଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ସେଠୀ, ବିଧାନସଭା ଷ୍ଟାଣ୍ଡିଂ କମିଟି-୫ର ଅଧ୍ୟକ୍ଷ ବିଭୂତି ଭୂଷଣ ପ୍ରଧାନ, ସଦସ୍ୟ ଗଣେଶ୍ୱର ବେହେରା, ବଦ୍ରିନାରାୟଣ ପାତ୍ର, ରୂପେଶ କୁମାର ପାଣିଗ୍ରାହୀ, ପ୍ରକାଶ ଚନ୍ଦ୍ର ସେଠୀ, ଉମାଚରଣ ମଲ୍ଲିକ, ଡ. ଫକୀର ନାୟକ, ବିଜୟ କୁମାର ଦଳବେହେରା ଓ ସୀମାରାଣୀ ନାୟକଙ୍କ ସହ ଓଡ଼ିଶାର ଶିକ୍ଷା ବ୍ୟବସ୍ଥା ସମ୍ପର୍କରେ ଆଲୋଚନା କରିଥିଲେ। ହରିଆଣାର ଶିକ୍ଷା ଓ ସ୍ୱାସ୍ଥ୍ୟସେବା ସବ୍‌ଜେକ୍ଟ କମିଟିର ସଦସ୍ୟମାନେ ସେଠାକାର ସରକାରଙ୍କ ଦ୍ୱାରା ଶିକ୍ଷା କ୍ଷେତ୍ରରେ ଗ୍ରହଣ କରାଯାଇଥିବା ବିଭିନ୍ନ ଭଲ ଯୋଜନା ସଂପର୍କରେ ଆଲୋକପାତ କରିଥିଲେ। ଓଡ଼ିଶାର ସଦସ୍ୟମାନେ ମଧ୍ୟ ରାଜ୍ୟରେ ଶିକ୍ଷା କ୍ଷେତ୍ରରେ ସରକାରଙ୍କ ପକ୍ଷରୁ ଗ୍ରହଣ କରାଯାଇଥିବା ବହୁ ଅଭିନବ ଯୋଜନା ବାବଦରେ ସୂଚନା ଉପସ୍ଥାପନ କରିଥିଲେ। ଉଭୟ ରାଜ୍ୟ ଶିକ୍ଷା କ୍ଷେତ୍ରରେ ଲାଗୁ ହେଉଥିବା ଭଲ ଯୋଜନାସବୁକୁ ଆପଣାଇବା ପାଇଁ ବୈଠକରେ ସହମତି ପ୍ରକାଶ ପାଇଥିଲା। ଏହି ଅବସରରେ ବିଧାନସଭାର ସଚିବ ସତ୍ୟବ୍ରତ ରାଉତଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ। ଏଠାରେ ସୂଚନାଯୋଗ୍ୟ ଯେ ଏହି କମିଟି ତାଙ୍କର ଏହି ଗସ୍ତ ସମୟରେ ପୁରୀ, କୋଣାର୍କ ସମେତ ଚିଲିକା, ସାତପଡ଼ା ଓ ଓଡ଼ିଶାର ଅନ୍ୟ ଦର୍ଶନୀୟ ସ୍ଥାନ ବୁଲି ଦେଖିବାର କାର୍ଯ୍ୟକ୍ରମ ରହିଛି।

**ବିଧାନସଭାର ବିଭିନ୍ନ କମିଟିର କାର୍ଯ୍ୟଧାରା ସମ୍ପର୍କରେ ଅବଗତ ହେଲେ**



■ କାଳହେଲା ଡିଜିଟାଲ କାରବାର...

# ଭିଜିଲାନ୍ସ ଜାଲରେ ମତ୍ସ୍ୟ ଅଧିକାରୀ


ପୋଲସରା,୧୫ ।୧୦(ସମିସ): ଭିଜିଲାନ୍ସ ଜାଲରେ ଫସିଲେ ପୋଲସରା ବ୍ଲକ ସହକାରୀ ମତ୍ସ୍ୟ ଅଧିକାରୀ। ନଗଦ କାରବାରକୁ ଭୟ କରି ୟୁପିଆଇ ଡିଜିଟାଲ୍ ପେମେଣ୍ଟରେ ଲାଞ୍ଚ ନେବାବେଳେ ମାଡ଼ିବସିଲା ଭିଜିଲାନ୍ସ। ଗଞ୍ଜାମ ଜିଲ୍ଲା ପୋଲସରା ବ୍ଲକର ସହକାରୀ ମତ୍ସ୍ୟ ଅଧିକାରୀ ସୁରେଶ କୁମାର ବେହେରାଙ୍କୁ ନିଜ ଅଫିସରୁ ଧରିଛି ଭିଜିଲାନ୍ସ ଟିମ୍। ମାଛ ଜାଆଁଳା ବିଲ୍ କରିବାକୁ ଜଣେ ହିତାଧିକାରୀଙ୍କ ଠାରୁ ଫୋନ୍ ପେ'ରେ ୮ ହଜାର ଟଙ୍କା ଲାଞ୍ଚ ନେବାବେଳେ ଭିଜିଲାନ୍ସ ବ୍ଲକ ପରିସର କାର୍ଯ୍ୟାଳୟରେ ଚଢ଼ଉ କରି ଦରିଛି। ପୋଲସରା ସହର ବାପୁଜୀ ନଗର ସ୍ଥିତ ଭଡ଼ାଘର ଏବଂ କାର୍ଯ୍ୟାଳୟରେ ଚଢ଼ଉ କରି କାଗଜପତ୍ର ସହ ଅଧିକ ଖୋଳତାଡ଼ କରୁଛି ଭିଜିଲାନ୍ସ ଟିମ୍। ପୋଲସରା କାର୍ଯ୍ୟାଳୟରୁ ନଗଦ ୫୦ହଜାର ଟଙ୍କା ଓ ଭଡ଼ାଘରୁ ୧ଲକ୍ଷ ଟଙ୍କା ଜବତ କରିବା ସହ ଅଫିସର ସମସ୍ତ ଟେବୁଲ ଓ ଡ୍ରକୁ ଭାଙ୍ଗି ତଲାସୀ କରିଥିଲେ। ପରେ ସମସ୍ତ ତଥ୍ୟ ସଂଗ୍ରହ କରି ମତ୍ସ୍ୟ ଅଧିକାରୀ ସୁରେଶକୁ କୁମାର ବେହେରାଙ୍କୁ ଭିଜିଲାନ୍ସ ନିଜ ଅକ୍ତିଆରକୁ ଆଣି ବ୍ରହ୍ମପୁର ନେଇ ଅଧିକ ତଦନ୍ତ ଚଳାଇଛି। ସୁରେଶଙ୍କ ପୈତୃକ ଗ୍ରାମ ବରକୁଳରେ ମଧ୍ୟ ଏକ ଟିମ୍ ଚଢ଼ଉ କରୁଥିବା ସୂଚନା ମିଳିଛି। ଭିଜିଲାନ୍ସ ବିଭାଗର ଡ଼ିଏସପି ବୈଦେଇ ବେହେରା, ଆଇଆଇସି ସୌମ୍ୟକାନ୍ତ ପଣ୍ଡା, ଶରତ ପାତ୍ର, ଏଏସ୍‌ଆଇ ସଂଜୀବ ରେଡି, ଦୁର୍ଗାପ୍ରସାଦ ହୋତା ପ୍ରମୁଖ ଚଢ଼ଉରେ ସାମିଲ ଥିଲେ।



**ନଗଦ ଦେଢ଼ଲକ୍ଷ ଟଙ୍କା ଜବତ**

# ଲାଞ୍ଚ ନେବା ବେଳେ ଧରାପଡ଼ିଲେ ତହସିଲ୍ ଡିଇଓ

ଖୋର୍ଦ୍ଧା/ବେଗୁନିଆ,୧୫।୧୦(ସମିସ): ପୁଣି ଚର୍ଚ୍ଚାରେ ବେଗୁନିଆ ତହସିଲ୍ ଅଫିସ୍। କିଛିଦିନର ନୀରବତା ପରେ ପୁଣି ତହସିଲ୍ କାର୍ଯ୍ୟାଳୟରେ ପଶିଛି ଭିଜିଲାନ୍ସ ଟିମ୍। ଘରବାରି ଜମି କିସମ ପରିବର୍ତ୍ତନ ଲାଗି ୮ ହଜାର ଟଙ୍କା ଲାଞ୍ଚ ନେବାବେଳେ ତହସିଲ୍‌ରେ କାର୍ଯ୍ୟରତ ମହିଳା ଡାଟା ଏଣ୍ଟ୍ରି ଅପରେଟର(ଡିଇଓ) ସ୍ମୃତି ଜୟସିଂହ ଭିଜିଲାନ୍ସ ହାତରେ ଧରାପଡ଼ିଛନ୍ତି। ଅତିରିକ୍ତ ତହସିଲ୍‌ଦାରଙ୍କ ନାଁରେ ଟଙ୍କା ମାଗି ଅଭିଯୋଗକାରୀଙ୍କଠାରୁ ନେଉଥିଲେ ସ୍ମୃତି। ପୂର୍ବ ଯୋଜନା ମୁତାବକ ଛକି ରହିଥିବା ଖୋର୍ଦ୍ଧା ଏବଂ ଭୁବନେଶ୍ୱର ଭିଜିଲାନ୍ସ ଟିମ୍ ତାଙ୍କୁ ଧରିଛନ୍ତି। ଖୋର୍ଦ୍ଧା ଏବଂ ଭୁବନେଶ୍ୱର ଭିଜିଲାନ୍ସ ବିଭାଗର ଦୁଇଟି ସ୍ୱତନ୍ତ୍ର ଟିମ୍ ଅଫିସ ଏବଂ ବେଗୁନିଆସ୍ଥିତ ସ୍ମୃତିଙ୍କ ଘରେ ମିଳିତ ଭାବେ ଚଢ଼ଉ କରିବା ସହିତ ଅଧିକ ତଦନ୍ତ ଚଳାଇଛନ୍ତି। ଏହି ଚଢ଼ଉରେ ୩ ଜଣ ଡିଏସ୍‌ପି, ୨ଜଣ ଇନ୍ସପେକ୍ଟର ସାମିଲ୍ ହୋଇଛନ୍ତି।



ସୂଚନା ଅନୁସାରେ, ଗଡ଼ମାଣିତ୍ରୀର ଶିଶିର ମଙ୍ଗରାଜ ଘରବାରି କିସମ ପରିବର୍ତ୍ତନ ପାଇଁ ଆବେଦନ କରିଥିଲେ। ମାତ୍ର ଗତ ଏକ ମାସ ଧରି ତହସିଲ୍ କାର୍ଯ୍ୟାଳୟକୁ ଦୌଡୁଥିଲେ ମଧ୍ୟ କାର୍ଯ୍ୟ ହେଉ ନ ଥିଲା। ଏହି ସମୟରେ କିସମ ପରିବର୍ତ୍ତନ ନିମନ୍ତେ ରିପୋର୍ଟ ପାଇଁ ଆର୍‌ଆଇ ଏବଂ ଅତିରିକ୍ତ ତହସିଲ୍‌ଦାରଙ୍କୁ ଟଙ୍କା ଦେଲେ କାମ ଶୀଘ୍ର ହୋଇଯିବ ବୋଲି ସ୍ମୃତି ଶିଶିରଙ୍କୁ କହିଥିଲେ। ଏଥିଲାଗି ୧୦ହଜାର ଟଙ୍କା ଦେବାକୁ କହିଥିଲେ। ମାତ୍ର ଶିଶିର ଏଥିରେ ଅସମର୍ଥ ପ୍ରକାଶ କରିଥିଲେ। ଶେଷରେ ୮ ହଜାର ଟଙ୍କାରେ କଥା ଛିଡ଼ିଥିଲା। ମାତ୍ର ଉକ୍ତ ୮ ହଜାର ଟଙ୍କା ଦେବାକୁ ଶିଶିର ଅସନ୍ତୋଷ ପ୍ରକାଶ କରି ଗତ ମଙ୍ଗଳବାର ଭିଜିଲାନ୍ସର ଦ୍ୱାରସ୍ଥ ହୋଇ ଅଭିଯୋଗ କରିଥିଲେ। ତାଙ୍କ ଅଭିଯୋଗକୁ ଭିତ୍ତିକରି ଭିଜିଲାନ୍ସ ବିଭାଗ ସ୍ମୃତିଙ୍କୁ ଧରିବାକୁ ଯୋଜନା କରିଥିଲା। ପୂର୍ବ ଯୋଜନା ମୁତାବକ, ବୁଧବାର ଅପରାହ୍ଣରେ କାର୍ଯ୍ୟାଳୟରେ ଲାଞ୍ଚ ନେଉଥିବାବେଳେ ଭିଜିଲାନ୍ସ ଟିମ୍ ସ୍ମୃତିଙ୍କଠାରୁ ରଙ୍ଗ ପ୍ରଲେପ ଦିଆ ଟଙ୍କା ଜବତ କରିବା ସହ ତାଙ୍କୁ ଗିରଫ କରିଛି। ପ୍ରାୟ ୧୭ ବର୍ଷ ଧରି ବେଗୁନିଆ ତହସିଲ୍‌ରେ ଡାଟା ଏଣ୍ଟ୍ରି ଅପରେଟର ଭାବେ ସେ କାର୍ଯ୍ୟରତ ଥିବା ଜଣାପଡ଼ିଛି। ଏହି ତହସିଲ୍ ଅଫିସରେ ପୂର୍ବରୁ ଜଣେ ତହସିଲ୍‌ଦାର, ଦୁଇଜଣ ଅତିରିକ୍ତ ତହସିଲ୍‌ଦାର, ୩ ଜଣ ଆର୍‌ଆଇ ଭିଜିଲାନ୍ସ ବିଭାଗ ଦ୍ୱାରା ଗିରଫ ହୋଇଥିଲେ। ଭୁବନେଶ୍ୱର ଭିଜିଲାନ୍ସ ଥାନା କେସ୍ ନଂ-୨୩/୨୫ରେ ଏକ ମାମଲା ରୁଜୁ କରାଯାଇ ତାଙ୍କୁ ଗିରଫ କରାଯାଇଥିବା ଜଣାଯାଇଛି। ଅନ୍ୟପକ୍ଷେ ଘର ଉପରେ ଚଢ଼ଉ ସମୟରେ ଖବର ପାଇ ତାଙ୍କ ପରିବାର ଲୋକ ଟଙ୍କା ସୁନା ଅଳଙ୍କାର ଏକ ବ୍ୟାଗ୍‌ରେ ଭର୍ତ୍ତି କରି ଅନ୍ୟତ୍ର ପଠାଇବାକୁ ଚେଷ୍ଟା କରୁଥିବା ସମୟରେ ଭିଜିଲାନ୍ସ ଟିମ୍ ସେହି ବ୍ୟାଗ୍‌ଟିକୁ ଜବତ କରିଥିବା ଜଣାଯାଇଛି। ଅଧିକ ତଦନ୍ତ ଜାରି ରହିଥିବାରୁ ସ୍ମୃତିଙ୍କ ଆୟ ବହିର୍ଭୁତ ସମ୍ପତ୍ତିର ସବିଶେଷ ତଥ୍ୟ ଭିଜିଲାନ୍ସ ପକ୍ଷରୁ ମିଳିନାହିଁ।

**ଅମାନିଆ ଇସ୍କନ**

# ପୁଣି ଅଦିନରେ କଲା ରଥଯାତ୍ରା

ପୁରୀ,୧୫।୧୦(ସମିସ): ଶ୍ରୀଜଗନ୍ନାଥ ସଂସ୍କୃତିକୁ ବେଖାତିର୍ କରୁଛି ଇସ୍କନ। ବିଧି ପରମ୍ପରା ଭାଙ୍ଗିବା ଲାଗି ରୀତିମତ ଉଦ୍ୟମ ଚଳାଇଛି। ଅଦିନରେ ରଥଯାତ୍ରା ନେଇ ବାରମ୍ବାର ତାଗିଦ୍ ସତ୍ତ୍ୱେ ସୁଧୁରୁନି ଇସ୍କନ। ପୁଣିଥରେ ଇସ୍କନର ମନମାନୀ ଦେଖିବାକୁ ମିଳିଛି। ଗତ ୭ ତାରିଖରେ ଉତ୍ତରାଖଣ୍ଡ ଋଷିକେଶ ମଧୁବନ ଆଶ୍ରମରେ ଆୟୋଜନ କରିଛି ରଥଯାତ୍ରା। ଅଦିନରେ ରଥଯାତ୍ରା ନ କରିବା ଲାଗି ପୂର୍ବରୁ ଗଜପତି ମହାରାଜା, ଶ୍ରୀମନ୍ଦିର ପ୍ରଶାସନ ଇସ୍କନକୁ ଚିଠି କରିଛନ୍ତି। ହେଲେ ନିଜ ଜିଦ୍‌ରେ ଅଟଳ ରହିଛି ଇସ୍କନ। ତା'ର ଏଭଳି ମନମାନୀକୁ ତୀବ୍ର ନିନ୍ଦା କରିଛନ୍ତି ଶ୍ରୀଜଗନ୍ନାଥ ପ୍ରେମୀ ଭକ୍ତ ଓ ସେବାୟତ।

**ଭକ୍ତ, ସେବାୟତଙ୍କ ତୀବ୍ର ବିରୋଧ**

ଅଦିନରେ ମହାପ୍ରଭୁଙ୍କ ପ୍ରସିଦ୍ଧ ରଥଯାତ୍ରା ଅନୁଷ୍ଠିତ ହେଉଥିବା ବିଭିନ୍ନ ସମୟରେ ନଜରକୁ ଆସୁଛି। ଏହା ଶ୍ରୀଜଗନ୍ନାଥ ସଂସ୍କୃତି ଏବଂ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ପ୍ରତି ଘୋର୍ ଅପମାନ। ଏହାକୁ ନେଇ ଶ୍ରୀଜଗନ୍ନାଥପ୍ରେମୀଙ୍କ ମଧ୍ୟରେ ତୀବ୍ର ପ୍ରତିବାଦ ସୃଷ୍ଟି ହେଉଥିଲେ ହେଁ ଏହାର ସମାଧାନ ହୋଇପାରୁ ନାହିଁ। ତୀବ୍ର ବିରୋଧ ପରେ ଅନେକ ସମୟରେ ଇସ୍କନ ତା' ନିଷ୍ପତ୍ତିରୁ ଓହରୁଥିଲେ ହେଁ ବାରମ୍ବାର ଏଭଳି ଭୁଲ୍ କରିଚାଲିଛି। ଏବେ ଉତ୍ତରାଖଣ୍ଡ ମଧୁବନ ଆଶ୍ରମ ଋଷିକେଶ ପକ୍ଷରୁ ଆୟୋଜିତ ୨୮ତମ ଶ୍ରୀଜଗନ୍ନାଥ ରଥଯାତ୍ରା ସମ୍ପନ୍ନ କରିଛି ଇସ୍କନ। ଚଳିତ ମାସ ୭ ତାରିଖରେ ଏଭଳି ଅଦିନିଆ ରଥଯାତ୍ରା ଅନୁଷ୍ଠିତ ହୋଇଥିବା ଦେଖିବାକୁ ମିଳିଛି। ଗତ ୭ ତାରିଖ ସକାଳେ ମଧୁବନ ଆଶ୍ରମଠାରୁ ବାହାରି ତ୍ରିବେଣୀ ଘାଟ ଚୌକ ଦେଇ ଗୁରୁଦ୍ୱାର ଶ୍ରୀଗୁରୁ ସିଂ ସଭା ରେଲ୍‌ୱେ ରୋଡ୍‌ରେ ଏହି ରଥଯାତ୍ରା ଶେଷ ହୋଇଥିଲା। ଏଥିରେ ଶ୍ରୀଜଗନ୍ନାଥ, ବଳଭଦ୍ର ଓ ସୁଭଦ୍ରାଙ୍କୁ ଚାରିଚକିଆ ଗାଡ଼ିରେ ନିଆଯାଉଥିବା ଦେଖିବାକୁ ମିଳିଥିଲା। ଅନ୍ୟପଟେ ଏହି ପ୍ରସଙ୍ଗରେ ଗତ ମାସ ୬ ତାରିଖରେ ଗଜପତି ମହାରାଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ନୀତି ବିରୋଧୀ ସ୍ନାନଯାତ୍ରା ଓ ରଥଯାତ୍ରା ପାଇଁ ୧୦୦ ପୃଷ୍ଠାର ଏକ ପୂର୍ଣ୍ଣାଙ୍ଗ ଉତ୍ତର ଇସ୍କନକୁ ପ୍ରଦାନ କରାଯାଇଥିଲା। ନୀତି ଓ ପରମ୍ପରାକୁ ନ ମାନିଲେ ଆଇନର ଆଶ୍ରୟ ନିଆଯିବ ବୋଲି ଗଜପତିଙ୍କ ଦ୍ୱାରା ଇସ୍କନକୁ ଚିଠି ଲେଖାଯାଇଥିଲା। ମାତ୍ର ଏକମାସ ପରେ ଇସ୍କନ ପୁଣି ମନମାନୀ ଜାରି ରଖି ୭ ତାରିଖରେ ଅଦିନିଆ ରଥଯାତ୍ରା ଆୟୋଜନ କରିଥିଲା। ତେଣୁ ଶ୍ରୀଜଗନ୍ନାଥ ସଂସ୍କୃତି ପରମ୍ପରାକୁ ଅପମାନ ହୋଇଥିବାବେଳେ ଏଥର ଇସ୍କନର ଅଦିନିଆ ରଥଯାତ୍ରା ପାଇଁ ଆଇନର ଆଶ୍ରୟ ନେବାକୁ ଶ୍ରୀମନ୍ଦିର ପ୍ରଶାସନକୁ ବିଭିନ୍ନ ମହଲରୁ ଅନୁରୋଧ କରାଯାଇଛି।

ସୂଚନାଥାଉ କି, ପୂର୍ବରୁ ଅଦିନିଆ ରଥଯାତ୍ରା ଆୟୋଜନ ନେଇ ଇସ୍କନ ସବୁବେଳେ ବିବାଦରେ ରହିଆସିଛି। ଅଦିନିଆ ରଥଯାତ୍ରା ଆୟୋଜନ କରି କୋଟି କୋଟି ଟଙ୍କା ଦାନ ଆକାରରେ ସଂଗ୍ରହ କରୁଥିବା ଅଭିଯୋଗ ହୋଇଆସୁଛି। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସଂସ୍କୃତିକୁ ସାରା ବିଶ୍ୱରେ ପ୍ରଚାରପ୍ରସାର କରୁଥିବା ନେଇ ଦାବି କରି ଆସୁଥିବା ଇସ୍କନ ସଂଗଠନ ବାରମ୍ବାର ମହାପ୍ରଭୁଙ୍କ ପରମ୍ପରା ଉଲ୍ଲଂଘନ କରୁଛି। ଏଭଳି କାର୍ଯ୍ୟ ଆମ ଧର୍ମ, ସଂସ୍କୃତି ଓ ପରମ୍ପରାକୁ ନଷ୍ଟ କରିବା ସହ କୋଟି କୋଟି ହିନ୍ଦୁଙ୍କ ଧାର୍ମିକ ଭାବନାକୁ କୁଠାରାଘାତ କରୁଛି। ପ୍ରତ୍ୟେକ ଧାର୍ମିକ କାର୍ଯ୍ୟକ୍ରମର ଏକ ସ୍ୱତନ୍ତ୍ର ତିଥି ଓ ତାରିଖ ରହିଛି। ଏହାକୁ ସମସ୍ତେ ମାନିବା ଦରକାର। ରଥଯାତ୍ରା ଆଷାଢ଼ ମାସ ଶୁକ୍ଳ ପକ୍ଷ ଦ୍ୱିତୀୟାରେ ପାଳିତ ହୋଇଥାଏ। ଏହା ସ୍କନ୍ଦ ପୁରାଣରେ ମହାପ୍ରଭୁଙ୍କ ଦ୍ୱାରା ନିର୍ଦ୍ଦେଶିତ ଅଟେ। ଅଦିନରେ ଏବଂ ଅତିଥିରେ ରଥଯାତ୍ରା ଆୟୋଜନ କରାଯାଇ ଶ୍ରୀଜଗନ୍ନାଥ ସଂସ୍କୃତି, ସନାତନ ହିନ୍ଦୁ ସମାଜ, ଭକ୍ତ ଏବଂ ଦେଶର ଘୋର୍ ଅପମାନ ସହ ଧାର୍ମିକ ଭାବନାରେ ଆଘାତ ସୃଷ୍ଟି କରାଯାଉଛି। ତେଣୁ ଏଭଳି ବେଆଇନ ଓ ଧର୍ମ ବିରୋଧୀ ସଂସ୍ଥା ଏବଂ ବ୍ୟକ୍ତିବିଶେଷଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଛନ୍ତି ଭକ୍ତ ଓ ସେବାୟତ।

**ଜୋରଜବରଦସ୍ତ ଦଳରେ ସାମିଲ ଉଦ୍ୟମ**

# କଂଗ୍ରେସରେ ମିଶିବାକୁ ଆସି ଅନନ୍ତ ନାରାୟଣ ନିରାଶ

ଭୁବନେଶ୍ୱର,୧୫।୧୦(ସମିସ): କଂଗ୍ରେସରେ ସାମିଲେ ହେବାକୁ ଦଳବଳ ଘେନି ଭୁବନେଶ୍ୱର ଆସିଥିବା ଯାତ୍ରାପାର୍ଟି ମାଲିକ ଅନନ୍ତ ନାରାୟଣ ଧଳ (ନାଣ୍ଟୁ ବାବୁ) ଶେଷରେ ନିରାଶ ହୋଇ ଫେରିଛନ୍ତି। ତାଙ୍କୁ କିମ୍ବା ତାଙ୍କ ସମର୍ଥକଙ୍କ ଭିତରକୁ କାହାରିକୁ କଂଗ୍ରେସ ଭବନ ଭିତରକୁ ପ୍ରବେଶ କରାଇ ଦିଆଯାଇ ନ ଥିବା ବେଳେ ସୁରକ୍ଷା ଦୃଷ୍ଟିରୁ ଆଜି କଂଗ୍ରେସ ଭବନର ସବୁ ଗେଟ୍‌ରେ ତାଲା ପକାଇ ଦିଆଯାଇଛି। ଯେଉଁଥିପାଇଁ ଅନେକ ଉଦ୍ୟମ ସତ୍ତ୍ୱେ ଅନନ୍ତ ନାରାୟଣ ଦଳରେ ସାମିଲ ହୋଇ ନ ପାରି ଫେରିଯାଇଛନ୍ତି।

■ ଗେଟ୍‌ରେ ତାଲା ପକାଇ କଂଗ୍ରେସ ଭବନକୁ ଛାଡ଼ିଲାନି ଦଳ
■ ଦିଲ୍ଲୀରେ ରାହୁଲଙ୍କୁ ଭେଟି ସାମିଲ ହେବେ ବୋଲି ଚ୍ୟାଲେଞ୍ଜ
■ ଅନନ୍ତଙ୍କୁ ଦଳରେ ଗ୍ରହଣ କରାଯିବନି : ଭକ୍ତ



ନିରାଶ ହୋଇ ଫେରିବା ପରେ ଅନନ୍ତ ନାରାୟଣ ପିସିସି ସଭାପତିଙ୍କ ଉପରେ ବର୍ଷିଛନ୍ତି। ସେ କହିଛନ୍ତି କଂଗ୍ରେସ କାହାର ପୈତୃକ ସମ୍ପତ୍ତି ନୁହେଁ, ତାଙ୍କୁ ଦଳରେ ସାମିଲ ହେବା ପାଇଁ କେହି ଅଟକାଇ ପାରିବେ ନାହିଁ। ସେ ଦବିଯିବେ ନାହିଁ। ତାଙ୍କ ସମର୍ଥକଙ୍କୁ ଧରି ଦିଲ୍ଲୀ ଯିବେ ଓ ଦିଲ୍ଲୀରେ ରାହୁଲ ଗାନ୍ଧୀଙ୍କୁ ଭେଟି କଂଗ୍ରେସରେ ସାମିଲ ହେବେ ବୋଲି କହିଛନ୍ତି। ତାଙ୍କ ପରିବାର ମୂଳରୁ କଂଗ୍ରେସ। ସେ ଲୋକମାନଙ୍କୁ କଂଗ୍ରେସରେ ସାମିଲ କରାଇବାକୁ ଆଣିଥିଲେ। କେଉଁ କାରଣ ପାଇଁ ତାଙ୍କୁ ଦଳରେ ମିଶାଇ ଦିଆଯାଇ ନାହିଁ ତାକୁ ନେଇ ସେ ପ୍ରଶ୍ନ କରିଛନ୍ତି।

ଅନ୍ୟପଟେ ଅନନ୍ତନାରାୟଣଙ୍କ ଏହି କାର୍ଯ୍ୟକ୍ରମ ପରେ ପିସିସି ସଭାପତି ଭକ୍ତ ଚରଣ ଦାସ ମୁହଁ ଖୋଲିଛନ୍ତି। ସେ କହିଛନ୍ତି ଯେ ନାଣ୍ଟୁ ଧଳ ଜଣେ ଆପରାଧିକ ଚରିତ୍ରର ବ୍ୟକ୍ତି। ସେ କଂଗ୍ରେସର ସଦସ୍ୟ ହୋଇପାରିବେ ନାହିଁ। ସଦସ୍ୟତା ମଗା ଯାଏ, ଛଡ଼ାଇକି ନିଆଯାଏ ନାହିଁ। ରାହୁଲ ଗାନ୍ଧୀଙ୍କ ପାଖକୁ ଯଦି ଯାଇପାରିବେ ଯାଆନ୍ତୁ। ମୁଁ କଂଗ୍ରେସ ଅଧ୍ୟକ୍ଷ ଭାବେ କହୁଛି, ତାଙ୍କୁ ଦଳରେ ଗ୍ରହଣ କରାଯିବନି। ସୂଚନା ଥାଉ କି ବୁଧବାର ସକାଳ ୧୦ ଟା ପରେ ପରେ କଂଗ୍ରେସ ଭବନ ନିକଟରେ ଅନନ୍ତ ନାରାୟଣଙ୍କ ସମର୍ଥକମାନେ ଯାଜପୁର ବଟଚଣାରୁ ଆସି ଜମା ହୋଇଥିଲେ। ବଡଚଣାରୁ ହଜାର ହଜାର ସମର୍ଥକ ଆସି ପହଞ୍ଚିବା ପରେ ଅନନ୍ତ ନାରାୟଣ ଏକ ଶୋଭାଯାତ୍ରାରେ କଂଗ୍ରେସ ଭବନ ଅଭିମୁଖେ ଆସିଥିଲେ। ମାତ୍ର ପୂର୍ବରୁ କଂଗ୍ରେସ ଭବନର ସମସ୍ତ ଗେଟ୍ ବନ୍ଦ କରି ଦିଆଯାଇ ଥିବା ବେଳେ ପୁଲିସ ତାଙ୍କୁ ଅଟକାଇଥିଲା। ଏହା ପରେ ତାଙ୍କ ସମର୍ଥକମାନେ ନାରାବାଜି କରିବା ସହ ଫେରିଯିବାକୁ ବାଧ୍ୟ ହୋଇଥିଲେ।

ଏହି ଘଟଣା ପରେ ପିସିସି ଗଣମାଧ୍ୟମ ବିଭାଗ ମୁଖ୍ୟ ଅରବିନ୍ଦ ଦାସ ଏକ ସ୍ପଷ୍ଟିକରଣ ରଖିଛନ୍ତି। ସେ କହିଛନ୍ତି ଯେ ଅନନ୍ତ ନାରାୟଣ ଧଳ ଅକ୍ଟୋବର ୧୫ ରେ ହଜାର ହଜାର ଲୋକଙ୍କ ସହିତ ଯୋଗଦେବାକୁ କହିଥିଲେ। ମାତ୍ର ପିସିସି ସଭାପତି ତାଙ୍କୁ ଏକ ଛୋଟ କାର୍ଯ୍ୟକ୍ରମରେ ଅର୍ଥାତ ୫ ଜଣ ବ୍ୟକ୍ତିଙ୍କ ସହିତ ଯୋଗଦେବାକୁ କହିଥିଲେ। ଏହା ବ୍ୟତୀତ ପିସିସି ସଭାପତି ତାଙ୍କ ବିରୋଧରେ ଅନେକ ଗୁରୁତର ଅଭିଯୋଗ ପାଇବା ପରେ, ତାଙ୍କ କାର୍ଯ୍ୟକ୍ରମକୁ ସ୍ଥଗିତ ରଖିବାକୁ କୁହାଯାଇଥିଲା। ମାତ୍ର ନୂଆପାଡ଼ାରେ ହେବାକୁ ଥିବା ଉପ-ନିର୍ବାଚନରେ ପିସିସି ସଭାପତି ବ୍ୟସ୍ତ ରହୁଥିବାରୁ ବର୍ତ୍ତମାନ ତାଙ୍କୁ ଯୋଗଦେବାକୁ ଅନୁମତି ଦେବା ସମ୍ଭବ ନୁହେଁ ବୋଲି ତାଙ୍କୁ କୁହାଯାଇଥିଲା। ଏହା ସତ୍ତ୍ୱେ ସେ ଦଳରେ ୧୫ରେ ଯୋଗ ଦେବାକୁ ଜିଦ୍ ଧରିଥିଲେ। ଯେହେତୁ ତାଙ୍କୁ ବହୁ ପୂର୍ବରୁ ସୂଚନା ଦିଆଯାଇଥିଲା, ତେଣୁ ସେ ଏହାକୁ ସ୍ଥଗିତ ରଖିବା ଉଚିତ୍ ଥିଲା। ଏହାସହ ସେ ଦଳକୁ ବଳପୂର୍ବକ ପ୍ରବେଶ କରିବାକୁ ବାଛିଛନ୍ତି। ଏହା ଦେଶର ସର୍ବପୁରାତନ ରାଜନୈତିକ ଦଳର ମନୋବଳ ଏବଂ ନିୟମ ବୋରିଧୀ। ଯଦି ଜଣେ ବ୍ୟକ୍ତି ତାଙ୍କ ନିଯୁକ୍ତି ପୂର୍ବରୁ ଦଳର ନେତୃତ୍ୱକୁ ଅବମାନନା କରିବାକୁ ଜିଦ୍ ଧରିଛନ୍ତି, ତେବେ ସେ ସଂଗଠନର ଜଣେ ଶୃଙ୍ଖଳିତ ସୈନିକ ଭାବରେ କାର୍ଯ୍ୟ କରିବେ ବୋଲି କେହି କିପରି ଆଶା କରିପାରିବେ ବୋଲି ଶ୍ରୀ ଦାସ ପ୍ରଶ୍ନ କରିଛନ୍ତି।



### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୨୫
- ପାଉଣ୍ଡ ୧୦୨.୦୫
- ୟୁରୋ ୧୧୮.୩୮
- ୟେନ୍ ୦.୫୮


### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୮,୧୫୦ (ନୂଆଦିଲ୍ଲୀ)
- ରୁପା : ୧,୧୮,୧୫୦ (କେଜି)

### ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୨,୬୦୫.୦୦
- ନିଫ୍ଟି ୨୫,୩୨୩.୦୦



### ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



## ସରକାରୀ ରିପୋର୍ଟରେ ଖୋଲିଲା କର୍ମଚାରୀଙ୍କ ସାମାଜିକ ସୁରକ୍ଷା ପୋଲ୍

# ୫୦% ପିଏଫ୍ ଆକାଉଣ୍ଟରେ ୨୦ ହଜାରରୁ କମ୍ ବାଲାନ୍ସ




### ବାରମ୍ବାର ଅର୍ଥ ଉଠାଣ ଯୋଗୁଁ କୋଟି କୋଟି କର୍ମଚାରୀଙ୍କ ପିଏଫ୍ ଖାତା ଖାଲି

### ୭୫ ପ୍ରତିଶତ ସଦସ୍ୟଙ୍କ ଖାତାରେ ରହିଛି ୫୦ ହଜାରରୁ ବି କମ୍ ଟଙ୍କା

### ଅବସରବେଳକୁ ୮୭%ରୁ କମ୍ ସଦସ୍ୟଙ୍କ ଆକାଉଣ୍ଟରେ ୧ ଲକ୍ଷରୁ କମ୍ ବାଲାନ୍ସ

### ଛୋଟ ଛୋଟ ଆବଶ୍ୟକତା ପାଇଁ ଟଙ୍କା ଉଠାଣ ଅଭ୍ୟାସ ହୋଇଛି ବୁମେରାଂ

**ନୂଆଦିଲ୍ଲୀ,୧୫।୧୦(ଏଜେନ୍ସି):** କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ(ଇପିଏଫ୍‌ଓ) ଏହାର ସଦସ୍ୟମାନଙ୍କୁ ଅବସରକାଳୀନ ସାମାଜିକ ସୁରକ୍ଷା ପାଇଁ ଯୋଗାଇଦେଇଥାଏ। ସେଥିପାଇଁ ସଦସ୍ୟନଙ୍କୁ ସେମାନଙ୍କର ବେତନରୁ ଇପିଏଫ୍ ଆକାଉଣ୍ଟରୁ ପ୍ରତି ମାସରେ ନିର୍ଦ୍ଦିଷ୍ଟ ପରିମାଣର ଆର୍ଥିକ ଯୋଗଦାନ ଦେବାକୁ ପଡିଥାଏ। ଜରୁରୀ ଅଥବା ଅବସରରେ ପରେ ସଦସ୍ୟମାନେ ସେହି ଅର୍ଥକୁ ଇପିଏଫ୍ ପାଣ୍ଠିରୁ ଉଠାଇ ନେଇଥାନ୍ତି। ଏଥିରେ ପରିତାପର ବିଷୟ ହେଉଛି ଯେ, ଅବସର ବେଳକୁ ଇପିଏଫ୍‌ଓ ସଦସ୍ୟଙ୍କ ଆକାଉଣ୍ଟ ଖାଲି। ବିଶେଷକରି ଛୋଟ ଛୋଟ ଆବଶ୍ୟକତା ପାଇଁ ଆକାଉଣ୍ଟରୁ ବାରମ୍ବାର ଅର୍ଥ ଉଠାଣ ଯୋଗୁ କୋଟି କୋଟି କର୍ମଚାରୀଙ୍କ ପିଏଫ୍ ଖାତା ଅବସର ବେଳକୁ ଖାଲି ହୋଇଯାଇଛି। ସମ୍ପ୍ରତି କେନ୍ଦ୍ର ସରକାରଙ୍କ ପକ୍ଷରୁ ପ୍ରକାଶିତ ଏକ ତଥ୍ୟରେ ଏହା କୁହାଯାଇଛି। ପରିସ୍ଥିତି ଏମିତି ହୋଇଛି ଯେ, ୫୦% ଇପିଏଫ୍‌ଓ ସଦସ୍ୟଙ୍କ ଭବିଷ୍ୟନିଧି ପାଣ୍ଠି ଖାତାରେ ୨୦ ହଜାର ଟଙ୍କାରୁ ବି କମ୍ ବାଲାନ୍ସ ରହିଛି। ଅପରପକ୍ଷେ ୭୫% ସଦସ୍ୟଙ୍କ ଖାତାରେ ୫୦ ହଜାର ଟଙ୍କାରୁ କମ୍ ଏବଂ ଅବସରବେଳକୁ ୮୭%ରୁ କମ୍ ସଦସ୍ୟଙ୍କ ଆକାଉଣ୍ଟରେ ୧ ଲକ୍ଷରୁ କମ୍ ବାଲାନ୍ସ ଅର୍ଥ ରହିଥିବା ରିପୋର୍ଟରେ ଦର୍ଶାଯାଇଛି।

ରିପୋର୍ଟରେ କୁହାଯାଇଛି ଯେ, ଇପିଏଫ୍‌ଓ ସଦସ୍ୟଙ୍କ ପିଏଫ୍ ପାଣ୍ଠିର ଏପରି ପରିସ୍ଥିତି ଦର୍ଶାଉଛି ଯେ ଅଧିକାଂଶ ଲୋକ ସେମାନଙ୍କର ବୃଦ୍ଧାବସ୍ଥା ପାଇଁ ଯଥେଷ୍ଟ ଅର୍ଥ ସଞ୍ଚୟ କରୁନାହାଁନ୍ତି। ଛୋଟ ଛୋଟ ଆବଶ୍ୟକତା ପାଇଁ ବାରମ୍ବାର ଟଙ୍କା ଉଠାଇବାର ଅଭ୍ୟାସ ସେମାନଙ୍କର ଅବସର ପାଣ୍ଠିର ବାଲାନ୍ସକୁ ହ୍ରାସ କରୁଛି। ଏହି ତଥ୍ୟ ଏବେ ଅଣସଂଗଠିତ କ୍ଷେତ୍ରର ଯେ କୌଣସି କର୍ମଜୀବୀଙ୍କୁ ଚିନ୍ତିତ କରିବା ଭଳି ହୋଇଛି। ଆର୍ଥିକ କ୍ଷେତ୍ରର କେତେକ ବିଶେଷଜ୍ଞଙ୍କ ମତରେ ଇପିଏଫ୍‌ଓ ଅର୍ଥ ଉଠାଣ ନିୟମ ସରଳ ହେବା ଏବଂ ଏଥିପାଇଁ ରହିଥିବା ସୀମା ବୃଦ୍ଧି ହେବା ଯୋଗୁ ଅନେକ କର୍ମଚାରୀ ଛୋଟ ଛୋଟ ଆବଶ୍ୟକତା ପୂରଣ ପାଇଁ ବାଲାନ୍ସ ଅର୍ଥ ଉଠାଇ ନେଉଛନ୍ତି। ଫଳରେ ସେମାନଙ୍କର ପିଏଫ୍ ଖାତା ଅବସର ନେବା ବେଳକୁ ଖାଲି ହୋଇଯାଉଛି। ଏକ ରିପୋର୍ଟ ଅନୁଯାୟୀ, ନିଜର ପିଏଫ୍ ଆକାଉଣ୍ଟରୁ ଆଂଶିକ ଅର୍ଥ ଉଠାଣ ପାଇଁ ଗତ ବର୍ଷ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନକୁ ପ୍ରାୟ ୭ କୋଟି କର୍ମଚାରୀ ଆବେଦନ କରିଥିଲେ,ସେଥିରୁ ୬ କୋଟି କର୍ମଚାରୀଙ୍କର ଆବେଦନ ମଞ୍ଜୁର କରାଯାଇଥିଲା।

ଯଦିବା ନିକଟରେ କର୍ମଚାରୀମାନଙ୍କର ସଞ୍ଚୟ ଅଭ୍ୟାସକୁ ପ୍ରୋତ୍ସାହିତ କରିବା ଏବଂ ସେମାନଙ୍କର ଅବସରକାଳୀନ ପାଣ୍ଠିକୁ ସୁଦୃଢ଼ କରିବା ପାଇଁ କେନ୍ଦ୍ର ଶ୍ରମ ମନ୍ତ୍ରୀ ମନସୁଖ ମଣ୍ଡାଭିଆଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କେନ୍ଦ୍ରୀୟ ଟ୍ରଷ୍ଟି ବୋର୍ଡ ବୈଠକରେ ଅନେକ ବଡ଼ ନିଷ୍ପତ୍ତି ନିଆଯାଇଛି। ଏଥିରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ପରିବର୍ତ୍ତନ ହେଉଛି ସମ୍ପୂର୍ଣ୍ଣ ରାଶିର ସମୟ ପୂର୍ବରୁ ଉଠାଣ ପାଇଁ ରଖାଯାଇଥିବା ନିୟମ। ଏଣିକି ପ୍ରତ୍ୟେକ ପିଏଫ୍ ଆକାଉଣ୍ଟରେ ସର୍ବନିମ୍ନ ୨୫% ଅର୍ଥ ବାଲାନ୍ସ ରଖିବା ବାଧ୍ୟତାମୂଳକ ହେବ। ଏହାର ଅର୍ଥ ହେଉଛି ଆପଣ ଆପଣଙ୍କର ଆକାଉଣ୍ଟକୁ ସମ୍ପୂର୍ଣ୍ଣ ଭାବରେ ଖାଲି କରିପାରିବେନାହିଁ। ଯଦି ଆପଣ ଚାକିରି ଛାଡିବା ପରେ ଆପଣଙ୍କର ସମ୍ପୂର୍ଣ୍ଣ ପିଏଫ୍ ବାଲାନ୍ସ ଉଠାଇବାକୁ ଚାହାଁନ୍ତି, ତେବେ ଆପଣଙ୍କୁ ଏବେ ୨ ମାସ ବଦଳରେ ୧୨ ମାସ ଅପେକ୍ଷା କରିବାକୁ ପଡିବ। ଏହାଛଡା ପେନସନ ପାଣ୍ଠି ଉଠାଣ ପାଇଁ ଅପେକ୍ଷା ଅବଧି ୨ ମାସରୁ ୩୬ ମାସ କିମ୍ବା ୩ ବର୍ଷକୁ ବୃଦ୍ଧି କରାଯାଇଛି। ଏହି ନିଷ୍ପତ୍ତି ନେବାର ମୁଖ୍ୟ ଉଦ୍ଦେଶ୍ୟ ହେଉଛି, ୭୫% ପେନସନ ଯୋଜନାରେ ସଦସ୍ୟ ସେମାନଙ୍କର ସମସ୍ତ ପାଣ୍ଠି ତୁରନ୍ତ ଉଠାଣ କରିଦେଇଥାନ୍ତି, ଯାହା ଫଳରେ ସେମାନଙ୍କର ବୃଦ୍ଧାବସ୍ଥା ଅସୁରକ୍ଷିତ ହୋଇଯାଏ।

## ଜବତ ସମ୍ପତ୍ତିର ହିସାବ ଦେଉନାହାନ୍ତି ଭାରତୀୟ ବ୍ୟାଙ୍କ: ମାଲ୍ୟା

**ନୂଆଦିଲ୍ଲୀ,୧୫।୧୦(ଏଜେନ୍ସି):** ପଞ୍ଜାବ ନ୍ୟାସନାଲ ବ୍ୟାଙ୍କ(ପିଏନ୍‌ବି)ରେ ୧୪ ହଜାର କୋଟିରୁ ଅଧିକ ଟଙ୍କାର ଘୋଟାଲା କରିଥିବା ପଳାତକ ବିଜୟ ମାଲ୍ୟାଏବେ ଭାରତୀୟ ବ୍ୟାଙ୍କଗୁଡିକ ବିରୋଧରେ ଗମ୍ଭୀର ଅଭିଯୋଗ ଆଣିଛନ୍ତି। ବର୍ତ୍ତମାନ ବିଜୟ ମାଲ୍ୟା ଏବଂ ବ୍ୟାଙ୍କଗୁଡ଼ିକ ମଧ୍ୟରେ ଆଇନଗତ ଲଢ଼େଇ ଜାରି ରହିଛି। ଠିକ୍ ଏହି ସମୟରେ ମାଲ୍ୟା ସୋସିଆଲ ମିଡିଆରେ ବ୍ୟାଙ୍କଗୁଡ଼ିକ ଉପରେ ରୋପ ଲଗାଇଛନ୍ତି। ଏହି ଘଟଣା ମାଲ୍ୟାଙ୍କ ସମ୍ପତ୍ତିରୁ ବ୍ୟାଙ୍କଗୁଡ଼ିକ ଅର୍ଥ ଅସୁଲ ସହିତ ଜଡିତ। ମାଲ୍ୟାଙ୍କ ଅଭିଯୋଗ ହେଉଛି ଭାରତୀୟ ସରକାରୀ ବ୍ୟାଙ୍କଗୁଡ଼ିକ ତାଙ୍କ ସମ୍ପତ୍ତିରୁ ହୋଇଥିବା ଅସୁଲ ଅର୍ଥ ସମ୍ପର୍କରେ ସମ୍ପୂର୍ଣ୍ଣ ଏବଂ ସଠିକ୍ ହିସାବ ପ୍ରଦାନ କରୁନାହାଁନ୍ତି। ମାଲ୍ୟା କହିଛନ୍ତି ଯେ କେନ୍ଦ୍ର ଅର୍ଥମନ୍ତ୍ରୀ ବ୍ୟାଙ୍କଗୁଡ଼ିକୁ ୧୪,୧୦୦ କୋଟି ଟଙ୍କା ଫେରାଇବା ପାଇଁ ଆନୁଷ୍ଠାନିକ ଭାବରେ ନିଶ୍ଚିତ କରିବା ପରେ ମଧ ବ୍ୟାଙ୍କଗୁଡ଼ିକ ଜନସାଧାରଣଙ୍କୁ ଆଦାୟର ପ୍ରକୃତ ବିବରଣୀ ପ୍ରକାଶ କରିବାରେ ବିଫଳ ହୋଇଛନ୍ତି। ମାଲ୍ୟା 'ଏକ୍ସ'ରେ ଏକ ପୋଷ୍ଟରେ କହିଛନ୍ତି ଯେ ସେମାନଙ୍କୁ ସେମାନଙ୍କର ଅବହେଳା ପାଇଁ ଲଜ୍ଜିତ ହେବା ଉଚିତ। ଯେ ପର୍ଯ୍ୟନ୍ତ ବ୍ୟାଙ୍କଗୁଡ଼ିକ ଆଦାୟର ସମ୍ପୂର୍ଣ୍ଣ ବିବରଣୀ ସାର୍ବଜନୀନ ନ କରନ୍ତି ସେ ପର୍ଯ୍ୟନ୍ତ ସେ ୟୁକେରେ କୌଣସି ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ନାହିଁ।

## ବଡ଼ ସରକାରୀ ବ୍ୟାଙ୍କ ସହ କ୍ଷୁଦ୍ର ବ୍ୟାଙ୍କର ହେବ ମିଶ୍ରଣ

**ନୂଆଦିଲ୍ଲୀ,୧୫।୧୦(ଏଜେନ୍ସି):** ଦେଶର ବଡ଼ ରାଷ୍ଟ୍ରାୟତ୍ତ ବା ସରକାରୀ ବ୍ୟାଙ୍କ ସହ ଅନେକ କ୍ଷୁଦ୍ର ବ୍ୟାଙ୍କର ମିଶ୍ୟଣ ଘଟିବ। ସରକାରୀ ସୂତ୍ରରୁ ଏ ସମ୍ପର୍କରେ ଏକ ରିପୋର୍ଟ ପ୍ରକାଶ ପାଇଛି। କେନ୍ଦ୍ର ସରକାର ଛୋଟ-ଛୋଟ ଅନେକ ସରକାରୀ ବ୍ୟାଙ୍କ ବଦଳରେ କିଛି ବଡ଼ ସରକାରୀ ବ୍ୟାଙ୍କ ସୃଷ୍ଟି କରିବାକୁ ଚାହୁଁଛନ୍ତି। ଦେଶର ଆର୍ଥିକ କ୍ଷେତ୍ରରେ ସଂସ୍କାର ଦୃଷ୍ଟିରୁ ସରକାର ଏହି ପଦକ୍ଷେପ ଗ୍ରହଣ କରିବାକୁ ଯାଉଛନ୍ତି। ବ୍ୟାଙ୍କ ମିଶ୍ରଣ ଫଳରେ ଦ୍ରୁତ ଗତିରେ ବଢୁଥିବା ଅର୍ଥନୀତିର ଆବଶ୍ୟକତାକୁ ବଡ଼ ବ୍ୟାଙ୍କଗୁଡିକ ପୂରଣ କରିପାରିବେ।

ରିପୋର୍ଟ ଅନୁଯାୟୀ, ଇଣ୍ଡିଆନ୍ ଓଭରସିଜ୍ ବ୍ୟାଙ୍କ, ସେଣ୍ଟ୍ରାଲ୍ ବ୍ୟାଙ୍କ୍ ଅଫ୍ ଇଣ୍ଡିଆ, ବ୍ୟାଙ୍କ୍ ଅଫ୍ ଇଣ୍ଡିଆ, ବ୍ୟାଙ୍କ୍ ଅଫ୍ ମହାରାଷ୍ଟ୍ର ପରି ଛୋଟ ବ୍ୟାଙ୍କର ମିଶ୍ରଣ ପିଏନ୍‌ବି, ବ୍ୟାଙ୍କ୍ ଅଫ୍ ବରୋଦା ଓ ଷ୍ଟେଟ୍ ବ୍ୟାଙ୍କ୍ ଅଫ୍ ଇଣ୍ଡିଆ ପରି ବଡ଼ ବ୍ୟାଙ୍କ ସହ ହୋଇପାରେ। ସୂତ୍ର ଅନୁସାରେ ଯୋଜନା ଉପରେ ପ୍ରଥମେ ବରିଷ୍ଠ ଅଧିକାରୀ କ୍ୟାବିନେଟ୍ ସ୍ତରରେ ଚର୍ଚ୍ଚା କରିବେ। ଏହାପରେ ଯୋଜନାକୁ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ପଠାଯିବ। ସେଠାରେ ଏହା ଉପରେ ବିସ୍ତୃତ ଭାବରେ ଆଲୋଚନା କରାଯିବ। ଏହାପରେ ଚଳିତ ଆର୍ଥିକବର୍ଷରେ ଏହି ଯୋଜନା ଉପରେ ଚୂଡ଼ାନ୍ତ ନିଷ୍ପତ୍ତି ନିଆଯାଇପାରେ। ୨୦୨୬-୨୭ ଆର୍ଥିକବର୍ଷରେ ଏହି ଯୋଜନା ଉପରେ ସମ୍ବନ୍ଧିତ ବ୍ୟାଙ୍କଗୁଡିକଠାରୁ ମତାମତ ନିଆଯାଇପାରେ। ସୂତ୍ର ଅନୁସାରେ ସରକାର ପ୍ରଥମେ ଏ ସମ୍ପର୍କରେ ସହମତି ଆଣିବାକୁ ଚାହୁଁଛନ୍ତି। ଏହାପରେ ଆନୁଷ୍ଠାନିକ ଭାବେ ଏ ସଂକ୍ରାନ୍ତରେ ଘୋଷଣା କରାଯିବ। ସୂଚନାଯୋଗ୍ୟ ଯେ, ସରକାର ୨୦୧୭ ଓ ୨୦୨୦ ମଧ୍ୟରେ ୧୦ କ୍ଷୁଦ୍ର ସରକାରୀ ବ୍ୟାଙ୍କକୁ ଚାରି ବଡ଼ ସରକାରୀ ବ୍ୟାଙ୍କରେ ମିଶ୍ରଣ କରାଇଥିଲେ। ଏହାପରେ ସରକାରୀ ବ୍ୟାଙ୍କ ସଂଖ୍ୟା ୨୭ରୁ ହ୍ରାସ ହୋଇ ୧୨ ହୋଇଥିଲା। ସେତେବେଳେ ଓରିଏଣ୍ଟାଲ୍ ବ୍ୟାଙ୍କ ଅଫ୍ କମର୍ସ ଓ ୟୁନାଇଟେଡ୍ ବ୍ୟାଙ୍କ ଅଫ୍ ଇଣ୍ଡିଆକୁ ପିଏନ୍‌ବିରେ ବିଲୟ କରାଯାଇଥିଲା। ଏହାଛଡା କାନାରା ବ୍ୟାଙ୍କ ସହ ସିଣ୍ଡିକେଟ୍ ବ୍ୟାଙ୍କର ମିଶ୍ରଣ ହୋଇଥିଲା। ତେବେ ସରକାର ନୀତି ଆୟୋଗଙ୍କ ସୁପାରିଶର ବିପରୀତରେ ଯାଉଥିବା ପରିଲକ୍ଷିତ ହେଉଛି। ନୀତି ଆୟୋଗ ଆଇଓବି ଓ ସେଣ୍ଟ୍ରାଲ ବ୍ୟାଙ୍କ ଅଫ୍ ଇଣ୍ଡିଆ ପରି କ୍ଷୁଦ୍ର ବ୍ୟାଙ୍କର ଘରୋଇକରଣ ପାଇଁ ସୁପାରିଶ କରିଥିଲା। ଏହି ଖବରର ପ୍ରଭାବ ଆଜି ସରକାରୀ ବ୍ୟାଙ୍କଗୁଡିକର ସେୟାର ମୂଲ୍ୟରେ ଦେଖିବାକୁ ମିଳିଛି। ଫଳସ୍ୱରୂପ ନିଫ୍ଟି ପିଏସ୍‌ୟୁ ବ୍ୟାଙ୍କ ଇଣ୍ଡେକ୍ସରେ ୧.୬୭ ପ୍ରତିଶତ ବୃଦ୍ଧି ଘଟିଛି। ସବୁଠାରୁ ଅଧିକ ୪.୨୨ ପ୍ରତିଶତ ବୃଦ୍ଧି ଆଇଓବି ବ୍ୟାଙ୍କ ସେୟାର ମୂଲ୍ୟରେ ଦେଖିବାକୁ ମିଳିଥିଲା। ଏହାପଛକୁ ବ୍ୟାଙ୍କ୍ ଅଫ୍ ଇଣ୍ଡିଆ ସେୟାରରେ ୧.୬୪ ପ୍ରତିଶତ, କାନାରା ବ୍ୟାଙ୍କ ସେୟାର ମୂଲ୍ୟରେ ୨.୫୫ ପ୍ରତିଶତ ଏବଂ ୟୁନିଅନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ସେୟାରରେ ୧.୭୮ ପ୍ରତିଶତ ବୃଦ୍ଧି ଦେଖିବାକୁ ମିଳିଛି।

## ଭାରତ ବିରୁଦ୍ଧରେ ଡବ୍ଲ୍ୟୁଟିଓରେ ଫେରାଦ ହେଲା ଚୀନ୍

**ବେଜିଂ,୧୫।୧୦(ଏଜେନ୍ସି):** ଭାରତ ବିରୁଦ୍ଧରେ ବିଶ୍ୱ ବାଣିଜ୍ୟ ସଂଗଠନ(ଡବ୍ଲ୍ୟୁଟିଓ)ରେ ଫେରାଦ ହୋଇଛି ଚୀନ। ଭାରତ ଇଭି ଓ ବ୍ୟାଟେରୀ ଉତ୍ପାଦାନ କ୍ଷେତ୍ରରେ ଯେଉଁ ସବ୍‌ସିଡି ଦେଉଛି ଏଥିରେ କେବଳ ଘରୋଇ କମ୍ପାନୀଗୁଡ଼ିକୁ ପ୍ରତିଯୋଗିତାମୂଳକ ଫାଇଦା ମିଳୁଛି। ଯାହାଦ୍ୱାରା ଚୀନର ସ୍ୱାର୍ଥ ହାନୀ ହେଉଛି। ତେଣୁ ଭାରତ ତୁରନ୍ତ ଏହାର ତ୍ରୁଟି ସଂଶୋଧନ କରୁ ବୋଲି ଚୀନ୍‌ର ବାଣିଜ୍ୟ ମନ୍ତ୍ରଣାଳୟ କହିଛି। ମନ୍ତ୍ରଣାଳୟ ଆହୁରି ମଧ କହିଛି ଯେ ଚୀନ୍ ଏହାର ଘରୋଇ ଶିଳ୍ପଗୁଡ଼ିକର ବୈଧ ଅଧିକାର ଏବଂ ସ୍ୱାର୍ଥକୁ ସୁରକ୍ଷା ଦେବା ପାଇଁ ଦୃଢ଼ ପଦକ୍ଷେପ ନେବ। ଅନ୍ତର୍ଜାତୀୟ ବାଣିଜ୍ୟରେ ଚୀନ୍‌ର ଜାତୀୟ ସ୍ୱାର୍ଥକୁ ଦୁର୍ବଳ କରିବା ପାଇଁ ଭାରତ ‹ଅନୁଚିତ ପ୍ରତିଯୋଗିତାମୂଳକ ସୁବିଧା' ପଦକ୍ଷେପ ନେଉଛି ବୋଲି ଚୀନ ଦାବି କରିଛି।

ବର୍ତ୍ତମାନ ଇଭି ବଜାରକୁ ଦେଖିଲେ ମାର୍କେଟ ଉପରେ ଗବେଷଣା କରୁଥିବା ସଂସ୍ଥା ରୋ ମୋସନ୍ ତଥ୍ୟ ଅନୁଯାୟୀ, ଚୀନ୍ ବିଶ୍ୱର ପ୍ରାୟ ଦୁଇ-ତୃତୀୟାଂଶ ଇଭି ବିକ୍ରି କରୁଛି। ଯାହା ପ୍ରାୟ ୧.୩ ନିୟୁତ ୟୁନିଟ୍ ହେବ। ଭାରତ ସବ୍‌ସିଡି ମାଧ୍ୟମରେ କମ୍ପାନୀଗୁଡ଼ିକୁ ପ୍ରତିଯୋଗିତା ମୂଳକ ଫାଇଦା ଦେଲେ ଅଧିକ କମ୍ପାନୀ ଏ କ୍ଷେତ୍ରରେ ନିବେଶ କରିବେ, ଓ ଉତ୍ପାଦନ ବଢ଼ିବ। ଫଳରେ ଚୀନକୁ ଟକ୍କର ମିଳିବ। ଯେଉଁଥିପାଇଁ ଚୀନର ଚିନ୍ତା ବଢ଼ିଯାଇଛି। ଏପଟେ ଭାରତ ଏକ ନ୍ୟାସନାଲ କ୍ରିଟିକାଲ୍ ମିନେରାଲ୍ ଷ୍ଟକପାଇଲ୍ (ଏନ୍‌ସିଏମ୍‌ଏସ୍) କାର୍ଯ୍ୟକ୍ରମ ଆରମ୍ଭ କରିବ ବୋଲି ଗଣମାଧ୍ୟମରେ ରିପୋର୍ଟ ପ୍ରକାଶ ପାଇଛି। ଦେଶରେ ବିରଳ ପୃଥିବୀ ଉପାଦାନର ଉପଲବ୍ଧତା ସୁନିଶ୍ଚିତ କରିବା ଏହି କାର୍ଯ୍ୟକ୍ରମ ମୁଖ୍ୟ ଲକ୍ଷ୍ୟ। ଏହି ବିରଳ ପୃଥିବୀ

**ଇଭି ଓ ବ୍ୟାଟେରୀ ଉତ୍ପାଦନରେ ସବ୍‌ସିଡିକୁ ନେଇ କେଁ**

ଖଣିଜ ପଦାର୍ଥଗୁଡ଼ିକ ଇଭି, ୱିଣ୍ଡ ଟର୍ବାଇନ ଏବଂ ଅନ୍ୟାନ୍ୟ ଗ୍ରୀନ ଏନର୍ଜି ଟେକ୍ନୋଲୋଜୀର ବିକାଶ ପାଇଁ ଅତ୍ୟାବଶ୍ୟକ ପଡ଼ିଥାଏ। ବର୍ତ୍ତମାନ ରେୟାର ଆର୍ଥ ମ୍ୟାଟେରିଆଲ୍ର ବିଶ୍ୱ ଯୋଗାଣର ଚୀନର ଅଧିପତ୍ୟ ୯୦% ରହିଛି। ତେଣୁ ଚୀନ ମନ ଇଚ୍ଛା ଏହା ଉପରେ କଟକଣା ଲଗାଇ ବିଶ୍ୱକୁ ହଇରାଣ କରୁଛି। ଆଉ ଯଦି ଭାରତର ଏହି ପ୍ରୋଗ୍ରାମ ସଫଳ ହେଲା ତେବେ ଚୀନକୁ କଡ଼ା ଟକ୍କର ମିଳିବ। ଏହି ସମ୍ଭାବନାକୁ ଦେଖି ଆମେରିକା ଚୀନ ଠାରୁ ବିମୁଖ ହୋଇ ଭାରତ ଆଡ଼କୁ ମୁହାଁଇଛି। ଏହି ସମୟରେ ଚୀନ ଭାରତ ବିରୁଦ୍ଧରେ ଅଭିଯୋଗ କରି ଅଡୁଆ ସୃଷ୍ଟି କରିବାକୁ ଚେଷ୍ଟା କରୁଛି।

## ଇଣ୍ଡଲ୍‌ଜ ସେଲୁନରେ ଜୈବିକ ସ୍କିନ୍ କେୟାର ବ୍ରାଣ୍ଡ ମିଣ୍ଟ୍ରି ଉନ୍ମୋଚିତ

**ଭୁବନେଶ୍ୱର, ୧୫।୧୦ (ସମିସ):** ଇଣ୍ଡଲ୍‌ଜ ଦି ସେଲୁନରେ ସାର୍କ ଟ୍ୟାଙ୍କ ନିଧିକୃତ ପ୍ରମାଣିତ ଜୈବିକ ସ୍କିନ୍ କେୟାର ବ୍ରାଣ୍ଡ ମିଣ୍ଟ୍ରି ଉନ୍ମୋଚିତ ହୋଇଛି। ଏହି ସ୍କିନ୍ କେୟାର ଏହାର ପାରାବେନ୍-ମୁକ୍ତ ଏବଂ ପରିବେଶ-ସଚେତନ ଫର୍ମୁଲେସନ୍ ପାଇଁ ଜଣାଶୁଣା। ଏହି କାର୍ଯ୍ୟକ୍ରମରେ ପ୍ରସିଦ୍ଧ ବଲିଉଡ୍ ଅଭିନେତ୍ରୀ, ଥ୍ରୀଏକ୍ସ ଟିଇଡି ସ୍ପିକର୍, ସାର୍ଟିଫାଏଡ୍ ଏନଏଲପି ଲାଇଫ୍ କୋଚ୍ ଏବଂ ତନ୍ନାଜ୍ ଇରାନି ଏକାଡେମୀର ପ୍ରତିଷ୍ଠାତା ତନ୍ନାଜ୍ ଇରାନି ଯୋଗ ଦେଇଥିଲେ। ତାଙ୍କ ସହିତ ୟୁଏମଏସଏଲ ଲିମିଟେଡ୍‌ର ଉପାଧ୍ୟକ୍ଷ ପରମିତା ପଣ୍ଡା, ମିଣ୍ଟ୍ରିର ସିଇଓ ଆଶିଷ ଦେଓ୍ୱାନୀ ଏବଂ ଇଣ୍ଡଲ୍ଜ ଦି ସାଲୁନ୍‌ର ପ୍ରତିଷ୍ଠାତା ସୁକୀର୍ତ୍ତୀ ପଟ୍ଟନାୟକ ଯୋଗଦେଇ ଏହାକୁ ଉନ୍ମୋଚନ କରିଥିଲେ। ଏହି ଅବସରରେ ପ୍ରତିଷ୍ଠାତା ଶ୍ରୀମତୀ ପଟ୍ଟନାୟକ ଓଡି ସୋସିଆଲ ନାମ ବଦଳାଇ ଇଣ୍ଡି ଭର୍ସ କରାଗଲା ବୋଲି ଘୋଷଣା କରିଥିଲେ।

## ଏସ୍‌ବିଆଇ ଜେନେରାଲ୍ ଇନ୍‌ସ୍ୟୁରାନ୍ସ ପକ୍ଷରୁ 'ମେରି ପଲିସି ମେରେ ହାଥ' ଅଭିଯାନ

**ଭୁବନେଶ୍ୱର,୧୫।୧୦(ସମିସ):** ଦୁଇ ପ୍ରମୁଖ ଜାତୀୟ ସ୍ତରୀୟ ଅଭିଯାନ ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନା ଅଧୀନରେ ଥିବା ମେରି ପଲିସି ମେରେ ହାଥ ଓ ବିକଶିତ କୃଷି ସଂକଳ୍ପ ଅଭିଯାନ ପାଇଁ ଦେଶର ଅଗ୍ରଣୀ ଜେନେରାଲ୍ ଇନସ୍ୟୁରାନ୍ସ କମ୍ପାନୀ ଏସ୍‌ବିଆଇ ଜେନେରାଲ୍ ଇନସ୍ୟୁରାନ୍ସ ଭାରତ ସରକାରଙ୍କ କୃଷି ଓ କୃଷକ କଲ୍ୟାଣ ମନ୍ତ୍ରଣାଳୟ ସହିତ ସହଯୋଗିତା ସ୍ଥାପନ କରିଛି। ଏହି ଅଭିଯାନଗୁଡ଼ିକର ଲକ୍ଷ୍ୟ ହେଉଛି ଓଡ଼ିଶା, ମଧ୍ୟପ୍ରଦେଶ, ଉତରପ୍ରଦେଶ,ଉତରାଖଣ୍ଡ, ଆନ୍ଧ୍ରପ୍ରଦେଶ, ଆସାମ, ତାମିଲନାଡୁ ଓ କର୍ଣ୍ଣାଟକ ଭଳି ପ୍ରମୁଖ ରାଜ୍ୟରେ ଖରିଫ ଋତୁରେ ଭାରତୀୟ କୃଷି ସମୁଦାୟକୁ ସଶକ୍ତ ଓ ସମର୍ଥନ କରିବା। ଏସ୍‌ବିଆଇ ଜେନେରାଲ୍ ଇନ୍‌ସ୍ୟୁରାନ୍ସ ଫସଲ ବୀମା ସଚେତନତାର ପ୍ରସାର କରିବା ଏବଂ ଦେଶବ୍ୟାପୀ ସ୍ଥାୟୀ କୃଷି ଅଭିବୃଦ୍ଧିକୁ ସକ୍ଷମ କରିବାକୁ ଲକ୍ଷ୍ୟ ରଖିଛି।

## ଯାଜପୁରରେ ପିଏନ୍‌ବି ମେଟ୍‌ଲାଇଫ୍‌ର ନୂଆ ଶାଖା

**ଭୁବନେଶ୍ୱର, ୧୫।୧୦(ସମିସ):** ଜୀବନ ବୀମା କମ୍ପାନୀ ପିଏନ୍‌ବି ମେଟ୍‌ଲାଇଫ ଇଣ୍ଡିଆ ଇନସ୍ୟୁରାନ୍ସ କମ୍ପାନୀ ଲିମିଟେଡ (ପିଏନ୍‌ବି ମେଟ୍‌ଲାଇଫ୍) ଯାଜପୁରରେ ଏହାର ଏକ ନୂଆ ଶାଖା ଖୋଲିଛି। ଏହି ସମ୍ପ୍ରସାରଣ ସହିତ କମ୍ପାନୀର ସମ୍ପ୍ରତି ଓଡ଼ିଶାରେ ମୋଟ ଶାଖା ସଂଖ୍ୟା ୧୦ରେ ପହଞ୍ଚିଛି। ଏହି ଶାଖା ଉଦ୍‌ଘାଟନ ପଲିସୀ ସେବାଗୁଡିକ ଏବଂ ବିଶ୍ୱସନୀୟ ପରାମର୍ଶ ଗ୍ରାହକ ଯେଉଁଠାରେ ଥିଲେ ମଧ୍ୟ ସେମାନଙ୍କ ନିକଟରେ ପହଞ୍ଚାଇ ବୀମାକୁ ଅଧିକ ସୁଲଭ୍ୟ କରାଇବା ନିମନ୍ତେ କମ୍ପାନୀର ପ୍ରତିବଦ୍ଧତାକୁ ପ୍ରତିଫଳିତ କରୁଛି। ଏ ସମ୍ପର୍କରେ ପିଏନ୍‌ବି ମେଟ୍‌ଲାଇଫ୍‌ର ଏମ୍‌ଡି ଓ ସିଇଓ ସମୀର ବନ୍‌ସଲ୍ କହିଛନ୍ତି ଯେ, ବିଶ୍ୱାସ ସର୍ବଦା ପିଏନ୍‌ବି ମେଟ୍‌ଲାଇଫର ଗ୍ରାହକଙ୍କ ସହିତ ସମ୍ପର୍କର ମୂଳଦୁଆ ହୋଇ ରହିଆସିଛି। ସମ୍ପ୍ରତି ସମଗ୍ର ଭାରତରେ ୧୭୨ଟି ଶାଖା ସହିତ ଆମେ କେବଳ ଆମର ପହଞ୍ଚକୁ ପରିବ୍ୟାପ୍ତ କରୁନାହୁଁ, ବରଂ ତାହାସହିତ ଗ୍ରାହକମାନେ ପ୍ରତ୍ୟେକ ସୋପାନରେ ଆମ ଉପରେ ନିର୍ଭର କରିପାରିବେ, ସେହି ଭରସାକୁ ମଧ୍ୟ ସୁଦୃଢ କରୁଛୁ।

## ଓଡ଼ିଶା୩୬୦ଡଟ୍‌କମ୍ ପୋର୍ଟାଲ୍‌ର ଶୁଭାରମ୍ଭ



**ଭୁବନେଶ୍ୱର, ୧୫।୧୦(ସମିସ):** ବାଟୋଇ ସିଷ୍ଟମ୍ସର ଏକ ପ୍ରମୁଖ ଡିଜିଟାଲ ସେବା ଓଡ଼ିଶା୩୬୦ଡଟ୍‌କମ୍ ପକ୍ଷରୁ ଆନୁଷ୍ଠାନିକ ଭାବେ ଏହାର ନୂଆ ଇଣ୍ଟିଗ୍ରେଟେଡ ପୋର୍ଟାଲର ଶୁଭାରମ୍ଭ କରାଯାଇଛି। ଏହି ନୂଆ ପ୍ଲାଟଫର୍ମରେ ଓଡ଼ିଶାର ବ୍ୟବସାୟ ଡିରେକ୍ଟୋରି, ବଜାର, ନିଯୁକ୍ତି ତାଲିକା, ଭ୍ରମଣ ବିକଳ୍ପ, କାର୍ଯ୍ୟକ୍ରମ କ୍ୟାଲେଣ୍ଡର ଏବଂ ପବ୍ଲିକେସନକୁ ଏକ ଉପଭୋକ୍ତା-ଅନୁକୂଳ ଡିଜିଟାଲ ବ୍ୟବସ୍ଥାରେ ଏକତ୍ରିତ କରାଯାଇଛି, ଯାହାଦ୍ୱାରା ଉପଭୋକ୍ତାମାନେ ଏ ସମସ୍ତ ସୁବିଧାକୁ ଗୋଟିଏ ସ୍ଥାନରେ ସହଜରେ ପାଇପାରିବେ। ଏ ସମ୍ପର୍କରେ ଓଡ଼ିଶା୩୬୦ ଏବଂ ବାଟୋଇର ସିଇଓ ଡ. ଅଶ୍ୱିନୀ କୁମାର ରଥ କହିଛନ୍ତି ଯେ, ଓଡ଼ିଶା୩୬୦ ଓଡ଼ିଶାର ଲୋକ ଓ ସଂଗଠନମାନଙ୍କ ଜୀବନକୁ ସହଜ କରିବା ପାଇଁ ନିର୍ମିତ। ଚାକିରି ଖୋଜିବାଠାରୁ ଆରମ୍ଭ କରି ବ୍ୟବସାୟ ତାଲିକାଭୁକ୍ତ କରିବା କିମ୍ବା ସପ୍ତାହ ଶେଷରେ ଭ୍ରମଣ ଯୋଜନା କରିବା ପର୍ଯ୍ୟନ୍ତ ଯାଞ୍ଚ କରାଯାଇଥିବା ତାଲିକା, ସ୍ୱଚ୍ଛ ମୂଲ୍ୟ ନିର୍ଦ୍ଧାରଣ ଏବଂ ସୁରକ୍ଷିତ ପେମେଣ୍ଟ ସବୁକିଛି କାମ ଗୋଟିଏ ସ୍ଥାନରେ କରିପାରିବେ। ଏହି ପୋର୍ଟାଲରେ ଗୋଷ୍ଠୀ ପାଇଁ ପ୍ରସ୍ତୁତ କରାଯାଇଥିବା ଅନେକ ମୁଖ୍ୟ ବୈଶିଷ୍ଟ୍ୟ ରହିଛି। ନିଯୁକ୍ତି ଓ ଦକ୍ଷତା ବିଭାଗ, ଓଡ଼ିଶା ବଜାର ପାଇଁ ବିଶେଷ ଭାବେ ତିଆରି କରାଯାଇଥିବା ଚାକିରି ତାଲିକା ଏବଂ ରିଜ୍ୟୁମର ଏକ ସନ୍ଧାନଯୋଗ୍ୟ ଡାଟାବେସ ପ୍ରଦାନ କରେ, ଯାହା ନିଯୁକ୍ତିଦାତା ଓ ଚାକିରି ଖୋଜୁଥିବା ଲୋକଙ୍କ ପାଇଁ ନିଯୁକ୍ତି ପ୍ରକ୍ରିୟାକୁ ସରଳ କରିବ। ଏହାର ଓଡ଼ିଶା ଭ୍ରମଣ ବିଭାଗ ସୁରକ୍ଷିତ ପେମେଣ୍ଟ ସହିତ ବିଶ୍ୱସନୀୟ ଟୁର ପ୍ୟାକେଜ, ହୋଟେଲ ବୁକିଂ ଏବଂ ରେଷ୍ଟୋରାଁ ଗାଇଡ ପ୍ରଦାନ କରୁଛି। ଏହା ବ୍ୟତୀତ ଏକ ରାଜ୍ୟବ୍ୟାପୀ ଇଭେଣ୍ଟ ଆୟୋଜକମାନଙ୍କୁ ସେମାନଙ୍କ କାର୍ଯ୍ୟକ୍ରମ ତାଲିକାଭୁକ୍ତ କରିବାକୁ ଏବଂ ଟିକେଟ ପରିଚାଳନା କରିବା ସୁବିଧା ଯୋଗାଇଦେବ।

## ଧନତେରସ ଏବଂ ଦୀପାବଳି ପୂର୍ବରୁ ବଡ଼ ସଙ୍କଟ !

# ଥମୁନି ରୁପା ଦର; କେଜି ୭ ଲକ୍ଷ ଟପିବ !

**ନୂଆଦିଲ୍ଲୀ,୧୫।୧୦(ଏଜେନ୍ସି):** ସାଧାରଣତଃ ଲୋକମାନେ ରୂପାକୁ ସୁନା ଅପେକ୍ଷା କମ୍ ଗୁରୁତ୍ୱ ଦେଇଥାନ୍ତି। ତଥାପି, ଗତ କିଛି ମାସ ମଧ୍ୟରେ ରୁପା ମୂଲ୍ୟରେ ହେଉଥବା ବୃଦ୍ଧି ଏହାକୁ ସୁନା ଦରର ନିକଟତର କରାଇବାକୁ ଯାଉଛି। ରୂପାର ମୂଲ୍ୟ ନିରନ୍ତର ବୃଦ୍ଧି ପାଉଛି, ଯାହା ବର୍ତ୍ତମାନ ସମୟରେ ଆଗକୁ ମଧ୍ୟ ଜାରି ରହିବାର ସମ୍ଭାବନା ଦେଖିବାକୁ ମିଳୁଛି। ଖୁଚୁରା ବଜାରରେ ରୁପା ମୂଲ୍ୟ କିଷଲା ପିଛା ୨ ଲକ୍ଷ ଟଙ୍କା ଅତିକ୍ରମ କରିବା ପରେ ଏ ନେଇ ଏବେ ବଜାର ବିଶେଷଜ୍ଞମାନେ ବଡ଼ ଚେତାବନୀ ଜାରି କରିଛନ୍ତି। ଲଣ୍ଡନ ବଜାରରେ ଯୋଗାଣରେ ଅଭାବ ଏବଂ ଚାହିଦା ବୃଦ୍ଧି ଯୋଗୁଁ ରୂପା ମୂଲ୍ୟ ପ୍ରତି ଆଉନ୍ସ ୫୨ ଡଲାର ଉପରେ ପହଞ୍ଚିଛି, ଯାହା ୧୯୮୦ ପରଠାରୁ ସର୍ବାଧିକ।

ସୁନା ମୂଲ୍ୟ ଆକାଶଛୁଆଁ ହେଉଛି। ରୂପା ମୂଲ୍ୟ ମଧ ଲୋକଙ୍କ ଚିନ୍ତା ବଢ଼ାଇଛି। ବିଶ୍ୱ ବଜାରରେ ଲିକ୍ୟୁଡିଟି ଜନିତ ଚାପ ଏବଂ ଖୁଚୁରା ଚାହିଦା ବୃଦ୍ଧି ଯୋଗୁଁ ରୁପା ମୂଲ୍ୟ ଆହୁରି ଉପରକୁ ବୃଦ୍ଧି ପାଇବ ବୋଲି ବୁଲିୟନ୍ ବଜାରର ବିଶେଷଜ୍ଞମାନେ ବିଶ୍ୱାସ କରୁଛନ୍ତି। ଗୁଡ୍ ରିଟର୍ଣ୍ଣସ ଅନୁଯାୟୀ, ରୂପା ମୂଲ୍ୟ ଆହୁରି ୧୮% ବୃଦ୍ଧି ପାଇପାରେ। ୨୦୨୫ ଶେଷ ସୁଦ୍ଧା ଏହା ପ୍ରତି କିଲୋଗ୍ରାମ ୨.୧୮ ଲକ୍ଷରେ ଟଙ୍କାରେ ପହଞ୍ଚିପାରେ। 'ରିଚ୍ ଡ୍ୟାଡ୍, ପୁଅର୍ ଡ୍ୟାଡ୍'ର ଲେଖକ ଏବଂ ପ୍ରସିଦ୍ଧ ନିବେଶକ ରବର୍ଟ କିଲୋସାକି ରୂପା ମୂଲ୍ୟ ସମ୍ପର୍କରେ ଏକ

### ବର୍ତ୍ତମାନର ଦରଠାରୁ ରୁପା ମୂଲ୍ୟ ୪୦୦% ବୃଦ୍ଧି ପାଇପାରେ

### ଭାଙ୍ଗିଲା ୪୫ ବର୍ଷର ରେକର୍ଡ

### ଭାରତରେ ଚାହିଦା ବଢ଼ିବାରୁ ବ୍ରିଟେନରେ ହଇଚଇ



ଗୁରୁତ୍ୱପୂର୍ଣ୍ଣ ଚେତାବନୀ ଦେଇଛନ୍ତି। କିଲୋସାକିଙ୍କ ଧ୍ୟାନ ବର୍ତ୍ତମାନ ସୁନା ଏବଂ ବିଟକଏନ୍ ଠାରୁ ରୂପା ଆଡ଼କୁ ସ୍ଥାନାନ୍ତରିତ ହୋଇଛି। ସେ ରୁପା ମୂଲ୍ୟରେ ଆଗାମୀ ଦିନରେ ଏକ ବଡ଼ ବିସ୍ଫୋରଣ ହେବାର ପୂର୍ବାନୁମାନ କରିଛନ୍ତି। ସେ ଭବିଷ୍ୟବାଣୀ କରିଛନ୍ତି ଯେ ବର୍ତ୍ତମାନଠାରୁ ରୂପା ମୂଲ୍ୟ ୪୦୦% ବୃଦ୍ଧି ପାଇପାରେ। ଯଦି ତାଙ୍କର ଭବିଷ୍ୟବାଣୀ ସଠିକ୍ ହୁଏ, ତେବେ ଭାରତୀୟ ବଜାରରେ ରୂପା ମୂଲ୍ୟ କିଲୋ ପିଛା ୭ ଲକ୍ଷ ଟଙ୍କା ଅତିକ୍ରମ କରିପାରେ। ସେ କହିଥିଲେ ଯେ ରୂପାର ମୂଲ୍ୟ ଦମନ କରାଯାଉଛି ଏବଂ ବଜାରକୁ ହେରଫେର କରାଯାଉଛି। ସେ କହିଛନ୍ତି ଯେ ବଡ଼ ନିବେଶକମାନେ ରୁପା ଗଚ୍ଛିତ କରିଛନ୍ତି, କିନ୍ତୁ ଏବେ ମୂଲ୍ୟ ବିସ୍ଫୋରଣ ହୋଇପାରେ।

ରଏଟର୍ସ ତଥ୍ୟ ଅନୁଯାୟୀ, ରୁପା ନିବେଶ ପାଣ୍ଠି (ଇଟିଏଫ୍)ରେ ନୂତନ କ୍ରୟକୁ ବନ୍ଦ କରିଦିଆଯାଇଛି। ଯୋଗାଣ ଅଭାବ ଯୋଗୁଁ ଅଳଙ୍କାର ବ୍ୟବସାୟୀମାନେ ପାର୍ବଣ ଋତୁର ଉଚ୍ଚ ଚାହିଦା ପୂରଣ କରିବାକୁ ସଂଘର୍ଷ କରୁଛନ୍ତି। ରିପୋର୍ଟ ଅନୁଯାୟୀ, ଗତ ଚାରି ବର୍ଷ ଧରି ବିଶ୍ୱ ବଜାରରେ ରୁପାର ଚାହିଦା ଯୋଗାଣକୁ ଅତିକ୍ରମ କରିସାରିଛି। ଯାହା ଫଳରେ ପୂର୍ବ ପାଞ୍ଚ ବର୍ଷରୁ ଅତିରିକ୍ତ ରୂପା ଭଣ୍ଡାର ସମାପ୍ତ ହୋଇଯାଇଛି। ପରିସ୍ଥିତି ଏପରି ହୋଇଛି ଯେ ୨୦୨୫ରେ ମଧ ଯୋଗାଣ ଚାହିଦା ପୂରଣ ହୋଇପାରିବନାହିଁ। କଥା ହେଉଛି ୭୦% ରୂପା ଅନ୍ୟାନ୍ୟ ଧାତୁର ଖଣିରୁ ଆସିଥାଏ, ଯାହାର ମୂଲ୍ୟ ବୃଦ୍ଧି ପାଇଲେ ମଧ ଉତ୍ପାଦନ ବୃଦ୍ଧି କରାପାରିବନାହିଁ। ବିଶ୍ୱରେ ରୁପା ଉତ୍ପାଦନ ଲଗାତାର ୭ ବର୍ଷ ଧରି ଚାହିଦାଠାରୁ କମ୍ ରହିଛି। ଏହି ଅଭାବ ଜାରି ରହିବ ବୋଲି ଆଶଙ୍କା କରାଯାଉଛି। ବ୍ଲୁମବର୍ଗର ଏକ ରିପୋର୍ଟ ଅନୁଯାୟୀ, ଲଣ୍ଡନ ଗ୍ଲୋବାଲ୍ ଟ୍ରେଡ୍ ସେଣ୍ଟରରେ ରୁପାର ଭୌତିକ ଯୋଗାଣରେ ଅଭାବ ଏକ ଆଲୋଡ଼ନ ସୃଷ୍ଟି କରିଛି। ଚଳିତ ବର୍ଷ, ଫ୍ୟୁଚର୍ସ ବଜାରରେ ରୁପା ମୂଲ୍ୟ ୮୬ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ଏହି ସମୟରେ ଦିଲ୍ଲୀର ବୁଲିଅନ୍ ବଜାରରେ ରୁପା ମୂଲ୍ୟ ୧୦୬ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି।



# କ୍ରୀଡ଼ା

ସକାଳ
THE SAKALA
www.sakalaepaper.com

## ଭାରତୀୟ କ୍ରିକେଟ ଦଳର ଅଷ୍ଟ୍ରେଲିଆ ଗସ୍ତ



ନୂଆଦିଲ୍ଲୀ, ୧୫।୧୦ (ଏଜେନ୍ସି): ଅଷ୍ଟ୍ରେଲିଆ ସହ ସୀମିତ ଓଭର କ୍ରିକେଟ ସିରିଜ୍ ଖେଳିବା ଲାଗି ଭାରତୀୟ କ୍ରିକେଟ ଦଳ ଆଜି ପର୍ଥ ଅଭିମୁଖେ ଯାତ୍ରା କରିଛନ୍ତି। ଏହି ଦଳରେ ବହୁ ଚର୍ଚ୍ଚିତ ବରିଷ୍ଠ ଖେଳାଳି ରୋହିତ ଶର୍ମା ଏବଂ ବିରାଟ କୋହଲି ମଧ୍ୟ ଯାଇଛନ୍ତି। ଏମାନଙ୍କ ସହ ଆଉ କିଛି ଖେଳାଳି ଯଥା ଦିନିକିଆ ଅଧିନାୟକ ଶୁବମନ ଗିଲ୍, ଓପନର ଯଶସ୍ୱୀ ଜୟସ୍ୱାଲ, ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀ, ଦୁଇ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଓ ପ୍ରସିଦ୍ଧ କ୍ରିଷ୍ଣାଙ୍କ ସହ କିଛି ସପୋର୍ଟ ଷ୍ଟାଫ୍ ଯାତ୍ରା କରିଛନ୍ତି। ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍‌ରେ ବରିଷ୍ଠ ଖେଳାଳି ରୋହିତ ଓ ବିରାଟଙ୍କ ଭବିଷ୍ୟତ ନିର୍ଦ୍ଧାରଣ କରାଯିବ। ଏମାନଙ୍କ ବ୍ୟତୀତ ସନ୍ଧ୍ୟାରେ ହେଡ୍ କୋଚ୍ ଗୌତମ ଗମ୍ଭୀର, କିଛି ଖେଳାଳି ଓ ସପୋର୍ଟ ଷ୍ଟାଫ୍ ମଧ୍ୟ ଯାଇଛନ୍ତି। ଅଷ୍ଟ୍ରେଲିଆର ଗସ୍ତରେ ଭାରତ ୩ଟି ଦିନିକିଆ ଓ ୫ଟି ଟି-୨୦ ମ୍ୟାଚ୍ ଖେଳିବାର କାର୍ଯ୍ୟକ୍ରମ ରହିଛି। ଏହା ମଧ୍ୟରେ ପ୍ରଥମେ ଦିନିକିଆ ସିରିଜ୍‌ର ମ୍ୟାଚ୍ ଗୁଡ଼ିକ ପର୍ଥରେ ଅକ୍ଟୋବର ୧୯ ତାରିଖ ରବିବାର, ଆଡିଲେଡ୍‌ରେ ଅକ୍ଟୋବର ୨୩ ତାରିଖ ଗୁରୁବାର ଓ ସିଡନୀରେ ଅକ୍ଟୋବର ୨୫ ତାରିଖ ଶନିବାର ଖେଳାଯିବ। ନିକଟରେ ଭାରତ ଘରୋଇ ମାଟିରେ ୱେଷ୍ଟଇଣ୍ଡିଜ୍‌କୁ ୨-୦ରେ ହରାଇ ଟେଷ୍ଟ ସିରିଜ୍ ପୋଛିନେଇଥିଲା। ଏହି ସିରିଜ୍‌ରେ ଟେଷ୍ଟ ସ୍ପେଶାଲିଷ୍ଟଙ୍କୁ ବିଶ୍ରାମ ଦିଆଯାଇଛି। ଦିନିକିଆ ସିରିଜ୍ ପରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଅକ୍ଟୋବର ୨୯ରୁ ଆରମ୍ଭ ହେବ। ଏଥିରେ ସୂର୍ଯ୍ୟକୁମାର ଭାରତୀୟ ଦଳର ନେତୃତ୍ୱ ନେବେ।

## ଅହମ୍ମଦାବାଦ୍‌ରେ ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା

ନୂଆଦିଲ୍ଲୀ, ୧୫।୧୦ (ଏଜେନ୍ସି): ଭାରତର ଅହମ୍ମଦାବାଦ୍‌ରେ ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ାର ଶତବାର୍ଷିକୀ ସଂସ୍କରଣ ଅନୁଷ୍ଠିତ ହେବ। ରାଜ୍ୟଗୋଷ୍ଠୀର କାର୍ଯ୍ୟନିର୍ବାହୀ ବୋର୍ଡ ସୁପାରିସ୍ କରିଛି। ଏହା ଫଳରେ ଅହମ୍ମଦାବାଦ୍ ଏହି କ୍ରୀଡ଼ା ଆୟୋଜନ କରିବାକୁ ଆଉ ପାଦେ ଆଗେଇଛି। ୨୦୩୦ ସଂସ୍କରଣ ଲାଗି ଅହମ୍ମଦାବାଦ୍ ଓ ନାଇଜେରିଆର ଅବୁଜା ସହର ଆବେଦନ କରିଥିଲେ। ରାଜ୍ୟଗୋଷ୍ଠୀ କ୍ରୀଡ଼ା ଇଭାଲ୍ୟୁସନ କମିଟି ସମସ୍ତ ପ୍ରକାର ବ୍ୟବସ୍ଥାକୁ ତଦାରଖ କରିବା ପରେ ଅହମ୍ମଦାବାଦ୍‌ରେ ଆୟୋଜନ କରିବାକୁ ସୁପାରିସ୍ କରିଛି। ତେବେ ଚୂଡ଼ାନ୍ତ ନିଷ୍ପତ୍ତି କମନୱେଲଥ ସ୍ପୋର୍ଟ୍ସ ଜେନେରାଲ ଆସେମ୍ବ୍ଲି ନେବ। ନଭେମ୍ବର ୨୬ରେ ଗ୍ଲାସ୍‌ଗୋରେ ଆସେମ୍ବ୍ଲିର ବୈଠକରେ ଏହା ସ୍ଥିର ହେବ। ସାଧାରଣତଃ କାର୍ଯ୍ୟନିର୍ବାହୀ ବୋର୍ଡର ସୁପାରିସ୍‌କୁ ଆସେମ୍ବ୍ଲିରେ ମୋହର ମରାଯାଇଥାଏ।

## ବାରବାଟୀ ରଣଜୀ

# ବରୋଦା ବିପକ୍ଷରେ ଓଡ଼ିଶା ୨୦୫/୫

କଟକ,୧୫।୧୦(ସମିସ):

ଅଧିନାୟକ ଶୁଭ୍ରାଂଶୁ ସେନାପତି ଓ ରାଜେଶ ଧୂପରଙ୍କ ଲଢୁଆ ଅର୍ଦ୍ଧଶତକ ଓ ଏମାନଙ୍କ ୫ମ ୱିକେଟରେ ଶତକୀୟ ଭାଗୀଦାରି ବଳରେ ସ୍ଥାନୀୟ ବାରବାଟୀ ଷ୍ଟାଡିୟମ୍‌ରେ ବୁଧବାର ଆରମ୍ଭ ହୋଇଥିବା ବରୋଦା ବିପକ୍ଷ ଏଲିଟ୍ ଗ୍ରୁପ୍-ଏ ରଣଜୀ ଟ୍ରଫି ମୁକାବିଲାରେ ଓଡ଼ିଶା ପ୍ରାରମ୍ଭିକ ବିପର୍ଯ୍ୟୟରୁ ରକ୍ଷା ପାଇଯାଇଛି। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ଓଡ଼ିଶା ଦଳ ୪୯ ରନ୍ ସ୍କୋରରେ ୪ଜଣ ଖେଳାଳିଙ୍କୁ ହରାଇଥିଲା।

### ଶୁଭ୍ରାଂଶୁ, ରାଜେଶଙ୍କ ଲଢୁଆ ଅର୍ଦ୍ଧଶତକ

ଏହି ସମୟରେ ନଂ-୪ ତଥା ଅଧିନାୟକ ଶୁଭ୍ରାଂଶୁ ସେନାପତି ଓ ନଂ-୬ ରାଜେଶ ଧୂପର ଲଢୁଆ ବ୍ୟାଟିଂ କରି ୫ମ ୱିକେଟରେ ୧୫୬ ରନ୍ ଉଠାଇ ଘରୋଇ ଦଳକୁ ବିପଦରୁ ଉଦ୍ଧାର କରିଥିଲେ। ପ୍ରଥମ ଦିନର ଶେଷ ଓଭର ଅର୍ଥାତ୍ ୯୦ତମ ଓଭରର ୫ମ ବଲ୍‌ରେ ଅଧିନାୟକ ସେନାପତି ୭୯ ରନ୍ କରି ଆଉଟ ହୋଇଥିଲେ। ସେ ୨୦୩ ବଲ୍ ଖେଳି ୭ ଚୌକା ସହ ଦଳ ପକ୍ଷରୁ ସର୍ବାଧିକ ରନ୍ କରିଥିଲେ। ଅନାବଶ୍ୟକ ଭାବେ ଓଡ଼ିଶା ଶେଷ ଓଭରରେ ଆଉ ଏକ ୱିକେଟ ହରାଇଥିଲାବେଳେ ପ୍ରଥମ ଦିନ ଷ୍ଟମ୍ପ ଅପସାରଣ ବେଳକୁ ୫ ୱିକେଟରେ ୨୦୫ ରନ୍ କରିବାକୁ ସମର୍ଥ ହୋଇଛି। ରାଜେଶ ୭୬ ଓ ଆଶୀର୍ବାଦ ସ୍ୱାଇଁ କୌଣସି ରନ୍ ନ କରି ଅପରାଜିତ ଅଛନ୍ତି। ରାଜେଶ ୨୧୨ଟି ବଲ୍ ଖେଳି ୫ ଚୌକା ଓ ୨ ଛକା ମାରିଥିଲେ। ଅନ୍ୟ ଓଡ଼ିଶା ଖେଳାଳିଙ୍କ ମଧ୍ୟରୁ ଦୁଇ ଓପନର ସ୍ୱସ୍ତିକ ସାମଲ ଓ ଡେବ୍ୟୁଟାଣ୍ଟ ଗୌରବ ଚୌଧୁରୀ ୨୪ ରନ୍ ଲେଖାଏଁ, ସନ୍ଦୀପ ପଟ୍ଟନାୟକ ଓ ଗୋବିନ୍ଦ ପୋଦ୍ଦାର ଖାତା ଖୋଲିବା ପୂର୍ବରୁ ଆଉଟ ହୋଇଥିଲେ। ବରୋଦାର ଦୁଇ ଅଭିଜ୍ଞ ବୋଲର ଅଧିନାୟକ ତଥା ପେସ୍‌ର ଅତୀତ ସେଠ୍ ଓ ସ୍ପିନର ଭାର୍ଗବ ଭଟ୍ଟଙ୍କୁ ୨ଟି ଲେଖାଏଁ ୱିକେଟ ମିଳିଛି। ଏହି ମ୍ୟାଚ୍‌ରେ ଓଡ଼ିଶାର ଦୁଇ ଖେଳାଳି ଗୌରବ ଚୌଧୁରୀ ଓ ବାଦଲ ବିଶ୍ୱାଳ ଡେବ୍ୟୁ କରିଛନ୍ତି।



ଶୁଭ୍ରାଂଶୁ ସେନାପତି ଓ ରାଜେଶ ଧୂପର

### ସମାନ ସ୍କୋରରେ ଆଉଟ ହେଲେ ୪ ବ୍ୟାଟର

ଏହି ମ୍ୟାଚ୍‌ରେ ଘରୋଇ ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିବା ପରେ ବିନା ୱିକେଟରେ ୪୯ ରନ୍ କରିଥିଲା। ଏହି ସ୍କୋରରେ ଡେବ୍ୟୁଟାଣ୍ଟ ଓପନର ଗୌରବ ଚୌଧୁରୀ (୨୪ରନ୍‌ରେ) ଦୁର୍ଭାଗ୍ୟଜନକ ଭାବେ ରନ୍ ଆଉଟ ହୋଇଥିଲେ। ଓଡ଼ିଶା ଏହି ସ୍କୋର ବା ୧୯ତମ ଓଭରର ଚତୁର୍ଥ ବଲ୍‌ରେ ପ୍ରଥମ ୱିକେଟ ହରାଇଥିଲା। ଏହା ପରେ ଦଳ ଜଣଙ୍କ ପରେ ଜଣେ ୩ଜଣ ଖେଳାଳି ସମାନ ସ୍କୋର ଅର୍ଥାତ୍ ୪୯ ରନ୍‌ରେ ଆଉଟ ହୋଇଥିଲେ। ଏକଦା ଓଡ଼ିଶା ବିନା ୱିକେଟରେ ୪୯ ରନ୍ କରିଥିଲାବେଳେ ୨୧ଟି ବଲ୍‌ରେ ଖେଳି ସମାନ ସ୍କୋର ୪ ୱିକେଟ ହରାଇଥିଲା। ଗୌରବଙ୍କ ପରେ ୧୯.୨ ଓଭରରେ ନଂ-୩ ସନ୍ଦୀପ ପଟ୍ଟନାୟକ ଖାତା ଖୋଲିବା ପୂର୍ବରୁ ଭାର୍ଗବ ଭଟ୍ଟଙ୍କ ଦ୍ୱାରା ଏବଂ ୨୦.୩ ଓଭରରେ ଅନ୍ୟତମ ଓପନର ସ୍ୱସ୍ତିକ ସାମଲ ୨୪ ରନ୍ କରିଥିଲାବେଳେ ଅତୀତ ସେଠଙ୍କ ଦ୍ୱାରା କଟ ବିହାଇଣ୍ଡ ହୋଇଥିଲେ। ଏତିକିରେ ନାଟକ ଶେଷ ହୋଇ ନ ଥିଲା। ୨୨.୨ ଓଭରରେ ନଂ-୫ରେ ବ୍ୟାଟିଂ କରିବାକୁ ଆସିଥିବା ଅଭିଜ୍ଞ ବ୍ୟାଟର ଗୋବିନ୍ଦ ପୋଦ୍ଦାର ୫ଟି ବଲ୍ ଖେଳି ମଧ୍ୟ ଖାତା ଖୋଲି ନ ପାରି ସେଠ୍‌ଙ୍କ ଦ୍ୱିତୀୟ ଶିକାର ବନିଥିଲେ। ଓଡ଼ିଶାର ଅର୍ଦ୍ଧଶତାବ୍ଦୀ କ୍ରିକେଟ ଇତିହାସରେ ପ୍ରଥମଥର ଓଡ଼ିଶା ସମାନ ସ୍କୋରରେ ୪ଟି ୱିକେଟ ହରାଇବା ଏହା ପ୍ରଥମ ଘଟଣା।

## ଗୌରବ ଓ ବାଦଲଙ୍କ ପଦାର୍ପଣ





କଟକ, ୧୫।୧୦ (ସମିସ): ଚଳିତ ରଣଜୀ ଟ୍ରଫିରେ ଓଡ଼ିଶା ୩ ନୂଆମୁହଁଙ୍କୁ ଦଳରେ ସାମିଲ କରିଛି। ବୁଧବାର ଠାରୁ ବାରବାଟୀରେ ଆରମ୍ଭ ହୋଇଥିବା ବରୋଦା ବିପକ୍ଷ ମ୍ୟାଚ୍‌ରେ ଏମାନଙ୍କ ଭିତରୁ ଦୁଇ ନବାଗତ ପଦାର୍ପଣର ସୁଯୋଗ ପାଇଛନ୍ତି। ଜଣେ ହେଲେ ଓପନିଂ ବ୍ୟାଟର ଗୌରବ ଚୌଧୁରୀ ଓ ଅନ୍ୟ ଜଣକ ମିଡିୟମ ପେସ୍ ବୋଲର ବାଦଲ ବିଶ୍ୱାଳ। ବରିଷ୍ଠ ଶିବିରରେ ପୂର୍ବରୁ ଗୌରବଙ୍କ ଅଭିଜ୍ଞତା ଥିବା ବେଳେ ବାଦଲଙ୍କ ପାଇଁ ଏହା ସମ୍ପୂର୍ଣ୍ଣ ନୂଆ।

ବରୋଦା ବିପକ୍ଷରେ ଓଡ଼ିଶା ତରଫରୁ ଓପନିଂ କରୁଥିବା ନୂଆ ମୁହଁ ଗୌରବ ଜଣେ ଦକ୍ଷ ବ୍ୟାଟର ଭାବେ ପରିଚିତ। ନିକଟ ଅତୀତରେ ଶେଷ ହୋଇଥିବା ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ରେ ସେ ହେଉଛନ୍ତି ସର୍ବାଧିକ ରନସଂଗ୍ରହକାରୀ। ଭୁବନେଶ୍ୱର ଟାଇଗର୍ସରୁ ପ୍ରତିନିଧିତ୍ୱ କରୁଥିବା ଗୌରବ ୫ଟି ମ୍ୟାଚରୁ ଗୋଟିଏ ଶତକୀୟ ପାଳି ସହାୟତାରେ ୧୯୯ ରନ ସଂଗ୍ରହ କରିଥିଲେ। ତାଙ୍କ ଆଭରେଜ ୪୯.୭୫ ପ୍ରତିଶତ ରହିଥିଲା। ତେବେ ଏହି ୨୬ବର୍ଷୀୟ ବ୍ୟାଟରଙ୍କୁ ପୂର୍ବରୁ ବରିଷ୍ଠ ଦଳରେ ଦେଖିବାକୁ ମିଳିଛି। ୨୦୨୧ ସିଜନରେ ସେ ବିଜୟ ହଜାରେ ଓ ସୟଦ ମୁସ୍ତାକ ଅଲ୍ଲୀ ଟ୍ରଫିରେ ପଦାର୍ପଣ କରି ନିଜ ଦୃଢ଼ ବ୍ୟାଟିଂର ଛାପ ଛାଡ଼ିଥିଲେ। ଲିଷ୍ଟ-ଏ ଫର୍ମାଟରେ ୮ଟି ମ୍ୟାଚ୍‌ରୁ ୨ଟି ଅର୍ଦ୍ଧଶତକ ବଳରେ ୨୫୬ରନ ଏବଂ ଟି-୨୦ ଫର୍ମାଟରେ ସମାନ ସଂଖ୍ୟକ ମ୍ୟାଚ୍ ଖେଳି ଗୋଟିଏ ଅର୍ଦ୍ଧଶତକ ବଳରେ ୨୨୨ରନ କରିଛନ୍ତି। ରାଜ୍ୟ ଦଳର ପେସ୍ ବୋଲିଂ ଆଟାକ୍‌ରେ ରାଜେଶ ମହାନ୍ତି ଓ ସୁନୀଲ ରାଉଳଙ୍କୁ ସହଯୋଗ କରିବା ପାଇଁ ନବାଗତ ବାଦଲଙ୍କୁ ଚୂଡ଼ାନ୍ତ ଏକାଦଶରେ ସାମିଲ କରାଯାଇଛି। ୨୧ବର୍ଷୀୟ ବାଦଲ ଜଣେ ଡାହାଣହାତୀ ମିଡିୟମ ପେସ୍ ବୋଲର। ୨୩ବର୍ଷରୁ କମ୍ ବୟସ ବର୍ଗ କ୍ରିକେଟରେ ଶାଣିତ ବୋଲିଂ କରି ସେ ବରିଷ୍ଠ ଦଳର ଚୟନକର୍ତ୍ତାଙ୍କ ଦୃଷ୍ଟି ଆକର୍ଷଣ କରି ପାରିଛନ୍ତି। ଓପିଟିଏଲରେ ବାଦଲ ଭୁବନେଶ୍ୱର ଟାଇଗର୍ସ ପକ୍ଷରୁ ମାତ୍ର ୩ଟି ମ୍ୟାଚ୍ ଖେଳିବାର ସୁଯୋଗ ପାଇଥିଲେ। ଏଥିରେ ସେ ୬ଟି ୱିକେଟ ଦଖଲ କରିଥିଲେ।

### ବିଶ୍ୱ ଜୁନିଅର ବ୍ୟାଡ୍‌ମିଣ୍ଟନ

## ପ୍ରି-କ୍ୱାର୍ଟରରେ ବିଶାଖା



ଗୌହାଟୀ, ୧୫।୧୦ (ଏଜେନ୍ସି): ଏଠାରେ ଚାଲିଥିବା ବିଡବ୍ଲ୍ୟୁଏଫ୍ ବିଶ୍ୱ ଜୁନିଅର ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍‌ରେ ଭାରତୀୟ ଖେଳାଳିଙ୍କ ବିଜୟ ଅଭିଯାନ ଜାରି ରହିଛି। ଟପ୍ ସିଡ୍ ତନଭୀ ଶର୍ମାଙ୍କ ସହ ଉନ୍ନତି ହୁଡା ଓ ରକ୍ଷିତା ଶ୍ରୀ ରାମରାଜ ତୃତୀୟ ରାଉଣ୍ଡରେ ବିଜୟୀ ହୋଇ ପ୍ରି-କ୍ୱାର୍ଟରରେ ପ୍ରବେଶ କରିଛନ୍ତି। ସେହିଭଳି ଓଡ଼ିଆ ଖେଳାଳି ବିଶାଖା ଟପ୍ପୋ ମଧ୍ୟ ପ୍ରି-କ୍ୱାର୍ଟରରେ ପହଞ୍ଚିଛନ୍ତି। ଭବ୍ୟ ଛାବ୍ରାଙ୍କୁ ସାଥୀ କରି ଖେଳୁଥିବା ବିଶାଖା ମିକ୍ସଡ ଇଭେଣ୍ଟର ତୃତୀୟ ରାଉଣ୍ଡରେ ୧୫-୧୩, ୧୫-୧୧ ସିଧାସଳଖ ଗେମରେ ଡେନମାର୍କର ଆସ୍କି ରୋମେର ଓ ଯସ୍ମିନ ୱିଲ୍ସ ଯୋଡ଼ିଙ୍କୁ ପରାସ୍ତ କରିଥିଲେ। ବିଶାଖା ଓ ଭବ୍ୟ ଯୋଡ଼ି କ୍ୱାର୍ଟରରେ ମାଲେସିଆର ଯୋଡ଼ିଙ୍କୁ ଭେଟିବେ।

## ଆଇଟିଏଫ୍ ମାଷ୍ଟର୍ସ ଟେନିସ୍ ଟୁର୍ ଉଦ୍‌ଯାପିତ



ଭୁବନେଶ୍ୱର, ୧୫।୧୦ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ଆଇଟିଏଫ୍ ୱାର୍ଲ୍ଡ ଟେନିସ ମାଷ୍ଟର୍ସ ଟୁର୍ ପ୍ରତିଯୋଗିତା ବୁଧବାର ଉଦ୍‌ଯାପିତ ହୋଇଯାଇଛି। ଏଥିରେ ଆୟୋଜକ ଭାରତ ସମେତ ସ୍ଲୋଭାକିଆ ଓ ଜର୍ମାନୀର ୧୦୦ରୁ ଉର୍ଦ୍ଧ୍ୱ ଟେନିସ ଖେଳାଳି ପୁରୁଷ ଓ ମହିଳା ସିଙ୍ଗଲ୍ସ ଏବଂ ଡବଲ୍ସ ଓ ମିକ୍ସଡ ଡବଲ୍ସରେ ଅଂଶଗ୍ରହଣ କରିଥିଲେ। ୩୦ରୁ ୭୦ ବର୍ଷ ମଧ୍ୟରେ ବିଭିନ୍ନ ବୟସ ବର୍ଗରେ ମ୍ୟାଚ୍ ଖେଳାଯାଇଥିଲା। ଏଥିରେ ଓଡ଼ିଶାର ଅଂଶୁ ଭୂୟାଁ ଡବଲ୍ ଟ୍ରଫି ଜିତିଛନ୍ତି। ସେ ୩୦ ବର୍ଷରୁ କମ୍ ସିଙ୍ଗଲ୍ସ ଓ ଡବଲ୍ସରେ ଚାମ୍ପିଅନ ହୋଇଥିଲେ। ଡବଲ୍ସରେ ଚିନ୍ମୟ ପ୍ରଧାନଙ୍କୁ ଅଂଶୁ ସାଥୀ କରି ଖେଳିଥିଲେ। ସେହିଭଳି ଅନ୍ୟ ବୟସବର୍ଗରେ ବିଶ୍ୱଜିତ୍ ଦାସ, ଶିବଶଙ୍କର ପରିଡ଼ା, ଅଜୟ ନିଶାଙ୍କ, ବିନୋଦ ସେଠ୍, ଅଜୟ ସାହୁ, ଦିଲୀପ କୁମାର ମଙ୍ଗରାଜ, ଧୀରଜ ପଣ୍ଡା-ନିଶାଙ୍କ ଯୋଡ଼ି, ଦୟାଳ ଗଙ୍ଗୱାର-ଆଶିଷ ପରମାର ଯୋଡ଼ି, ସ୍ନେହାଶିଷ ବେହେରା-ବିନୋଦ ସେଠ୍ ଯୋଡ଼ି, ଅଜୟ ମହାପାତ୍ର-ଅଜୟ ସାହୁ ଯୋଡ଼ି ବିଜୟୀ ହୋଇଛନ୍ତି।

ଉଦ୍‌ଯାପନୀ ଉତ୍ସବରେ ଆୟୋଜକ ଓଡ଼ିଶା ଟେନିସ ସଂଘ (ଓଟିଏ)ର ଉପସଭାପତି ସତ୍ୟଜିତ୍ ମହାନ୍ତି ମୁଖ୍ୟଅତିଥିଭାବେ ଯୋଗଦେଇ ପୁରସ୍କାର ବିତରଣ କରିଥିଲେ। ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ଓଟିଏର ସମ୍ପାଦକ ସଞ୍ଜୀବ ପଣ୍ଡା, ଯୁଗ୍ମ ସମ୍ପାଦକ ସମ୍ବିତ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ରହିଥିଲେ।

### ରଣଜୀ ଟ୍ରଫି ଋତୁ ଆରମ୍ଭ

## ମହାରାଷ୍ଟ୍ର 'ଶୂନ'ରେ ୩; ୫ ରନ୍‌ରେ ୪ ୱିକେଟ୍

ଥିରୁଅନନ୍ତପୁରମ, ୧୫।୧୦ (ଏଜେନ୍ସି): ଭାରତୀୟ ଘରୋଇ କ୍ରିକେଟର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫିର ୯୧ତମ ସଂସ୍କରଣ ବୁଧବାରଠାରୁ ଆରମ୍ଭ ହୋଇଛି। ସ୍ଥାନୀୟ ଗ୍ରୀନଫିଲ୍ଡ ଇଣ୍ଟରନ୍ୟାସନାଲ ଷ୍ଟାଡିୟମରେ ଖେଳାଯାଇଥିବା ଏଲିଟ୍ ଗ୍ରୁପ୍-ବି'ର ଏକ ମ୍ୟାଚରେ ଘରୋଇ କେରଳ ବିପକ୍ଷରେ ପ୍ରଥମେ ବ୍ୟାଟିଂ କରିଥିବା ମହାରାଷ୍ଟ୍ର ସାଂଘାତିକ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ମହାରାଷ୍ଟ୍ର ଟପ୍ ଅର୍ଡରର ୫ଜଣ ବ୍ୟାଟର୍‌ଙ୍କ ମଧ୍ୟରୁ ୪ଜଣ ଖାତା ଖୋଲିପାରି ନ ଥିଲେ। ଦଳ ଖାତା ଖୋଲିବା ପୂର୍ବରୁ ୩ ୱିକେଟ୍ ଏବଂ ୫ ରନରେ ୪ର୍ଥ ୱିକେଟ୍ ହରାଇଥିଲା। ଚଳିତ ସିଜନରେ ମୁମ୍ବାଇ ଛାଡ଼ି ମହାରାଷ୍ଟ୍ର ପାଇଁ ଖେଳୁଥିବା ପୃଥ୍ୱୀ ଶ' ଇନିଂସର ୪ର୍ଥ ବଲରେ, ୫ମ ବଲରେ ସିଦ୍ଧେଶ ବୀର ଏବଂ ଦ୍ୱିତୀୟ ଓଭରର ପ୍ରଥମ ବଲରେ ଅର୍ଶୀନ କୁଲକର୍ଣ୍ଣୀ ଖାତା ଖୋଲିବା ପୂର୍ବରୁ ଆଉଟ୍ ହୋଇଥିଲେ। ଏହାପରେ ତୃତୀୟ ଓଭରର ୨ୟ ବଲରେ ଅଧିନାୟକ ଅଙ୍କିତ ବାୱନେ ମଧ୍ୟ ଖାତା ଖୋଲି ନ ପାରି ପ୍ୟାଭିଲିୟନ ଫେରିଥିଲେ। ତେବେ ଦୁଇ ଅଭିଜ୍ଞ ଖେଳାଳି ଋତୁରାଜ ଗାଏକ୍‌ୱାଡ (୯୧ ରନ) ଓ ଜଲାଜ ସକ୍ସେନା (୪୯ ରନ) ଉପଯୋଗୀ ପାଳି ଖେଳିବାରୁ ପ୍ରଥମ ଦିବସ ଷ୍ଟମ୍ପ ସୁଦ୍ଧା ମହାରାଷ୍ଟ୍ର ୭ ୱିକେଟ୍‌ରେ ୧୭୯ ରନ ସଂଗ୍ରହ କରିଛି।

### ■ ମହିଳା ବିଶ୍ୱକପ୍ କ୍ରିକେଟ

## ଇଂଲଣ୍ଡକୁ ବର୍ଷା ବଞ୍ଚାଇଦେଲା

କଲମ୍ବୋ, ୧୫।୧୦ (ଏଜେନ୍ସି): ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ ବୁଧବାର ଏଠାରେ ଇଂଲଣ୍ଡ ଓ ପାକିସ୍ତାନ ମଧ୍ୟରେ ଅନୁଷ୍ଠିତ ଏକ ମ୍ୟାଚ୍ ବର୍ଷା ଲାଗି ବାତିଲ ହୋଇଯାଇଛି। ଦୁଇ ଦଇଥର ବର୍ଷା ବାଧାପ୍ରାପ୍ତ ଏହି ୩୧ ଓଭର ବିଶିଷ୍ଟ ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଇଂଲଣ୍ଡ ୯ ୱିକେଟ୍‌ରେ ୧୩୩ ରନ୍ କରିଥିଲା। ଡିଏଲ୍ ପଦ୍ଧତିରେ ପାକିସ୍ତାନ ସମ୍ମୁଖରେ ୩୧ ଓଭରରେ ମାତ୍ର ୧୧୩ ରନର ଲକ୍ଷ୍ୟ ପୁନଃଧାର୍ଯ୍ୟ ହୋଇଥିଲା। ଜବାବରେ ପାକିସ୍ତାନ ୬.୪ ଓଭରରେ କୌଣସି ୱିକେଟ୍ ନ ହରାଇ ୩୪ ରନ କରି ଭଲ ଆରମ୍ଭ କରିଥିଲା। କିନ୍ତୁ ପୁଣିଥରେ ବର୍ଷା ହେବାରୁ ମ୍ୟାଚ୍ ଆଉ ସମ୍ଭବପର ହୋଇପାରି ନ ଥିଲା। ପାକିସ୍ତାନକୁ ଏହି ସମୟରେ ୧୪୬ ବଲରେ ୭୯ ରନ ଆବଶ୍ୟକ ହେଉଥିଲା। ଫଳରେ ଭଲ ସ୍ଥିତିରେ ଥାଇ ମଧ୍ୟ ପାକିସ୍ତାନ ବିଜୟ ପଏଣ୍ଟ ହାସଲ କରିପାରି ନ ଥିଲା। ମ୍ୟାଚ୍ ବାତିଲ ହେବାରୁ ଦୁଇ ଦଳକୁ ୧ ପଏଣ୍ଟ ଲେଖାଏ ମିଳିଛି। ଗୁରୁବାର ଅଷ୍ଟ୍ରେଲିଆ ଓ ବାଂଲାଦେଶ ମଧ୍ୟରେ ମ୍ୟାଚ୍ ଖେଳାଯିବ।

## ଓଡ଼ିଶା କ୍ୱାର୍ଟର ଫାଇନାଲ ନିକଟତର

କଟକ,୧୫।୧୦(ସମିସ): ଚଳିତ ବିନୁ ମଙ୍କଡ ଟ୍ରଫିରେ କ୍ରମାଗତ ୩ଟି ମ୍ୟାଚ୍ ଜିତି ଓଡ଼ିଶା କ୍ୱାର୍ଟର ଫାଇନାଲ ଦୌଡରେ ରହିଛି। ବୁଧବାର ହରିୟାଣାର ଚୌଧୁରୀ ବଂଶୀଲାଲ କ୍ରିକେଟ ଷ୍ଟାଡିୟମରେ ଓଡ଼ିଶା ୩୫ରନରେ ଗୋଆକୁ ପରାସ୍ତ କରିଥିଲା। ଟସ୍ ହାରି ପ୍ରଥମେ ବ୍ୟାଟିଂ କରିଥିବା ଓଡ଼ିଶା ମାତ୍ର ୯୬ ରନରେ ଅଲଆଉଟ ହୋଇଥିଲା। ରୁଦ୍ର ପ୍ରସାଦ ମଲ୍ଲିକ ୩୫ ରନର ଲଢୁଆ ପାଳି ଖେଳିଥିଲେ। ତେବେ ୫୦ ଓଭରରେ ମାତ୍ର ୯୭ ରନର ବିଜୟ ଲକ୍ଷ୍ୟକୁ ପିଛା କରୁଥିବା ଗୋଆ ୬୧ ରନରେ ସୀମିତ ରହିଥିଲା। ପିୟୂଷ ମନ୍ତ୍ରୀ ୯ ରନ ବ୍ୟୟ କରି ୬ଟି ୱିକେଟ ଦଖଲ କରି ମ୍ୟାଚ୍ ବିଜୟରେ ପ୍ରମୁଖ ଭୂମିକା ତୁଲାଇଥିଲେ। ଏଥିସହ ଓଡ଼ିଶା ୪ଟି ମ୍ୟାଚ୍‌ରୁ ୩ଟି ବିଜୟ ସହ ୧୨ ପଏଣ୍ଟ ହାସଲ କରି ଏଲିଟ ଗ୍ରୁପ-ଏ ଟେବଲର ୨ୟ ସ୍ଥାନରେ ରହିଛି।


## ସୁଲତାନ ଜୋହର କପ୍‌ରେ ଭାରତର ପ୍ରଥମ ପରାଜୟ


ଜୋହର ବହରୁ, ୧୫।୧୦ (ଏଜେନ୍ସି): ମାଲେସିଆରେ ଚାଲିଥିବା ସୁଲତାନ ଅଫ୍ ଜୋହର କପ୍ ଜୁନିଅର ହକି ଟୁର୍ଣ୍ଣାମେଣ୍ଟରେ ଭାରତ ପ୍ରଥମ ପରାଜୟବରଣ କରିଛି। ବୁଧବାର ଭାରତ ଏହାର ୪ର୍ଥ ମ୍ୟାଚରେ ୪-୨ ଗୋଲ୍‌ରେ ଅଷ୍ଟ୍ରେଲିଆ ନିକଟରୁ ପରାସ୍ତ ହୋଇଥିଲା। ଭାରତ ଏଥିସହ ୪ର୍ଥ ମ୍ୟାଚରୁ ୨ ବିଜୟ ଏବଂ ଗୋଟିଏ ଲେଖାଏ ଡ୍ର ଓ ପରାଜୟ ସହ ୭ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନରେ ରହିଛି। ଅଷ୍ଟ୍ରେଲିଆ ୪ର୍ଥ ମ୍ୟାଚରୁ ୩ ବିଜୟ ଏବଂ ଗୋଟିଏ ଡ୍ର ସହ ୧୦ ପଏଣ୍ଟ ପାଇ ପ୍ରଥମ ଦଳ ଭାବେ ଫାଇନାଲରେ ସ୍ଥାନ ପକ୍କା କରିଛି।

## ପ୍ରଥମ ଟେଷ୍ଟରେ ପାକିସ୍ତାନର ଜିତ୍

ଲାହୋର,୧୫।୧୦(ଏଜେନ୍ସି): ବାମହାତୀ ସ୍ପିନର ନୋମାନ ଅଲିଙ୍କ ଯାଦୁକରୀ ବୋଲିଂ ବଳରେ ଏଠାରେ ଅନୁଷ୍ଠିତ ପ୍ରଥମ ଟେଷ୍ଟରେ ପାକିସ୍ତାନ ୯୩ ରନ୍‌ରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରିଛି। ଫଳରେ ଘରୋଇ ଦଳ ସିରିଜ୍‌ରେ ୧-୦ରେ ଆଗୁଆ ରହିଛି। ସିରିଜ୍‌ର ଦ୍ୱିତୀୟ ତଥା ଶେଷ ଟେଷ୍ଟ ରାୱଲପିଣ୍ଡିରେ ଅକ୍ଟୋବର ୨୦ରୁ ଆରମ୍ଭ ହେବ। ଏହି ଟେଷ୍ଟରେ ୧୦ଟି ୱିକେଟ ନେଇଥିବା ନୋମାନଙ୍କୁ ଶ୍ରେଷ୍ଠ ଖେଳାଳି ହୋଇଥିଲା। ୨୭୭ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଦକ୍ଷିଣ ଆଫ୍ରିକା ବୁଧବାର ଦ୍ୱିତୀୟ ଇନିଂସରେ ୧୮୩ ରନ୍‌ରେ ଅଲଆଉଟ ହୋଇଯାଇଥିଲା। ଡିୱାଲ୍ଡ ବ୍ରେଭିସ୍ (୫୪) ଓ ରିୟାନ ରିକେଲଟନ (୪୫)ଙ୍କୁ ବାଦ୍ ଦେଲେ ଅନ୍ୟ କେହି ଖେଳି ପାରି ନ ଥିଲେ। ପାକିସ୍ତାନର ନୋମାନ ଓ ସାହିନ୍ ଆଫ୍ରିଦୀ ୪ଟି ଲେଖାଏଁ ୱିକେଟ୍ ନେଇ ଦଳକୁ ବିଜୟୀ କରାଇଥିଲେ। ପୂର୍ବରୁ ପ୍ରଥମ ଇନିଂସରେ ପାକିସ୍ତାନ ୩୭୮ ଓ ଦକ୍ଷିଣ ଆଫ୍ରିକା ୨୬୯ ରନ୍ କରିଥିଲା। ୧୦୯ ରନ୍‌ରେ ଆଗୁଆ ଥିବା ପାକିସ୍ତାନ ଦ୍ୱିତୀୟ ଇନିଂସରେ ୧୬୭ରେ ସୀମିତ ଥିଲା।

# ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍: ଚୀନ୍‌କୁ ଦ୍ୱିମୁକୁଟ





ଭୁବନେଶ୍ୱର,୧୫।୧୦(ସମିସ):

ବିଶ୍ୱର ସବୁଠାରୁ ଶକ୍ତିଶାଳୀ ଟେବଲ ଟେନିସ (ଟିଟି) ଖେଳୁଥିବା ଦେଶ ଚୀନ୍ ୨୮ତମ ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍‌ର ଉଭୟ ମହିଳା ଓ ପୁରୁଷ ବିଭାଗରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛି। ଭାରତୀୟ ଟିଟି ମହାସଂଘ, ଓଡ଼ିଶା ଟିଟି ସଂଘ ଏବଂ ଓଡ଼ିଶା କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟର ମିଳିତ ସହଯୋଗରେ ଏହି ଟୁର୍ଣ୍ଣାମେଣ୍ଟ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍‌ରେ ଅକ୍ଟୋବର ୮ରୁ ୧୫ ଯାଏ ଅନୁଷ୍ଠିତ ହୋଇଥିଲା। ଏଥିରେ ଏସିଆ ମହାଦେଶର ୨୧ଟି ଦେଶ ଅଂଶଗ୍ରହଣ କରିଥିଲେ। ଏହି ଟୁର୍ଣ୍ଣାମେଣ୍ଟର ଉଭୟ ବିଭାଗରେ ଚୀନ୍ ଚାମ୍ପିଅନ ହୋଇ ଏସୀୟ ଟିଟିରେ ଆଧିପତ୍ୟ ବିସ୍ତାର କରିଥିଲାବେଳେ ମହିଳା ବିଭାଗରେ ଟପ୍ ସିଡ୍ ଜାପାନ ଓ ପୁରୁଷ ବିଭାଗରେ ହଂକଂ ରନର୍ସ ଅପ୍ ହୋଇଛନ୍ତି। ମହିଳା ବିଭାରେ ସିଙ୍ଗାପୁର ଓ ଉତ୍ତର କୋରିଆ, ପୁରୁଷ ବିଭାଗରେ ଜାପାନ ଓ ଚାଇନିଜ୍ ତାଇପେଇ ସେମିଫାଇନାଲରେ ପରାଜିତ ହେବା ସହ କାଂସ୍ୟ ପଦକରେ ସନ୍ତୁଷ୍ଟ ହୋଇଛନ୍ତି। ଆୟୋଜକ ଭାରତ ଗତ ଦୁଇଟି ସଂସ୍କରଣରେ ମେଡାଲ ଜିତିବାରେ ସମର୍ଥ ହୋଇଥିଲାବେଳେ ଏଠାରେ କ୍ୱାର୍ଟର ଫାଇନାଲରୁ ଉଭୟ ଦଳ ବିଦାୟ ନେଇଛନ୍ତି। ପୁରୁଷ ଦଳ ୬ଷ୍ଠ ଓ ମହିଳା ଦଳ ୮ମ ସ୍ଥାନରେ ରହି ସନ୍ତୁଷ୍ଟ ହୋଇଛନ୍ତି।

ବୁଧବାର ଚୀନ୍ ଓ ଜାପାନ ମଧ୍ୟରେ ମହିଳା ବିଭାଗ ଫାଇନାଲ ମ୍ୟାଚ୍ ଖେଳାଯାଇଥିଲା। ଜାପାନ ଟପ୍ ସିଡ୍ ଥିଲାବେଳେ ଚୀନ୍ ଲଢ଼େଇ କରିବ ବୋଲି ଆଶା କରାଯାଉଥିଲା। କିନ୍ତୁ ଚୀନ୍ ପ୍ରଥମ ୩ଟି ମୁକାବିଲାରେ ଖେଳ ଶେଷ କରିଦେଇଥିଲା। ଫଳରେ ଚୀନ୍ ୩-୦ରେ ଏହି ମ୍ୟାଚ୍‌କୁ ଜିତି ଏସିଆ ଚାମ୍ପିଅନ ହୋଇଥିଲା। ପୂର୍ବରୁ ମଙ୍ଗଳବାର ଖେଳାଯାଇଥିବା ସେମିଫାଇନାଲରେ ଜାପାନ ୩-୦ରେ ସିଙ୍ଗାପୁରକୁ ଓ ଚୀନ୍ ୩-୦ରେ ଉତ୍ତରକୋରିଆକୁ ଏକତରଫା ଭାବେ ହରାଇ ଫାଇନାଲରେ ପ୍ରବେଶ କରିଥିଲେ। ସେହିପରି ପୁରୁଷ ବିଭାଗ ଫାଇନାଲ ଏକତରଫା ହୋଇଥିଲା। ଏଥିରେ ଚୀନ୍ ୩-୦ ସେଟ୍‌ରେ ହଂକଂକୁ ପରାସ୍ତ କରି ଚୀନ୍ ଚାମ୍ପିଅନ ହୋଇଥିଲା। ପୂର୍ବରୁ ଗତକାଲି ଖେଳାଯାଇଥିବା ସେମିଫାଇନାଲରେ ଚୀନ୍ ୩-୨ରେ ଜାପାନକୁ ଓ ହଂକଂ ମଧ୍ୟ ୩-୨ରେ ଚାଇନିଜ୍ ତାଇପେଇକୁ ପରାସ୍ତ କରି ଫାଇନାଲରେ ପ୍ରବେଶ କରିଥିଲେ।

**ଭାରତକୁ ବିଶ୍ୱକପ୍ ଯୋଗ୍ୟତା:** ଏହି ଟୁର୍ଣ୍ଣାମେଣ୍ଟର ପ୍ରଥମ ୬ଟି ସ୍ଥାନ ଅଧିକାର କରିଥିବା ଦଳ ବିଶ୍ୱ ଟିଟି ଟିମ୍ ଚାମ୍ପିଅନସିପ୍‌କୁ ଯୋଗ୍ୟତା ଅର୍ଜନ କରିବେ। ଏଠାରେ ଭାରତୀୟ ପୁରୁଷ ଦଳ ଷଷ୍ଠ ସ୍ଥାନ ଅଧିକାର କରିଥିବାରୁ ଲଣ୍ଡନରେ ୨୦୨୬ରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟ ଲାଗି ଯୋଗ୍ୟତା ଅର୍ଜନ କରିଛି। ଏହାଛଡ଼ା ଆୟୋଜକ ଦେଶକୁ ଏହି ଟୁର୍ଣ୍ଣାମେଣ୍ଟରୁ କିଛି ଫାଇଦା ମିଳିନାହିଁ।

ଖେଳ ଶେଷରେ ରାଜ୍ୟପାଳ ହରିବାବୁ କମ୍ଭମ୍‌ପାଟି ମୁଖ୍ୟ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS